


ଆସିବ
ଦବଙ୍ଗ-୪
ପୃଷ୍ଠା ୧୧ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 ◆ISSUE-146 ◆SATURDAY ◆22 NOVEMBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୪୬ ◆ଶନିବାର ◆୨୨ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦

## ରେକର୍ଡ ସ୍ତରକୁ ଖସିଲା ଟଙ୍କା ମୂଲ୍ୟ



### ଆମେରିକା ସହ ବାଣିଜ୍ୟ ଆଲୋଚନା ବିଳମ୍ବର ପ୍ରଭାବ

### ୧ ଡଲାର=୮୯.୬୮ ଟଙ୍କା

■ନୂଆଦିଲ୍ଲୀ, ୨୧।୧୧ (ଏଜେନ୍ସି): ଆମେରିକା ସହିତ ବାଣିଜ୍ୟ ଚୁକ୍ତିରେ ବିଳମ୍ବ ଏବଂ ଫେଡେରାଲ୍ ରିଜର୍ଭ ଆଡୁ ସୁଧ ହାରରେ କୌଣସି ହ୍ରାସ ସମ୍ଭାବନା ନ ଥିବା ସମ୍ପର୍କିତ ରିପୋର୍ଟ ଆସିବା ପରେ ଭାରତୀୟ ମୁଦ୍ରା 'ଟଙ୍କା' ମୂଲ୍ୟରେ ହ୍ରାସ ଘଟିଛି। ଫଳରେ ଶୁକ୍ରବାର ଟଙ୍କା ରେକର୍ଡ ସର୍ବନିମ୍ନ ୮୯.୬୮ ସ୍ତରକୁ ଖସିଆସିଛି। ଭାରତ ଏବଂ ଆମେରିକା ଏ ପର୍ଯ୍ୟନ୍ତ ଏକ ବାଣିଜ୍ୟ ଚୁକ୍ତିରେ ପହଞ୍ଚି ନାହାଁନ୍ତି। ଦୁଇ ଦେଶ ମଧ୍ୟରେ ଆଲୋଚନା ଜାରି ରହିଛି। ଆମେରିକା-ଭାରତ ବାଣିଜ୍ୟରେ ବାଧା ଏବଂ ଫେଡେରାଲ୍ ରିଜର୍ଭରୁ ସୁଧ ହାର ହ୍ରାସର ଆଶା ହ୍ରାସ ପାଇବା ଭାରତୀୟ ମୁଦ୍ରାକୁ ପ୍ରଭାବିତ କରୁଛି। ଆମେରିକାରୁ ଆସିଥିବା ଏହି ଆଶ୍ଚର୍ଯ୍ୟ କରିବା ଭଳି ଖବର ଭାରତୀୟ ମୁଦ୍ରାର ଗତିକୁ ବାଧା ଦେଇଛି, ଯାହାର ଫଳସ୍ୱରୂପ ଶୁକ୍ରବାର ଡଲାର ତୁଳନାରେ ଟଙ୍କାର ବିନିମୟ ମୂଲ୍ୟ ଏହାର ସର୍ବନିମ୍ନ ସ୍ତରକୁ ଖସିଆସିଛି। ଶେଷ ଥର ପାଇଁ ଟଙ୍କା ୮୯.୩୪ ସ୍ତରରେ କାରବାର କରିଥିଲା। ଅଗଷ୍ଟ ଶେଷ ଭାଗରେ ଭାରତୀୟ ରପ୍ତାନି ଉପରେ ଆମେରିକାର ଶୁଳ୍କ ଲାଗୁ ହେବା ▶ପୃଷ୍ଠା-୭

## ମେକ୍ସିକୋର ଫାତିମା ବ୍ରହ୍ମାଣ୍ଡ ସୁନ୍ଦରୀ



■ବ୍ୟାଙ୍କକ୍, ୨୧।୧୧ (ଏଜେନ୍ସି): ମେକ୍ସିକୋର ଫାତିମା ବୋଚ୍ ପର୍ଣ୍ଣାଣ୍ଡିଜ୍ ଏଥର ବ୍ରହ୍ମାଣ୍ଡ ସୁନ୍ଦରୀର ଆଖ୍ୟା ହାସଲ କରିଛନ୍ତି। ପ୍ରତିଯୋଗିତାରେ ଥାଇଲାଣ୍ଡର ପ୍ରଭିନାର ସିଂ, ଭେନେଜୁଏଲାର ଷ୍ଟିଫାନି ଆବାସାଲି, ଫିଲିପାଇନ୍ସର ମା ଆହିସ୍ତା ମାନାଲୋ ଓ କୋଟ

### ଟପ୍-୩୦ରେ ଭାରତର ମଣିକା ବିଶ୍ୱକର୍ମା

ଡି ଆଇଭରୀର ଓଲିଭିଆ ୟାସ୍ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ, ତୃତୀୟ ଓ ଚତୁର୍ଥ ରନର୍ସଅପ ବିବେଚିତ ହୋଇଛନ୍ତି। ପ୍ରତିଯୋଗିତାରେ ବିଜୟୀ ହେବା ପରେ ତାଙ୍କୁ ସବୁଆଡୁ ଅଭିନନ୍ଦନର ସୁଅ ଛୁଟିଛି। ୨୫ ବର୍ଷୀୟ ଫାତିମାଙ୍କୁ ମୂର୍ଖ ବୋଲି କୁହାଯିବା କାରଣରୁ ସେ ଏହି ପ୍ରତିଯୋଗିତା ଛାଡି ଚାଲିଯାଇଥିଲେ। କିନ୍ତୁ ପରେ ଏଥିପାଇଁ ଆୟୋଜକ କ୍ଷମା ମାଗିବା ପରେ ପୁଣିଥରେ ସେ ▶ପୃଷ୍ଠା-୭

## ଏୟାର ଶୋ'ରେ ତେଜସ୍ ଧ୍ୱଂସ



■ଦୁବାଇ, ୨୧।୧୧ (ଏଜେନ୍ସି): ଦୁବାଇ ଏୟାର ଶୋ'ରେ ଭାରତୀୟ ବାୟୁସେନାର ତେଜସ୍ ଫାଇଟର୍ ଜେଟ୍ ଦୁର୍ଘଟଣାର ସମ୍ମୁଖୀନ ହୋଇଛି। ଶୁକ୍ରବାର ଭାରତୀୟ ସମୟ ଅପରାହ୍ଣ ୩.୪୦ରେ ଅଲ୍ ମକ୍ତୁମ୍ ଏୟାରପୋର୍ଟରେ ଚାଲିଥିବା ଏୟାର ଶୋ'ରେ ଡେମୋ ଫ୍ଲାଇଟ୍ ବେଳେ ଏକ ଫାଇଟର୍ ଜେଟ୍ ଖସିପଡ଼ିବା ଫଳରେ

### ପାଇଲଟ୍ ମୃତ

ପାଇଲଟଙ୍କ ମୃତ୍ୟୁ ହୋଇଥିବା ଭାରତୀୟ ବାୟୁସେନା ପକ୍ଷରୁ କୁହାଯାଇଛି। ଫାଇଟର୍ ବିମାନଟି ଖସିପଡିବା ପରେ ସେଥିରେ ନିଆଁ ଲାଗିଯାଇଥିଲା। ଦୁର୍ଘଟଣାର ଯାଞ୍ଚ ପାଇଁ କୋର୍ଟ ଅଫ୍ ଇନ୍‌କ୍ୱାରୀ ବସାଯାଇଛି। ପ୍ରାଥମିକ ଅନୁସନ୍ଧାନ ପରେ କୁହାଯାଇଛି ଯେ ପାଇଲଟ୍ ନେଗେଟିଭ୍ ଜି- ଫୋର୍ସ ଟର୍ଣ୍ଣରୁ ରିକଭର କରି ନ ପାରି ବିମାନ ଉପରୁ ନିୟନ୍ତ୍ରଣ ହରାଇଥିଲେ। ଫଳରେ ବିମାନ ସିଧା ତଳକୁ ଖସିଥିଲା ଓ ସେଥିରେ ▶ପୃଷ୍ଠା-୭

## ରାଜ୍ୟ କ୍ୟାବିନେଟ୍‌ରେ ୯ ବିଭାଗର ୧୨ ପ୍ରସ୍ତାବକୁ ମୋହର

# ଇ-ଲଟେରୀରେ ଲଘୁ ଖଣିଜ ଲିଜ୍

■ ଭୁବନେଶ୍ୱର, ୨୧।୧୧ (ସମିସ): ଏଣିକି ରାଜ୍ୟରେ ଲଘୁ ଖଣିଜ ସମ୍ପଦର ଆବଣ୍ଟନ ପାଇଁ ନିଲାମ ବ୍ୟବସ୍ଥା ପରିବର୍ତ୍ତେ ପ୍ରଚଳନ ହେବ ଇ-ଲଟେରୀ। ବାଲି ଘାଟ, ପଥର ଖଣି, ମୋରମ ଖଣି ଆଦିକୁ ଇ-ଲଟେରୀ ମାଧ୍ୟମରେ ଆବଣ୍ଟନ ହେବ। ଶୁକ୍ରବାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ରାଜ୍ୟ କ୍ୟାବିନେଟ୍ ବୈଠକରେ ଏ ସଂକ୍ରାନ୍ତ ପ୍ରସ୍ତାବରେ ବାଜିଛି ମୋହର। ଏହା ସହିତ ୟୁନିଫର୍ମ ସେବା କର୍ମଚାରୀ ନିଯୁକ୍ତି ପାଇଁ ଏକ ସ୍ୱତନ୍ତ୍ର ଚୟନ ଆୟୋଗ ଗଠନ ସହ କ୍ୟାବିନେଟ ବୈଠକରେ ୯ ଟି ବିଭାଗର ୧୨ଟି ପ୍ରସ୍ତାବକୁ ଅନୁମୋଦନ ମିଳିଛି।

ସୂଚନା ଅନୁସାରେ ରାଜ୍ୟରେ ଓଡ଼ିଶା ଲଘୁ ଖଣିଜ ରିହାତି ନିୟମ ୨୦୧୬ ରେ ସଂଶୋଧନ ପ୍ରସ୍ତାବକୁ ଅନୁମୋଦନ ମିଳିଛି। ଏହି ସଂଶୋଧନ ଦ୍ୱାରା ରାଜ୍ୟରେ ଲଘୁ ଖଣିଜ ଅନ୍ତର୍ଭୁକ୍ତ ବାଲି, ପଥର ଖଣି ଆଦି ପାଇଁ ନିଲାମୀ ପ୍ରକ୍ରିୟା ବନ୍ଦ କରାଯାଇ ଲଟେରୀ ବ୍ୟବସ୍ଥା ଆରମ୍ଭ ହେବ। ନିଲାମ ଯୋଗୁଁ ବହୁତ ଅଧିକ ଦାମ୍‌ରେ ବାଲିଘାଟ ସହ ଅନ୍ୟ ଖଣିଗୁଡ଼ିକ ନିଆଯାଉଛି। ଏହାଦ୍ୱାରା ବଜାରରେ ଏହାର ଦର ଅଧିକ ରହୁଛି। ତେଣୁ ସରକାର ନୂଆ ନୀତି ଆଣିବା ସହ ଲଟେରୀ ଜରିଆରେ ଫ୍ଲୋର୍ ପ୍ରାଇସ୍ ବଦଳରେ ଏକ ଅତିରିକ୍ତ ଚାର୍ଜ ନିର୍ଦ୍ଧାରଣ କରାଯିବ। ଲିଜଧାରୀ ମାନେ ବାଲି, ପଥର, ମୋରମ ଆଦିକୁ କେଉଁ ଦରରେ ବିକ୍ରି କରିବେ ତାହା ମଧ୍ୟ ସରକାର ନିର୍ଦ୍ଧାରଣ ▶ପୃଷ୍ଠା-୭



### କ୍ୟାବିନେଟ ନିଷ୍ପତ୍ତି

### ଜଣେ ବ୍ୟକ୍ତିଙ୍କୁ ଗୋଟିଏ ଜିଲ୍ଲାରେ ୩, ସର୍ବାଧିକ ୫ ଲିଜ୍

### ବଢ଼ିଲା ଅନୁସୂଚୀତ ଜାତି ଓ ଜନଜାତି ଶିକ୍ଷାର୍ଥୀଙ୍କ ବୃତ୍ତି

## ବର୍ଦ୍ଦିଧାରୀଙ୍କ ନିଯୁକ୍ତି ପାଇଁ 'ଓୟୁଏସ୍ଏସ୍‌ସି'

■ ଭୁବନେଶ୍ୱର, ୨୧।୧୧ (ସମିସ): ରାଜ୍ୟରେ ସମସ୍ତ ପ୍ରକାର ବର୍ଦ୍ଦିଧାରୀଙ୍କୁ ନିଯୁକ୍ତି ପାଇଁ ଏକ ସ୍ୱତନ୍ତ୍ର ଆୟୋଗ 'ଓଡ଼ିଶା ୟୁନିଫର୍ମ ସର୍ଭିସେସ୍ ଷ୍ଟାଫ୍ ସିଲେକ୍ସନ୍ କମିସନ୍ (ଓୟୁଏସ୍ଏସ୍‌ସି)' ଗଠନ ପ୍ରସ୍ତାବକୁ ରାଜ୍ୟ କ୍ୟାବିନେଟ୍ ଅନୁମୋଦନ କରିଛି। ଗୃହ ବିଭାଗ ସମେତ ଅବକାରୀ ବିଭାଗ, ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ ଏବଂ ବାଣିଜ୍ୟ ଓ ପରିବହନ ବିଭାଗ ଅଧୀନରେ ପୁଲିସ ଏବଂ ଅନ୍ୟାନ୍ୟ ୟୁନିଫର୍ମ ସେବା ପାଇଁ ନିଯୁକ୍ତି ପ୍ରକ୍ରିୟା ପରିଚାଳନା କରିବ। ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ଅଧୀନରେ ଏହି ଆୟୋଗ କାର୍ଯ୍ୟ କରିବ। ଏହାସହ ୟୁନିଫର୍ମ ସେବା କର୍ମଚାରୀ ଚୟନ ଆୟୋଗ (ଓୟୁଏସ୍ଏସ୍‌ସି) ନିୟମାବଳୀ-୨୦୨୫ ପ୍ରଣୟନ କରିବାକୁ ଶୁକ୍ରବାର ଅନୁଷ୍ଠିତ କ୍ୟାବିନେଟ୍ ବୈଠକରେ ମଞ୍ଜୁରୀ ଦିଆଯାଇଛି। ଏହି ଆୟୋଗରେ ଜଣେ ଅଧ୍ୟକ୍ଷଙ୍କ ▶ପୃଷ୍ଠା-୭

### ସ୍ୱତନ୍ତ୍ର ଆୟୋଗରେ ରହିବେ ଜଣେ ଅଧ୍ୟକ୍ଷ, ୨ ସଦସ୍ୟ

## ଆଜି ସୃଷ୍ଟି ହେବ ଲଘୁଚାପ

### ଶକ୍ତିଶାଳୀ ବାତ୍ୟା ପାଇଁ ପାଗ ଅନୁକୂଳ

■ ଭୁବନେଶ୍ୱର, ୨୧।୧୧ (ସମିସ): ମାଲେସିଆ ନିକଟବର୍ତ୍ତୀ ମଲ୍ଲାକାରେ ସମୁଦ୍ରପତ୍ତନ ଠାରୁ ୫.୮ କି.ମି ବିସ୍ତୀର୍ଣ୍ଣ ଅଞ୍ଚଳରେ ପରିବ୍ୟାପ୍ତ ଥିବା ଘୂର୍ଣ୍ଣିବଳୟ ପ୍ରଭାବରେ ଆସନ୍ତାକାଲି (ଶନିବାର) ଦକ୍ଷିଣ ଆଣ୍ଡାମାନ ସାଗରରେ ଏକ ଲଘୁଚାପ ସୃଷ୍ଟି ହେବ। ପରବର୍ତ୍ତୀ ୪୮ ଘଣ୍ଟାରେ ଏହା ଘନୀଭୂତ ହୋଇ ପଶ୍ଚିମ-ଉତ୍ତରପଶ୍ଚିମ ଦିଗକୁ ଅଗ୍ରସର ହୋଇ ଦକ୍ଷିଣ-ପଶ୍ଚିମ ବଙ୍ଗୋପସାଗରରେ ଅଧିକ ଘନୀଭୂତ ହୋଇ ଅବପାତର ରୂପ ନେବ ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପୂର୍ବାନୁମାନ କରିଛି।

ଅନ୍ୟପକ୍ଷରେ ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ମଲ୍ଲାକା ଷ୍ଟ୍ରିଟ୍‌ରେ ଏକ ଦୁର୍ବଳ ଲଘୁଚାପ ସୃଷ୍ଟି ହୋଇ ସାରିଛି। ଶନିବାର ସକାଳ ସୁଦ୍ଧା ଏହା ସଦୃଶ ଲଘୁଚାପରେ ପରିଣତ ହେବ। ୨୬ ତାରିଖ ବେଳକୁ ଏହା ବାତ୍ୟାର ରୂପ ନେଇପାରେ। ଏହା ଶୀଘ୍ର ଘନୀଭୂତ ହୋଇ ଉତ୍ତର ବା ଉତ୍ତର-ଉତ୍ତର ପଶ୍ଚିମ ଦିଗରେ ଗତ କରିବ। ୨୮ରେ ଏହା ଅଧିକ ଶକ୍ତିଶାଳୀ ହୋଇ ଏକ ଭୀଷଣ ବାତ୍ୟାରେ ରୂପ ନେବ ଓ ୨୯ କିମ୍ବା ୩୦ ଏବା ଅତି ଭୀଷଣ ବାତ୍ୟାରେ ପରିଣତ ହେବା ନେଇ ମଧ୍ୟ କିଛି ମଡେଲ୍ ଆକଳନ କରୁଛନ୍ତି। ଅତି ଭୀଷଣ ବାତ୍ୟାରେ ପରିଣତ ହେବା ପରେ ଏହା ଦକ୍ଷିଣ-ପଶ୍ଚିମ ଓ ପଶ୍ଚିମ-କେନ୍ଦ୍ରୀୟ ସଂଲଗ୍ନ ବଙ୍ଗୋପସାଗରକୁ ମୁହାଁଇବ। ବାତ୍ୟା ଅଧିକ ଘନୀଭୂତ ହେବାର ଯଥେଷ୍ଟ ଆଶଙ୍କା ରହିଛି। ଏହାର କାରଣ ଦର୍ଶାଇ ପ୍ରଫେସର ପଶୁପାଳକ କହିଛନ୍ତି ଯେ ଏହା ଆର୍ଦ୍ର, ଉପ-ଉଷ୍ମ ମଣ୍ଡଳରେ ଅବସ୍ଥିତ ହେବା ସହ ଶୁଷ୍କ ବାୟୁର ମଧ୍ୟ ▶ପୃଷ୍ଠା-୭



### ଓଡ଼ିଶା-ଆନ୍ଧ୍ର ଉପରେ ଅଧିକ ପ୍ରଭାବ ଆଶଙ୍କା

### ଓଡ଼ିଶାରେ ସ୍ଥଳଭାଗ ଛୁଇଁବା ନେଇ ସମ୍ଭାବନା

## ଏନ୍‌ଡିଏର ବିହାର ବିଜୟ ବିଧାଣି

# ଧର୍ମେନ୍ଦ୍ରଙ୍କୁ ବିପୁଳ ସମ୍ବର୍ଦ୍ଧନା



■ ଭୁବନେଶ୍ୱର, ୨୧।୧୧ (ସମିସ): ବିହାର ବିଧାନସଭା ନିର୍ବାଚନରେ ଏନ୍‌ଡିଏର ଐତିହାସିକ ବିଜୟର ଅନ୍ୟତମ ନେପଥ୍ୟ ନାୟକ ତଥା ଦଳୀୟ ନିର୍ବାଚନ ପ୍ରଭାରୀ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କୁ ଭୁବନେଶ୍ୱରରେ ଦିଆଯାଇଛି ଉଚ୍ଛ୍ୱସିତ ସମ୍ବର୍ଦ୍ଧନା। ଶୁକ୍ରବାର ଶ୍ରୀ ପ୍ରଧାନ ଓଡ଼ିଶା ଗସ୍ତରେ ଆସିବା ଅବସରରେ ବିମାନବନ୍ଦରରେ ହଜାର ହଜାର କର୍ମୀ, କର୍ମକର୍ତ୍ତା ଓ ସମର୍ଥକ ତାଙ୍କୁ ସ୍ୱାଗତ କରିଛନ୍ତି। ଅନ୍ୟପକ୍ଷରେ ଏହି ସମ୍ବର୍ଦ୍ଧନା ପାଇଁ ଶ୍ରୀ ପ୍ରଧାନ ଦଳୀୟ ନେତା, କର୍ମୀ, ସମର୍ଥକଙ୍କୁ ଗାମୁଛା ହଲାଇ କୃତଜ୍ଞତା ଜଣାଇଛନ୍ତି।

ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ସେ କହିଛନ୍ତି ଯେ ଏନଡିଏ ମେଣ୍ଟର ଅଭୁତପୂର୍ବ ବିଜୟ ପାଇଁ ବିହାରବାସୀଙ୍କୁ ଧନ୍ୟବାଦ। ବିହାରବାସୀ ଦେଶକୁ ବିଭାଜନ କରିବା ନିମନ୍ତେ କଂଗ୍ରେସର ନକରାତ୍ମକ ରାଜନୀତିକୁ ପ୍ରତ୍ୟାଖ୍ୟାନ କରିଛନ୍ତି। ଅନ୍ୟପକ୍ଷରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଦୂରଦୃଷ୍ଟି, ବିଜେପି ରାଷ୍ଟ୍ରୀୟ ସଭାପତି ଜେ.ପି ନଡ୍ଡାଙ୍କ ସାଂଗଠନିକ ଦକ୍ଷତା, ବିହାରର ଲୋକପ୍ରିୟ ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କ ନେତୃତ୍ୱ ପାଇଁ ଜନସାଧାରଣ ତାଙ୍କୁ ପୁଣି ଥରେ ଆଶୀର୍ବାଦ କରିଛନ୍ତି। ବିହାରରେ ପୁଣି ଥରେ ସେବା ନିମନ୍ତେ ଏନଡ଼ିଏ ସୁଯୋଗ ଦେଇ ବିହାରବାସୀ ପ୍ରଧାନମନ୍ତ୍ରୀଙ୍କ ନେତୃତ୍ୱକୁ ବଡ଼ ସ୍ୱୀକୃତି ଦେଇଛନ୍ତି। ଅନ୍ୟପକ୍ଷରେ ନୂଆପଡ଼ା ଉପନିର୍ବାଚନରେ ବିଜେପି ପ୍ରାର୍ଥୀ ଜୟ ଢୋଲକିଆ ବିଜୟ ନିମନ୍ତେ ଶ୍ରୀ ପ୍ରଧାନ ଓଡ଼ିଶାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ରାଜ୍ୟ ବିଜେପି ସଭାପତି ମନମୋହନ ସାମଲଙ୍କୁ ଶୁଭେଚ୍ଛା ଜ୍ଞାପନ କରିଛନ୍ତି। ଏହାପରେ ଶ୍ରୀ ପ୍ରଧାନ ବିମାନବନ୍ଦରରୁ ସିଧା ପୁରୀ ଯାଇ ଶ୍ରୀମନ୍ଦିରରେ ମହାପ୍ରଭୁଙ୍କୁ ଦର୍ଶନ ସହ ଆଶୀର୍ବାଦ ନେଇଛନ୍ତି।

### କଂଗ୍ରେସର ବିଭାଜନ ରାଜନୀତିକୁ ଲୋକେ ପ୍ରତ୍ୟାଖ୍ୟାନ କରିଛନ୍ତି: ଧର୍ମେନ୍ଦ୍ର

### ଶ୍ରୀମନ୍ଦିର ଯାଇ ମହାପ୍ରଭୁଙ୍କ ଆଶୀର୍ବାଦ ନେଲେ

## କାଳ ହେଲା ମିଛିମିଛିକା ଭାତ-ତରକାରୀ ଖେଳ

# ଲୁଣ ଭାବି ଥିମେଟ୍ ଖାଇଦେଲେ ୩ ଶିଶୁ

■ ନୀଳଗିରି, ୨୧।୧୧ (ସମିସ): ଲୁଣ ଭାବି ଥିମେଟ୍ ଖାଇଦେଲେ ୩ ଶିଶୁ। ବାଲେଶ୍ୱର ଜିଲ୍ଲା ନୀଳଗିରି ବ୍ଲକ୍ ମହିଷାପଟା ପଞ୍ଚାୟତ ଶାଳବଣି ଗ୍ରାମରେ ଆଜି ଏହି ଅଘଟଣ ଘଟିଛି। ସେମାନେ ହେଲେ, ଗ୍ରାମର ବାବୁଲା ସିଂଙ୍କ ପୁଅ ଯୁବରାଜ ସିଂ(୮), ଅକ୍ଷୟ ସିଂଙ୍କ ଝିଅ ଇନ୍ଦୁରେଖା ସିଂ(୫) ଓ ରମେଶ ସିଂଙ୍କ ପୁଅ ଘନଶ୍ୟାମ ସିଂ(୪)। ଗୁରୁତର ଅବସ୍ଥାରେ ସେମାନଙ୍କୁ ନୀଳଗିରି ଉପଖଣ୍ଡ ଚିକିତ୍ସାଳୟ ଓ ପରେ ରେମୁଣା ମେଡିକାଲ କଲେଜକୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ସେଠାରେ ଯୁବରାଜର ଅବସ୍ଥା ସଂକଟାପନ୍ନ ହେବାରୁ ତାକୁ କଟକକୁ ସ୍ଥାନାନ୍ତର କରାଯାଇଛି। ସେହିପରି ଘନଶ୍ୟାମକୁ ଆଇସିୟୁରେ ରଖାଯାଇଛି। ▶ପୃଷ୍ଠା-୭

### ଗୁରୁତର ଅବସ୍ଥାରେ ଡାକ୍ତରଖାନାରେ ଭର୍ତ୍ତି

### ଜଣକୁ କଟକ ସ୍ଥାନାନ୍ତର

## ୨୯ ପୁରୁଣା ଆଇନ ଶେଷ; ଲାଗୁ ହେଲା ନୂଆ ଶ୍ରମ କୋଡ୍

# ଶ୍ରମିକଙ୍କୁ ମିଳିବ ନିଶ୍ଚିତ ସାମାଜିକ ସୁରକ୍ଷା

■ ନୂଆଦିଲ୍ଲୀ ୨୧।୧୧ (ଏଜେନ୍ସି): ଏକ ଗୁରୁତ୍ୱପୂର୍ଣ୍ଣ ଘଟଣାକ୍ରମେ ଦେଶରେ ଆଜି ବହୁ ପ୍ରତୀକ୍ଷିତ ଶ୍ରମ କୋଡ୍ ଲାଗୁ ହୋଇଛି। ସମସ୍ତ କ୍ଷେତ୍ରରେ ଶ୍ରମିକ କଲ୍ୟାଣ ବ୍ୟବସ୍ଥାକୁ ମଜଭୁତ କରିବା ଲାଗି ୪ ନୂଆ ଶ୍ରମ ସଂହିତା – ମଜୁରି ସଂହିତା ୨୦୧୯, ଶିଳ୍ପ ସଂହିତା ୨୦୨୦, ସାମାଜିକ ସୁରକ୍ଷା ସଂହିତା ୨୦୨୦ ଏବଂ ବୃତ୍ତିଗତ ନିରାପତ୍ତା, ସ୍ୱାସ୍ଥ୍ୟ ଏବଂ କାର୍ଯ୍ୟ ପରିସ୍ଥିତି ସଂହିତା ୨୦୨୦କୁ ଶୁକ୍ରବାର କାର୍ଯ୍ୟକାରୀ କରାଯାଇଛି। ଏହାଫଳରେ ବର୍ତ୍ତମାନ ପର୍ଯ୍ୟନ୍ତ ପ୍ରଚଳିତ ୨୯ଟି ଶ୍ରମ ଆଇନର ଅନ୍ତ ଘଟିଛି। ନୂଆ ଶ୍ରମ କୋଡ୍ ଲାଗୁ ହେବା ପରେ ଦେଶରେ ଶ୍ରମିକମାନଙ୍କୁ ସୁନିଶ୍ଚିତ ନିଯୁକ୍ତିପତ୍ର, ଠିକ୍ ସମୟରେ ବେତନ, ସର୍ବନିମ୍ନ ବେତନ ଓ ସାମାଜିକ ସୁରକ୍ଷା ଆଦି କ୍ଷେତ୍ରରେ ଗ୍ୟାରେଣ୍ଟି ମିଳିବା ଆଶା କରାଯାଉଛି। ଏଥିଯୋଗୁଁ ଦେଶର ପ୍ରାୟ ୪୦ କୋଟି ଶ୍ରମିକ ଲାଭବାନ ହେବେ। ନୂଆ ଶ୍ରମ କୋଡ୍ ସରକାର ଅନେକ ଗୁରୁତ୍ୱପୂର୍ଣ୍ଣ ସଂଶୋଧନ କରିଛନ୍ତି, ଯେଉଁଥିରେ ଗିଗ୍ ଓ ପ୍ଲାଟଫର୍ମ ୱାର୍କର, ମହିଳା କର୍ମଚାରୀ ଓ ଏମ୍ଏସ୍ଏମ୍‌ଇ ସେକ୍ଟରରେ କାମ କରୁଥିବା ଶ୍ରମିକଙ୍କୁ ଲାଭ ମିଳିବ। ନୂଆ ଶ୍ରମ ସଂହିତା କାର୍ଯ୍ୟକାରୀ ହେବା ପରେ ନିଯୁକ୍ତି କ୍ଷେତ୍ରରେ ସମସ୍ତ କର୍ମଚାରୀଙ୍କୁ ସୁନିଶ୍ଚିତ ନିଯୁକ୍ତିପତ୍ର ପ୍ରଦାନ, ଲିଖିତ ପ୍ରମାଣପତ୍ରରେ ସ୍ୱଚ୍ଛତା, ଚାକିରି ସୁରକ୍ଷା ଏବଂ ସ୍ଥାୟୀ ନିଯୁକ୍ତିକୁ ସୁନିଶ୍ଚିତ କରାଯିବ। ସମସ୍ତ ଶ୍ରମିକଙ୍କୁ ପିଏଫ୍, ଇଏସଆଇସି, ବୀମା ଏବଂ ଅନ୍ୟାନ୍ୟ ସାମାଜିକ ସୁରକ୍ଷା ସୁବିଧା ମିଳିବ। ଏଥିସହ ସମସ୍ତ ଶ୍ରମିକଙ୍କୁ ସର୍ବନିମ୍ନ ମଜୁରି ଓ ସମୟାନୁଯାୟୀ ▶ପୃଷ୍ଠା-୭

### ଲାଭବାନ ହେବେ ୪୦ କୋଟି ଶ୍ରମିକ

# ଦିଲ୍ଲୀ ବିଶ୍ୱର ସବୁଠାରୁ ପ୍ରଦୂଷିତ ସହର

■ ନୂଆଦିଲ୍ଲୀ, ୨୧।୧୧ (ଏଜେନ୍ସି): ଦିଲ୍ଲୀ-ଏନ୍‌ସିଆରରେ ଲଗାତର ଭାବେ ପ୍ରଦୂଷଣ ବଢ଼ିବାରେ ଲାଗିଛି। ଗୁରୁବାର ଦିଲ୍ଲୀର ଏୟାର କ୍ୱାଲିଟି ଇଣ୍ଡେକ୍ସ (ଏକ୍ୟୁଆଇ) ୫୦୬ ଥିଲା ଓ ଏହା ନିହାତି ବିପଜ୍ଜନକ ବିବେଚିତ ହୋଇଛି। ଦିଲ୍ଲୀ ଏବେ ବିଶ୍ୱର ସବୁଠାରୁ ପ୍ରଦୂଷିତ ସହରର ଭାବେ ଅଲୋଡା ନାମ ହାସଲ କରିଛି। ବିଶ୍ୱବ୍ୟାପୀ ବାୟୁ ପ୍ରଦୂଷଣ ମାପୁଥିବା ଅନ୍ତର୍ଜାତୀୟ ସଂସ୍ଥା 'ଆଇକ୍ୟୁଏୟାର'ର ଲାଇଭ ମାନ୍ୟତାରେ ଦିଲ୍ଲୀ ବିଶ୍ୱର ସବୁଠାରୁ ପ୍ରଦୂଷିତ ସହର ଭାବେ ପରିଗଣିତ ହେଉଛି। ବାୟୁରେ ବର୍ଦ୍ଧିତ ପ୍ରଦୂଷଣକୁ ଦୃଷ୍ଟିରେ ରଖି ଦିଲ୍ଲୀ ସରକାର ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେଇଛନ୍ତି। ନଭେମ୍ବରରେ ଓ ଡିସେମ୍ବରରେ ସବୁ ସ୍କୁଲରେ ସ୍ପୋର୍ଟ୍ସ ଇଭେଣ୍ଟକୁ ବନ୍ଦ କରିଦିଆଯାଇଛି। ପ୍ରଦୂଷଣ କାରଣରୁ ଦିଲ୍ଲୀରେ ସବୁ ପ୍ରକାର କ୍ରୀଡ଼ା ଇଭେଣ୍ଟକୁ ସ୍ଥଗିତ ରଖିବାକୁ କମିଶନ ଫର ଏୟାର କ୍ୱାଲିଟି ମ୍ୟାନେଜମେଣ୍ଟ (ସିଏକ୍ୟୁଏମ୍) ନିର୍ଦ୍ଦେଶ ଦେଇଛି। ଦିଲ୍ଲୀର ପ୍ରଦୂଷିତ ବାୟୁ ଏବେ ପିଲାମାନଙ୍କ ପାଇଁ ଗୁରୁତ୍ୱପୂର୍ଣ୍ଣ ସ୍ୱାସ୍ଥ୍ୟ ସଙ୍କଟ ସୃଷ୍ଟି କରିଛି ବୋଲି କମିଶନ କହିଛି। ପୂର୍ବରୁ ଅକ୍ଟୋବର ୧୮ରେ ଦିଲ୍ଲୀ- ଏନ୍‌ସିଆରରେ ପ୍ରଦୂଷଣ ପାଇଁ ଦିଲ୍ଲୀରେ କ୍ରୀଡ଼ା ସମ୍ପର୍କିତ ସବୁ ପ୍ରକାର ପ୍ରତିଯୋଗିତାକୁ ବନ୍ଦ କରିବାକୁ ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଥିଲେ।

ସେପଟେ ସାରା ଦେଶରେ ପ୍ରବଳ ଥଣ୍ଡା ଜାରି ରହିଛି। ଶୀତର ପ୍ରକୋପ ବୃଦ୍ଧି ପାଇଥିବାରୁ ଦିଲ୍ଲୀର ପ୍ରଦୂଷଣ ଆହୁରି ଖରାପ ହୋଇଛି। ଗତ ୨୪ ଘଣ୍ଟା ମଧ୍ୟରେ ଭୋପାଳ, ଇନ୍ଦୋର ସମେତ ମଧ୍ୟପ୍ରଦେଶର ୧୨ଟି ସହରରେ ତାପମାତ୍ରା ୧୦ ଡିଗ୍ରୀ ତଳେ ରହିବାର ରେକର୍ଡ କରାଯାଇଛି। ରାଜଗଡ଼ରେ ତାପମାତ୍ରା ୭.୫ ଡିଗ୍ରୀ ଥିଲା। ଜବଲପୁରରେ ଘନ କୁହୁଡି ଛାଇ ରହିଥିଲା। ଉତ୍ତରାଖଣ୍ଡର ବଦ୍ରିନାଥରେ ତାପମାତ୍ରା ମାଇନସ ୬ ଡିଗ୍ରୀ ତଳକୁ ଖସିଛି। ଅଗାମୀ କିଛି ଦିନ ପାଗ ଏହି ଭଳି ରହିବ ବୋଲି ପାଣିପାଗ କାର୍ଯ୍ୟାଳୟ ତରଫରୁ କୁହାଯାଇଛି।



### ଏକ୍ୟୁଆଇ ୫୦୬ରେ ପହଞ୍ଚିଲା

### ସ୍କୁଲ୍‌ରେ କ୍ରୀଡ଼ା ଇଭେଣ୍ଟ ଉପରେ ରୋକ

## ମୁଁ ବୌଦ୍ଧ, କିନ୍ତୁ ଧର୍ମନିରପେକ୍ଷ: ସିଜେଆଇ ଗଭାଇ



ନୂଆଦିଲ୍ଲୀ, ୨୧।୧୧ (ଏଜେନ୍ସି): ଭାରତର ପ୍ରଧାନ ବିଚାରପତି (ସିଜେଆଇ) ବିଆର ଗଭାଇଙ୍କୁ ଗୁରୁବାର ବିଦାୟକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ସେ ୨୩ ତାରିଖରେ ଅବସର ଗ୍ରହଣ କରୁଛନ୍ତି। କିନ୍ତୁ ଆଜି ସୁପ୍ରିମକୋର୍ଟରେ ତାଙ୍କର ଶେଷ କାର୍ଯ୍ୟ ଦିବସ ଥିଲା। ମାତ୍ର କେଇ ମାସର କାର୍ଯ୍ୟକାଳରେ ସେ ଅନେକ ଗୁରୁତ୍ୱପୂର୍ଣ୍ଣ ରାୟ ଦେଇଛନ୍ତି। ଏହା ମଧ୍ୟରେ ବୁଲ୍‌ଡୋଜର କାର୍ଯ୍ୟାନୁଷ୍ଠାନରେ କଟକଣା ପ୍ରମୁଖ ସାମିଲ ରହିଛି। ଆଡଭୋକେଟ୍ସ ଅନ୍ ରକେର୍ଡ ଆସୋସିଏସନ (ଏସସିଏଇଆରଏ) ପକ୍ଷରୁ ଆୟୋଜିତ ବିଦାୟକାଳୀନ ସମ୍ବର୍ଦ୍ଧନାରେ ସିଜେଆଇ କହିଛନ୍ତି ଯେ ମୁଁ ବୌଦ୍ଧ ଧର୍ମକୁ ମାନୁଛି। କିନ୍ତୁ ପ୍ରକୃତରେ ମୁଁ ଧର୍ମନିରପେକ୍ଷ ବ୍ୟକ୍ତି। ହିନ୍ଦୁ, ଶିଖ୍, ଇସ୍‌ଲାମ ସମେତ ସବୁ ଧର୍ମରେ ମୋର ବିଶ୍ୱାସ ରହିଛି। ଏହି ଧର୍ମନିରପେକ୍ଷତା ବିଷୟରେ ମୁଁ ବାପାଙ୍କଠାରୁ ଶିକ୍ଷା କରିଥିଲି। ମୋ ବାପା ସମ୍ପୂର୍ଣ୍ଣ ଭାବେ ଧର୍ମନିରପେକ୍ଷ ଥିଲେ। ସେ ଡ. ବାବା ସାହେବ ଆମ୍ବେଦକରଙ୍କ ଅନୁଗାମୀ ଥିଲେ। ମୁଁ ଛୋଟ ଥିବା ସମୟରେ ବାପାଙ୍କ ସହ ପ୍ରସିଦ୍ଧ ଦରଘା ଏବଂ ଗୁରୁଦ୍ୱାର ଯାଉଥିଲି। ଏଭଳି ଭାବେ ସବୁ ଧର୍ମକୁ ସମ୍ମାନ କରୁଥିବା ପରିବେଶରେ ମୁଁ ବଡ଼ ହୋଇଥିଲି। ପ୍ରାୟ ୨୦ ବର୍ଷ ବିଚାରପତି ରହିବା ପରେ ଆଜି ଯାହା କିଛି ବି ଅଛି, ସବୁ ନ୍ୟାୟପାଳିକା ପାଇଁ ସମ୍ଭବ ହୋଇପାରିଛି। ଏଥିପାଇଁ ଦେଶର ନ୍ୟାୟପାଳିକା ପ୍ରତି ସିଜେଆଇ ଗଭୀର କୃତଜ୍ଞତା ପ୍ରକାଶ କରିଛନ୍ତି। ସୂଚନାଯୋଗ୍ୟ ଯେ ୨୪ ତାରିଖରେ ଜଷ୍ଟିସ ସୂର୍ଯ୍ୟକାନ୍ତ ଦେଶର ୫୩ତମ ସିଜେଆଇ ଭାବେ ଶପଥ ଗ୍ରହଣ କରିବେ। ସେ ୧୪ ମାସ ପାଇଁ ଏହି ପଦରେ ରହିବେ।୨୦୨୭ ଫେବୃଆରୀ ୯ ରେ ଅବସର ଗ୍ରହଣ କରିବେ।

## ପାଣିପାଗର ଚରମ ସ୍ଥିତି; ୯ ମାସରେ ଗଲାଣି ୪୦୬୪ ଜୀବନ



ନୂଆଦିଲ୍ଲୀ, ୨୧।୧୧ (ଏଜେନ୍ସି): ଭାରତରେ ପାଣିପାଗ ଜନିତ ଚରମ ସ୍ଥିତି ଦିନକୁ ଦିନ ଉତ୍କଟ ହେବାରେ ଲାଗିଛି। ଏଥିଯୋଗୁଁ ପ୍ରାକୃତିକ ବିପର୍ଯ୍ୟୟ ବଢ଼ିବାରେ ଲାଗିଛି। ଚଳିତ ବର୍ଷ ପ୍ରଥମ ୯ ମାସରେ ଏହା ୪୦୬୪ ଜୀବନ ନେଲାଣି। ଗତ ୪ ବର୍ଷରେ ଏଭଳି ମୃତ୍ୟୁ ୪୮ ପ୍ରତିଶତ ବୃଦ୍ଧି ପାଇଛି। ଦିଲ୍ଲୀର ଥିଙ୍କଟାଙ୍କ ସଂସ୍ଥା 'ସେଣ୍ଟର ଫର ସାଇନ୍ସ ଆଣ୍ଡ ଇନ୍‌ଭାରମେଣ୍ଟ (ସିଏସଇ)' ଏବଂ 'ଡାଉନ ଟୁ ଆର୍ଥ' ରିପୋର୍ଟରେ ଏହି ସୂଚନା ଦିଆଯାଇଛି। ରିପୋର୍ଟ ଅନୁଯାୟୀ, ଏହି ଅବଧିରେ ମଧ୍ୟପ୍ରଦେଶରେ ସର୍ବାଧିକ ଲୋକଙ୍କ ଜୀବନ ଯାଇଛି। ମହାରାଷ୍ଟ୍ରରେ ସର୍ବାଧିକ ୮.୪ ନିୟୁତ ହେକ୍ଟରର ଫସଲ କ୍ଷତିଗ୍ରସ୍ତ ହୋଇଛି। ଗ୍ରୀଷ୍ମ ପ୍ରବାହ, ଶୀତ, ବଜ୍ରପାତ, ଝଡ଼, ପ୍ରବଳ ବର୍ଷା, ବନ୍ୟା ଏବଂ ଭୂସ୍ଖଳନ ଯୋଗୁଁ ୯.୪୭ ନିୟୁତ ଫସଲ ନଷ୍ଟ ହୋଇଛି। ଗତ ଚାରି ବର୍ଷରେ ଏହା ୪୦୦ ପ୍ରତିଶତ ବୃଦ୍ଧି ପାଇଛି। ଗତ ବର୍ଷ ପାଣିପାଗ ଜନିତ ଚରମ ସ୍ଥିତିରେ ୩,୨୩୮ ଜଣ ପ୍ରାଣ ହରାଇଥିବାବେଳେ ୩.୨ ନିୟୁତ ହେକ୍ଟରରେ ଫସଲ ନଷ୍ଟ ହୋଇଥିଲା। ୯୯ ପ୍ରତିଶତ ଦିନରେ କୌଣସି ନା କୌଣସି ପାଣିପାଗ ଜନିତ ଚରମ ସ୍ଥିତି ସୃଷ୍ଟି ହେଉଥିବାବେଳେ ଏପରି ଧନଜୀବନ ହାନି ଘଟୁଛି। ୨୦୨୨ ପରଠାରୁ ୧୮ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳରେ ଏଭଳି ଦିନ ସଂଖ୍ୟା ବଢିବାରେ ଲାଗିଛି।

## ବିହାରରେ ୨ ଲକ୍ଷ ପୋଷ୍ଟାଲ ବାଲଟ୍‌ରୁ ୨୪ ହଜାର ନାକଚ

ନୂଆଦିଲ୍ଲୀ, ୨୧।୧୧(ଏଜେନ୍ସି): ବିହାର ନିର୍ବାଚନକୁ ନେଇ ନିର୍ବାଚନ କମିଶନ ଏକ ନୂଆ ତଥ୍ୟ ପ୍ରଦାନ କରିଛନ୍ତି। ୨ ଲକ୍ଷ ପୋଷ୍ଟାଲ ବାଲଟରୁ ପାଖାପାଖି ୨୪, ୦୦୦ ଭୋଟ ନାକଚ ହୋଇଯାଇଛି। ନିର୍ବାଚନରେ ମୋଟ୍ ୫.୦୨ କୋଟି ମତଦାନ ହୋଇଥିଲା। ଏଥିରେ ଇଭିଏମ୍ ଓ ପୋଷ୍ଟାଲ ବାଲଟ ସାମିଲ ଥିଲା। ୪.୯୩ କୋଟି ଭୋଟ୍ ବୈଧ ଥିବାବେଳେ ୯.୩୪ ଲକ୍ଷ ଭୋଟ୍ ନାକଚ୍ ହୋଇଛି। ୨.୦୧ ଲକ୍ଷ ପୋଷ୍ଟାଲ ଭୋଟ୍‌ରୁ ୨୩, ୯୮୧ ଭୋଟ ନାକଚ ହୋଇଛି ବୋଲି କୁହାଯାଇଛି। ସେହିପରି 'ନନ୍ ଅଫ୍ ଦି ଏବଭ' ଅର୍ଥାତ ନୋଟା ଭୋଟ ସଂଖ୍ୟା ୯.୧୦ ଲକ୍ଷ ଥିଲା। ଏଥିରେ ଇଭିଏମ୍ ଓ ପୋଷ୍ଟାଲ ବାଲଟ ଭୋଟ୍ ସାମିଲ ଥିଲା। ନୋଟାର ଭୋଟ ପ୍ରତିଶତ ୧.୮୧ ରହିଛି। ଉଲ୍ଲେଖଥାଉ କି, ୮୫ ବର୍ଷରୁ ଊର୍ଦ୍ଧ୍ୱ ବୟସର ବରିଷ୍ଠ ନାଗରିକ, ଭିନ୍ନକ୍ଷମ ଓ ଗୁରୁତ୍ୱପୂର୍ଣ୍ଣ ପଦବୀରେ ରହି କାର୍ଯ୍ୟ କରୁଥିବା ବ୍ୟକ୍ତି ପୋଷ୍ଟାଲ ବାଲଟରେ ମତଦାନ କରିଥାନ୍ତି।

**କର୍ଣ୍ଣାଟକ କଂଗ୍ରେସ କଳିକୁ ନେଇ ଡିକେଙ୍କ ଟିପ୍ପଣୀ**

## ସବୁ ୧୪୦ ବିଧାୟକ ମୋର

ବେଙ୍ଗାଲୁରୁ, ୨୧।୧୧ (ଏଜେନ୍ସି): କର୍ଣ୍ଣାଟକ କଂଗ୍ରେସରେ ମୁଖ୍ୟମନ୍ତ୍ରୀ ପଦକୁ ନେଇ କଳି ଜୋର୍ ଧରିଛି। ଉପ-ମୁଖ୍ୟମନ୍ତ୍ରୀ ଡିକେ ଶିବକୁମାରଙ୍କ ସମର୍ଥକ ବୋଲାଉଥିବା କିଛି ବିଧାୟକ କଂଗ୍ରେସ ହାଇକମାଣ୍ଡଙ୍କୁ ଭେଟିବା ପାଇଁ ଦିଲ୍ଲୀରେ ପହଞ୍ଚିବା ପରେ ଏହି ଚର୍ଚ୍ଚା ଜୋର୍ ଧରିଥିଲା। କିଛି ଦିନ ତଳେ ଶିବକୁମାର ମଧ କଂଗ୍ରେସ ଅଧ୍ୟକ୍ଷ ପଦ ଛାଡ଼ିବାକୁ ମନ୍ତବ୍ୟ ଦେଇ ମୁଖ୍ୟମନ୍ତ୍ରୀ ବଦଳିବା ଚର୍ଚ୍ଚାକୁ ଖୋରାକ ଯୋଗାଇ ଥିଲେ। ପ୍ରଥମ ଥର ଡିକେ ଏହା ଉପରେ ଟିପ୍ପଣୀ ଦେଇଛନ୍ତି। ରାଜ୍ୟର ସବୁ ୧୪୦ ବିଧାୟକ ମୋର ବୋଲି କହିଛନ୍ତି। ଏପରି ଟିପ୍ପଣୀ ଦେଇ ସେ ବଡ଼ ସଙ୍କେତ ଦେଉଥିବା କୁହାଯାଉଛି। ଏହା ମାଧ୍ୟମରେ ସେ କଂଗ୍ରେସ ନେତୃତ୍ୱ ଏବଂ ମୁଖ୍ୟମନ୍ତ୍ରୀ ସିଦ୍ଧରମେୟାଙ୍କ ଉପରେ ଚାପ ପକାଇବାକୁ ପ୍ରୟାସ କରୁଥିବା ଚର୍ଚ୍ଚା ହେଉଛି। ତେବେ ମୁଖ୍ୟମନ୍ତ୍ରୀ ବଦଳିବା ଚର୍ଚ୍ଚାକୁ ଡିକେ ଗୁଜବ କହି ଖଣ୍ଡନ କରି ଦେଇଛନ୍ତି। ଶିବକୁମାର କହିଛନ୍ତି ଯେ ଗୋଷ୍ଠୀ କନ୍ଦଳ ମୋ ରକ୍ତରେ ନାହିଁ। ମୁଖ୍ୟମନ୍ତ୍ରୀ ସିଦ୍ଧରମେୟା ତାଙ୍କ କାର୍ଯ୍ୟକାଳ ଶେଷ କରିବେ। ଏଥିପାଇଁ ତାଙ୍କୁ ଶୁଭେଚ୍ଛା। ମୁଖ୍ୟମନ୍ତ୍ରୀ ନିଜ କ୍ୟାବିନଟ ଅଦଳବଦଳ କରିବାକୁ ଚାହୁଁଛନ୍ତି। ସେଥିପାଇଁ ବିଧାୟକମାନେ ନିଜ ପାଇଁ ଲବି କରିବାକୁ ହାଇକମାଣ୍ଡଙ୍କୁ ଭେଟିବାକୁ ଯାଇଛନ୍ତି। ରାଜ୍ୟର ସବୁ ବିଧାୟକ ମୋର। ଆମେ ହାଇକମାଣ୍ଡଙ୍କ ନିର୍ଦ୍ଦେଶ ପାଳନ କରୁଛୁ ବୋଲି ବାରମ୍ବାର ମୁଖ୍ୟମନ୍ତ୍ରୀ ଏବଂ ମୁଁ କହିସାରିଛି। ଅନ୍ୟପଟେ ସିଦ୍ଧରମେୟା ମଧ ମୁଖ୍ୟମନ୍ତ୍ରୀ ପଦରେ ରହିବେ ବୋଲି କହିଛନ୍ତି। ତାଙ୍କ ଅନୁଯାୟୀ, ସେ ଆସନ୍ତା ବର୍ଷ ବଜେଟ ଉପସ୍ଥାପନ କରିବାକୁ ଯାଉଛନ୍ତି। ଅଢ଼େଇ ବର୍ଷ ପରେ କ୍ୟାବିନେଟ ଅଦଳବଦଳ ହେବ ବୋଲି କୁହାଯାଇଥିଲା।

## କାରଖାନାରେ ବିସ୍ଫୋରଣ; ୧୫ ମୃତ

ଇସ୍‌ଲାମାବାଦ୍, ୨୧।୧୧(ଏଜେନ୍ସି): ପାକିସ୍ତାନର ଫୈସଲାବାଦ୍ ନିକଟରେ ଥିବା ଏକ କାରଖାନାରେ ଶୁକ୍ରବାର ସକାଳେ ଗ୍ୟାସ୍ ଲିକ୍ ହେବା କାରଣରୁ ବଡ଼ ବିସ୍ଫୋରଣ ହୋଇଛି। ଏଥିରେ ୧୫ ଜଣ ମୃତ୍ୟୁବରଣ କରିଥିବା ବେଳେ ବହୁ ଲୋକ ଆହତ ହୋଇଛନ୍ତି। ପ୍ରଥମେ ବଏଲର ଫାଟିଥିବା ଆଶଙ୍କା କରାଯାଉଥିଲା। କିନ୍ତୁ ଏହି କାରଖାନାରେ ବଏଲର ନ ଥିଲା ବୋଲି ପରେ ଜଣାପଡ଼ିଥିଲା। ଗ୍ୟାସ୍ ଲିକ୍ ହେବା କାରଣରୁ ନିଆଁ ଲାଗିଥିଲା ଓ ନିକଟରେ ଥିବା ୟୁନିଟଗୁଡିକରେ ବିସ୍ଫୋରଣ ହୋଇଥିଲା। ଘଟଣାର ଯାଞ୍ଚ ପାଇଁ ପଞ୍ଜାବ ସରକାର ଏକ ୫ ସଦସ୍ୟ ବିଶିଷ୍ଟ କମିଟ୍ ଗଠନ କରିଛନ୍ତି। ନ୍ୟାସନାଲ ଟ୍ରେଡ ୟୁନିଅନ ଫେଡେରେସନ ମୃତକଙ୍କୁ ୩୦ ଲକ୍ଷ ଟଙ୍କା ଅନୁକମ୍ପାମୂଳକ ରାଶି ଦେବ ବୋଲି ଘୋଷଣା କରିଛି। ଏଥିସହ ଆହତଙ୍କୁ ମାଗଣା ଚିକିତ୍ସା ଉପଲବ୍ଧ କରାଇବାକୁ ଫେଡେରେସନ ଦାବି କରିଛି।

**ବଦଳିଲା ବିହାରର କ୍ଷମତା କେନ୍ଦ୍ର**

# ମୁଖ୍ୟମନ୍ତ୍ରୀ ନୀତୀଶ 'ଗୃହହୀନ'

ପାଟନା, ୨୧।୧୧ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନରେ ବୃହତ ବିଜୟ ପରେ ଏନ୍‌ଡିଏ ସରକାର ଗଠନ କରିଛି। ୧୦ମ ଥର ପାଇଁ ମୁଖ୍ୟମନ୍ତ୍ରୀ ଭାବେ ଶପଥ ନେବାର ଦିନକ ପରେ ନୀତୀଶ କୁମାର ନିଜ ମନ୍ତ୍ରିମଣ୍ଡଳରେ ବଡ଼ ପରିବର୍ତ୍ତନ କରିଛନ୍ତି। ଗତ ୨୦ ବର୍ଷ ପରେ ପ୍ରଥମ ଥର ପାଇଁ କ୍ଷମତା କେନ୍ଦ୍ର ବଦଳି ଯାଇଛି। ମୁଖ୍ୟମନ୍ତ୍ରୀ ନୀତୀଶ 'ଗୃହ ହୀନ' ହୋଇଯାଇଛନ୍ତି। ତାଙ୍କ ହାତରୁ ଗୃହ ବିଭାଗ ଛଡ଼ାଇ ନିଆଯାଇଛି। ନୀତୀଶ କ୍ଷମତାରେ ଥିବା ପରଠାରୁ ଗତ ୨୦ ବର୍ଷ ମଧ୍ୟରେ ପ୍ରଥମ ଥର ପାଇଁ ଏପରି ହୋଇଛି। ଗୃହ ବିଭାଗ ଜେଡିୟୁ ପରିବର୍ତ୍ତେ ବିଜେପି ପାଖକୁ ଚାଲି ଯାଇଛି। ଉପ-ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀଙ୍କୁ ଗୃହ ବିଭାଗ ଦାୟିତ୍ୱ ଦିଆଯାଇଛି। ଏହି ପରିବର୍ତ୍ତନକୁ ନୀତୀଶଙ୍କ ସବୁଠାରୁ ବଡ଼ ରାଜନୈତିକ ଦୁର୍ବଳତା ଏବଂ ମେଣ୍ଟରେ ବିଜେପିର ଶକ୍ତି ବୃଦ୍ଧିକୁ ସୂଚାଉଛି।

ଏଥର ନୀତୀଶ କେବଳ ମୁଖା ହୋଇ ରହିବେ। କାରଣ କ୍ଷମତାର ପ୍ରକୃତ ଚାବି ବିଜେପି ହାତକୁ ପଳାଇଛି। ପୁଲିସ ବଳରେ 'ସୁଶାସନ ବାବୁ' ବୋଲାଉଥିବା ନୀତୀଶ ଏବେ ନିଜ ଉପାଧି ହରାଇ ଦେଇଛନ୍ତି। ସେ ପୁଲିସ ବାହିନୀର ସହାୟତାରେ ଅପରାଧିଙ୍କ ଉପରେ ଲଗାମ ଲଗାଇବା ପାଇଁ ପ୍ରସିଦ୍ଧି ଅର୍ଜନ କରିଥିଲେ। ଯାହା ପାଖରେ ଗୃହ ବିଭାଗ ଥାଏ, ସେ ହିଁ ପ୍ରକୃତ ଶାସନ ଚଳାଇ ଥାଏ ବୋଲି ବିହାରରେ କୁହାଯାଇଥାଏ। ଏବେ କ୍ଷମତା ୧ ଅଣେ ମାର୍ଗ ପରିବର୍ତ୍ତେ, ୫ ଦେଶରତ୍ନ ମାର୍ଗକୁ ଚାଲି ଯାଇଛି। ଏବେ ସମ୍ରାଟ ଚୌଧୁରୀ ଅପରାଧୀଙ୍କ ବିରୋଧରେ ସବୁ ନିଷ୍ପତ୍ତି ନେବେ। ତାଙ୍କ ପାଖରେ ଅପରାଧ ନିୟନ୍ତ୍ରଣ, ମାଫିଆଙ୍କ ଉପରେ କାର୍ଯ୍ୟାନୁଷ୍ଠାନ, ଦଙ୍ଗା ନିୟନ୍ତ୍ରଣ, ପୁଲିସ ବ୍ୟବସ୍ଥା, ଗୁଇନ୍ଦା ରିପୋର୍ଟ ଉପରେ ପଦକ୍ଷେପ ନେବାର ଦାୟିତ୍ୱ ରହିବ।

- ସମ୍ରାଟ ଚୌଧୁରୀଙ୍କୁ ଗୃହ ଦାୟିତ୍ୱ
- ଜେଡିୟୁ ପାଖରେ ଅର୍ଥ ବିଭାଗ
- ଶ୍ରେୟସୀ ସିଂହ ହେଲେ କ୍ରୀଡ଼ା ମନ୍ତ୍ରୀ



ନିର୍ବାଚନରେ ଏନ୍‌ଡିଏ ଜିତିବା ପରଠାରୁ ବିଜେପି ଏବଂ ଜେଡିୟୁ ମଧ୍ୟରେ ବିଭାଗକୁ ନେଇ ଟଣାଓଟରା ଲାଗି ରହିଥିଲା। ନିର୍ବାଚନ ପୂର୍ବରୁ ବିରୋଧୀ ମେଣ୍ଟ ଇଣ୍ଡିଆରେ ଯେପରି ଆସନ ବଣ୍ଟନକୁ ନେଇ ଟଣାଓଟରା ଲାଗିଥିଲା, ସେପରି ସ୍ଥିତି ଏନ୍‌ଡିଏରେ ବିଭାଗ ବଣ୍ଟନକୁ ନେଇ ସୃଷ୍ଟି ହୋଇଥିଲା। ବିଜେପି ନିଜ ପାଖରେ ଗୃହ ବିଭାଗ, ବିଧାନସଭା ବାଚସ୍ପତି ପଦ, ଅର୍ଥ ବିଭାଗ ଆଦି ରଖିବାକୁ ଚାହୁଁଥିଲା। କିନ୍ତୁ ନୀତୀଶଙ୍କ ଦଳ ଏଥିପାଇଁ ରାଜି ହୋଇ ନ ଥିଲା। ରାଜ୍ୟରେ ଏହି ଭାଗବଣ୍ଟା ନ ଛିଡ଼ିବାରୁ ଦିଲ୍ଲୀ ପର୍ଯ୍ୟନ୍ତ କଥା ଯାଇଥିଲା। ଏପରିକି ଶପଥ ଗ୍ରହଣ ପୂର୍ବ ଦିନ ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା ପାଟନାରେ ପହଞ୍ଚିବା ପରେ ଏହି ପ୍ରସଙ୍ଗ ଆଲୋଚନା ହୋଇଥିଲା। ନୀତୀଶ ଗୃହ ବିଭାଗ ଛାଡ଼ିବାକୁ ରାଜି ନ ଥିବାରୁ ତାଙ୍କୁ ସମସ୍ତେ ବୁଝାଇବାକୁ ଲାଗି ଥିଲେ। ଆଜି ସକାଳୁ ମଧ ଏହାକୁ ନେଇ ଛକାପଞ୍ଝା ଲାଗି ରହିଥିଲା। ଦିନ ଯାକ ଏନ୍‌ଡିଏ ନେତାଙ୍କ ମଧ୍ୟରେ ମାନସମନ୍ଥନ ଚାଲିଥିଲା। ସକାଳେ ବିଜେପିର ମନ୍ତ୍ରୀ ତାଲିକା ନେଇ ସମ୍ରାଟ ଚୌଧୁରୀ ମୁଖ୍ୟମନ୍ତ୍ରୀଙ୍କ ବାସଭବନରେ ପହଞ୍ଚି ଥିଲେ। ଉଭୟ ନେତା ଏଠାରେ ପ୍ରାୟ ୫୦ ମିନିଟ ପର୍ଯ୍ୟନ୍ତ ଆଲୋଚନା କରିଥିଲେ। ଏଠାରେ ସମ୍ରାଟ ମନ୍ତ୍ରୀଙ୍କ ତାଲିକା ନୀତୀଶଙ୍କୁ ଦେଇ ଆସିଥିଲେ। ଏହା ପରେ ଜେଡିୟୁ ପକ୍ଷରୁ କେଉଁ ମନ୍ତ୍ରୀଙ୍କୁ କେଉଁ ବିଭାଗ ଦିଆଯିବ ତାହାକୁ ନେଇ ବଡ଼ ନେତାଙ୍କ ସହ ମୁଖ୍ୟମନ୍ତ୍ରୀ ବୈଠକ କରିଥିଲେ। ବିଜେପି ମାଗିଥିବା ବିଭାଗକୁ ନେଇ ସେ ଦେଢ଼ ଘଣ୍ଟା ପର୍ଯ୍ୟନ୍ତ ଚର୍ଚ୍ଚା କରିଥିଲେ। ଏହି ବୈଠକରେ ଲଲନ ସିଂହ, ସଞ୍ଜୟ ଝା ଏବଂ ବିଜୟ କୁମାର ଚୌଧୁରୀ ସାମିଲ ଥିଲେ। ସନ୍ଧ୍ୟା ପ୍ରାୟ ୫ଟାରେ ନୀତୀଶ ଏବଂ ସମ୍ରାଟ ମନ୍ତ୍ରୀଙ୍କ ତାଲିକା ନେଇ ରାଜଭବନରେ ପହଞ୍ଚି ଥିଲେ। ୫ଟା ୧୫ରେ ଏହି ମନ୍ତ୍ରୀଙ୍କ ତାଲିକା ଜାରି କରାଯାଇଥିଲା।

ଏହା ଅନୁଯାୟୀ ଅର୍ଥ ବିଭାଗ ଜେଡିୟୁକୁ ଦିଆଯାଇଛି। ବିଜେନ୍ଦ୍ର ଯାଦବ ଶକ୍ତି ସହ ଅର୍ଥ ବିଭାଗ ଦାୟିତ୍ୱ ବୁଝିବେ। ଏହା ସହିତ ମଙ୍ଗଳ ପାଣ୍ଡେ ପୁଣିଥରେ ସ୍ୱାସ୍ଥ୍ୟମନ୍ତ୍ରୀ ହୋଇଛନ୍ତି। ପ୍ରଥମ ଥର ପାଇଁ ମନ୍ତ୍ରୀ ହୋଇଥିବା ଜାତୀୟ ଦଳର ସୁଟର ଶ୍ରେୟସୀ ସିଂହଙ୍କୁ ଖେଳ ବିଭାଗ ଦିଆଯାଇଛି। ହାମର ରାଷ୍ଟ୍ରୀୟ ଅଧ୍ୟକ୍ଷ ସନ୍ତୋଷ ସୁମନଙ୍କ ବିଭାଗ ମଧ ବଦଳି ନାହିଁ। ତାଙ୍କ ପାଖରେ ଜଳ ସମ୍ବଳ ବିଭାଗ ରହିଛି। ସେହିପରି ଉପ-ମୁଖ୍ୟମନ୍ତ୍ରୀ ବିଜୟ କୁମାର ସିଂହାଙ୍କ ପାଖରେ ରାଜସ୍ୱ ବିଭାଗ ସହିତ ଖଣି, ରାମକୃପାଳ ଯାଦବଙ୍କୁ କୃଷିମନ୍ତ୍ରୀ କରାଯାଇଛି।

**ସୁପ୍ରିମକୋର୍ଟରେ ଏସ୍‌ଆଇଆର୍ ଉପରେ ଶୁଣାଣି**

## ନିର୍ବାଚନ କମିଶନଙ୍କୁ ମାଗିଲେ ଜବାବ



ନୂଆଦିଲ୍ଲୀ, ୨୧।୧୧ (ଏଜେନ୍ସି): ସ୍ୱତନ୍ତ୍ର ଭୋଟର ତାଲିକା ଯାଞ୍ଚ ତଥା ଏସଆଇଆର ବିରୋଧରେ କେରଳ ସରକାରଙ୍କ ପକ୍ଷରୁ ଆଗତ ଆବେଦନର ଶୁଣାଣି କରି ସୁପ୍ରିମକୋର୍ଟ ଶୁକ୍ରବାର ନିର୍ବାଚନ କମିଶନ (ଇସି)ଙ୍କୁ ଜବାବ ମାଗିଛନ୍ତି। ୨୬ ତାରିଖରେ ଏହି ମାମଲାର ପରବର୍ତ୍ତୀ ଶୁଣାଣି ହେବ। ଏଥିରେ କେରଳରେ ଏସ୍‌ଆଇଆର ପାଇଁ ଇସି ନେଇଥିବା ନିଷ୍ପତ୍ତିକୁ ବିରୋଧ କରାଯାଇଛି। କେରଳରେ ଡିସେମ୍ବର ଦ୍ୱିତୀୟ ସପ୍ତାହରେ ପୌର ନିର୍ବାଚନ ହେବ। ୨୦୨୬ ମେ'ରେ ବିଧାନସଭା ନିର୍ବାଚନ ହେବାକୁ ଯାଉଛି। ତେଣୁ ଏସ୍‌ଆଇଆରକୁ ସ୍ଥଗିତ ରଖିବାକୁ ସରକାର ଦାବି କରିଥିଲେ। କୁହାଯାଇଥିଲା ଯେ କର୍ମଚାରୀ ଅଭାବରୁ ଏସ୍‌ଆଇଆର କରାଇବାରେ ସମସ୍ୟା ହେଉଛି। ସାମ୍ବିଧାନିକ ନିର୍ବାଚନ ଚାଲିଥିବାବେଳେ ଅଯଥାରେ ତରବରିଆ ଭାବେ ଏସ୍‌ଆଇଆର କରିବା ମତାଧିକାରର ଗଣତାନ୍ତ୍ରିକ ଅଧିକାର ବିରୋଧୀ। କେରଳ ବ୍ୟତୀତ ତାମିଲନାଡୁ ଏବଂ ପଶ୍ଚିମବଙ୍ଗ ସରକାର ମଧ ଏସଆଇଆର ବିରୋଧରେ ଆବେଦନ ଦାଏର କରିଥିଲେ। 'ଇଣ୍ଡିଆନ ମୁସଲିମ ୟୁନିଅନ ଲିଗ' ମଧ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଛି। ଏ ପର୍ଯ୍ୟନ୍ତ ଏସଆଇଆର ବିରୋଧରେ ୧୦ ଆବେଦନ ଦାଏର ହେଲାଣି।

**କଶ୍ମୀରର ହସ୍ପିଟାଲ ପାଲଟିଥାନ୍ତା ଅସ୍ତ୍ରଶସ୍ତ୍ର କେନ୍ଦ୍ର**

## ହମାସ୍ ଭଳି ଆକ୍ରମଣ ପାଇଁ ଷଡ଼ଯନ୍ତ୍ର କରୁଥିଲା ଜୈସ

ନୂଆଦିଲ୍ଲୀ, ୨୧।୧୧ (ଏଜେନ୍ସି):ଦିଲ୍ଲୀ ବିସ୍ଫୋରଣକୁ ନେଇ ସୁରକ୍ଷା ଏଜେନ୍ସି ଗୁଡ଼ିକ ବଡ଼ ସୂଚନା ଦେଇଛନ୍ତି। ଆତଙ୍କବାଦୀ ସଂଗଠନ ଜୈସ-ଇ-ମହମ୍ମଦର ଶାଖା ଭାରତରେ ହମାସ ଭଳି ଆକ୍ରମଣ କରିବାକୁ ଷଡ଼ଯନ୍ତ୍ର କରୁଥିଲା ବୋଲି କୁହାଯାଇଛି। ସୁରକ୍ଷା ଏଜେନ୍ସି ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ, ଜୈସର ମଡ୍ୟୁଲୋ କଶ୍ମୀରର ଡାକ୍ତରଖାନାଗୁଡ଼ିକୁ ଅସ୍ତ୍ରଶସ୍ତ୍ର ଠିକଣା କରିବାକୁ ପ୍ରୟାସ କରୁଥିଲା। ଏହା ପାଲେଷ୍ଟାଇନ ଆତଙ୍କବାଦୀ ସଂଗଠନ ହମାସ ରଣନୀତି ସହ ମେଳ ଖାଉଛି। ହମାସ ଜନବହୁଳ ଅଞ୍ଚଳ, ହସ୍ପିଟାଲ ଆଦିରେ ନିଜ ଅସ୍ତ୍ରଶସ୍ତ୍ର ରଖିଥାଏ। ଜୈସର ଏହି ନେଟୱର୍କକୁ ଭାଙ୍ଗିବା ପାଇଁ ଶୁକ୍ରବାର ଗାନ୍ଦରବଲ ଏବଂ କୁପୱାଡା ଜିଲ୍ଲାରେ ଥିବା ସରକାରୀ ଡାକ୍ତରଖାନାର ଡାକ୍ତର ଏବଂ ସ୍ୱାସ୍ଥ୍ୟକର୍ମୀଙ୍କ ଲକରର୍ସର ଯାଞ୍ଚ କରାଯାଇଥିଲା। ଏହି ଅଭିଯାନ ବୁଧବାରଠାରୁ ଆରମ୍ଭ ହୋଇଛି। ଏବେ କେଉଁ ହସ୍ପିଟାଲକୁ ଅସ୍ତ୍ରଶସ୍ତ୍ର ଠିକଣା ବନାଇବାକୁ ପ୍ରୟାସ ହେଉଛି ଏବଂ ଯୋଗାଣ ଶୃଙ୍ଖଳ କେଉଁ ପର୍ଯ୍ୟନ୍ତ ବ୍ୟାପିଛି ତାହା ଜାଣିବାକୁ ପ୍ରୟାସ କରାଯାଉଛି। ଅନ୍ୟପକ୍ଷରେ ପାକିସ୍ତାନର ଜୈସ ହ୍ୟାଣ୍ଡଲର ହଞ୍ଜୁଲା ଦିଲ୍ଲୀ ବିସ୍ଫୋରଣ ଅଭିଯୁକ୍ତ ଡ. ମୁଜାମିଲ ସକିଲ ଗନିକୁ ବୋମା ବନାଇବାର ୪୦ ଭିଡିଓ ପଠାଇ ଥିବା ଜଣାପଡ଼ିଛି। ସୋପିଆନର ମୌଲବୀ ଇର୍ଫାନ ଅହମ୍ମଦ ଉଭୟଙ୍କୁ ସାକ୍ଷାତ କରାଇ ଥିଲା। ଏହା ପରେ 'ହ୍ୱାଇଟ କଲାର ଟେରର ମଡ୍ୟୁଲ' ଗଠନ କରାଯାଇଥିଲା। ସେହିପରି ଆତଙ୍କବାଦୀଙ୍କ କେନ୍ଦ୍ର ପାଲଟିଥିବା ଅଲ-ଫଲାହ ୟୁନିଭର୍ସିଟି ନିକଟସ୍ଥ ଧୌଜ ଗାଁର ଏକ ଅଟା କଳକୁ ବୋମା ପ୍ରସ୍ତୁତ ପାଇଁ ବ୍ୟବହାର କରୁଥିଲେ। ଏଠାକାର ଏକ ଟ୍ୟାକ୍ସି ଡ୍ରାଇଭରର ଘରୁ ଅଟା କଳ ଏବଂ କିଛି ଇଲେକ୍‌ଟ୍ରୋନିକ ଜବତ କରାଯାଇଛି। ଏହି ଅଟାକଳରେ ଡ. ମୁଜାମିଲ ୟୁରିଆ ପେଡାଇ ମେସିନରେ ରିଫାଇନ କରୁଥିଲା। ଏହା ପରେ ରାସାୟନିକ ମିଶାଇ ବିସ୍ଫୋରକ ପ୍ରସ୍ତୁତ କରାଯାଉଥିଲା।



■ ଅଟାକଳରେ ତିଆରି ହେଉଥିଲା ବୋମା

## ବାଂଲାଦେଶରେ ଭୂକମ୍ପ; ୬ ମୃତ

ଢାକା, ୨୧।୧୧(ଏଜେନ୍ସି): ବାଂଲାଦେଶରେ ଶୁକ୍ରବାର ସକାଳେ ଭାରତୀୟ ସମୟ ଅନୁସାରେ ପ୍ରାୟ ୧୦.୦୮ ମିନିଟ୍‌ରେ ୫.୭ ତୀବ୍ରତାର ଭୂକମ୍ପ ଅନୁଭୂତ ହୋଇଛି। ଏଥିରେ ୬ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୨୦୦ରୁ ଅଧିକ ଲୋକ ଆହତ ହୋଇଛନ୍ତି। ନରସିଙ୍ଗଡ଼ିର ମାଧବଡ଼ିରେ ଭୂକମ୍ପର କେନ୍ଦ୍ର ଥିଲା। ଏହା ରାଜଧାନୀ ଢାକାଠାରୁ ୨୫ କିମି ଦୂରରେ ଅବସ୍ଥିତ। ଭୂକମ୍ପର ଝଟ୍‌କା ଏତେ ଶକ୍ତିଶାଳୀ ଥିଲେ ଯେ ୧୦ ମହଲା କୋଠା ମଧ ନଇଁ ପଡ଼ିଥିଲା। ଭୂକମ୍ପ ପାଇଁ ମୀରପୁରରେ ଚାଲିଥିବା ବାଂଲାଦେଶ- ଭ୍ରମଣକାରୀ ଆୟର୍ଲାଣ୍ଡ ମ୍ୟାଚ୍‌କୁ କିଛି ସମୟ ସ୍ଥଗିତ ରଖାଯାଇଥିଲା। କୋଲକାତା ପର୍ଯ୍ୟନ୍ତ ଭୂକମ୍ପର ଝଟ୍‌କା ଅନୁଭୂତ ହୋଇଥିଲା। କୋଲକାତାରେ ଶୁକ୍ରବାର ୧୦.୧୦ରେ ୨୦ ସେକେଣ୍ଡ ପର୍ଯ୍ୟନ୍ତ ଭୂକମ୍ପର ଝଟ୍‌କା ଅନୁଭୂତ ହୋଇଥିଲା। ରିଚର ସ୍କେଲରେ ଏହାର ତୀବ୍ରତା ୫.୨ ଥିଲା। କୁଚବେହାର, ଦକ୍ଷିଣ ଦିନାଜପୁର, ମଲଦା ଓ ନଦିଆର ଏକାଧିକ ଅଞ୍ଚଳରେ ଭୂକମ୍ପ ଅନୁଭୂତ ହୋଇଥିଲା। ଗାଜିପୁରର ଶ୍ରୀପୁରରେ ଭୂକମ୍ପ ଅବସରରେ ଏକ ଅଘଟଣ ଘଟିଥିଲା। ଏକ ବହୁତଳ ବିଶିଷ୍ଟ କୋଠାରୁ ବାହାରିବା ସମୟରେ ଠେଲାପେଲା ଓ ଦଳଚକଟା ଭଳି ସ୍ଥିତି ସୃଷ୍ଟି ହୋଇଥିଲା। ଏଥିରେ ୧୫୦ ଶ୍ରମିକ ଆହତ ହୋଇଥିଲେ।

## ଦିଲ୍ଲୀ ଦଙ୍ଗାରେ ହୋଇଥିଲା ଟେରର୍ ଫଣ୍ଡିଂ

ନୂଆଦିଲ୍ଲୀ, ୨୧।୧୧(ଏଜେନ୍ସି): ୨୦୨୦ରେ ଅଚାନକ ଦିଲ୍ଲୀ ଦଙ୍ଗା ଆରମ୍ଭ ହୋଇ ନଥିଲା ବୋଲି ଦିଲ୍ଲୀ ପୁଲିସ ଶୁକ୍ରବାର ସୁପ୍ରିମକୋର୍ଟରେ କହିଛି। ପୂର୍ବରୁ ହିଁ ଯୋଜନାବଦ୍ଧ ଭାବେ ଦଙ୍ଗା ସୃଷ୍ଟି କରାଯାଇଥିଲା। ଏଥିପାଇଁ ଟେରର ଫଣ୍ଡିଂ ହୋଇଥିଲା। ପ୍ରଦର୍ଶନରେ ଜାଣିଶୁଣି ହିଂସା ସୃଷ୍ଟି କରାଯାଇଥିଲା ବୋଲି ଅତିରିକ୍ତ ସଲିସିଟର ଜେନେରାଲ (ଏଏସ୍‌ଜି) ଏସ୍‌ବି ରାଜୁ ସୁପ୍ରିମକୋର୍ଟରେ କହିଥିଲେ। ଏଏସ୍‌ଜି ରାଜୁଙ୍କ କହିବା ଅନୁଯାୟୀ ତାହିର ହୁସେନ, ଶିଫା-ଉର-ରହମାନ, ମିରନ ହାଇଦର, ଇଶରତ ଜାହାଁ ଓ ଖାଲିଦ ସୈଫି ଦଙ୍ଗା ପାଇଁ ବିପୁଳ ପାଣ୍ଠି ଯୋଗାଡ କରିଥିଲେ। ଦଙ୍ଗାପୂର୍ବରୁ ଏକାଧିକ ବୈଠକ ବସିଥିଲା। ଏଥିରେ ହିଂସା ବୃଦ୍ଧି, ଚକା ଜାମ୍ ଓ ଅତ୍ୟାବଶ୍ୟକୀୟ ସୁବିଧା ସୁଯୋଗକୁ ରୋକିବା ପାଇଁ ଯୋଜନା କରାଯାଇଥିଲା। ବୈଠକରେ ଉତ୍ତରପୂର୍ବ ରାଜ୍ୟକୁ ଭାରତଠାରୁ ଅଲଗା କରିବାକୁ ଷଡ଼ଯନ୍ତ୍ର କରାଯାଇଥିଲା। ଜଷ୍ଟିସ ଅରବିନ୍ଦ କୁମାର, ଜଷ୍ଟିସ୍ ଏନ୍‌ବି ଅଞ୍ଜାରିଆଙ୍କ ଖଣ୍ଡପୀଠରେ ଏହି ଶୁଣାଣି ହୋଇଥିଲା।

## ୟୁକ୍ରେନ ଯୁଦ୍ଧ ରୋକିବାକୁ ଟ୍ରମ୍ପଙ୍କ ୨୮ ସୂତ୍ରୀ ପ୍ରସ୍ତାବ

କିଭ୍/ମସ୍କୋ, ୨୧।୧୧(ଏଜେନ୍ସି): ରୁଷ- ୟୁକ୍ରେନ ଯୁଦ୍ଧ ରୋକିବା ପାଇଁ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏକ ୨୮ ସୂତ୍ରୀ ଶାନ୍ତି ପ୍ରସ୍ତାବ ଦେଇଛନ୍ତି। ଆମେରିକୀୟ ସେନା ସଚିବ ଡାନ ଡ୍ରିସ୍କଲଙ୍କ ୟୁକ୍ରେନ ଗସ୍ତ ଅବସରରେ ଏହି ପ୍ରସ୍ତାବ ସାମ୍ନାକୁ ଆସିଛି। ଗଣମାଧ୍ୟମଗୁଡିକର ରିପୋର୍ଟ ଅନୁସାରେ, ଏହି ପ୍ରସ୍ତାବରେ ୟୁକ୍ରେନକୁ ସୁରକ୍ଷା ଗ୍ୟାରେଣ୍ଟି ଦିଆଯାଇଛି। ତେବେ ଏଥିପାଇଁ ୟୁକ୍ରେନକୁ ନିଜର କିଛି ଅଞ୍ଚଳ ଛାଡିବାକୁ ହେବ। କେବଳ ସେତିକି ନୁହଁ ୟୁକ୍ରେନକୁ ସୈନ୍ୟ ସଂଖ୍ୟା ମଧ କମ୍ କରିବା ସହିତ ନାଟୋ ୟୁକ୍ରେନକୁ ସୈନ୍ୟ ପଠାଇବାକୁ ବନ୍ଦ କରିବା ନେଇ ଦାବି ହୋଇଛି। ତେବେ ଆମେରିକା ଆନୁଷ୍ଠାନିକ ଭାବେ ଏ ସଂକ୍ରାନ୍ତରେ କୌଣସି ଘୋଷଣା କରିନାହିଁ। ଏହି ଯୋଜନା ଲିକ୍ ହୋଇଯାଇଛି। ସେହିପରି ରୁଷିଆ ରାଷ୍ଟ୍ରପତି ମଧ ଏହି ପ୍ରସ୍ତାବ ନେଇ କିଛି ଜାଣି ନ ଥିବା କହିଛନ୍ତି। କିନ୍ତୁ ଜେଲେନ୍‌ସ୍କି ଏହି ପ୍ରସ୍ତାବ ନେଇ ପ୍ରାରମ୍ଭିକ ସମ୍ମତି ଜଣାଇଛନ୍ତି ବୋଲି କୁହାଯାଇଛି।

## ମାଫିଆଙ୍କ ଠିକଣାରୁ ୧୦ କୋଟି ଜବତ

ନୂଆଦିଲ୍ଲୀ, ୨୧।୧୧ (ଏଜେନ୍ସି): ମନି ଲଣ୍ଡରିଂ ମାମଲାରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ପଶ୍ଚିମବଙ୍ଗ ଏବଂ ଝାଡ଼ଖଣ୍ଡ ସ୍ଥିତ କୋଇଲା ମାଫିଆଙ୍କ ୪୨ଟି ଠିକଣାରେ ଚଢ଼ଉ କରିଛି। ଏଥିରୁ ୧୦ କୋଟି ଟଙ୍କାର ସୁନା ଏବଂ କ୍ୟାସ୍ ଜବତ କରାଯାଇଛି। ୧୨୦ ଜମି କାଗଜପତ୍ର ମଧ ମିଳିଛି। ଏବେ ଚଢ଼ଉ ଜାରି ରହିଥିବାରୁ ଜବତ ପରିମାଣ ବଢ଼ିବ ବୋଲି କୁହାଯାଉଛି। ଅଧିକାରୀଙ୍କ ସୂଚନା ଅନୁଯାୟୀ, ଇଡିର ରାଞ୍ଚି ଅଫିସ ପକ୍ଷରୁ ଝାଡ଼ଖଣ୍ଡର ୧୮ ଏବଂ ପଶ୍ଚିମବଙ୍ଗର ୨୪ ସ୍ଥାନରେ ଚଢ଼ଉ କରାଯାଇଥିଲା। କୋଇଲା ଚୋରି ଏବଂ ଚାଲାଣ ଅଭିଯୋଗ ଲାଗିଥିବା ଅନିଲ ଗୋୟଲ, ସଞ୍ଜୟ ଉଦ୍ୟୋଗ, ଏଲ ବି ସିଂହ, ଅମର ମଣ୍ଡଳ, ନରେନ୍ଦ୍ର ଖାରକେ, ଯୁଧିଷ୍ଠିର ଘୋଷ, କୃଷ୍ଣ ମୁରାରୀ କାୟଲଙ୍କ ଠିକଣାରେ ଏହି କାର୍ଯ୍ୟାନୁଷ୍ଠାନ ନିଆଯାଇଥିଲା। ଶହେରୁ ଅଧିକ ଅଧିକାରୀଙ୍କ ଟିମ ସକାଳ ୬ଟାରୁ ତଲାସୀ ଆରମ୍ଭ କରିଥିଲା। ବେଆଇନ ଟଙ୍କା କାରବାର ଏବଂ କୋଇଲ ଠୁଳ କରାଯାଇଥିବା ଠିକଣାର ମଧ ତଲାସୀ ନିଆଯାଇଥିଲା। ରାତି ସୁଦ୍ଧା ପଶ୍ଚିମବଙ୍ଗରୁ ୮ କୋଟି ଟଙ୍କାର ସୁନା ଓ ନଗଦ ଟଙ୍କା ଏବଂ ଝାଡ଼ଖଣ୍ଡରୁ ୨.୨ କୋଟି ଟଙ୍କା ଓ ୧୨୦ ଜମି କାଗଜପତ୍ର ଜବତ କରାଯାଇଛି।

## ୧୫୦ ଗ୍ରାମ୍‌ର ଛଞ୍ଚାଣ; ଭାରତରୁ କେନିଆ ଅବିରାମ ଉଡ଼ାଣ



ନୂଆଦିଲ୍ଲୀ, ୨୧।୧୧(ଏଜେନ୍ସି): ଏକ ପକ୍ଷୀର କେତେ ବାଟ ଉଡ଼ିପାରେ? ୧୦୦, ୫୦୦ କିମ୍ବା ୧୦୦୦ କିମି। କିନ୍ତୁ ଏକ ବାଜ ବା ଛଞ୍ଚାଣ ପକ୍ଷୀ ନିଜର ଉଡିବାର ଶୈଳୀ ଓ ସାମର୍ଥ୍ୟ ନେଇ ସମସ୍ତଙ୍କୁ ଚକିତ କରିଛି। ୧୫୦ ଗ୍ରାମ ଓଜନର ଏକ ଛଞ୍ଚାଣ ୬, ୦୦୦ କିମିରୁ ଅଧିକ ଦୂର ଅତିକ୍ରମ କରିଛି। ବିଶ୍ୱାସ ନ ହେଲେ ବି ଏହା ସତ। ଏହା ପୁଣି ବିନା କୌଣସି ସ୍ଥାନରେ ନ ରହି। ଉତ୍ତରପୂର୍ବର ରାଜ୍ୟ ମଣିପୁରର ଏକ ଜଙ୍ଗଲରୁ ଏହି ଛଞ୍ଚାଣ ଉଡିବା ପରେ ଗୋଟିଏ ସପ୍ତାହରୁ କମ୍ ସମୟ ମଧ୍ୟରେ ପୂର୍ବ ଆଫ୍ରିକୀୟ ଦେଶ କେନିଆରେ ପହଞ୍ଚିବାରେ ସମର୍ଥ ହୋଇଛି। ଛଞ୍ଚାଣର ଏହି ଉଡାଣରେ ବୈଜ୍ଞାନିକମାନେ ମଧ ଚକିତ ହୋଇଛନ୍ତି। ଏହି ପକ୍ଷୀ ସହିତ ଅନ୍ୟ ଦୁଇଟି ଛଞ୍ଚାଣ ମଧ ଉଡିଥିଲେ। କିନ୍ତୁ ଏମାନେ ୫୬୦୦ ଓ ୫୧୦୦ କିମି ଉଡିବାରେ ସମର୍ଥ ହୋଇଥିଲେ। ଏହି ୩ଟି ପକ୍ଷୀ ଅମୁର ଫାଲ୍‌କନ ପ୍ରଜାତିର। ଏମାନଙ୍କର ଆକାର ସବୁଠାରୁ ଛୋଟ ହୋଇଥାଏ। ସାଟ୍‌ଲାଇଟ୍ ଟ୍ୟାଗ ଦ୍ୱାରା ଏହି ୩ ପକ୍ଷୀଙ୍କ ଉଡାଣର ନୀରିକ୍ଷଣ କରାଯାଇଥିଲା।

**୬ ଦିନରେ ଅତିକ୍ରମ କଲା ୬ ହଜାର କିମି**

ଏହି ୩ଟି ପକ୍ଷୀର ନାମ ହେଲା ଆପାପାଙ୍ଗ, ଅଲାଙ୍ଗ ଓ ଆହୁ। ଆପାପାଙ୍ଗ ସବୁଠୁ ଆଗରେ ଥିଲା ଓ ସେ ୬ ଦିନ ଓ ୮ ଘଣ୍ଟାରେ ୬୧୦୦ କିମି ଉଡିଥିଲା। ଆପାପାଙ୍ଗ ଉପରେ କମଳା ରଙ୍ଗ ଲଗା ଯାଇଥିଲା। ଭାରତର ଉତ୍ତରପୂର୍ବରୁ ଉଡିବା ଆରମ୍ଭ କରି ଏହି ପକ୍ଷୀ ଭାରତୀୟ ଉପ ମହାଦ୍ୱୀପ, ଆରବ ସାଗର, ଆଫ୍ରିକାର ଘନ ଜଙ୍ଗଲ ଉପର ଦେଇ କେନିଆରେ ପହଞ୍ଚିଥିଲା।

ସେହିପରି ଏହି ୩ଟି ପକ୍ଷୀ ମଧ୍ୟରୁ ସବୁଠାରୁ ଛୋଟ ତଥା କମ ବୟସ୍କ ଅଲାଙ୍ଗ ଉପରେ ହଳଦିଆ ରଙ୍ଗ ଲଗାଯାଇଥିଲା। ସେ ୬ ଦିନ ୧୪ ଘଣ୍ଟାରେ ୫୬୦୦ କିମି ଉଡିଥିଲା। ଅବଶ୍ୟ ସେ ତେଲେଙ୍ଗାନା ଓ ମହାରାଷ୍ଟ୍ରରେ କିଛି ସମୟ ରହିଥିଲା। ସେହିପରି ଆହୁ ଉପରେ ଲାଲ ରଙ୍ଗ ମରାଯାଇଥିଲା। ସେ ସାମାନ୍ୟ ଉତ୍ତର ଆଡକୁ ଗତିକରି ପଶ୍ଚିମ ବାଂଲାଦେଶରେ ଟିକେ ବିଶ୍ରାମ ନେବା ପରେ ୫ ଦିନ ୧୪ ଘଣ୍ଟାରେ ୫୧୦୦ କିମି ଯାତ୍ରା କରି ସୋମାଲିଆର ଉତ୍ତରାଞ୍ଚଳରେ ଥିବା ନିଜ ଠିକଣାରେ ପହଞ୍ଚିଥିଲା। ସେ ନିଜ ବାକି ଦୁଇଟି ସାଥିଙ୍କ ନିକଟକୁ ଯିବା ପାଇଁ କେନିଆ ପହଞ୍ଚିପାରେ।

# ଦେଢ଼ମାସ ପରେ ଆଖି ଖୋଲିଲେ ଅଭିଜିତ୍ ମଜୁମ୍‌ଦାର

ଭୁବନେଶ୍ୱର,୨୧।୧୧(ସମିସ): ସାମାଜିକ ଗଣମାଧ୍ୟମରେ ଅଭିଜିତ ମଜୁମଦାରଙ୍କ ସ୍ୱାସ୍ଥ୍ୟବସ୍ଥା ନେଇ ଗୁଜବ ଆରମ୍ଭ ହୋଇଥିବା ବେଳେ ତାଙ୍କ ସ୍ୱାସ୍ଥ୍ୟାବସ୍ଥାରେ ଉନ୍ନତି ଘଟିଛି। ଦୀର୍ଘ ଦେଢ଼ମାସ ପରେ ସେ ଆଖି ଖୋଲିଛନ୍ତି। ଡାକ୍ତରଙ୍କ କଥାକୁ ବୁଝି ସେ ପ୍ରତିକ୍ରିୟା ପ୍ରକାଶ କରୁଥିବା ଜଣାପଡ଼ିଛି। ଅଭିଜିତଙ୍କ ସ୍ୱାସ୍ଥ୍ୟାବସ୍ଥା ସୁଧୁରୁଥିବା ଡାକ୍ତର କହିବା ପରେ ତାଙ୍କ ପତ୍ନୀ ଆଜି ଅତ୍ୟନ୍ତ ଭାବବିହ୍ୱଳ ହୋଇ କାନ୍ଦି ପକାଇଥିଲେ। ଗୋଟେପଟେ ଜଣେ ଆଗଧାଡ଼ିର ସ୍ୱନାମଧନ୍ୟ କଣ୍ଠଶିଳ୍ପୀଙ୍କୁ ହରାଇ ସାରା ଓଡ଼ିଶାବାସୀ ଦୁଃଖ ପ୍ରକାଶ କରୁଥିବା ବେଳେ ଅଭିଜିତଙ୍କ ସ୍ୱାସ୍ଥ୍ୟାବସ୍ଥାରେ ଉନ୍ନତି ଘଟିବା ଖବର ସଂଗୀତ ପ୍ରେମୀଙ୍କ ପାଇଁ ଆଶ୍ୱସ୍ତି ଆଣି ଦେଇଛି। ଯଥାଶିଘ୍ର ଅଭିଜିତ୍ ଭଲ ହୋଇଯାଆନ୍ତୁ ବୋଲି ପ୍ରଶଂସକମାନେ ପ୍ରାର୍ଥନା କରିଛନ୍ତି। ଗତ ୧୦ ତାରିଖରେ ତାଙ୍କୁ ଭେଣ୍ଟିଲେଟରରୁ ବାହାର କରାଯାଇ ମେଡିସିନ ୱାର୍ଡକୁ ସ୍ଥାନାନ୍ତର କରାଯାଇଥିବା ବେଳେ ତାଙ୍କ ସ୍ୱାସ୍ଥ୍ୟାବସ୍ଥା ସ୍ଥିର ରହିଥିଲା। ହେଲେ ଆଜି ସେ ଆଖି



ଖୋଲିଥିବା ଏମ୍ସ୍ ପକ୍ଷରୁ ସୂଚନା ଦିଆଯାଇଛି।

ଅଭିଜିତ୍ ଗଣେଶ ପୂଜା ଦିନ ହଠାତ୍ ଅସୁସ୍ଥ ହୋଇ ପଡ଼ିବାରୁ ତାଙ୍କୁ ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ମାତ୍ର ସ୍ୱାସ୍ଥ୍ୟରେ ଉନ୍ନତି ନ ହେବାରୁ ତାଙ୍କୁ ସେପ୍ଟେମ୍ବର ୪ତାରିଖରେ ଭେଣ୍ଟିଲେଟର ସପୋର୍ଟ ଆମ୍ବୁଲାନ୍ସ ଯୋଗେ ଭୁବନେଶ୍ୱର ଏମ୍ସକୁ ସ୍ଥାନାନ୍ତର କରାଯାଇଥିଲା। ପ୍ରଥମେ ଟ୍ରମାକେୟାରରେ ରଖାଯାଇ ଚିକିତ୍ସା ଆରମ୍ଭ ହୋଇଥିଲା। ପରେ ତାଙ୍କୁ କ୍ରିଟିକାଲ ଆଇସିୟୁକୁ ସ୍ଥାନାନ୍ତର କରାଯାଇଥିଲା। ତାଙ୍କ ବ୍ରେନ୍‌ରେ ସୋଡିୟମ୍ କମୁଥିବା ବେଳେ ନିଶ୍ୱାସ ନେବାରେ ସମସ୍ୟା ହେଉଥିବା ଡାକ୍ତର ସୂଚନା ଦେଇଥିଲେ।

# ରାଜ୍ୟ କଂଗ୍ରେସରେ 'ବିଭୀଷଣ' ବିଭାଜନ

ଯଦି ବିଭୀଷଣ ଅଛନ୍ତି, ତେବେ ଦଳରେ ରାବଣ କିଏ: ନିରଞ୍ଜନ

ଦଳର ରାଜ୍ୟ ସଭାପତି ତାଙ୍କ ହୃଦୟର କଥାକୁ କହିଛନ୍ତି: ସୁରେଶ

ସଭାପତିଙ୍କ ଅଧ୍ୟକ୍ଷତାରେ ବୈଠକରେ ଆଲୋଚନା : ଜୟଦେବ




ଭୁବନେଶ୍ୱର/ କଟକ,୨୧।୧୧(ସମିସ): ନୂଆପଡ଼ା ଉପନିର୍ବାଚନ ପରାଜୟ ପରେ ପିସିସି ସଭାପତି ଭକ୍ତଙ୍କ ବିଭୀଷଣ ଉପାଖ୍ୟାନ ଏବେ କଂଗ୍ରେସରେ ନିଆଁ ଲଗାଇଛି। ପରାଜୟ ପାଇଁ ପିସିସି ସଭାପତି ନିଜ ଦଳରେ ଥିବା "ବିଭୀଷଣଙ୍କୁ' ଦାୟୀ କରିବା ଓ କାର୍ଯ୍ୟାନୁଷ୍ଠାନ ଧମକ କିଛିଦିନ ହେଲା ନରମିଥିବା କଂଗ୍ରେସର ଆଭ୍ୟନ୍ତରୀଣ କନ୍ଦଳ ଏବେ ତୀବ୍ର ହେବାରେ ଲାଗିଛି।

ଖୋଦ୍ ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ସଂସଦୀୟ କ୍ଷେତ୍ର ଅନ୍ତର୍ଗତ ନୂଆପଡ଼ାରେ ଦଳୀୟ ପ୍ରାର୍ଥୀଙ୍କ ପରାଜୟ କେବଳ କଂଗ୍ରେସର ସାଧାରଣ କ୍ଷତି ନୁହେଁ, ବରଂ ଏହା ଦଳର ସମ୍ମାନ ଉପରେ ଗଭୀର ଆଞ୍ଚ ଅଣିଥିବା ରାଜ୍ୟ କଂଗ୍ରେସ ନେତାମାନେ ଦାବି କରୁଛନ୍ତି। ପୂର୍ବ ନିର୍ବାଚନରେ ସ୍ୱାଧୀନ ପ୍ରାର୍ଥୀ ଭାବରେ ମାତ୍ର ୧୧ ହଜାର ଭୋଟ୍ ବ୍ୟବଧାନରେ ପରାଜିତ ହୋଇଥିବା ଘାସିରାମ ମାଝୀଙ୍କୁ ପ୍ରାର୍ଥୀ କଲେ ତାଙ୍କର ଭୋଟ ବ୍ୟାଙ୍କ ବଳରେ ସହଜରେ ବିଜୟ ମିଳିବ ବୋଲି ରାଜ୍ୟ କଂଗ୍ରେସ ନେତୃତ୍ୱ ଆଶା ବାନ୍ଧିଥିଲେ। ମାତ୍ର ପିସିସି ମୁଖିଆଙ୍କ ନେତୃତ୍ୱରେ ନିର୍ବାଚନ ଲଢ଼ିବା ସତ୍ତ୍ୱେ ଶ୍ରୀ ମାଝୀ ଏଥର ରେକର୍ଡ ସଂଖ୍ୟକ ୮୩ ହଜାର ଭୋଟ୍ ବ୍ୟବଧାନରେ କଂଗ୍ରେସ ପରାଜିତ ହେଲା।

ପରାଜୟର ଅନ୍ୟ ଏକ ମୁଖ୍ୟ କାରଣ ଭାବରେ କଂଗ୍ରେସ ଦଳର ଏକ ବିବାଦୀୟ ନିର୍ଦ୍ଦେଶନାମାକୁ ଦାୟୀ କରାଯାଉଛି। ଏହି ନିର୍ଦ୍ଦେଶନାମାରେ କୁହାଯାଇଥିଲା ଯେ ଯେଉଁ ଉପକୂଳବର୍ତ୍ତୀ କଂଗ୍ରେସ ନେତାମାନେ ପ୍ରଚାରରେ ଯିବେ, ସେମାନେ ପ୍ରଥମେ ଶୃଙ୍ଖଳା କମିଟିର ଅଧ୍ୟକ୍ଷଙ୍କଠାରୁ ଅନୁମତି ନେଇ ପ୍ରଚାର ମଇଦାନକୁ ଓହ୍ଲାଇବେ। ଦଳ ଭିତରେ ଏଭଳି କୌଣସି ନିୟମର ନଜିର ପୂର୍ବରୁ ନ ଥିବା ବେଳେ, ଏହାଦ୍ୱାରା ପରୋକ୍ଷରେ ଟାଣୁଆ ନେତାମାନଙ୍କୁ ହେୟଜ୍ଞାନ କରାଗଲା ବୋଲି ଅଭିଯୋଗ ହୋଇଛି। ବିଧାୟକ ତାରାପ୍ରସାଦ ବାହିନୀପତି, ବିଧାୟକ ରମେଶ ଜେନା, ବିଧାୟକ ସୋଫିଆ ଫିର୍ଦ୍ଦୋଶଙ୍କ ଭଳି ଟାଣୁଆ ତଥା ପ୍ରଭାବଶାଳୀ ନେତାମାନଙ୍କୁ ଏହି ଉପନିର୍ବାଚନରେ ଉପେକ୍ଷା କରାଯିବା ଦଳୀୟ ମହଲରେ ତୀବ୍ର ଅସନ୍ତୋଷ ସୃଷ୍ଟି କରିଛି।

ପରାଜୟ ପରେ ଭକ୍ତ ଦାସଙ୍କର ଟୀପ୍ପଣୀକୁ ଦଳର ନେତାମାନେ ଗ୍ରହଣ କରିପାରୁ ନାହାନ୍ତି। ଏପରିକି କିଛି ନେତା ଏଥିପାଇଁ ଦାସଙ୍କ ବିରୋଧରେ ହାଇକମାଣ୍ଡଙ୍କ ନିକଟରେ ଅଭିଯୋଗ କରବାକୁ ସଜବାଜ ହେଉଥିବା ଜଣାପଡ଼ିଛି।

ପିସିସି ସଭାପତି ଭକ୍ତଙ୍କ 'ବିଭୀଷଣ'କୁ ମୁକାବିଲା ପାଇଁ ପୂର୍ବତନ ପିସିସି ସଭାପତି ନିରଞ୍ଜନ ପଟ୍ଟନାୟକ 'ରାବଣ' ପ୍ରସଙ୍ଗର ଅବତାରଣା କରିଛନ୍ତି। ସେ କହିଛନ୍ତି ଯେ କଂଗ୍ରେସରେ ଯଦି ବିଭୀଷଣ ଅଛନ୍ତି, ତାହାଲେ ରାବଣ କିଏ? ବିଭୀଷଣ ଯଦି ଚିହ୍ନଟ ହେବେ ତେବେ ରାବଣ କିଏ ତାହା ବି ଚିହ୍ନଟ କରାଯାଉ। ଘର ଠିକ୍ ନଥାଇ ବାହାର ଲୋକଙ୍କୁ ଦାୟୀ କରିବା ଠିକ୍ ନୁହେଁ। ଆମର ନେତାଙ୍କ କଣ ଭୁଲ ଅଛି ତାହା ଆଗେ ଜାଣିବା କଥା। କଂଗ୍ରେସ ଏକ ଧର୍ମ ନିରପେକ୍ଷ ଦଳ। ପିସିସି ସଭାପତି ପରିଶ୍ରମ କଲେ, ଆମେ ମଧ୍ୟ ଗଲୁ। ହେଲେ କଂଗ୍ରେସ ପରାଜୟ ହେଲା କାହିଁକି ତାହାର ସମୀକ୍ଷା ହେବା ଆବଶ୍ୟକ। କିପରି କଂଗ୍ରେସ ସଙ୍ଗଠନ ମଜବୁତ୍ ହେବ ତାହା ଉପରେ ବିଚାର ହେବା କଥା ବୋଲି ଶ୍ରୀ ପଟ୍ଟନାୟକ କହିଛନ୍ତି। ସେହିପରି ବରିଷ୍ଠ କଂଗ୍ରେସ ନେତା ସୁରେଶ ରାଉତରାୟ କହିଛନ୍ତି ଯେ ପିସିସି ସଭାପତି ତାଙ୍କ ହୃଦୟର କଥା କହିଛନ୍ତି। ମୋକିମ ଜଣେ ଭଲ ସଂଗଠକ ଓ ଆମ ଦଳର ଖୁଣ୍ଟ। ତେଣୁ ଖୁବ୍ ଶୀଘ୍ର ଏ ସମ୍ପର୍କରେ ଆଲୋଚନା କରାଯାଇ ସବୁ ସମାଧାନ କରାଯିବ ବୋଲି ସେ କହିଛନ୍ତି।

ଅନ୍ୟପକ୍ଷରେ କଂଗ୍ରେସ ନେତା ମୋକିମ୍‌ଙ୍କ ସପକ୍ଷରେ ବାହାରିଛନ୍ତି ଦଳର ବରିଷ୍ଠ ନେତା ଜୟଦେବ ଜେନା। ସେ କହିଛନ୍ତି ଯେ ମହମ୍ମଦ ମୋକିମ ଭାଇଚାରର ବିଶ୍ୱାସ କରି ରାଜନୀତି କରୁଛନ୍ତି। ସାରା ରାଜ୍ୟରେ ସେ ଆଦରର ପାତ୍ର। କଂଗ୍ରେସ ସରକାରରେ ନଥିଲା ବେଳେ ସେ ନିର୍ବାଚିତ ହୋଇଥିଲେ, ତାଙ୍କ ଝିଅ ଗତ ନିର୍ବାଚନରେ ଜିତିଛନ୍ତି। ସେ ଭାଇଚାରା ସହରର ପ୍ରତିନିଧି ଓ କଂଗ୍ରେସକୁ ଏକଜୁଟ କରିବା ଓ ଆଗକୁ ନେବା ପାଇଁ ଚେଷ୍ଟା କରନ୍ତି। ୨୩ ତାରିଖ ଦିନ ପିସିସି ସଭାପତିଙ୍କ ଅଧ୍ୟକ୍ଷତାରେ କଂଗ୍ରେସ ନୂଆପଡ଼ା ଫଳାଫଳ ସମୀକ୍ଷା କରିବ। ପଅପରାହ୍ନରେ କଂଗ୍ରେସ ପ୍ରଭାରୀ ମଧ୍ୟ ବରିଷ୍ଠ ନେତାଙ୍କ ସହ ଆଲୋଚନା କରିବେ ବୋଲି ସେ କହିଛନ୍ତି।

**'ଶୂନ ମୃତାହତ ପକ୍ଷ'ରେ ଅମାନିଆଙ୍କ ଉପରେ କଠୋର କାର୍ଯ୍ୟାନୁଷ୍ଠାନ**

# ୪ ଦିନରେ ୨ କୋଟିର ଇ-ଚାଲାଣ

ଭୁବନେଶ୍ୱର,୨୧।୧୧(ସମିସ): ରାଜ୍ୟରେ ସଡ଼କ ଦୁର୍ଘଟଣା ଜନିତ ମୃତ୍ୟୁ ହ୍ରାସ ଲକ୍ଷ୍ୟରେ ଜାରି ରହିଥିବା "ଶୂନ ମୃତାହତ ପକ୍ଷ'ରେ ଅମାନିଆ ଚାଳକଙ୍କ ଉପରେ କଡ଼ା ଜରିମାନା କରାଯାଉଛି। ସଡ଼କ ସୁରକ୍ଷା ନିୟମ ଉଲ୍ଲଙ୍ଘନ କରୁଥିବା ବେପରୁଆ ଗାଡ଼ି ଚାଳକଙ୍କୁ ନିୟନ୍ତ୍ରଣ କରିବାକୁ ରାଜ୍ୟବ୍ୟାପୀ ଧରପଗଡ଼ ଜୋରଦାର ହୋଇଥିବା ବେଳେ ଏହି ୪ ଦିନ ମଧ୍ୟରେ ୨ କୋଟିରୁ ଅଧିକ ଟଙ୍କାର ଇ-ଚାଲାଣ ଜାରି କରାଯାଇଛି। ନଭେମ୍ବର ୧୬ରୁ ଆରମ୍ଭ ହୋଇଥିବା ଏହି ପକ୍ଷରେ ପ୍ରଥମ ଚାରି ଦିନରେ ଏହି ଅର୍ଥରାଶି ଜରିମାନା କରାଯାଇଥିବା ବେଳେ ମୋଟ୍ ୧୨,୧୫୫ ଇ-ଚାଲାଣ ଜାରି ହୋଇଥିବା ପରିବହନ ବିଭାଗ ପକ୍ଷରୁ କୁହାଯାଇଛି।

ସଡ଼କ ବ୍ୟବହାରକାରୀଙ୍କ ସୁରକ୍ଷାକୁ ଦୃଷ୍ଟିରେ ରଖି ଉଭୟ ପରିବହନ ବିଭାଗ ଓ ପୁଲିସ ପ୍ରଶାସନ ଦ୍ୱାରା ଧରପଗଡ଼କୁ କଡ଼ାକଡ଼ି କରାଯାଇଛି। ଦ୍ରୁତଗତି ଯୋଗୁଁ ଦୁର୍ଘଟଣା ଅଧିକ



**ମହଙ୍ଗା ପଡ଼ୁଛି ଦ୍ରୁତଗତି, ବିନା ହେଲମେଟ୍, ବିନା ସିଟ୍‌ବେଲ୍ଟ**

**ସୁନ୍ଦରଗଡ଼ ଆରଟିଓ ଅଧୀନରେ ସବୁଠୁ ଅଧିକ ୧୧୮୦ ଚାଲାଣ**

ଘଟୁଥିବାରୁ ଏହା ଉପରେ ବିଶେଷ ନଜର ରଖାଯାଇଛି। କେବଳ ପରିବହନ ବିଭାଗ ଦ୍ୱାରା ଦ୍ରୁତଗତି ବିରୋଧରେ ଶୂନ ମୃତାହତ ପକ୍ଷର ପ୍ରଥମ ଚାରି ଦିନରେ ୩,୮୫୮ ଇ-ଚାଲାଣ ଜାରି କରାଯାଇଥିବା ବେଳେ ବିନା ହେଲମେଟ୍‌ରେ ଦୁଇଚକିଆରେ ଯାଉଥିବାରୁ ୩୨୧୩ ଇ-ଚାଲାଣ ଜାରି କରାଯାଇଛି। ବିନା ସିଟବେଲ୍ଟରେ ୨୯୨୧, ଗାଡ଼ି ଚଲାଇବା ବେଳେ ମୋବାଇଲ ଫୋନ ବ୍ୟବହାରରେ ୪୯୮, ନିଶା ସେବନ କରି ଗାଡ଼ି ଚଲାଉଥିବା ଯୋଗୁଁ ୧୩୫, ଦୁଇ ଚକିଆରେ ଦୁଇରୁ ଅଧିକ ଯାଉଥିବାରୁ ୬୨୮, ବିପରୀତ ଦିଗରେ ଗାଡ଼ି ଚଲାଉଥିବାରୁ ୨୩୬, ବେଆଇନ ପାର୍କିଂ ଯୋଗୁଁ ୬୬୬ ଚାଲାଣ ଜାରି କରାଯାଇଛି।

ଏହି ସମୟ ମଧ୍ୟରେ ସୁନ୍ଦରଗଡ଼ ଆରଟିଓ ଅଧୀନରେ ସବୁଠୁ ଅଧିକ ଅର୍ଥାତ ମୋଟ୍ ୧୧୮୦ ଚାଲାଣ ଜାରି ହୋଇଥିବା ବେଳେ ଭୁବନେଶ୍ୱର-୧ ଅଧୀନରେ ୮୪୦, କଟକ ଆରଟିଓରେ ୭୯୧, ତାଳଚେର ଆରଟିଓରେ ୭୪୧, ଭଦ୍ରକ ୭୧୯, ଜଗତସିଂହପୁର ୬୩୨, ରାୟଗଡ଼ାରେ ୫୫୫, ଅନୁଗୁଳରେ ୫୨୦, କଳାହାଣ୍ଡିରେ ୪୬୨, ଯାଜପୁର ୩୯୭, ଗଂଜାମ ୩୩୯ ଓ ବଡ଼ବିଲ ଏଆରଟିଓ ଅଧୀନରେ ୨୭୫ ଚାଲାଣ ଜାରି ହୋଇଛି।

# ନିଯୁକ୍ତି ଆଶାୟୀଙ୍କୁ ମାନସିକ ଓ ଆର୍ଥିକ ନିର୍ଯାତନା

**୫ ଗୁଣା ଅଧିକ ଆବେଦନ ସତ୍ତ୍ୱେ ହୋଲାନି ପ୍ରିଲିମିନାରୀ ପରୀକ୍ଷା**

**ହାଇକୋର୍ଟରେ ଏଲ୍‌ଟିଆର୍ ହିନ୍ଦୀ, ସଂସ୍କୃତ ଓ ପିଇଟି ଶିକ୍ଷକ ମାମଲା**

ଭୁବନେଶ୍ୱର,୨୧।୧୧ (ସମିସ): ଲିଭ୍ ଟ୍ରେନିଂ ଟିଚର୍ (ଏଲ୍‌ଟିଆର୍) ନିଯୁକ୍ତିରେ ବ୍ୟାପକ ଅସଙ୍ଗତି ନେଇ ଅଡୁଆରେ ପଡ଼ିଛି ଓଡ଼ିଶା କର୍ମଚାରୀ ପ୍ରବରଣ ଆୟୋଗ (ଓଏସ୍‌ଏସ୍‌ସି)। ପାଞ୍ଚ ଗୁଣାରୁ ଅଧିକ ଆବେଦନକାରୀ ଥିବା ସତ୍ତ୍ୱେ ହିନ୍ଦୀ, ସଂସ୍କୃତ ଓ ପିଇଟି ପଦ ପାଇଁ ପ୍ରିଲିମିନାରୀ ପରୀକ୍ଷା ନକରିବା ନିଯୁକ୍ତି ଆଶାୟୀଙ୍କ ପାଇଁ ଘାତକ ହୋଇଛି। ପୂର୍ବରୁ ହିନ୍ଦୀ ପରୀକ୍ଷା ରଦ୍ଦ ହୋଇ ସାରିଛି। ସଂସ୍କୃତ ଓ ହିନ୍ଦୀ ଶିକ୍ଷକ ପଦରେ ନିଯୁକ୍ତି ପାଇଁ ହାଇକୋର୍ଟରେ ମାମଲା ପହଞ୍ଚିଛି। ସରକାରଙ୍କ ତ୍ରୁଟିପୂର୍ଣ୍ଣ ପରୀକ୍ଷା ପରିଚାଳନା ବ୍ୟବସ୍ଥା ପାଇଁ ରାଜ୍ୟର ଲକ୍ଷ ଲକ୍ଷ ମେଧାବୀ ଛାତ୍ରଛାତ୍ରୀ ମାନସିକ ନିର୍ଯାତନା ପାଉଥିବା ଅଭିଯୋଗ ହୋଇଛି।

ଏଲ୍‌ଟିଆର୍ ଶିକ୍ଷକ ନିଯୁକ୍ତି ପାଇଁ ପ୍ରକାଶିତ ବିଜ୍ଞପ୍ତିରେ ସ୍ପଷ୍ଟ ଭାବେ ଉଲ୍ଲେଖ ଥିଲା ଯେ ମୋଟ୍ ପଦର ପାଞ୍ଚଗୁଣାରୁ ଅଧିକ ପ୍ରାର୍ଥୀ ଆବେଦନ କଲେ ପ୍ରିଲିମିନାରୀ ପରୀକ୍ଷା ପରେ ମୁଖ୍ୟ ପରୀକ୍ଷା ହେବ। ଅନ୍ୟଥା ସିଧାସଳଖ ମୁଖ୍ୟ ପରୀକ୍ଷା ଅନୁଷ୍ଠିତ ହେବ। ହେଲେ ହିନ୍ଦି ଶିକ୍ଷକ ପାଇଁ ମୋଟ୍ ୫ ଗୁଣାରୁ ଅଧିକ ପିଲା ଆବେଦନ କରିଥିଲେ ମଧ୍ୟ ପ୍ରିଲିମିନାରୀ ପରୀକ୍ଷା କରାଯାଇ ନ ଥିବାରୁ ହାଇକୋର୍ଟରେ ମାମଲା ହେବା ପରେ କୋର୍ଟ ପରୀକ୍ଷାକୁ ରଦ୍ଦ କରିବା ସହ ପୁନଃ ପରୀକ୍ଷା ପାଇଁ ନିର୍ଦ୍ଦେଶ ଦେଇଛନ୍ତି। ଏହାପରେ ଓଏସ୍‌ଏସ୍‌ସି ପକ୍ଷରୁ ପୁଣିଥରେ ପ୍ରିଲିମିନାରୀ ପରୀକ୍ଷା ସରିଥିବାବେଳେ କିଛି ପରୀକ୍ଷାର୍ଥୀ ହାଇକୋର୍ଟଙ୍କ ରାୟକୁ ଚ୍ୟାଲେଞ୍ଜ କରି ଡବଲ୍ ବେଞ୍ଚକୁ ଯାଇଛନ୍ତି। ଫଳରେ ହିନ୍ଦି ଶିକ୍ଷକ ନିଯୁକ୍ତିର ଭାଗ୍ୟ ଅନ୍ଧକାର ମଧ୍ୟରେ ରହିଛି। ସେହିପରି ସଂସ୍କୃତ ଶିକ୍ଷକ ନିଯୁକ୍ତି ପାଇଁ ସାର୍ଟିଫିକେଟ୍ ଯାଞ୍ଚ ସରିଥିଲେ ମଧ୍ୟ ଚୂଡ଼ାନ୍ତ ତାଲିକା ପ୍ରକାଶ କରାଯାଇ ନାହିଁ। କାରଣ ଏହି ପଦ ପାଇଁ ମଧ୍ୟ ୫ଗୁଣାରୁ ଅଧିକ ଆବେଦନ ହୋଇଥିବାବେଳେ ପ୍ରିଲିମିନାରୀ ପରୀକ୍ଷା ହୋଇ ନଥିବାରୁ ହାଇକୋର୍ଟରେ ମାମଲା ହୋଇଛି।

ଅନୁରୂପ ଭାବେ ପିଇଟି ଶିକ୍ଷକ ପଦ ପାଇଁ ପାଞ୍ଚ ଗୁଣାରୁ ଅଧିକ ଆବେଦନକାରୀ ଥିଲେ ମଧ୍ୟ ପ୍ରିଲିମିନାରୀ ପରୀକ୍ଷା ନ କରି ମୁଖ୍ୟ ପରୀକ୍ଷା ମାଧ୍ୟମରେ ନିଯୁକ୍ତି ପ୍ରକ୍ରିୟା ଚୂଡ଼ାନ୍ତ ପ୍ରକ୍ରିୟାରେ ପହଞ୍ଚିଛି। ଏହାକୁ ବିରୋଧ କରି ମାମଲା ହେବା ପରେ ଓଏସ୍‌ଏସ୍‌ସି ଉଚ୍ଚ ନ୍ୟାୟଳୟରେ ଅଜବ ଯୁକ୍ତି ରଖିଛି। ଅନୁସୂଚିତ ଜାତି, ଜନଜାତି ଓ ସାଧାରଣ ବର୍ଗ ପ୍ରାର୍ଥୀଙ୍କ ପାଇଁ ଉର୍ଦ୍ଦିଷ୍ଟ ପଦ ସଂଖ୍ୟାଠାରୁ ପାଞ୍ଚଗୁଣାରୁ କମ୍ ପରୀକ୍ଷାର୍ଥୀ ଆବେଦନ କରିଥିବା ଦର୍ଶାଇବା ସହ କେବଳ ଏସ୍‌ଇବିସି ପିଲା ୫ ଗୁଣାରୁ ଅଧିକ ଆବେଦନ କରିଥିବାରୁ ସେମାନେ କାହିଁକି ସେମାନେ ପ୍ରିଲିମିନାରୀ ପରୀକ୍ଷା କରିବେ ବୋଲି କୋର୍ଟଙ୍କୁ ଜଣାଇଛନ୍ତି। ନିଜେ ନିୟମ କରିବା ପରେ ମଧ୍ୟ ଯଦି ପରୀକ୍ଷା କରିବାକୁ ଓଏସ୍‌ଏସ୍‌ସି ଅସମର୍ଥ ହେଉଛି ତାହେଲେ ଏହି ଆୟୋଗକୁ ଭାଙ୍ଗିଦିଆଯାଉ ବୋଲି ଷ୍ଟୁଡେଣ୍ଟ ଏଗେନଷ୍ଟ କରପସନ୍‌ର ଆବାହକ ବିଭୂତି ଭୂଷଣ ମହାପାତ୍ର ଦାବି କରିଛନ୍ତି। ପରୀକ୍ଷା ଦେଇ ମେଧା ତାଲିକାରେ ସ୍ଥାନ ପାଇଥିବା ଦଳେ ଆଶାୟୀ ରାସ୍ତାରେ ନ୍ୟାୟ ମାଗୁଥିବାବେଳେ ସରକାରୀ ନୀତିର ପ୍ରତାରଣାର ଶିକାର ହୋଇଥିବା ଦଳେ ଆଶାୟୀ ନ୍ୟାୟାଳୟଙ୍କ ଦ୍ୱାରସ୍ଥ ହେଉଛନ୍ତି। ଫଳରେ ଦୀର୍ଘ ୮ ମାସ ହେଲା ସରକାରଙ୍କ ତ୍ରୁଟି ପାଇଁ ପରୀକ୍ଷାର୍ଥୀମାନେ ମାନସିକ ନିର୍ଯାତନା ସହୁଛନ୍ତି ଏବଂ ଆର୍ଥିକ ବୋଝ ମଧ୍ୟ ଉଠାଉଛନ୍ତି।

**ସୋର ପୌରପାଳିକାରେ ଅଚଳାବସ୍ଥା**

# ୬ ପାରିଷଦଙ୍କ ସଭ୍ୟ ପଦ ରଦ୍ଦ

ସୋର, ୨୧।୧୧(ସମିସ): ବିଜେପିରୁ ଇସ୍ତଫା ନଦେଇ ବିଜେଡିରେ ଯୋଗ ଦେଇଥିବାରୁ ରାଜ୍ୟ ନିର୍ବାଚନ କମିସନର୍ ସୋର ପୌରପାଳିକାର ୬ ପାରିଷଦଙ୍କ ସଭ୍ୟପଦ ରଦ୍ଦ କରିଛନ୍ତି। ସେମାନେ ହେଲେ, ରଞ୍ଜନ ଦାସ, ସସ୍ମିତା ଦାସ, ପବିତ୍ର ସେଠୀ, ତନୟରାଣୀ ମହାପାତ୍ର, ଉର୍ମିଳା ରାଉତ ଓ ରୀନାରାଣୀ ସେଠୀ।

ଗତ ୨୦୨୪ ସାଧାରଣ ନିର୍ବାଚନ ବେଳେ ଏହି ୬ ପାରିଷଦ ବିଜେପି ଛାଡ଼ି ବିଜେଡିରେ ମିଶିବା ସହ ବିଜେଡି ବିଧାୟକ ପ୍ରାର୍ଥୀଙ୍କୁ ସମର୍ଥନ କରିଥିଲେ। ଏ ସଂପର୍କରେ ବିଜେପି ନେତା ନଳିନୀକାନ୍ତ ମହାପାତ୍ର ଗତ ୨୦୨୪ ଜୁନ୍ ୩ରେ ନିର୍ବାଚନ କମିଶନଙ୍କୁ ଅଭିଯୋଗ କରିଥିଲେ। ୧୭ମାସ ପରେ ଆଜି ରାଜ୍ୟ ନିର୍ବାଚନ କମିଶନ ସମସ୍ତ ୬ ପାରିଷଦଙ୍କ ସଭ୍ୟ ପଦକୁ ରଦ୍ଦ କରିଛନ୍ତି।

ଉଲ୍ଲେଖଯୋଗ୍ୟ, ସୋର ପୌରପାଳିକାରେ ୧୯ଟି ୱାର୍ଡ ରହିଥିବା ବେଳେ ଗତ ୨୦୨୨ ମସିହାରେ ଅନୁଷ୍ଠିତ ନିର୍ବାଚନରେ ବିଜେପିରୁ ୧୨ଜଣ କାଉନସିଲର୍ ନିର୍ବାଚିତ ହୋଇଥିଲା ବେଳେ ବିଜେଡିରୁ ୪ଜଣ, କଂଗ୍ରେସରୁ ୩ଜଣ କାଉନସିଲର୍ ନିର୍ବାଚିତ ହୋଇଥିଲେ।

## ଫୁଲ ତୋଳିବା ବେଳେ ବିଦ୍ୟୁତ୍ ଆଘାତ; ଯୁବକ ମୃତ

ନୀଳଗିରି, ୨୧।୧୧(ସମିସ): ଫୁଲଚୋରି ରୋକିବାକୁ ବିଦ୍ୟୁତ୍ ବାଡ଼ ଜଣେ ଯୁବକଙ୍କ ଜୀବନ ନେଇଛି। ଶୁକ୍ରବାର ସକାଳେ ନୀଳଗିରି ସହରରେ ଏପରି ଏକ ଦୁଃଖଦ ଘଟଣା ଘଟିଛି। ମୃତକ ହେଲେ, ନୀଳଗିରି ଏନ୍‌ଏସିର ସାନଅତା ଗ୍ରାମର ସ୍ୱର୍ଗତ ପୁରୁଷୋତ୍ତମ ଦାସଙ୍କ ପୁଅ ତାପସ ଦାସ(୩୫)। ତାପସ ଆଜି ସକାଳେ ଗ୍ରାମର ଦିଲ୍ଲୀପ କୁମାର ରାଉତଙ୍କ ବାଡ଼ିକୁ ଫୁଲ ତୋଳିବାକୁ ଯାଇଥିଲେ। ମାତ୍ର ଫୁଲଗଛ ଚାରିପାଖେ ବିଦ୍ୟୁତ୍ ତାର ସଂଯୋଗ ହୋଇଥିବା ତାପସ ଜାଣି ପାରିନଥିଲେ। ଫୁଲ ତୋଳିବା ସମୟରେ ବିଦ୍ୟୁତ୍ ତାର ସଂସ୍ପର୍ଶରେ ଆସି ସେ ପ୍ରାଣ ହରାଇଥିଲେ। ନୀଳଗିରି ଆଇଆଇସି ଗୋବର୍ଦ୍ଧନ ନାୟକ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଛନ୍ତି। ଶବକୁ ବ୍ୟବଚ୍ଛେଦ ପାଇଁ ନୀଳଗିରି ମେଡ଼ିକାଲକୁ ପଠାଇବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ କରୁଛନ୍ତି। ଅପରପକ୍ଷେ, ତାପସଙ୍କ ମା' ସନ୍ଧ୍ୟା ଦାସ ଏନେଇ ନୀଳଗିରି ଥାନାରେ ଅଭିଯୋଗ କରିଛନ୍ତି। ନୀଳଗିରି ବିଦ୍ୟୁତ୍ ବିଭାଗ ଘଟଣାସ୍ଥଳରେ ତଦନ୍ତ କରିଛି।

## ଜାଳିଦେଲେ ଘର; ଥାନାରେ ବିପନ୍ନ

ଭଦ୍ରକ, ୨୧।୧୦ (ସମିସ): ଭଦ୍ରକ ଜିଲ୍ଲା ତିହିଡ଼ି ଥାନା ଅନ୍ତର୍ଗତ ଫତେପୁର ପଞ୍ଚାୟତ ଅଧୀନ ବିଭୂତିପୁର ଗ୍ରାମରେ ଜଣେ ଯୁବକ ସେହି ଗ୍ରାମର ୨ ପରିବାରର ୩ ବଖରା ଗୃହକୁ ପେଟ୍ରୋଲ ପକାଇ ଜାଳି ଦେଇଥିବା ନେଇ ଶୁକ୍ରବାର ଥାନାରେ ଅଭିଯୋଗ ହୋଇଛି। ପୂର୍ବ ଶତ୍ରୁତାରୁ ଯୁବକଜଣକ ଗୁରୁବାର ରାତିରେ ଏହି କାଣ୍ଡ ଘଟାଇଥିବା ଅଭିଯୋଗରେ ଦର୍ଶାଯାଇଛି। ତେବେ ୨ ବିପନ୍ନ ପରିବାର ଥାନାରେ ଆଶ୍ରୟ ନେବା ସହ ଅଭିଯୁକ୍ତଙ୍କୁ ତୁରନ୍ତ ଗିରଫ କରିବାକୁ ଦାବି କରିଛନ୍ତି। ବିଭୂତିପୁର ଗ୍ରାମର ରଞ୍ଜନ ରାଉତ ଓ ତାଙ୍କ ଭାଇ ଗୌରାଙ୍ଗ ରାଉତଙ୍କ ପରିବାର ସହ ଉକ୍ତ ଗ୍ରାମର ଜଣେ ବ୍ୟକ୍ତିଙ୍କ ଜମିଜମାକୁ ନେଇ ଶତ୍ରୁତା ଥିଲା। ଗୁରୁବାର ସରପଞ୍ଚ ଓ ଗ୍ରାମବାସୀଙ୍କ ମାଧ୍ୟମରେ ଏହାର ସମାଧାନ ପାଇଁ ନିଷ୍ପତ୍ତି ହୋଇଥିବା ବେଳେ ଅପରପକ୍ଷ ଏହାକୁ ନ ମାନି ବିଭିନ୍ନ ପ୍ରକାର ଧମକ ଦେଇଥିଲେ। ଗୁରୁବାର ରାତି ୧୨ଟା ସମୟରେ ରଞ୍ଜନଙ୍କ ଚାଳ ଛପର ଉପରେ ଚଢ଼ି ପେଟ୍ରୋଲ ଢାଳି ନିଆଁ ଲଗାଇ ଦେଇଥିଲେ। ଘରେ ଶୋଇଥିବା ରଞ୍ଜନ ଓ ତାଙ୍କ ଭାଇ ଘର ବାହାରକୁ ଆସି ଘଟଣା ସମ୍ପର୍କରେ ଜାଣିବା ସହ ନିଆଁ ଲଗାଇଥିବା ଯୁବକଙ୍କୁ କାବୁ କରିଥିଲେ। ତେବେ ଯୁବକଜଣକ ରଞ୍ଜନଙ୍କୁ ଆକ୍ରମଣ କରି ଫେରାର ହୋଇଯାଇଥିଲା। ଅଗ୍ନିକାଣ୍ଡରେ ରଞ୍ଜନ ଓ ତାଙ୍କ ଭାଇଙ୍କର ୩ ବଖରା ଘର ସମ୍ପୂର୍ଣ୍ଣ ଭସ୍ମୀଭୂତ ହୋଇଯାଇଛି।

## ଛୁରି ଭୁସି ବୃଦ୍ଧାଙ୍କୁ ହତ୍ୟା

**ଜମିବାଡ଼ି ବିବାଦ**

ନନ୍ଦପୁର, ୨୧।୧୧ (ସମିସ): ଜମିବାଡ଼ି ବିବାଦରୁ ବୃଦ୍ଧାଙ୍କୁ ହତ୍ୟା। କୋରାପୁଟ ଜିଲ୍ଲା ନନ୍ଦପୁର ବ୍ଲକ୍ ଅନ୍ତର୍ଗତ ଥିବା ପଞ୍ଚାୟତର ପରଟା ଗ୍ରାମରେ ଏହି ଆପରାଧିକ ଘଟଣା ଘଟିଛି। ମୃତ ମହିଳାଜଣଙ୍କ ହେଲେ, ଝୀମୁ ପ୍ରଧାନୀ। ପୁଲିସ ତାଙ୍କ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହି ଘଟଣାରେ ପୁଲିସ ୬ଜଣଙ୍କୁ ଥାନାରେ ଅଟକ ରଖି ତଦନ୍ତ ଚଳାଇଛି। ସୂଚନାନୁଯାୟୀ, ଜମିବାଡ଼ିକୁ ନେଇ ଗାଁର ଗୋଲରି ଓ ପ୍ରଧାନୀ ପରିବାର ମଧ୍ୟରେ ଗତ ୪୦ ବର୍ଷ ଧରି ବିବାଦ ଜାରି ରହିଛି। ଆଜି ଝୀମୁ ନିଜର ତିନି ପୁଅଙ୍କ ସହ ବିଲକୁ ଧାନ କାଟିବାକୁ ଯାଇଥିବା ବେଳେ ଅପରପକ୍ଷ ସହ ସେମାନଙ୍କ ବଚସା ହୋଇଥିଲା। ଏଥିରେ ଉତ୍‌କ୍ଷିପ୍ତ ହୋଇ ଅପରଗୋଷ୍ଠୀ ଝୀମୁ ଓ ତାଙ୍କ ୩ ପୁଅଙ୍କୁ ଗୋଡ଼ାଇ ଗୋଡ଼ାଇ ଆକ୍ରମଣ କରିଥିଲେ। ଏଥିରେ ବୃଦ୍ଧାଙ୍କ ତିନି ପୁଅ ଆଦୁ, ବଳଭଦ୍ର, ଜୟାରମ ଆହତ ହୋଇଥିଲେ। ଦୁର୍ବୃତ୍ତମାନେ ଝୀମୁଙ୍କ ପେଟରେ ଛୁରି ଭୁସିଦେବାରୁ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା।

# ଅକ୍ଷୟ ତୃତୀୟା ପୂର୍ବରୁ ରତ୍ନ ଅଳଙ୍କାର ଗଣତିମଣତି

**ଏଣିକି ଏଟିଏମ୍‌ରେ ବି ଅର୍ପଣ କରିପାରିବେ ଭକ୍ତ**

**ଗଢ଼ାହେବ ମହାପ୍ରଭୁଙ୍କ ସୁନାବେଶର ଆଉ ଏକ ସେଟ୍**

**ଶ୍ରୀମନ୍ଦିର ଅଧୀନକୁ ଆସିବ ଏମାର୍ ମଠ ରୁପା ଇଟା**

**ସେବାୟତଙ୍କ କନ୍ୟା ବିବାହ ରାଶି ୧ ଲକ୍ଷ ଟଙ୍କାକୁ ବୃଦ୍ଧି**

**ଖୁବ୍‌ଶୀଘ୍ର ଭକ୍ତଙ୍କ ପାଇଁ ଖୋଲିବ ଗୁଣ୍ଡିଚା ମନ୍ଦିର**



ପୁରୀ, ୨୧।୧୧ (ସମିସ): ଆସନ୍ତା ଅକ୍ଷୟ ତୃତୀୟା ପୂର୍ବରୁ ରତ୍ନଭଣ୍ଡାର ଅଳଙ୍କାର ଗଣତିମଣତି ସରିବ। ରାଜ୍ୟ ସରକାରଙ୍କ ମାର୍ଗଦର୍ଶିକା ଅନୁସାରେ ଏହି କାର୍ଯ୍ୟ ସଂପନ୍ନ ହେବ। ରତ୍ନ ଅଳଙ୍କାରଗୁଡ଼ିକର ଡିଜିଟାଇଜେସନ୍ କରାଯିବ। ଆଗକୁ ମହାପ୍ରଭୁଙ୍କ ପହିଲି ଭୋଗ ନୀତି ସହିତ ଇଂରାଜୀ ନୂଆବର୍ଷ ଆସୁଛି, ପୁଣି ମକର ସଂକ୍ରାନ୍ତି ରହିଛି। ତେଣୁ ନୀତିକାନ୍ତିବହୁଳ ସମୟରେ ଗଣତିମଣତି କରାଯିବ ନାହିଁ। ଭକ୍ତଙ୍କ ଦର୍ଶନରେ ଯେପରି ଅସୁବିଧା ନ ହୁଏ, ସେଥିପ୍ରତି ବି ଧ୍ୟାନ ଦିଆଯିବ। ପୂର୍ବରୁ ଗଣତି ମଣତି ନେଇ ରାଜ୍ୟ ସରକାରଙ୍କ ପକ୍ଷରୁ ଏକ ଏସ୍‌ଓପି ପ୍ରସ୍ତୁତ କରାଯିଥିବା ବେଳେ ଏବେ ଆଉ ଏକ ଅତିରିକ୍ତ ଏସ୍‌ଓପି ପ୍ରସ୍ତୁତ କରାଯିବ। ମୁଖ୍ୟ ପ୍ରଶାସକ ଏବଂ ନୀତି ସବ୍-କମିଟି ସଦସ୍ୟଙ୍କୁ ନେଇ ଏହା ପ୍ରସ୍ତୁତ ହେବ। ଶ୍ରୀମନ୍ଦିର କାର୍ଯ୍ୟାଳୟରେ ଶୁକ୍ରବାର ଗଜପତି ମହାରାଜା ଦିବ୍ୟସିଂହ ଦେବଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ପରିଚାଳନା କମିଟି ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି।

ପ୍ରାୟ ୪ଘଣ୍ଟା ଧରି ବସିଥିବା ଏହି ବୈଠକରେ ବହୁ ଗୁରୁତ୍ୱପୂର୍ଣ୍ଣ ବିଷୟ ଉପରେ ଆଲୋଚନା ହୋଇଥିଲା। ଏ ବାବଦରେ ଗଣମାଧ୍ୟମରେ ପ୍ରତିକ୍ରିୟା ରଖି ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଅରବିନ୍ଦ ପାଢ଼ୀ କହିଛନ୍ତି, ନାଟ ମଣ୍ଡପରେ ଶୃଙ୍ଖଳିତ ଧାଡ଼ି ଦର୍ଶନ ନେଇ ଆଲୋଚନା ହୋଇଛି। ସେବାୟତମାନେ କାଠ ରାମ୍ପ ଦେଖିଛନ୍ତି। ତେବେ ତରବରିଆ ଭାବେ କୌଣସି ନିଷ୍ପତ୍ତି ନିଆଯିବନାହିଁ। ତ୍ରୁଟିଶୂନ୍ୟ ଦର୍ଶନ ବ୍ୟବସ୍ଥା ହେବ। ଏମାର ମଠରୁ ଉଦ୍ଧାର ରୁପାଇଟା ମାମଲା ହାଇକୋର୍ଟରେ ବିଚାରାଧୀନ ରହିଛି। ରୁପାଇଟା କିଭଳି ମହାପ୍ରଭୁଙ୍କ ଅଧୀନକୁ ଆସିବ, ସେନେଇ ସରକାରୀସ୍ତରରେ ମଧ୍ୟ ଆଲୋଚନା ହୋଇଛି। ସେହିପରି, ଶ୍ରୀଜିଉମାନଙ୍କର ଆଉ ଏକ ସୁନା ଅଳଙ୍କାର ସେଟ୍ କରାଯିବ। ସ୍ୱର୍ଣ୍ଣ ଅଳଙ୍କାର ଦାନ ଯୋଜନା ମାଧ୍ୟମରେ ଭକ୍ତ କିମ୍ବା ଆଗ୍ରହୀ ଦାତାଙ୍କୁ ଏଥିପାଇଁ ଆହ୍ୱାନ କରାଯିବ। ପ୍ରୋଟୋକଲ ଦର୍ଶନ ପାଇଁ ଏକ ଏସ୍‌ଓପି କରାଯିବ। ବୈଠକରେ ଶ୍ରୀମନ୍ଦିର ବଜେଟକୁ ଅନୁମୋଦନ କରାଯାଇଛି। ୧୦୪ କୋଟିର ବଳକା ବଜେଟ୍ ଉପସ୍ଥାପନା କରାଯାଇଥିଲା। ମହାପ୍ରଭୁଙ୍କ ଦର୍ଶନ ପାଇଁ ଆସିଥିବା ଭକ୍ତ ପୁରୀର କୌଣସି ଏଟିଏମ୍‌ରୁ ଟଙ୍କା କାଢ଼ିବା ବେଳେ ଗୋଟିଏ ଅପସନ୍ ଦିଆଯିବ। ଆପଣ ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କୁ କିଛି ଦାନ ସ୍ୱଇଚ୍ଛାରେ ଦେବାକୁ ଚାହୁଁଛନ୍ତି କି? ଯଦି ହଁ ତେବେ ସେମାନେ ତାଙ୍କ କାର୍ଡ ମାଧ୍ୟମରେ ଦେଇପାରିବେ। ପୁନଶ୍ଚ ଖୁବ୍‌ଶୀଘ୍ର ଗୁଣ୍ଡିଚା ମନ୍ଦିର ଭକ୍ତଙ୍କ ପାଇଁ ଖୋଲାଯିବ। ମାହାଲ ଦିଆ ନଯାଇ ଶ୍ରୀମନ୍ଦିର ପ୍ରଶାସନ ଏହାର ପରିଚାଳନା ଦାୟିତ୍ୱ ନେବ। ସେବକ କଲ୍ୟାଣ ଉପରେ ବିସ୍ତୃତ ଭାବେ ବୈଠକରେ ଆଲୋଚନା କରାଯାଇ ପେନ୍‌ସନ ରାଶି ବୃଦ୍ଧି କରାଯାଇଛି। ବରିଷ୍ଠ ସେବକ ମାସିକ ଭତ୍ତା ୪ ହଜାରରୁ ୫ ହଜାର କରାଯାଇଛି। ଏହା ୨୦୨୬ ଜାନୁୟାରୀରୁ ଲାଗୁ ହେବ। ସେବକ ପରିବାର କନ୍ୟାମାନଙ୍କ ବିବାହ ପାଇଁ ଦିଆଯାଉଥିବା ରାଶି ୫୦ହଜାରରୁ ଏବେ ୧ ଲକ୍ଷ, ପୁତ୍ର ସନ୍ତାନଙ୍କ ବ୍ରତ ରାଶି ୩୦ହଜାରରୁ ୫୦ ହଜାର କରାଯାଇଛି ବୋଲି ମୁଖ୍ୟ ପ୍ରଶାସକ ସୂଚନା ଦେଇଛନ୍ତି। ପୁରୀବାସୀଙ୍କ ସ୍ୱତନ୍ତ୍ର ଦର୍ଶନ ପାଇଁ ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ଗଠିତ ସବ୍ କମିଟି ବିଭିନ୍ନ ଦିଗକୁ ନେଇ ଅନୁଧ୍ୟାନ କରିବା ପରେ ଏସ୍‌ଓପି ପ୍ରସ୍ତୁତ କରାଯାଇ ନିଷ୍ପତ୍ତି ନିଆଯିବ ବୋଲି କୁହାଯାଇଛି।

ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ପରିଚାଳନା କମିଟି ସଦସ୍ୟ ଡ. ଗିରୀଶ ଚନ୍ଦ୍ର ମୁର୍ମୁ, ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା, ଏସ୍‌ପି ପ୍ରତୀକ୍ ସିଂଙ୍କ ସମେତ ଅନ୍ୟ ସଦସ୍ୟମାନେ ଯୋଗଦେଇଥିଲେ।

## ମିଛ ଧରାପଡ଼ିଯିବା ଭୟରେ ସରକାର ଗଣତିମଣତିକୁ ଟାଳୁଛନ୍ତି: ବିଜେଡି

ଭୁବନେଶ୍ୱର,୨୧।୧୧(ସମିସ): ପର୍ଯ୍ୟାୟକ୍ରମେ ଶ୍ରୀମନ୍ଦିର ରତ୍ନ ଭଣ୍ଡାରର ଗଣତି ମଣତି ହେବ ବୋଲି ଶୁକ୍ରବାର ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଦେଇଥିବା ମନ୍ତବ୍ୟକୁ ସମାଲୋଚନା କରିଛି ବିଜେଡି। ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ମୁଖପାତ୍ର ତଥା ମିଡ଼ିଆ ସଂଯୋଜକ ଡଃ ଲେନିନ ମହାନ୍ତି କହିଛନ୍ତି, ନିର୍ବାଚନ ସମୟରେ ବିଜେପି ତରଫରୁ ରତ୍ନ ଭଣ୍ଡାରକୁ ନେଇ ଅନେକ ମିଥ୍ୟା ପ୍ରଚାର କରି ଏହାର ଗଣତି ମଣତି ପାଇଁ ସ୍ୱର ଉଠାଇଥିଲା। ବିଜେପି ତାର ସଙ୍କଳ୍ପ ପତ୍ରରେ କ୍ଷମତାକୁ ଆସିଲେ ଗଣତି ମଣତିର ପ୍ରତିଶ୍ରୁତି ଦେଇଥିଲେ। କିନ୍ତୁ, କ୍ଷମତାକୁ ଆସିବା ପରେ ଗଣତି ମଣତିକୁ ଉପରେ ବିଜେପି ସରକାର ଟାଳଟୁଳ ନୀତି ଅବଲମ୍ବନ କରୁଛନ୍ତି। ଗଣତି ମଣତି ଉପରେ, ଆଜି ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଦେଇଥିବା ମନ୍ତବ୍ୟରୁ କେବେ ଏହା କରାଯିବ, ସେନେଇ କୌଣସି ସ୍ପଷ୍ଟତା ନାହି। ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ବାରମ୍ବାର ତାରିଖ ଘୁଞ୍ଚାଇ ଚାଲିଛନ୍ତି। ଆଇନମନ୍ତ୍ରୀ ଓ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକଙ୍କ ମନ୍ତବ୍ୟ ଭିତରେ କୌଣସି ତାଳମେଳ ନାହିଁ। ମିଛ ପ୍ରଚାର ସବୁ ଧରାପଡିଯିବା ଭୟରେ ବିଜେପି ସରକାର ଗଣତି ମଣତିକୁ ଜାଣି ଶୁଣି ଘୁଞ୍ଚାଉଛନ୍ତି ବୋଲି ଡଃ ମହାନ୍ତି ଅଭିଯୋଗ କରିଛନ୍ତି। ସେ ଆହୁରି କହିଛନ୍ତି, ଶ୍ରୀମନ୍ଦିରରେ ବ୍ୟବସ୍ଥିତ ଦର୍ଶନ ଓ ପରିକ୍ରମା ପ୍ରକଳ୍ପକୁ ନେଇ ନିର୍ବାଚନ ବେଳେ ବିଜେପି ଅନେକ ପ୍ରଶ୍ନ ଉଠାଇଥିଲା ବେଳେ ଏବେ ଶ୍ରୀମନ୍ଦିରର ଦର୍ଶନ ବ୍ୟବସ୍ଥା ସମ୍ପୂର୍ଣ୍ଣ ରୂପେ ଅବ୍ୟବସ୍ଥିତ ହୋଇଛି। ଭକ୍ତ ମାନଙ୍କ ପାଇଁ ପୂର୍ବରୁ କରାଯାଇଥିବା ଏସି ଟନେଲଟିକୁ ଉଠାଇ ଦିଆଯାଇଛି, ଯେଉଁଥି ପାଇଁ ଦର୍ଶନାର୍ଥୀ ମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବାରମ୍ବାର ମନ୍ଦିର ଭିତରେ ଦଳାଚକଟା ପରିସ୍ଥିତି ସୃଷ୍ଟି ହେଉଛି। ଧାଡ଼ି ଦର୍ଶନ ପାଇଁ ଆଇନ ମନ୍ତ୍ରୀଙ୍କ ପ୍ରତିଶ୍ରୁତି ଫମ୍ପା ଘୋଷଣା ପରିଣତ ହୋଇଛି। ଶ୍ରୀଜଗନ୍ନାଥ ମନ୍ଦିର ଆକ୍ଟ ୧୯୫୫ର ସେକ୍ସନ ୬ ଅନୁଯାୟୀ ମନ୍ଦିର ପରିଚାଳନା କମିଟିରେ ୧୮ ଜଣ ସଦସ୍ୟ ରହିବା କଥା। କିନ୍ତୁ, ସରକାର କେବଳ ଦଶ ଜଣଙ୍କୁ କମିଟିକୁ ମନୋନୀତ କରିଛନ୍ତି। ତେଣୁ ଫୁଲା ଫାଙ୍କିଆ ଢଙ୍ଗରେ ଶ୍ରୀମନ୍ଦିର ପରିଚାଳନା କାର୍ଯ୍ୟ ଚାଲିଛି ବୋଲି ସେ କହିଛନ୍ତି।

**ଏମ୍‌କେସିଜିରେ ଅବ୍ୟବସ୍ଥା**

# ପିଜି ଡାକ୍ତରଙ୍କ ଭରସାରେ ଗୁରୁତର ଶିଶୁରୋଗୀ

ବ୍ରହ୍ମପୁର, ୨୧।୧୧(ସମିସ)

ଗଞ୍ଜାମ ଜିଲ୍ଲାରେ ଶିଶୁମୃତ୍ୟୁ ହାର ହ୍ରାସ କରିବାକୁ ଉଭୟ ସ୍ୱାସ୍ଥ୍ୟ ଓ ଜିଲ୍ଲା ପ୍ରଶାସନ ପକ୍ଷରୁ ବିଭିନ୍ନ ବ୍ୟବସ୍ଥା କରାଯାଉଛି। କିନ୍ତୁ ଏହା ସତ୍ତ୍ୱେ ଜିଲ୍ଲାରେ ଦିନକୁ ଦିନ ଶିଶୁମୃତ୍ୟୁ ହାର ବୃଦ୍ଧି ପାଇବାରେ ଲାଗିଛି। ତଥ୍ୟ ଅନୁଯାୟୀ ଗତ ୫ବର୍ଷ ମଧ୍ୟରେ ଏହା ଦୁଇଗୁଣ ବୃଦ୍ଧି ପାଇଛି। ଇତି ମଧ୍ୟରେ ଏମକେସିଜି ମେଡ଼ିକାଲର ଶିଶୁବିଭାଗ ଅଧିନରେ ଥିବା ଶିଶୁ ଆଶୁଚିକିତ୍ସା ବିଭାଗର ଚିକିତ୍ସା ପଦ୍ଧତି ସମସ୍ତଙ୍କ ପାଇଁ ଚିନ୍ତାର କାରଣ ପାଲଟିଛି। ବିଭାଗରେ ମୋଟ ୧୦ଟି ଶଯ୍ୟା ରହିଥିବା ବେଳେ ପ୍ରତିଦିନ ଉନ୍ନତମାନର ଚିକିତ୍ସା ଆଶାରେ ଗଞ୍ଜାମ ସମେତ ଗଜପତି ଓ କନ୍ଧମାଳ ଭଳି ବିଭିନ୍ନ ଜିଲ୍ଲାରୁ ଶତାଧିକ ଗୁରୁତର ଶିଶୁ ଏଠାକୁ ଆସିଥାନ୍ତି। ମାସକର ଶିଶୁଙ୍କ ଠାରୁ ଆରମ୍ଭ କରି ୧୪ବର୍ଷ ବୟସର ଶିଶୁଙ୍କୁ ଏଠାରେ ଭର୍ତ୍ତି କରାଯାଇଥାଏ। ତେବେ ବିଭାଗରେ ଅନେକ ସମୟରେ ବରିଷ୍ଠ ତଥା ଅଭିଜ୍ଞ ଡାକ୍ତରଙ୍କ ଅନୁପସ୍ଥିତି ଚିନ୍ତାର କାରଣ ସାଜିଛି। ପୂର୍ବାହ୍ନ, ମଧ୍ୟାହ୍ନ ଓ ରାତ୍ରିକାଳୀନ ଭଳି ୩ଟି ସିଫ୍ଟରେ



ଡାକ୍ତରମାନେ କାର୍ଯ୍ୟ କରିଥାନ୍ତି। ବିଭାଗର ପିଜି ଡାକ୍ତରଙ୍କ ସମେତ ସିନିଅର ରେସିଡ଼ାଣ୍ଟ(ଏସଆର) ଓ ଆସିଷ୍ଟାଣ୍ଟ ପ୍ରଫେସର(ଏପି) ସହ ବରିଷ୍ଠ ଓ ଅଭିଜ୍ଞ ଡାକ୍ତର କାର୍ଯ୍ୟ କରିବା ନିୟମ ରହିଛି। ତେବେ ଶିଶୁବିଭାଗରେ ଏହି ନିୟମ ପାଳନ ହେଉନଥିବା ଦେଖିବାକୁ ମିଳିଛି। ଅନେକ ସମୟରେ ଶିଶୁବିଭାଗର ଆଶୁଚିକିତ୍ସା ବିଭାଗରେ କାର୍ଯ୍ୟରତ ଏସଆର ଓ ଏପି ଅନୁପସ୍ଥିତ ରହୁଥିବା ଅଭିଯୋଗ ହୋଇଛି। ଖାଲି ସଂଧ୍ୟା ଓ ରାତି ସମୟରେ ବିଭାଗରେ ବରିଷ୍ଠ ଓ ଅଭିଜ୍ଞ ଡାକ୍ତରଙ୍କ ଦେଖା ମିଳୁନଥିବା

**ଆଶୁଚିକିତ୍ସା ବିଭାଗରେ ଏସ୍ଆର ଓ ଏପିଙ୍କ ଦେଖାମିଳୁନି**

ଅଭିଯୋଗ ହୋଇଛି। ଫଳରେ ବହୁ ସଂକଟାପନ୍ନ ଶିଶୁଙ୍କ ଚିକିତ୍ସା କେବଳ ପିଜି ଡାକ୍ତରୀ ଛାତ୍ରଛାତ୍ରୀଙ୍କ ଦ୍ୱାରା ହେଉଥିବା ଅଭିଯୋଗ ହୋଇଛି। ଯଦ୍ୱାରା ଅସୁସ୍ଥ ଶିଶୁଟି ଆବଶ୍ୟକ ମୁତାବକ ଚିକିତ୍ସା ପାଇବାରୁ ବଞ୍ଚିତ ହୋଇ ବହୁ ସଂକଟାପନ୍ନ ଶିଶୁ ଅକାଳରେ ମୃତ୍ୟୁବରଣ କରୁଥିବା ଅଭିଯୋଗ ହୋଇଛି। ତେଣୁ କାର୍ଯ୍ୟରେ ଅବହେଳା କରୁଥିବା ଡାକ୍ତରଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ସହ ଶିଶୁବିଭାଗର ଆଶୁଚିକିତ୍ସା ବିଭାଗରେ ନିୟମିତ ଏପି ଓ ଏସଆର ଡାକ୍ତରଙ୍କ ଉପସ୍ଥିତିକୁ ବାଧ୍ୟତାମୂଳକ କରିବାକୁ ଦାବି ହୋଇଛି।

ସୂଚନାଯୋଗ୍ୟ ଯେ, ୨୦୨୦-୨୧ମସିହାରେ ଜିଲ୍ଲାରେ ୩୬୭ଟି ଶିଶୁଙ୍କ ମୃତ୍ୟୁ ହୋଇଥିବା ବେଳେ ୨୦୨୪-୨୫ମସିହାରେ ଏହି ସଂଖ୍ୟା ୫୪୭କୁ ଛୁଇଁଛି। ପ୍ରତିବର୍ଷ ଜିଲ୍ଲାରେ ବୃଦ୍ଧି ପାଉଥିବା ଶିଶୁମୃତ୍ୟୁ ହାରକୁ ନେଇ ସାଧାରଣରେ ଭୟ ସୃଷ୍ଟି ହୋଇଛି। ସମଗ୍ର ରାଜ୍ୟରେ ଗତ ୨୦୨୦-୨୧ମସିହାରେ ଶିଶୁମୃତ୍ୟୁ ସଂଖ୍ୟା ୧୩ହଜାର ୯୧୯ ଥିବାବେଳେ ୨୦୨୪-୨୫ମସିହାରେ ଏହା ୧୧ହଜାର ୭୪୯କୁ ହ୍ରାସ ପାଇଛି। ରାଜ୍ୟରେ ଶିଶୁ ମୃତ୍ୟୁହାର ହ୍ରାସ ପାଉଥିବା ବେଳେ ଗଞ୍ଜାମରେ ଗତ ୫ବର୍ଷରେ ୨ଗୁଣା ବଢ଼ିଛି।

## ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରେ ଯୁବ ସମ୍ମିଳନୀ



ବ୍ରହ୍ମପୁର, ୨୧।୧୧(ସମିସ): ବ୍ରହ୍ମପୁର ବିଶ୍ୱବିଦ୍ୟାଳୟର ନୂତନ ସମ୍ମିଳନୀ କକ୍ଷରେ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘର ଯୁବ ସମ୍ମିଳନୀ ଆୟୋଜିତ ହୋଇଛି। ଆୟୋଜିତ ସଭାରେ ମୁଖ୍ୟ ଅତିଥି ଭାବେ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ଗୀତାଞ୍ଜଳୀ ଦାସ ଯୋଗ ଦେଇଥିବା ବେଳେ ମୁଖ୍ୟ ବକ୍ତା ଭାବରେ ଅଖିଳ ଭାରତୀୟ ସଦଭାବନା ପରିଷଦର ଗୋପାଳ ପ୍ରସାଦ ମହାପାତ୍ର, ସମ୍ମାନିତ ଅତିଥି ଭାବେ ଅସିତ୍ କୁମାର ସାହୁ ଏବଂ ପିଜି କାଉନସିଲ ଅଧ୍ୟକ୍ଷ ପ୍ରଫେସର ସୁକାନ୍ତ କୁମାର ତ୍ରିପାଠୀ ଯୋଗ ଦେଇଥିଲେ। ଏଥିରେ ଭାରତୀୟ ଜ୍ଞାନ ପରମ୍ପରା ଓ ରାଷ୍ଟ୍ର ନିର୍ମାଣରେ ଯୁବବର୍ଗଙ୍କ ଭୂମିକା ଶୀର୍ଷକ ଆଲୋଚନା ଚକ୍ର ଆଲୋଚନା କରାଯାଇଥିଲା। କାର୍ଯ୍ୟକ୍ରମରେ ଡ. ସଦାନନ୍ଦ ନାୟକ ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିବା ବେଳେ ସ୍ୱସ୍ତି ସୁନ୍ଦର ସିୟ ମଞ୍ଚ ପରିଚାଳନା କରିଥିଲେ।

## ଟ୍ରାକ୍ଟର ଦୁର୍ଘଟଣାରେ ନାବାଳକ ମୃତ

ପାତ୍ରପୁର, ୨୧।୧୧(ସମିସ): ପାତ୍ରପୁର ବ୍ଲକ କେଲୁଆ ନିକଟ କେନାଲ ପାର୍ଶ୍ୱରେ ଟ୍ରାକ୍ଟର ଦୁର୍ଘଟଣାରେ ଜଣେ ନାବାଳକଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ କେଲୁଆ ଗ୍ରାମର କ୍ଷୀରସିନ୍ଧୁ ସାହୁଙ୍କ ୧୨ ବର୍ଷର ପୁଅ ସମୁ ସାହୁ। ସମୁ କେନାଲକୁ ଗାଧୋଇବା ଯାଇଥିବାବେଳେ କେନାଲ ନିକଟରେ ଟ୍ରାକ୍ଟରଟି ସମୁଙ୍କୁ ଧକ୍କା ଦେଇଥିଲା। ଗୁରୁତର ଅବସ୍ଥାରେ ତାଙ୍କୁ ପାତ୍ରପୁର ମେଡ଼ିକାଲରେ ଓ ପରେ ତାଙ୍କୁ ବ୍ରହ୍ମପୁର ସ୍ଥାନାନ୍ତରିତ କରାଯାଇଥିଲା। ସେଠାରେ ସନ୍ଧ୍ୟାରେ ତାଙ୍କର ମୃତ୍ୟୁ ଘଟିଛି। ସୂଚନା ପାଇ ପୁଲିସ ପହଞ୍ଚି ତଦନ୍ତ ଆରମ୍ଭ କରିଛି।

## ଇଟା ଫିଙ୍ଗି ପଡ଼ୋଶୀଙ୍କ ମୁଣ୍ଡ ଫଟାଇଲେ; ମା-ଝିଅ ଗିରଫ

ବ୍ରହ୍ମପୁର, ୨୧।୧୧(ସମିସ): ପୂର୍ବଶତ୍ରୁତାରୁ ଇଟା ଫିଙ୍ଗି ପଡୋଶୀଙ୍କ ମୁଣ୍ଡ ଫଟାଇବା ଅଭିଯୋଗରେ ସଦର ଥାନା ପୁଲିସ ରତନପୁର ଗ୍ରାମର ମା-ଝିଅଙ୍କୁ ଗିରଫ କରିଛି। ସେହେଲେ ରତନପୁର ଗ୍ରାମର ସବିତା ସ୍ୱାଇଁ(୫୦) ଓ ତାଙ୍କ ଝିଅ ରୋଜାଲି ସ୍ୱାଇଁ(୨୩)। ସୂଚନାପ୍ରକାରେ, ସବିତାଙ୍କ ସ୍ୱାମୀଙ୍କ ଦେହାନ୍ତ ପରେ ସେ ଝିଅ ସହ ଗ୍ରାମରେ ରହୁଛନ୍ତି। ତାଙ୍କ ପଡ଼ୋଶୀ ଘରେ ଶଙ୍କର ସ୍ୱାଇଁ ଓ ତାଙ୍କ ପରିବାର ଲୋକେ ରହୁଛନ୍ତି। ପୂର୍ବରୁ ସବିତା ଓ ଶଙ୍କରଙ୍କ ପରିବାର ମଧ୍ୟରେ ବିବାଦ ରହିଥିଲା। ଏନେଇ ଥାନାରେ ମଧ୍ୟ ମାମଲା ରହିଛି। ୨୦ତାରିଖ ସନ୍ଧ୍ୟାରେ ଶଙ୍କର ଘର ବାହାରେ ଛିଡ଼ା ହୋଇଥିବା ବେଳେ ସବିତାଙ୍କ ଝିଅ ରୋଜାଲି ନିଜ ଛାତ ଉପରେ ଛିଡ଼ା ହୋଇଥିଲେ। କୌଣସି କାରଣରୁ ରୋଜାଲି ଏକ ଇଟା ଫିଙ୍ଗିଦେବାରୁ ଶଙ୍କରଙ୍କ ମୁଣ୍ଡ ଫାଟି ଯାଇଥିଲା। ଶଙ୍କରଙ୍କ ପତ୍ନୀ ଦୌଡ଼ି ଆସି ସ୍ୱାମୀଙ୍କୁ ଉଦ୍ଧାର କରିବାକୁ ଚେଷ୍ଟା କରିବା ବେଳେ ସବିତା ଓ ତାଙ୍କ ଝିଅ ମିଶି ଗାଳିଗୁଲଜ ସହ ଆକ୍ରମଣ କରିଥିବା ଶଙ୍କର ଥାନାରେ ଅଭିଯୋଗ କରିବା ପରେ ପୁଲିସ ମା-ଝିଅଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି।

**● ଖଲ୍ଲିକୋଟ ଅବକାରୀ ବିଭାଗର ଚଢ଼ଉ**

## ୧୦କିଲୋ ଗଞ୍ଜେଇ ସହ ଗାଡ଼ି ଜବତ; ୨ଗିରଫ

ଖଲ୍ଲିକୋଟ, ୨୧।୧୧(ସମିସ): ଗଞ୍ଜେଇ ଚୋରାଚାଲାଣ ବେଳେ ଖବର ପାଇ କେଶପୁରଠାରେ ମାଡ଼ି ବସିଲା ଖଲ୍ଲିକୋଟ ଅବକାରୀ ବିଭାଗ। ୧୦କିଲୋ ଗଞ୍ଜେଇ ଓ ଗୋଟିଏ ଏକ୍ସଏଲ ଗାଡ଼ି ଜବତ କରିବା ସହ ଦୁଇ ଜଣଙ୍କୁ ଗିରଫ କରିଥିବା ଜଣାପଡ଼ିଛି। ଆଜି ସକାଳେ ଏକ ଏକ୍ସଏଲ ଗାଡ଼ି ଯୋଗେ କୋଦଲା ପଟୁ ଗଞ୍ଜେଇ



ଚୋରାଚାଲାଣ ହେଉଥିବା ଏକ ବିଶେଷ ସୂତ୍ରରୁ ଖବର ପାଇ ଖଲ୍ଲିକୋଟ ଆଦର୍ଶ ଅବକାରୀ ଥାନା ଅଧିକାରିଣୀ ତେଜସ୍ୱିନୀ ପ୍ରଧାନ ତାଙ୍କ ଟିମ ସହିତ କେଶପୁର ଠାରେ ଚଢ଼ାଉ କରିଥିଲେ। ସେଠାରୁ ୧୦କିଲୋ ଗଞ୍ଜେଇ ଓ ଏକ୍ସଏଲ ଗାଡ଼ିକୁ ଜବତ କରିବା ସହ ଦୁଇଜଣ ଯୁବକଙ୍କୁ ଗିରଫ କରିବାରେ ସଫଳ ହୋଇଥିଲେ। ଗିରଫ ଦୁଇ ଯୁବକ ବେଗୁନିଆପଡ଼ାର ଅର୍ଜୁନ ପ୍ରଧାନ ଓ ରାନୁ ଦାସ ବୋଲି ଜଣାପଡ଼ିଛି। ଏହି ଚଢ଼ାଉରେ ଖଲ୍ଲିକୋଟ ଆଦର୍ଶ ଅବକାରୀ ଥାନା ଏଏସଆଇ ଇପିଲି ଲକ୍ଷ୍ମଣ ରାଓ, କନେଷ୍ଟବଲ ଏସ ପର୍ଶୁରାମ ରେଡ୍ଡୀ, କାହ୍ନୁ ଚରଣ ନାହାକ, ଟୁଟୁ ସାମଲ, ମନୋଜ କୁମାର ଲେଙ୍କା ଓ ହରିହର ବେହେରା ପ୍ରମୁଖ ସାମିଲ ଥିଲେ। ଗିରଫ ହୋଇଥିବା ଅର୍ଜୁନ ପ୍ରଧାନ ଓ ରାନୁ ଦାସଙ୍କୁ କୋର୍ଟଚାଲାଣ କରାଯାଇଛି।

## ବିଶ୍ୱ ମତ୍ସ୍ୟ ଦିବସ ପାଳିତ




ଗଞ୍ଜାମ, ୨୧।୧୧(ସମିସ): ଗଞ୍ଜାମ ବ୍ଲକ ଅନ୍ତର୍ଗତ ହୁମ୍ମା ଶୁଖୁଆ ହାଟ ପ୍ରାଙ୍ଗଣରେ ବିଶ୍ୱ ମତ୍ସ୍ୟ ଦିବସ ପାଳିତ ହୋଇଯାଇଛି। ଉପଜିଲ୍ଲାପାଳ ଶିବାଶିଷ ବରାଳ, ଉପ ମତ୍ସ୍ୟ ନିର୍ଦ୍ଦେଶକ ସୁରେଶ ଚନ୍ଦ୍ର ବେହେରା, ଜିଲ୍ଲା ମତ୍ସ୍ୟ ଅଧିକାରୀ ଭାରତ ଭୂଷଣ ସାହୁ, ବିଡ଼ିଓ ଅଚ୍ୟୁତାନନ୍ଦ ଜାନୀ, ତହସିଲଦାର ସୁକାନ୍ତ ଚନ୍ଦ୍ର ମିଶ୍ର, ଅତିରିକ୍ତ ମତ୍ସ୍ୟ ଅଧିକାରୀ (ସାମୁଦ୍ରିକ )ଦେବୀଦତ୍ତ ମହାନ୍ତି, ଏଏଫଓ ବିଭୁ ପ୍ରସାଦ ସ୍ୱାଇଁ, ସରପଞ୍ଚ ଜାନକୀ ଦାସ ପ୍ରମୁଖ ମଞ୍ଚାସିନ ଥିଲେ। ସହକାରୀ ମତ୍ସ୍ୟ ଅଧିକାରୀ ପ୍ରିୟବ୍ରତ ଦାଶ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ସ୍ଥାନୀୟ ମତ୍ସ୍ୟଜୀବି ମାନଙ୍କ ପାଇଁ ସମସ୍ତ ସୁବିଧା ସହଯୋଗ ଯୋଗାଇବା ନିମନ୍ତେ ବିଭାଗ ପ୍ରସ୍ତୁତ ବୋଲି ଉପ ନିର୍ଦ୍ଦେଶକ ସୂଚନା ଦେଇଥିଲେ। ସ୍ଥାନୀୟ ଅଞ୍ଚଳର ବହୁ ସଂଖ୍ୟାରେ ବ୍ୟବସାୟୀ ଓ ମତ୍ସ୍ୟଜୀବି ଉପସ୍ଥିତ ଥିଲେ।

## ସାମ୍ବାଦିକତା ଓ ଗଣଯୋଗାଯୋଗ ବିଭାଗର ସ୍ୱାଗତ ସମାରୋହ



ବ୍ରହ୍ମପୁର, ୨୧।୧୧(ସମିସ): ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ସାମ୍ବାଦିକତା ଓ ଗଣଯୋଗାଯୋଗ ବିଭାଗରେ ସ୍ୱାଗତ ସମାରୋହ ଆୟୋଜିତ ହୋଇଛି। ବିଭାଗୀୟ ମୁଖ୍ୟ ଡ. ବନ୍ଦିତା କୁମାରୀ ପଣ୍ଡାଙ୍କ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ଅତିଥି ଭାବରେ ପ୍ରଫେସର ଗଣେଶ ସେଠୀ, ପ୍ରାଧ୍ୟାପକ, ସାମ୍ବାଦିକତା ଓ ଗଣଯୋଗାଯୋଗ ବିଭାଗ ତଥା ଛାତ୍ରାବାସ ତତ୍ତ୍ୱାବଧକ, ନିର୍ଦ୍ଦେଶକ, ଛାତ୍ର କଲ୍ୟାଣ, ପରିଷଦ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ, ଡ. ଜୟନ୍ତ କୁମାର ପଣ୍ଡା, ସହ ପ୍ରାଧ୍ୟାପକ, ସାମ୍ବାଦିକତା ଓ ଗଣଯୋଗାଯୋଗ ବିଭାଗ, ସଂଯୋଜକ ଜାତୀୟ ସେବା ଯୋଜନା, ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ, ଶ୍ରୀ ଅଗ୍ନୀ ବେହେରା, ସହକାରୀ ପ୍ରାଧ୍ୟାପକ, ସାମ୍ବାଦିକତା ଓ ଗଣଯୋଗାଯୋଗ ବିଭାଗ, ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ଡ. ଚିନ୍ନୁ ବହିଦାର, ସହକାରୀ ପ୍ରାଧ୍ୟାପକ, ସାମ୍ବାଦିକତା ଓ ଗଣଯୋଗାଯୋଗ ବିଭାଗ, ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ଡ.ନେହା ପାଣ୍ଡେ, ସହକାରୀ ପ୍ରାଧ୍ୟାପକ, ସାମ୍ବାଦିକତା ଓ ଗଣଯୋଗାଯୋଗ ବିଭାଗ, ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ପ୍ରମୁଖ ଯୋଗ ଦେଇଥିଲେ। ଅତିଥି ପରିଚୟ କରିଥିଲେ ସୁନନ୍ଦା ସାହୁ। ତତ୍ ପରେ ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ ସ୍ୱସ୍ତି ସୁନ୍ଦର ସିୟ। ଦ୍ୱିତୀୟ ଅଧିବେଶନରେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।

**● ସହରାଞ୍ଚଳ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର ଉଦ୍‌ଘାଟିତ**

## ଅଭିଯୋଗ କରିବାରୁ ବିଧାୟକ ଖପ୍ପା

ଦିଗପହଣ୍ଡି, ୨୧।୧୧(ସମିସ): ରାଜ୍ୟ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ଆନୁକୂଲ୍ୟରେ ଶୁକ୍ରବାର ଦିଗପହଣ୍ଡି ଏନ୍‌ଏସି ୱାର୍ଡ ନଂ.୨ କରଣସାହି ସ୍ଥିତ ଗୋପବନ୍ଧୁ ବିଦ୍ୟାଳୟର ପୁରୁଣା କୋଠାରେ ସହରାଞ୍ଚଳ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର ଉଦ୍‌ଘାଟିତ ହୋଇଯାଇଛି।

ଦିଗପହଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଦୀର୍ଘବର୍ଷ ଧରି ଲାଗିରହିଥିବା ବିବିଧ ସମସ୍ୟା, ଖାଲି ପଡ଼ିଥିବା ଡାକ୍ତର ଓ କର୍ମଚାରୀ ପଦବୀ ପୂରଣ ନିମନ୍ତେ ଏନ୍‌ଏସି ଉପାଧକ୍ଷା ପ୍ରତିନିଧି କେ. କୁନା ବିଧାୟକଙ୍କ ଦୃଷ୍ଟି ଆକର୍ଷଣ କରିବାରୁ ସେ ଏନେଇ ଆଲୋଚନା କରିବା ପରିବର୍ତ୍ତେ ଖପ୍ପା ହୋଇଥିଲେ। ଗତ ସରକାରରେ ଥିବା ପ୍ରତିନିଧିଙ୍କୁ ସମସ୍ୟା ଜଣାଇବାକୁ କହିବାରୁ ସେଠାରେ ଚାପା ଉତ୍ତେଜନା ପ୍ରକାଶ ପାଇଥିଲା। ପରେ ଉପସ୍ଥିତ ଏନ୍‌ଏସି ଅଧକ୍ଷଙ୍କ ହସ୍ତକ୍ଷେପ ପରେ ପରିସ୍ଥିତି ନିୟନ୍ତ୍ରଣ ହୋଇଥିଲା। ଦିଗପହଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଆୟୋଜିତ ରୋଗୀ କଲ୍ୟାଣ ସମିତି ବୈଠକ ପରେ ମୁଖ୍ୟ ଅତିଥି ତଥା ଦିଗପହଣ୍ଡି ବିଧାୟକ ଡ଼. ସିଦ୍ଧାନ୍ତ ମହାପାତ୍ର ଉତ୍ସବ ସ୍ଥଳରେ ପହଞ୍ଚିଥିଲେ। ଆରୋଗ୍ୟ ମନ୍ଦିର ପରିଚାଳନା କମିଟି ଅଧକ୍ଷ ତଥା କାଉନ୍‌ସିଲର ସୁଶାନ୍ତ କୁମାର ପାତ୍ର ଆରୋଗ୍ୟ ମନ୍ଦିର କୋଠାକୁ ଆନୁଷ୍ଠାନିକ ଭାବେ ଉଦଘାଟନ କରିଥିଲେ। ଦିଗପହଣ୍ଡିରେ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ରହିଥିଲେ ମଧ ଏହି ଆରୋଗ୍ୟ ମନ୍ଦିର ଦ୍ୱାରା ରୋଗୀ ସ୍ୱାସ୍ଥ୍ୟସେବା ପାଇବା ସହ ସେମାନଙ୍କୁ ମାଗଣାରେ ଔଷଧ ଯୋଗାଇ ଦିଆଯିବ ବୋଲି ବିଧାୟକ କହିଥିଲେ। ଉଦଘାଟନୀ ଉତ୍ସବରେ ଏନଏସି ନଗରପାଳ ପ୍ରଫୁଲ୍ଲ ପଣ୍ଡା, କାର୍ଯ୍ୟନିର୍ବାହୀ ଅଧିକାରୀ ଅବିନାଶ ମିଶ୍ର, ଗଞ୍ଜାମ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ



ଡ଼ା. ସୁଶାନ୍ତ କୁମାର ନାୟକ, ଡିପିଏମ୍ ବୁଲୁନାଥ ସାହୁ, ଏପିଏମ୍ ସଦାନନ୍ଦ ସାହୁ, ବମକେଇ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ଡ଼ା. ସୁଚସ୍ମିତା ଚୌଧୁରୀ, ବିପିଏମ ଶୁଭେନ୍ଦୁ କୁମାର ଦାସ, ପିଏଚଇଓ ସଂଯୁକ୍ତା ଜେନା, କନିଷ୍ଠ ସହାୟକ ରବି ପ୍ରସାଦ ପାତ୍ର, ବିଏଏମ ଶ୍ୟାମାନନ୍ଦ ପାଠୀ, ବିଡିଏମ୍ ଦାୟିତ୍ୱରେ ଥିବା ଦିଗପହଣ୍ଡି ମେଡିକାଲ ଅଫିସର ଡ଼ା. ଶିବାନନ୍ଦ ଚୌଧୁରୀ, କାଉନସିଲର ନୀଳମାଧବ ଗୌଡ଼, ରମେଶ ଚନ୍ଦ୍ର ଜେନା ପ୍ରମୁଖ ଉପସ୍ଥିତ ଥିଲେ।

**● ରାୟଗଡ଼ା ଜିଲ୍ଲାର ବିଦ୍ୟୁତ୍ ଭିତ୍ତିଭୂମି ସୁଦୃଢ଼ କରିଛି ଟିପିଏସ୍‌ଓଡିଏଲ୍**

## ନୂତନ ୩୩କେଭି ଫିଡର ଲାଇନ ସଂଯୋଗ

ବ୍ରହ୍ମପୁର, ୨୧।୧୧(ସମିସ): ଟିପି ସଦର୍ଣ୍ଣ ଓଡ଼ିଶା ଡିଷ୍ଟ୍ରିବ୍ୟୁସନ ଲିମିଟେଡ (ଟିପିଏସ୍‌ଓଡିଏଲ) ତରଫରୁ ରାୟଗଡ଼ା ଜିଲ୍ଲାର ବିଦ୍ୟୁତ ଭିତ୍ତିଭୂମିକୁ ସୁଦୃଢ଼ କରିବାକୁ ନିଆଯାଉଛି ବହୁ ଅଭିନବ ପଦକ୍ଷେପ। ନୂତନ ୩୩ କେଭି ଫିଡର ଲାଇନ୍ ସଂଯୋଗ ହେବା ଦ୍ୱାରା ଜିଲ୍ଲାର ଘରୋଇ, ଶିଳ୍ପ ଏବଂ ଗ୍ରାମାଞ୍ଚଳର ଉପଭୋକ୍ତାଙ୍କ ପାଇଁ



ନିରବଚ୍ଛିନ୍ନ ଓ ଗୁଣାତ୍ମକ ବିଜୁଳି ଯୋଗାଣ ସୁନିଶ୍ଚିତ ହୋଇଛି।

ଅମ୍ବାଲତାଠାରୁ ମଝିଘରିଆଣୀ ଇନଷ୍ଟିଚ୍ୟୁଟ ଅଫ୍ ଟେକ୍ନୋଲୋଜି ଏଣ୍ଡ ସାଇନ୍ସ(ଏମ୍‌ଆଇଟିଏସ୍) ପର୍ଯ୍ୟନ୍ତ ଦୀର୍ଘ ଦୁଇ କିଲୋମିଟର ଏକ ସ୍ୱତନ୍ତ୍ର ୩୩କେଭି ଲାଇନ ତାର ସଂଯୋଗ ହୋଇଛି। ଯାହାଦ୍ୱାରା ଗୁଣୁପୁର ଏବଂ ଆଖପାଖ ଅଞ୍ଚଳର ଉପଭୋକ୍ତାଙ୍କ ପାଇଁ ସ୍ଥିର ବିଦ୍ୟୁତ ଯୋଗାଣ ସୁନିଶ୍ଚିତ ହୋଇଛି। ପୂର୍ବେ ଏହି ଅଞ୍ଚଳରେ ଲୋ ଭୋଲ୍‌ଟେଜ୍ ସମସ୍ୟା ରହୁଥିଲା। ପୂର୍ବରୁ ସାତଟି ପାୱାର ସବଷ୍ଟେସନ ଆଖୁସିଂହ ଗ୍ରୀଡ ସବଷ୍ଟେସନରୁ ସଂଯୋଗ ହୋଇଥିବା ଗୋଟିଏ ଲାଇନ ଉପରେ ନିର୍ଭରଶୀଳ ଥିଲା। ଯାହାଦ୍ୱାରା ବିଦ୍ୟୁତ ସେବା ବାଧାପ୍ରାପ୍ତ ହେବା ସହିତ ଆବଶ୍ୟକ ସମୟରେ ଜରୁରୀକାଳୀନ ରକ୍ଷଣାବେକ୍ଷଣ ଏବଂ ମରାମତିରେ ଅସୁବିଧା ହେଉଥିଲା। ନୂଆ ଲାଇନ୍‌ଗୁଡ଼ିକ ସଂଯୋଗ ହେବା ପରେ ବର୍ତ୍ତମାନ ଗୁଣୁପୁର ଗ୍ରୀଡ ସବଷ୍ଟେସନରୁ ଗୁଣୁପୁର ପାୱାର ସବଷ୍ଟେସନ, ଜଲତାର, ବିକ୍ରମପୁର ଏବଂ ଉମ୍ବସରା ପର୍ଯ୍ୟନ୍ତ ଏହା ବିସ୍ତାର୍ଣ୍ଣ ହୋଇଛି। ଏ ସମ୍ପର୍କରେ ଟିପିଏସ୍‌ଓଡିଏଲର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଅମିତ କୁମାର ଗର୍ଗ କହିଛନ୍ତି, "ରାୟଗଡ଼ା ଦକ୍ଷିଣ ଓଡ଼ିଶାର ଏକ ଗୁରୁତ୍ୱପୂର୍ଣ୍ଣ ଶିଳ୍ପ ଓ ବାଣିଜ୍ୟିକ କେନ୍ଦ୍ର ଭାବେ ଉଭା ହେଉଛି। ଏଥିପାଇଁ ଆମର ପ୍ରାଥମିକତା ହେଉଛି ଏ କ୍ଷେତ୍ରରେ ବିଦ୍ୟୁତ ସେବା ମଧ ଜିଲ୍ଲାର ଚାହିଦା ଏବଂ ଆବଶ୍ୟକତା ଅନୁସାରେ ତାଳ ଦେଇ ଚାଲୁ। ନୂତନ ୩୩କେଭି ବିଦ୍ୟୁତ ଲାଇନ ତାର ସଂଯୋଗ ହେବା ଫଳରେ କେବଳ ଯେ ୨୦ହଜାରରୁ ଅଧିକ ଉପଭୋକ୍ତାଙ୍କ ପାଇଁ ଭରସାଯୋଗ୍ୟ ବିଦ୍ୟୁତ ସେବା ସୁନିଶ୍ଚିତ କରିଛୁ ତାହା ନୁହେଁ, ବରଂ ଆମେ ଭବିଷ୍ୟତ ପାଇଁ ଏକ ଦୃଢ଼ ଭିତ୍ତିଭୂମି ସୃଷ୍ଟି କରିପାରିଛୁ।

**● ବାର୍‌ହା ଉପଦ୍ରବରେ ଫସଲ ନଷ୍ଟ**

## କ୍ଷତିପୂରଣ ପାଇଁ ରେଞ୍ଜରଙ୍କୁ ଦାବିପତ୍ର

ଦିଗପହଣ୍ଡି, ୨୧।୧୧(ସମିସ): ଦିଗପହଣ୍ଡି ଅଞ୍ଚଳରେ ବାର୍‌ହା ଉପଦ୍ରବ ବୃଦ୍ଧି ପାଇବାରେ ଲାଗିଛି। ଚାଷଜମିର ପାଚିଲା ଧାନ ଫସଲକୁ ବାର୍‌ହା ପଲ ନଷ୍ଟ କରିଦେବା ଦ୍ୱାରା ଚାଷୀ ଚିନ୍ତାରେ। ଏନେଇ ଶୁକ୍ରବାର ଅପରାହ୍ନରେ ଦିଗପହଣ୍ଡି ସହରର ବହୁ ସଂଖ୍ୟକ ଚାଷୀ ଏକତ୍ରିତ ହୋଇ ଦିଗପହଣ୍ଡି ବନାଞ୍ଚଳ କାର୍ଯ୍ୟାଳୟରେ ପହଞ୍ଚି ବନାଞ୍ଚଳ ଅଧିକାରୀ ଦିବ୍ୟ ରଞ୍ଜନ ସାହୁଙ୍କୁ ଭେଟି ସବିଶେଷ ଆଲୋଚନା କରିବାସହ କ୍ଷତିପୂରଣ ପାଇଁ ଦସ୍ତଖତ ସମ୍ବଳିତ ଦାବିପତ୍ର ପ୍ରଦାନ କରିଥିଲେ। କ୍ଷତିଗ୍ରସ୍ତ ସମସ୍ତ ଚାଷୀଙ୍କୁ କ୍ଷତିପୂରଣ ଦେବାସହ ବାର୍‌ହା ପଲ ଚାଷୀଙ୍କ ଧାନଫସଲକୁ କିଭଳି ନଷ୍ଟ କରିନପାରିବେ ସେଥିପ୍ରତି ବନବିଭାଗ ଦୃଷ୍ଟି ଦେବାକୁ



ଅନୁରୋଧ କରିଥିଲେ। ଦାବିପତ୍ର ପ୍ରଦାନ ସମୟରେ ଚାଷୀ ପି. ଶିବଶଙ୍କର, କିଶୋର ଚନ୍ଦ୍ର ଜେନା, ଇ . ସିମାଦ୍ରୀ, ଭୀମ ଗୌଡ଼, ଇପିଲି. ଦଣ୍ଡ, ପି. ଦଣ୍ଡ, ଇ. ନରସିଂହଙ୍କ ସମେତ ବହୁ ଚାଷୀ ଉପସ୍ଥିତ ରହିଥିଲେ। ଏନେଇ ବନାଞ୍ଚଳ ଅଧିକାରୀଙ୍କୁ ପଚାରିବାରୁ ଦିଗପହଣ୍ଡି ବନପାଳ ସନ୍ତୋଷ ବିଷୋୟୀ ରତ୍ନ ଏବଂ ବନରକ୍ଷୀଙ୍କୁ କ୍ଷତିଗସ୍ତ ଜମି ଗୁଡ଼ିକୁ ପରିଦର୍ଶନ କରି ତତ୍କାଳ ସର୍ଭେ କରିବାକୁ ପରାମର୍ଶ ଦେଇଥିବା କହିଛନ୍ତି। ଧାନ ଫସଲ ଏକର ପ୍ରତି ୨୦ ହଜାର ଟଙ୍କା କ୍ଷତିପୂରଣ ପ୍ରଦାନର ବ୍ୟବସ୍ଥା ରହିଛି। ସରକାରଙ୍କ ନିର୍ଦ୍ଧାରିତ ଗାଇଡ୍ ଲାଇନ ଅନୁଯାୟୀ ଜିଓ ଟ୍ୟାଗ୍ ଫଟୋ ଉତ୍ତୋଳନ କରି ରିପୋର୍ଟ ପ୍ରସ୍ତୁତ ପରେ କ୍ଷୟକ୍ଷତି ଅନୁଯାୟୀ ଚାଷୀଙ୍କୁ ବନବିଭାଗ ପକ୍ଷରୁ ଆବଶ୍ୟକ କ୍ଷତିପୂରଣ ଦିଆଯିବା ପାଇଁ ସେ ଉପରିସ୍ଥ ଅଧିକାରୀଙ୍କୁ ସୁପାରିଶ କରିବେ ବୋଲି ଜଣାଇଛନ୍ତି।

## ରାଜ୍ୟ ଭାଷା ଓ ଶିକ୍ଷକ ପ୍ରଶିକ୍ଷଣ ପ୍ରତିଷ୍ଠାନର କର୍ମଶାଳା ଉଦଯାପିତ

ବ୍ରହ୍ମପୁର, ୨୧।୧୧(ସମିସ): ସ୍ଥାନୀୟ ସହିଦ ଲକ୍ଷ୍ମଣ ନାୟକ ସ୍ମୃତି ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ରାଜ୍ୟ ଭାଷା ଓ ଶିକ୍ଷକ ପ୍ରଶିକ୍ଷଣ ପ୍ରତିଷ୍ଠାନ ପକ୍ଷରୁ ଚାଲିଥିବା ୫ଦିନିଆ ପ୍ରଶିକ୍ଷଣ କର୍ମଶାଳା ଉଦଯାପିତ ହୋଇଯାଇଛି। ଦ୍ୱିତୀୟ ପର୍ଯ୍ୟାୟରେ ଜିଲ୍ଲା ଶିକ୍ଷାଧିକାରୀ ଅଜୟ କୁମାର ପାତ୍ର ଉପସ୍ଥିତ ପ୍ରଶିକ୍ଷାର୍ଥୀଙ୍କୁ ଇଂରାଜୀ ଭାଷା ଛାତ୍ରଛାତ୍ରୀ ପାଇଁ କିପରି ଉପଯୋଗୀ ହେବ ସେନେଇ ଆଲୋକପାତ କରିଥିଲେ। ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ଡ.ପ୍ରଭାତି କୁମାରୀ ମହାପାତ୍ର ଦୈନନ୍ଦିନ ଜୀବନରେ ଇଂରେଜୀର ବ୍ୟବହାର କରିବାକୁ କହିଥିଲେ। କାର୍ଯ୍ୟକ୍ରମରେ ନୟାଗଡ଼ ଜିଲ୍ଲାରୁ ୧୫ଜଣ ଶିକ୍ଷକ, ୨ଜଣ ପ୍ରଶିକ୍ଷକ ଓ ଗଞ୍ଜାମ ଜିଲ୍ଲାରୁ ୩୫ଜଣ ଶିକ୍ଷକ ଓ ୪ଜଣ ପ୍ରଶିକ୍ଷକ ଯୋଗ ଦେଇଥିଲେ। କର୍ମଶାଳାରେ ଶିକ୍ଷକମାନେ ଇଂରେଜୀ ଭାଷାରେ ସ୍ୱଷ୍ଟ ଓ ସହଜରେ ବାର୍ତ୍ତାଳପ ସହ ତଥ୍ୟ ଉପସ୍ଥାପନ, ମାଧ୍ୟମିକ ସ୍ତରରେ ପାଠ ପଢ଼ାଉଥିବା ଶିକ୍ଷକମାନଙ୍କ ଦକ୍ଷତା ବୃଦ୍ଧି ସମ୍ପର୍କରେ ଶୈକ୍ଷିକ ପ୍ରଶାସନକୁ ପ୍ରଶିକ୍ଷଣ ପ୍ରଦାନ କରି ପୂର୍ବରୁ ରହିଥିବା ଭାଷାଗତ ସମସ୍ୟାକୁ ଦୂର କରିବା ଦିଗରେ ଶିକ୍ଷାଦାନ କରାଯାଇଥିଲା। କାର୍ଯ୍ୟକ୍ରମକୁ ଜିଲ୍ଲା ବିଜ୍ଞାନ ନିରୀକ୍ଷକ ରାମଚନ୍ଦ୍ର ମହାରଣା ପରିଚାଳନା କରିଥିବା ବେଳେ ବିଦ୍ୟାଳୟର ପ୍ରଧାନଶିକ୍ଷକ ପ୍ରମୋଦ କୁମାର ପଣ୍ଡା ସହଯୋଗ କରିଥିଲେ।

## ଡିପିଆଇଏସ୍‌ଇରେ ନୂତନ ଅଧକ୍ଷଙ୍କ ଦାୟିତ୍ୱ ଗ୍ରହଣ

ରଙ୍ଗେଇଲୁଣ୍ଡା, ୨୧।୧୧(ସମିସ): ଗଞ୍ଜାମ ଜିଲ୍ଲା କନିଷି ହାଟ ସ୍ଥିତ ଦିବାକର ପଟ୍ଟନାୟକ ଉଚ୍ଚତର ଶିକ୍ଷା ଓ ଗବେଷଣା ପ୍ରତିଷ୍ଠାନର ଅଧକ୍ଷ ଭାବେ ପ୍ରଫେସର ମନୋଜ କୁମାର ପ୍ରଧାନ ଦାୟିତ୍ୱ ଗ୍ରହଣ କରିଛନ୍ତି। ଗୁରୁବାର ଉଚ୍ଚ ଶିକ୍ଷା ବିଭାଗ ପକ୍ଷରୁ ପ୍ରଫେସର ପ୍ରଧାନଙ୍କୁ ଅଧକ୍ଷ ଭାବେ ଯୋଗଦେବାକୁ ନିର୍ଦ୍ଦେଶ ଦିଆଯାଇଥିଲା। ଏହି ଅବସରରେ ଅନୁଷ୍ଠାନର ସମସ୍ତ ଅଧ୍ୟାପକ, ଅଧ୍ୟାପିକା ତାଙ୍କୁ ସ୍ୱାଗତ ଜଣାଇଥିଲେ। ଅଧକ୍ଷ ପ୍ରଫେସର ମନୋଜ କୁମାର ପ୍ରଧାନ ସମସ୍ତଙ୍କୁ ଧନ୍ୟବାଦ ଦେବା ସହ ପ୍ରତିଷ୍ଠାନର ଉନ୍ନତି ପାଇଁ ତଥା ଶୈକ୍ଷିକ ବାତାବରଣକୁ ତ୍ୱରାନ୍ୱିତ କରିବା ପାଇଁ ସମସ୍ତଙ୍କ ସହଯୋଗ କାମନା କରିଥିଲେ। ପ୍ରଫେସର ସେଠୀଙ୍କର ଏ ପ୍ରତିଷ୍ଠାନର ପୂର୍ବରୁ ଅଭିଜ୍ଞତା ଥିବାରୁ ଏହାକୁ ଆଗେଇ ନେବା ପାଇଁ ସହାୟକ ହୋଇପାରିବ ବୋଲି ସମସ୍ତେ ମତବ୍ୟକ୍ତ କରିଥିଲେ। ଡିଭିସିଟିର ଅଧକ୍ଷ ପ୍ରଫେସର ଦେବେନ୍ଦ୍ର କୁମାର ସେଠୀ ମଧ ଏଠାରେ ଯୋଗଦାନ କରିଛନ୍ତି। ପ୍ରଫେସର ଦ୍ୱୟ ଦକ୍ଷିଣ ଓଡ଼ିଶାର ପ୍ରମୁଖ ଶିକ୍ଷକ ଶିକ୍ଷା ପ୍ରତିଷ୍ଠାନରେ ଯୋଗ ଦେଇଥିବାରୁ ଛାତ୍ରଛାତ୍ରୀ, ଅଭିଭାବକ ଓ ବୁଦ୍ଧିଜୀବୀଙ୍କ ମହଲରେ ଆନନ୍ଦ ଲହରୀ ଖେଳିଯାଇଛି।



**ଗଞ୍ଜାମ ଜିଲ୍ଲାରେ ଦଣ୍ଡନାଚ ପାଇଁ କଟକଣା ଲାଗୁ**

## ଅବମାନନା କଲେ ଦୃଢ଼ କାର୍ଯ୍ୟାନୁଷ୍ଠାନ: ଜିଲ୍ଲାପାଳ

ଛତ୍ରପୁର, ୨୧।୧୧(ସମିସ)

ଗଞ୍ଜାମ ଜିଲ୍ଲାର ବିଶ୍ୱପ୍ରସିଦ୍ଧ ଦଣ୍ଡନାଚ ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ଏସଓପି ସ୍ୱରୂପ ଦୃଢ଼ କଟକଣା ଲାଗୁ କରାଯାଇଛି। ଏହାର ଅବମାନନା କଲେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ମଧ ଜିଲ୍ଲା ପ୍ରଶାସନ ପକ୍ଷରୁ କୁହାଯାଇଛି। ଗଞ୍ଜାମ ଜିଲ୍ଲାର ସର୍ବପୁରାତନ ତଥା ଜିଲ୍ଲାବାସୀଙ୍କ ଧାର୍ମିକ ଚିନ୍ତାଧାରା ଓ ବିଶ୍ୱାସକୁ ନେଇ ଲୋକ ପରମ୍ପରା ଦଣ୍ଡନାଚ ଜିଲ୍ଲାର ବିଭିନ୍ନ ସ୍ଥାନରେ ଅନୁଷ୍ଠିତ ହୋଇଥାଏ। ଦଣ୍ଡନାଚରେ ଅଶ୍ଳୀଳତା, ଅପସଂସ୍କୃତି ଓ ଅସମାଜାକି ତତ୍ତ୍ୱର ନିରାକରଣ ତଥା ଜିଲ୍ଲାରେ ଦଣ୍ଡନାଚ ସୁପରିଚାଳନା ନିମନ୍ତେ ଗଞ୍ଜାମ ଜିଲ୍ଲା ପ୍ରଶାସନ ପକ୍ଷରୁ ମାନକ ପରିଚାଳନା ପ୍ରଣାଳୀ ତଥା ଏସ୍‌ଓପି ଜାରି କରାଯାଇଛି। ଦଣ୍ଡନାଚରେ ଅଶ୍ଳୀଳ, ଅପସଂସ୍କୃତି ଓ ଅସାମାଜିକ ତତ୍ତ୍ୱର ପ୍ରାଦୁର୍ଭାବ ପରିପ୍ରେକ୍ଷୀରେ ଏହାର ସୁସମାଧାନ ନିମନ୍ତେ ଏହି ଏସ୍‌ଓପି ଜିଲ୍ଲା ପ୍ରଶାସନ ପକ୍ଷରୁ ଜାରି ହୋଇଛି। ଦଣ୍ଡନାଚ ପରିବେଷଣ ବେଳେ ମାନକ ପିରଚାଳନା ପ୍ରଣାଳି(ଏସ୍‌ଓପି)ରେ ବ୍ୟତିକ୍ରମ ଘଟିଲେ ଉଲ୍ଲଙ୍ଘନକାରୀଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଗଞ୍ଜାମ ଜିଲ୍ଲାପାଳ ତଥା ଜିଲ୍ଲା ଦଣ୍ଡାଧିକାରୀ ଭି.କୀର୍ତ୍ତିଭାସନ୍ ସୂଚନା ଦେଇଛନ୍ତି। ଜାରି ହୋଇଥିବା ଏସ୍‌ଓପିରେ ଧୂଳିଦଣ୍ଡ ସମୟରେ ପାରମ୍ପରିକ ଢ଼ଗଢ଼ମାଳି ଏବଂ ଲୋକସଙ୍ଗୀତର ବ୍ୟବହାର ଅନୁମୋଦିତ। କୌଣସି ଅଶାଳୀନ ଏବଂ ଦ୍ୱିଅର୍ଥ ବୋଧକ ଶବ୍ଦର ପ୍ରୟୋଗ ନିଷିଦ୍ଧ। ରାତିରେ ସାଂସ୍କୃତିକ ମଞ୍ଚରେ କେବଳ ପାରମ୍ପରିକ କଳା ଅନୁମୋଦିତ କରାଯାଇଛି। ମହାନଗର ନିଗମ ସ୍ତରରେ ବ୍ରହ୍ମପୁର କମିଶନର, ବ୍ଲକସ୍ତରରେ ସ୍ଥାନୀୟ ତହସିଲଦାର, ଗୋଷ୍ଠୀ ଉନ୍ନୟନ ଅଧିକାରୀ, ଥାନା ଅଧିକାରୀ, ବିଜ୍ଞାପିତ ଅଞ୍ଚଳ ପରିଷଦର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ, ବ୍ଲକ କଳା ସଂସ୍କୃତି ସଂଘର ଉପସଭାପତିଙ୍କୁ ନେଇ ଏକ କମିଟି ଗଠନ କରାଯିବ ବୋଲି କୁହାଯାଇଛି। ସେହିଭଳି କାର୍ଯ୍ୟନିର୍ବାହୀ ଅଧିକାରୀ ଦଣ୍ଡନାଚ ଆରମ୍ଭ ପୂର୍ବରୁ ବ୍ଲକ/ମହାନଗର ନିଗମସ୍ତରରେ ସମସ୍ତ ଦଣ୍ଡନାଚର ମୁଖ୍ୟ ପରିଚାଳକ ଦଣ୍ଡନାଚ ପୂର୍ବରୁ ଆବଶ୍ୟକୀୟ ସର୍ତ୍ତ ପୂରଣ କରି ସ୍ଥାନୀୟ ଥାନା ଅଧିକାରୀଙ୍କ ଠାରୁ ଅନୁମତି ନେବା ବାଧ୍ୟତାମୂଳକ କରାଯାଇଛି। ଅନୁମତି ଦରଖାସ୍ତରେ ଦଣ୍ଡନାଚର ସବିଶେଷ ତଥ୍ୟ ଯଥା ନାଟକ ସମ୍ପର୍କରେ ସମ୍ପୂର୍ଣ୍ଣ ତଥ୍ୟ, କଳାକାରଙ୍କ ନାମ ଠିକଣା, କେତେ ଦିନ କେଉଁ କେଉଁ ସ୍ଥାନରେ ଦଣ୍ଡନାଚ ପରିବେଷଣ କରିବେ ତାହାର ସବିଶେଷ ତଥ୍ୟ ପ୍ରଦାନ କରିବାକୁ କୁହାଯାଇଛି।

## ଦୁର୍ଘଟଣାରେ ପଞ୍ଚାୟତ ଉନ୍ନୟନ ଅଧିକାରୀ ଗୁରୁତର

ଦିଗପହଣ୍ଡି, ୨୧।୧୧(ସମିସ): ଦିଗପହଣ୍ଡି ବ୍ଲକ ଅନ୍ତର୍ଗତ ଜକର ଗ୍ରାମ ନିକଟରେ ଏକ ପିକ୍‌ଅପ୍ ଭ୍ୟାନ୍ (ନଂ. ଓଆର୍‌୦୭ ଏଚ୍-୦୩୧୦) ବାଇକକୁ ଧକ୍କା ଦେବାରୁ ବାଇକ୍ ଆରୋହୀ ଦିଗପହଣ୍ଡି ପୁଞ୍ଜିକୟାଁ ଛକ ନିକଟ ନୀଳକଣ୍ଠ ନଗରରେ ରହୁଥିବା ପାତ୍ରପଡ଼ା ଗ୍ରାମର ବାବୁଲା ବିଷୋୟୀ ଗୁରୁତର ହୋଇଛନ୍ତି। ସେ ଚିକିଟି ବ୍ଲକ ଝାଟିପଦର ପଞ୍ଚାୟତର ସହକାରୀ ଉନ୍ନୟନ ଅଧିକାରୀ ଭାବେ କାର୍ଯ୍ୟ କରୁଛନ୍ତି। ପଞ୍ଚାୟତ କାମ ସାରି ବାଇକରେ ଦିଗପହଣ୍ଡି ଫେରୁଥିବା ବେଳେ ଚିକିଟି ଅଭିମୁଖେ ଯାଉଥିବା ପିକ୍‌ଅପଟି ତାଙ୍କୁ ଧକ୍କା ଦେଇଥିଲା। ଗୁରୁତର ଅବସ୍ଥାରେ ତାଙ୍କୁ ବ୍ରହ୍ମପୁର ବଡ଼ ଡାକ୍ତରଖାନା ଓ ପରେ ଭୁବନେଶ୍ୱରର ଏକ ଘରୋଇ ହସ୍‌ପିଟାଲକୁ ସ୍ଥାନାନ୍ତର କରାଯାଇଛି।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

● -ପୀତବାସ ହତ୍ୟା ମାମଲା

## ଦ୍ୱିତୀୟ ପର୍ଯ୍ୟାୟ ରିମାଣ୍ଡ ପରେ ଜେଲ୍‌କୁ ଫେରିଲେ ୪ ଅଭିଯୁକ୍ତ

ବ୍ରହ୍ମପୁର,୨୧।୧୧(ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ପୁଲିସ ଗୁରୁବାର ଅଭିଯୁକ୍ତ କୁରୁପତି ଭୂୟାଁ, ଚିଣ୍ଟୁ ପ୍ରଧାନ, ଉମା ବିଷୋୟୀ ଓ ଯୋଗୀ ରାଉତଙ୍କୁ ୨ଦିନିଆ ରିମାଣ୍ଡରେ ନେଇ ଜେରା ମୁହାଁମୁହିଁ ଜେରା କରିଥିଲା। ଶୁକ୍ରବାର ସନ୍ଧ୍ୟାରେ ଉପରୋକ୍ତ ୪ଅଭିଯୁକ୍ତଙ୍କୁ ପୁଲିସ କୋର୍ଟରେ ହାଜର କରି ପୁଣି ଜେଲକୁ ପଠାଇଦେଇଛି। ପୂର୍ବରୁ ୬ରୁ ଉଦ୍ଧ୍ୱର୍ ଅଭିଯୁକ୍ତଙ୍କୁ ରିମାଣ୍ଡରେ ନେଇ ଜେରା କରିଥିଲା ପୁଲିସ। ଗୁରୁବାର ପୁଣି ଏହି ୪ଜଣ ଅଭିଯୁକ୍ତଙ୍କୁ ରିମାଣ୍ଡରେ ନେଇ ପୁଲିସ ଜେରା କରିଥିଲା।



ବୈଦ୍ୟନାଥପୁର ଥାନାରେ ଏସପି ଡ଼ା ସର୍ବଣା ବିବେକ ଏମ ଦିର୍ଘ ସମୟ ଧରି ସମସ୍ତ ଅଭିଯୁକ୍ତଙ୍କୁ ମୁହାଁମୁହିଁ ଜେରା କରିଥିଲେ। ଏପରିକି ଅଭିଯୁକ୍ତମାନଙ୍କ ବୟାନକୁ ପୁଲିସ ଭିଡ଼ିଓ ରେକର୍ଡ଼ିଂ କରି ରଖିଥିବା ଜଣାପଡିଛି। ଜେରା ଓ ତଦନ୍ତର ଗ୍ରଗତି ପରେ ପୁଲିସ ହାତରେ କିଛି ନୂଆ ତଥ୍ୟ ଲାଗିଥିବା ସୂଚନା ମିଳିଛି। ମିଳିଥିବା ତଥ୍ୟ ଆଧାରରେ ପୁଲିସ ତଦନ୍ତ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରୁଛି।

## ଦୁଷ୍କର୍ମ ମାମଲା; ଅଭିଯୁକ୍ତକୁ ୨୦ ବର୍ଷ ଜେଲ୍

ବ୍ରହ୍ମପୁର,୨୧।୧୧(ସମିସ): ଏକ ନାବାଳିକା ଦୁଷ୍କର୍ମ ମାମଲାର ବିଚାରଣା କରି ସ୍ୱତନ୍ତ୍ର ପୋକସୋ କୋର୍ଟ ଜଜ୍ ପ୍ରଣତୀ ପଟ୍ଟନାୟକ ଅଭିଯୁକ୍ତକୁ ଦୋଷୀ ସାବ୍ୟସ୍ତ କରିବା ସହ ୨୦ବର୍ଷ ଜେଲଦଣ୍ଡରେ ଦଣ୍ଡିତ କରିଛନ୍ତି। ଯୁବକ ଜଣକ ଆସିକା ଥାନା ଅଞ୍ଚଳର କୃଷ୍ଣ ନାୟକ (୨୭)। ଜେଲ ଦଣ୍ଡ ସହ ୧୦ହଜାର ଟଙ୍କା ଜରିମାନା ଦେବାକୁ ଓ ଜରିମାନା ଅନାଦାୟ ଅଧିକ ୧୧ମାସ ସଶ୍ରମ କାରାଦଣ୍ଡରେ ଦଣ୍ଡିତ ପାଇଁ କୋର୍ଟ ନିର୍ଦ୍ଦେଶ ରହିଛି। ସେହିପରି ପୀଡ଼ିତାଙ୍କୁ ୧୦ଲକ୍ଷ ୫୦ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରିବାକୁ ଆଇନସେବା ପ୍ରାଧିକରଣ ସଚିବଙ୍କୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି।

ସୂଚନାଯୋଗ୍ୟ ଯେ, ୨୦୨୩ରେ ଆସିକା ଥାନା ଅନ୍ତର୍ଗତ ଏକ ଗାଁରେ ବାହାଘର ଶୋଭାଯାତ୍ରା ଚାଲିଥିବାବେଳେ ଜନୈକା ନାବାଳିକାଙ୍କ ଘରେ କେହି ନଥିବାର ସୁଯୋଗ ନେଇ ଅଭିଯୁକ୍ତ କୃଷ୍ଣ ନାୟକ ଘରେ ପଶି ଦୁଷ୍କର୍ମ କରିଥିଲା। ରାତିରେ ଭୋଜି ଖାଇସାରି ପରିବାର ଲୋକେ ଘରକୁ ଫେରି ଝିଅ କାନ୍ଦୁଥିବା ଦେଖି ପଚାରିବାରୁ ଝିଅ ସବୁକଥା କହିଥିଲା। ଏନେଇ ତାଙ୍କ ମା' ଆସିକା ଥାନାରେ ଅଭିଯୋଗ କରିବାରୁ ପୁଲିସ ଏକ ମାମଲା ରୁଜୁ କରି ଅଭିଯୁକ୍ତ କ୍ରିଷ୍ଣା ନାଇକଙ୍କୁ ଗିରଫ କରି କୋର୍ଟଚାଲାଣ କରିଥିଲା। ମାମଲାର ବିଚାରଣା ବେଳେ ୧୪ଜଣ ସାକ୍ଷୀଙ୍କ ବୟାନ ରେକର୍ଡ କରାଯାଇଥିଲା। ଶୁକ୍ରବାର ରାୟ ପ୍ରକାଶ ବେଳେ ବ୍ରହ୍ମପୁର ମଣ୍ଡଳ କାରାଗାରରେ ବିଚାରଧୀନ ବନ୍ଦୀ ଥିବା ଅଭିଯୁକ୍ତ କ୍ରିଷ୍ଣାକୁ କୋର୍ଟରେ ହାଜର କରାଯାଇଥିଲା। ସାକ୍ଷୀଙ୍କ ବୟାନ ଓ ପ୍ରମାଣ ଆଧାରରେ କୋର୍ଟ ଉପରୋକ୍ତ ରାୟ ପ୍ରକାଶ କରିଛନ୍ତି। ସରକାରଙ୍କ ପକ୍ଷରୁ ସ୍ୱତନ୍ତ୍ର ପିପି ନାରାୟଣ ପଣ୍ଡା ମାମଲା ପରିଚାଳନା କରିଥିଲେ।

## ଯୁବକଙ୍କ ଆତ୍ମହତ୍ୟା

ବ୍ରହ୍ମପୁର,୨୧।୧୧(ସମିସ): ନିମଖଣ୍ଡି ଥାନା ଅନ୍ତର୍ଗତ ସଂଜୀବନୀ ବିହାରର ଜଣେ ଯୁବକ ବେକରେ ଚୁନି ଲଗାଇ ଆତ୍ମହତ୍ୟା କରିଛନ୍ତି। ମୃତକ ଯାଜପୁର ଅଞ୍ଚଳର ନିଶିକାନ୍ତ ବିଶ୍ୱାଳ (୩୫)। ନିମଖଣ୍ଡି ପୁଲିସ ମୃତଦେହ ଜବତ କରି ଏକ ଅପମୃତ୍ୟୁ ମାମଲା ରୁଜୁ କରିଛି। ପଞ୍ଚନାମା ଓ ବ୍ୟବଚ୍ଛେଦ ପରେ ମୃତଦେହ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି। ନିଶିକାନ୍ତ କିଛିବର୍ଷ ଧରି ବ୍ରହ୍ମପୁରରେ ପରିବାର ସହ ହର୍ଷବିହାର ନିକଟସ୍ଥ ସଂଜୀବନୀ ବିହାରରେ ଭଡ଼ାଘରେ ରହୁଥିଲେ। ନିଶିକାନ୍ତ ଆସ୍କାରୋଡରେ ଥିବା ସ୍ୱଙ୍ଗ ହୋଣ୍ଡା ମୋଟର୍ସରେ ଆକାଉଣ୍ଟାଣ୍ଟ ଭାବେ କାର୍ଯ୍ୟ କରୁଥିଲେ। ଗୁରୁବାର ରାତିରେ ବାପା ନରୋତ୍ତମ ବିଶ୍ୱାଳ ପୁଅ ନିଶିକାନ୍ତଙ୍କୁ ଫୋନ କରିଥିଲେ ହେଁ ସେ ଉଠାଇନଥିଲେ। ଗୃହମାଲିକ ଓ ସ୍ଥାନୀୟ ଲୋକଙ୍କ ସହାୟତାରେ ଘରର କବାଟ ଭାଙ୍ଗି ତାଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର କରାଯାଇଥିଲା।



## ମାର୍‌ପିଟ ମାମଲାରେ ଜଣେ ଗିରଫ

ବ୍ରହ୍ମପୁର,୨୧।୧୧(ସମିସ): ଗୋପାଳପୁର ଥାନା ଅନ୍ତର୍ଗତ ତରେଇ ଗଉଞ୍ଜୁ ଗ୍ରାମରେ ଗୁରୁବାର ସକାଳେ ସମ୍ପର୍କୀୟଙ୍କ ମଧ୍ୟରେ ଗଣ୍ଡଗୋଳ ମାମଲାରେ ପୁଲିସ ଶୁକ୍ରବାର ଜଣକୁ ଗିରଫ କୋର୍ଟଚାଲାଣ କରିଛି। ଗିରଫ ଅଭିଯୁକ୍ତ ଜଣକ ହେଲେ ତରେଇ ଗଉଞ୍ଜୁ ଗ୍ରାମର ଦୀପକ ବେହେରା। ଗୁରୁବାର ସକାଳେ ହୃଷୀକେଶ ବେହେରା ଘରକୁ ଫେରୁଥିବା ବେଳେ ତାଙ୍କର ପୁରୁଣା ଘର ନିକଟରେ ଦୀପକଙ୍କ ସମେତ ୪ଜଣ ସଂଘବଦ୍ଧ ଆକ୍ରମଣ କରିଥିଲେ। ହୃଷୀକେଶଙ୍କ ପତ୍ନୀ ଆରତୀ ବେହେରା ଗୋପାଳପୁର ଥାନାରେ ଅଭିଯୋଗ କରିବା ପରେ ପୁଲିସ ମାମଲା ରୁଜୁ କରି ୪ଜଣଙ୍କୁ ଥାନାକୁ ଆଣି ପଚରାଉଚରା କରିଥିଲା। ପରେ ଅଭିଯୁକ୍ତ ଦୀପକକୁ ଗିରଫ କରି କୋର୍ଟଚାଲାଣ କରିଛି।

### ପୂର୍ଣ୍ଣ ଉପସ୍ଥାନ ବିଶିଷ୍ଟ ବିଇଏମ୍‌ସି ବୈଠକ

# ଭତ୍ତା ପ୍ରଦାନରେ ଅବହେଳା ଓ ପାତରଅନ୍ତରକୁ ନେଇ ହୋହଲ୍ଲା

ବ୍ରହ୍ମପୁର,୨୧।୧୧(ସମିସ)



ବ୍ରହ୍ମପୁର ମହାନଗର ନିଗମର ଗୁରୁତ୍ୱପୂର୍ଣ୍ଣ କର୍ପୋରେସନ ବୈଠକ ମେୟର ସଂଘମିତ୍ରା ଦଳେଇଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ୪୨କର୍ପୋରେଟର ବିଶିଷ୍ଟ ନିଗମର ଏହି ବୈଠକ ବିଭିନ୍ନ କାରଣରୁ ବିଳମ୍ବରେ ଅନୁଷ୍ଠିତ ହୋଇଥିବା ବେଳେ ଏଥିରେ କର୍ପୋରେଟରଙ୍କ ପୂର୍ଣ୍ଣ ଉପସ୍ଥାନ ଦେଖିବାକୁ ମିଳିଥିଲା। ଗତ ସେପ୍ଟେମ୍ବର ୨୬ତାରିଖରେ ହୋଇଥିବା ପୂର୍ବ ବୈଠକର ନିଷ୍ପତ୍ତିକୁ ଦୃଢୀକରଣ ପରେ ଗତ ଅକ୍ଟୋବର ୧୦ରେ ଅନୁଷ୍ଠିତ ନିଗମର ୩ଟି ଷ୍ଟାଣ୍ଡିଂ କମିଟି ପକ୍ଷରୁ ସୁପାରିସ ହୋଇଥିବା ବିଭିନ୍ନ ପ୍ରସ୍ତାବ ଉପରେ ଆଲୋଚନା କରାଯାଇଥିଲା। ହିତାଧିକାରୀଙ୍କ ଭତ୍ତା ପ୍ରଦାନରେ ବ୍ୟାପକ ଅନିୟମିତତା ଓ ଅବହେଳା ନେଇ ହୋହଲ୍ଲା ହୋଇଥିଲା।

ପୂର୍ବରୁ ହିତାଧିକାରୀଙ୍କ ପାଇଁ ଉଦ୍ଦିଷ୍ଟ ୧୨ଶହ ଟଙ୍କା ଭତ୍ତା ଠିକ୍‌ଭାବେ ମିଳୁନଥିବା ବେଳେ ବର୍ତ୍ତମାନ ବର୍ଦ୍ଧିତ ୩୫ଶହ ଟଙ୍କାକୁ ନେଇ ବଢ଼ିଛି ସମସ୍ୟା। ସେପଟେ ମୃତ ହିତାଧିକାରୀଙ୍କ ସ୍ଥାନରେ ନୂତନ ହିତାଧିକାରୀଙ୍କୁ ତାଲିକାଭୁକ୍ତ କରାଯାଉନଥିବାରୁ ଉଦ୍‌ବେଗ ପ୍ରକାଶ ପାଇଥିଲା। ପରେ ଜିଲ୍ଲା ଅଧିକାରୀଙ୍କ ଉପସ୍ଥିତିରେ ସମାଧାନର ପନ୍ଥା ବାହାର କରି ଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିବାକୁ କମିଶନର ପ୍ରଥମେଶ ଅରବିନ୍ଦ ରାଜେଶିର୍କେ ମତ ରଖିଥିଲେ।

ନିର୍ଦ୍ଧାରିତ ସମୟରେ ନିଗମର ସମସ୍ତ ୧୦ଟି ଷ୍ଟାଣ୍ଡିଂ କମିଟିର ବୈଠକ ହେଉନଥିବା ବେଳେ ହାତଗଣତି କିଛି କମିଟିର ବୈଠକ ହେଉଛି। ଏପରିକି ବୈଠକରେ କ'ଣ ଆଲୋଚନା ହେଉଛି ସେନେଇ ମଧ୍ୟ କର୍ପୋରେଟରଙ୍କୁ ଅବଗତ କରାଯାଉନଥିବା ଅଭିଯୋଗ ହୋଇଥିଲା। ସହରରେ ଲଗାଯାଉଥିବା କମ୍ କ୍ଷମତା ବିଶିଷ୍ଟ ଏଲଇଡି ଷ୍ଟ୍ରିଟ ଲାଇଟ ବଦଳରେ ୯୦ୱାଟ୍ ଲାଇଟ୍ ଲଗାଇବାକୁ ପ୍ରସ୍ତାବ ଦିଆଯାଇଥିଲା। ପ୍ରତି ୱାର୍ଡରେ ଅନ୍ୟୁନ ୧୦ଟି ଲେଖାଏଁ ଲାଇଟ ଲଗାଇବାକୁ ସହମତି ପ୍ରକାଶ ପାଇଥିଲା। ଅନେକ ପ୍ରକଳ୍ପ କାମ ଠିକାଦାର ନିର୍ଦ୍ଧାରିତ ସମୟରେ ଶେଷ କରୁନଥିବାରୁ ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ନିଷ୍ପତ୍ତି ନିଆଯାଇଛି। ନିଗମ ବୈଠକରେ ସହରରେ ଥିବା ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ସମସ୍ତ ବିଭାଗର ଅଧିକାରୀ ଉପସ୍ଥିତ ରହିବା ନିୟମକୁ ଖିଲାପ କରି କେହି ଉପସ୍ଥିତ ରହୁନଥିବାରୁ ନିଷ୍ପତ୍ତି ନେବାରେ ସମସ୍ୟା ସୃଷ୍ଟି ହେଉଛି। ଏଭଳି ସ୍ଥିତିକୁ ନେଇ ଗୃହରେ ସଦସ୍ୟମାନେ ବିରକ୍ତି ପ୍ରକାଶ କରିବା ସହ ବିଭାଗୀୟ ଅଧିକାରୀଙ୍କୁ ନୋଟିସ ଜାରି କରିବାକୁ ଦାବି କରାଯାଇଥିଲା। ସେହିଭଳି ବୈଠକରେ ଖୋଦ୍ ନିଗମର କିଛି ଅଧିକାରୀ ଅନୁପସ୍ଥିତ ରହୁଥିବା ବେଳେ ଯେଉଁମାନେ ଉପସ୍ଥିତ ରହୁଛନ୍ତି ସେମାନେ କୌଣସି ଆଗୁଆ ପ୍ରସ୍ତୁତି ନକରି ଆସୁଥିବା ଜଣାପଡିଛି। ଏଥିପାଇଁ ମଧ୍ୟ ବିଭାଗୀୟ ମୁଖ୍ୟଙ୍କୁ ତାଗିଦ କରାଯାଇଥିଲା। ସହରର ବିଭିନ୍ନ ୱାର୍ଡରେ ଥିବା ବିଇଏମସିର ନିଜସ୍ୱ ରାସ୍ତା ଓ ଜମିକୁ ଜବରଦଖଲ ମୁକ୍ତ କରିବାକୁ ଦାବି ହୋଇଥିଲା। ଦିର୍ଘ ୯ ମାସ ଧରି ନିଗମରେ ଗୋଟିଏ ମଧ୍ୟ ଟେଣ୍ଡର ହୋଇନଥିବା ବିଷୟକୁ ନେଇ ଖୋଦ ନିଗମର ପବ୍ଲିକ ୱାର୍କସ ଷ୍ଟାଣ୍ଡିଂ କମିଟିର ଅଧ୍ୟକ୍ଷ ତଥା ବରିଷ୍ଠ କର୍ପୋରେଟର ଟି. ତ୍ରିପତି ପାତ୍ର କ୍ଷୋଭ ପ୍ରକାଶ କରିଥିଲେ।

ବିଭିନ୍ନ ଘରୋଇ ବିଜ୍ଞାପନ ସଂସ୍ଥା ନିକଟରୁ ବକେୟା ଦେୟ ଆଦାୟ ପାଇଁ ଦୁଇଟି ସ୍ୱତନ୍ତ୍ର କମିଟି ଗଠିତ କରାଯାଇଛି। ବିଇଏମସି କାର୍ଯ୍ୟାଳୟ ଓ ସହରର ପ୍ରମୁଖ ୧୦ଟି ସ୍ଥାନରେ ଉପଲବ୍ଧ ସିଟି ୱାଇଫାଇର ରକ୍ଷଣାବେକ୍ଷଣା ପାଇଁ ୱିଫି ଇଣ୍ଟରନେଟ ଘରୋଇ ସଂସ୍ଥା ଜରିଆରେ ବିଇଏମସିର ବାର୍ଷିକ ୪୮ ଲକ୍ଷ ଟଙ୍କା ଖର୍ଚ୍ଚ ହେଉଥିବା ଜଣାପଡିଛି। ତେବେ ଦୀର୍ଘବର୍ଷ ଧରି ବିଇଏମସି ଯୋଗାଇ ଆସୁଥିବା ଏଭଳି ସୁବିଧା ଦ୍ୱାରା ସହରବାସୀ କିମ୍ବା ନିଗମ କର୍ମଚାରୀ ଉପକୃତ ହେଉନଥିବା ଅଭିଯୋଗ କରି ସଂପୃକ୍ତ ଘରୋଇ ସଂସ୍ଥାକୁ ପ୍ରବଳ ବିରୋଧ କରିଥିଲେ ଅଧିକାଂଶ କର୍ପୋରେଟର। ଯାହାକୁ ନେଇ ଉକ୍ତ ଟେଣ୍ଡରକୁ ବାତିଲ କରିବାକୁ ବୈଠକରେ ସର୍ବସମ୍ମତି କ୍ରମେ ନିଷ୍ପତ୍ତି ହୋଇଥିଲା। ସହରରେ ୩ଟି ପ୍ରମୁଖ ସ୍ଥାନରେ ଅର୍ଥାତ୍ ଗାନ୍ଧିନଗର ଛକରେ ମହାତ୍ମା ଗାନ୍ଧିଙ୍କ ପ୍ରତିମୂର୍ତ୍ତି ନିକଟରେ ପୂର୍ବତନ ପ୍ରଧାନମନ୍ତ୍ରୀ ଲାଲ ବାହାଦୂର ଶାସ୍ତ୍ରୀ, ଖଲ୍ଲିକୋଟ ଏକକ ବିଶ୍ୱବିଦ୍ୟାଳୟ ସମ୍ମୁଖରେ ଥିବା ୱାଟର ଫାଉଣ୍ଟେନ ଠାରେ ଶହୀଦ ଲକ୍ଷ୍ମଣ ନାୟକ ଓ ଗୋପାଳପୁର ଓଭର ବ୍ରିଜରୁ ଆମ୍ବପୁଆ ପାଶ୍ୱର୍ରାସ୍ତାରେ ସ୍ୱାମୀ ବିବେକାନନ୍ଦଙ୍କ ପ୍ରତିମୂର୍ତ୍ତି ସ୍ଥାପନ ପାଇଁ ମେୟର ଶ୍ରୀମତୀ ସଂଘମିତ୍ରା ଦଳେଇ ଦେଇଥିବା ପ୍ରସ୍ତାବ ପାରିତ କରାଯାଇଥିଲା। ତେବେ

- ସିଟି ୱାଇଫାଇ' ବାବଦରେ ବାର୍ଷିକ ୪୮ ଲକ୍ଷ ଖର୍ଚ୍ଚକୁ ବିରୋଧ; ଟେଣ୍ଡର ରଦ୍ଦ
- ବିଇଡିଏ ସହାୟତାରେ ସ୍ଥାପିତ ହେବ ୩ ମହାପୁରୁଷଙ୍କ ପ୍ରତିମୂର୍ତ୍ତି
- ୯ ମାସ ଧରି ହୋଇନି କୌଣସି ଟେଣ୍ଡର, ଷ୍ଟାଣ୍ଡିଂ କମିଟି ଅଧ୍ୟକ୍ଷଙ୍କ କ୍ଷୋଭ
- ବୈଠକରେ ଅନୁପସ୍ଥିତ ବିଭାଗୀୟ ଅଧିକାରୀଙ୍କୁ ଜାରିହେବ ନୋଟିସ୍

ଏହିକାର୍ଯ୍ୟ ବିଇଡିଏ ସମ୍ପାଦନ କରିବାକୁ ନିଗମ ଆୟୁକ୍ତଙ୍କୁ କାର୍ଯ୍ୟଭାର ପ୍ରଦାନ କରାଯାଇଥିଲା।

ଘରୋଇ ବାସଗୃହ ଭଳି ସହରର ଆପାର୍ଟମେଣ୍ଟରୁ ଅଳିଆ ସଂଗ୍ରହ ପାଇଁ ସମାନ ଭାବେ ମାସିକ ୩୦ଟଙ୍କା ଦେୟ ସଂଗ୍ରହ କରିବାକୁ ନିଷ୍ପତ୍ତି ହୋଇଥିବା ବେଳେ ୧୧ଜଣ ଅବସରପ୍ରାପ୍ତ କର୍ମଚାରୀଙ୍କ ପୁନଃନିଯୁକ୍ତି ସମ୍ପର୍କିତ ପ୍ରସ୍ତାବକୁ ସାମୟିକ ଭାବେ ସ୍ଥଗିତ ରଖାଯାଇଛି। ବୈଠକରେ ମେୟର ଓ କମିଶନରଙ୍କ ସମେତ ଡେପୁଟି ମେୟର ଇ. ବିବେକ ରେଡ୍ଡୀ, ବିଧାୟକଙ୍କ ପ୍ରତିନିଧି ଅଶୋକ ଶୁକ୍ଳ, ମନ୍ତ୍ରୀଙ୍କ ପ୍ରତିନିଧି ଶିବ ନାୟକ ଓ ସାଂସଦଙ୍କ ପ୍ରତିନିଧି ବାଳକୃଷ୍ଣ ସାମନ୍ତରାୟ, ଡେପୁଟି କମିଶନର ଆଶିର୍ବାଦ ପରିଡା, କଲ୍ୟାଣୀ ସଂଘମିତ୍ରା, ସିଟି ଇଂଜିନିୟର ମନୋଜ ପାତ୍ର ପ୍ରମୁଖଙ୍କ ସହିତ ସମସ୍ତ କର୍ପୋରେଟର ଓ ନିଗମ ଅଧିକାରୀ ଉପସ୍ଥିତ ଥିଲେ।

## ଟିକଟ ବାତିଲ ପରେ ବି ଟଙ୍କା ଫେରାଉନି ରେଳବିଭାଗ

### ଖାଉଟି ଅଦାଲତର ଆଶ୍ରୟ ନେବାକୁ ଯାତ୍ରୀଙ୍କ ଚେତାବନୀ

ବ୍ରହ୍ମପୁର,୨୧।୧୧(ସମିସ): ଟ୍ରେନ ସଂରକ୍ଷଣ ଟିକଟ ବାତିଲ କଲେ ଟଙ୍କା ଫେରାଇବାର ନିୟମ ରହିଛି। ତେବେ ଜଣେ ଯାତ୍ରୀ ନିର୍ଦ୍ଦିଷ୍ଟ ସ୍ଥାନକୁ ଯାତ୍ରା କରିବାକୁ ସଂରକ୍ଷଣ ଟିକେଟ ବୁକିଂ କରିଥିଲେ। କୌଣସି କାରଣରୁ ଯାତ୍ରା ବାତିଲ ସହ ପୂର୍ବରୁ ବୁକିଂ କରିଥିବା ସଂରକ୍ଷଣ ଟିକେଟକୁ ବାତିଲ କରିଥିଲେ। ସମସ୍ତ ନିୟମ ମୁତାବକ ଯାତ୍ରୀ ଜଣକ ଟିକେଟ ଫେରସ୍ତ ପ୍ରକ୍ରିୟା କରିଥିଲେ ହେଁ ଦୀର୍ଘଦିନ ହେଲା ତାଙ୍କ ଟିକଟ ବାବଦ ଟଙ୍କା ଫେରି ପାଇନଥିବା ଅଭିଯୋଗ କରିଛନ୍ତି। ଯାହାକୁ ନେଇ ସେ ବ୍ରହ୍ମପୁର ରେଳଷ୍ଟେସନ ମ୍ୟାନେଜରଙ୍କ ସମେତ ଅନ୍ୟ ଅଧିକାରୀଙ୍କ ଦ୍ୱାରସ୍ଥ ହୋଇ ନିରାଶ ହେବାରୁ ଖାଉଟୀ ଅଦାଲତ ଆଶ୍ରମ ନେବାକୁ ପ୍ରସ୍ତୁତ ହେଉଛନ୍ତି। ସୂଚନାଯୋଗ୍ୟ ଯେ, ଗତ ସେପ୍ଟେମ୍ବର ୧୯ ରେ ବ୍ରହ୍ମପୁର ବିଜିପୁର ଲକ୍ଷ୍ମୀସାହି ନିବାସୀ ପ୍ରଦୀପ କୁମାର ନାୟକ(୬୩) କଣ୍ଟାବାଞ୍ଜିଠାରୁ ସୀମାଞ୍ଚଳ ଯିବାକୁ କୋର୍ବା ଏକ୍ସପ୍ରେସରେ ସ୍ଲିପର ଶ୍ରେଣୀରେ ୪ଜଣ ଯାତ୍ରୀଙ୍କ ନିମନ୍ତେ ସଂରକ୍ଷଣ ଟିକଟ ବୁକିଂ କରିଥିଲେ। କୋ÷ଣସି କାରଣରୁ ସେପ୍ଟେମ୍ବର ୩୦ତାରିଖରେ ଉକ୍ତ ଟିକଟକୁ ବାତିଲ କରିଥିଲେ। ସଂରକ୍ଷଣ ଟିକେଟ ବୁକିଂ ସମୟରେ ଯାତ୍ରୀ ଜଣକ ଟିକଟ କାଉଣ୍ଟରରେ ଡ଼େବିଟ କାଡର୍ ଜରିଆରେ ଟଙ୍କା ପୈଠ କରିଥିବାରୁ ଯାତ୍ରୀଙ୍କ ଆକାଉଣ୍ଟରେ ହିଁ ବାତିଲ ଟିକେଟର ଅବଶିଷ୍ଟ ଟଙ୍କା ପୈଠ ହେବ ବୋଲି ଟିକେଟ କାଉଣ୍ଟରରେ ତାଙ୍କୁ କୁହାଯାଇଥିବା ପ୍ରଦୀପ କହିଛନ୍ତି। କିନ୍ତୁ ଟଙ୍କା ଫେରସ୍ତ ନମିଳିବାରୁ ସେ ବ୍ରହ୍ମପୁର ରେଳଷ୍ଟେସନ ଟିକଟ କାଉଣ୍ଟର ନିକଟକୁ ଯାଇ ସମସ୍ୟା ସମ୍ପର୍କରେ ଅବଗତ କରିବା ସହ ଆବଶ୍ୟକ ମୁତାବକ ସମସ୍ତ ପ୍ରମାଣପତ୍ର ସହ ନିଜ ଆକାଉଣ୍ଟ ଷ୍ଟେଟମେଣ୍ଟ ପ୍ରଦାନ କରିଥିଲେ। ଏହାପରେ ମଧ୍ୟ ଟଙ୍କା ନମିଳିବାରୁ ବ୍ରହ୍ମପୁର ଷ୍ଟେସନ ମ୍ୟାନେଜରଙ୍କୁ ଜଣାଇଥିଲେ। ରେଳବିଭାଗ ପକ୍ଷରୁ ତାଙ୍କ ଟଙ୍କା ଫେରସ୍ତ ହୋଇଥିବା କୁହାଯାଇଥିବା ବେଳେ ୨ମାସ ପରେ ମଧ୍ୟ ଯାତ୍ରୀଙ୍କ ବ୍ୟାଙ୍କ ଆକାଉଣ୍ଟଙ୍କୁ ଟଙ୍କା ଆସିନଥିବା ଯାତ୍ରୀ ପ୍ରଦୀପ ନାୟକ କହିଛନ୍ତି। ସମସ୍ୟାର ସମାଧାନ ନହେଲେ ସେ ଖାଉଟି ଅଦାଲତର ଆଶ୍ରୟ ନେବେ ବୋଲି ଚେତାବନୀ ଦେଇଛନ୍ତି।

## ଓଡ଼ିଶା ରାଜ୍ୟ ବିଦ୍ୟାଳୟ ସମୂହ କବାଡ଼ି ପ୍ରତିଯୋଗିତା; ଗଞ୍ଜାମକୁ ସଫଳତା



ବ୍ରହ୍ମପୁର,୨୧।୧୧(ସମିସ): ସୁନ୍ଦରଗଡ଼ ସ୍ଥିତ ବଣାଇଗଡ଼ ବାଳିକା ଉଚ୍ଚ ବିଦ୍ୟାଳୟରେ ଚାଲିଥିବା ଓଡ଼ିଶା ରାଜ୍ୟ ବିଦ୍ୟାଳୟ ସମୂହ କବାଡ଼ି ପ୍ରତିଯୋଗିତାରେ ଗଞ୍ଜାମ ଜିଲ୍ଲାକୁ ମିଶ୍ରିତ ଫଳାଫଳ ମିଳିଛି। ୧୭ବର୍ଷରୁ କମ୍ ବରିଷ୍ଠ ବାଳକ ଟିମ୍ ଚାମ୍ପିଅନ ହୋଇଥିବା ବେଳେ ବାଳିକା ଟିମ ରନର୍ସଅପ୍‌ରେ ସନ୍ତୁଷ୍ଟ ହୋଇଛନ୍ତି। ବାଳକ ଦଳ ସୁନ୍ଦରଗଡ଼କୁ ୨୩-୪୬ ପଏଣ୍ଟରେ ପରାସ୍ତ କରି ବିଜେତା ହୋଇଥିବାବେଳେ ବାଳିକା ଦଳ ସଂଘର୍ଷପୂର୍ଣ୍ଣ ମ୍ୟାଚ୍‌ରେ ସମ୍ବଲପୁରଠାରୁ ୪ ପଏଣ୍ଟରେ ପରାସ୍ତ ହୋଇ ଉପବିଜେତା ହୋଇଥିବା ଶିକ୍ଷା ପ୍ରଶାସନ ପକ୍ଷରୁ ସୂଚନା ମିଳିଛି। ଦଳରେ ସମୀର ବେହେରା, ଅନିଲ ସ୍ୱାଇଁ, ବର୍ଷାରାଣୀ ରଥ ପ୍ରମୁଖ ଟିମ୍ ସହ ଗସ୍ତ କରିଥିଲେ। ବିଜୟୀ ଦଳକୁ ବିଭିନ୍ନ ମହଲରୁ ଶୁଭେଚ୍ଛାର ସୁଅ ଛୁଟିଛି।

## ରେଳବାଇ ସିଗ୍‌ନାଲ୍ ରୁମ୍‌ରେ ଅଜଗର

ବ୍ରହ୍ମପୁର,୨୧।୧୧(ସମିସ): ଆମ୍ବପୁଆ ରେଳବାଇ ଫାଟକ ସିଗ୍‌ନାଲ ରୁମ୍‌ରୁ ୭ ଫୁଟର ଅଜଗର ଉଦ୍ଧାର ହୋଇଛି। ଗୁରୁବାର ବିଳମ୍ବିତ ରାତିରେ ଆମ୍ବପୁଆ ଆୟକର ଅଫିସ ନିକଟରେ ଥିବା ରେଳବାଇ ଫାଟକ ଆଗରେ ଏକ ବିରାଟକାୟ ସାପ ବୁଲୁଥିଲା। ସାପଟି ଫାଟକ କର୍ମଚାରୀ ରହୁଥିବ ଘର ସମ୍ମୁଖରେ ଏକ ଲୁହା ପାଇପ୍ ମଧ୍ୟରେ ପଶି ଯାଇଥିଲା। ସେଠାରେ କାର୍ଯ୍ୟରତ ବିଶ୍ୱନାଥ ଦାସ ସାପଟିକୁ ଦେଖି ସ୍ନେକ ହେଲ୍‌ପଲାଇନ୍‌କୁ ଯୋଗାଯୋଗ କରିଥିଲେ। ସ୍ନେକ ହେଲ୍‌ପ ଲାଇନ୍ ସଦସ୍ୟ ସନ୍ଦୀପ ସେଠୀ ପହଞ୍ଚି ପ୍ରାୟ ଦେଢ଼ ଘଣ୍ଟାର ଉଦ୍ୟମ ପରେ ଅଜଗରକୁ ଉଦ୍ଧାର କରିଥିଲେ। ସାପକୁ ବ୍ରହ୍ମପୁର ବନାଞ୍ଚଳ ଅଧିକାରୀଙ୍କୁ ହସ୍ତାନ୍ତର କରାଯାଇଥିଲା। ଶୁକ୍ରବାର ଏହାକୁ ସଂରକ୍ଷିତ ଜଙ୍ଗଲରେ ଛଡ଼ା ଯାଇଥିବା ବନପାଳ ସୋମନାଥ ମଲ୍ଲିକ କହିଛନ୍ତି।



## ୨୩ରେ ଜୁନିଅର ଖୋ-ଖୋ ଦଳ ଚୟନ

ବ୍ରହ୍ମପୁର,୨୧।୧୧(ସମିସ): ନଭେମ୍ବର ୨୬ରୁ ଡ଼ିସେମ୍ବର ୧ ପର୍ଯ୍ୟନ୍ତ ରାଜ୍ୟସ୍ତରୀୟ ଜୁନିୟର ଖୋ ଖୋ ଚାମ୍ପିୟନସିପ ପ୍ରତିଯୋଗିତା ଅନୁଷ୍ଠିତ ହେବ। ଏଥିନିମନ୍ତେ ଡିଏଭି ସ୍କୁଲରେ ଚଳିତ ମାସ ୨୩ରେ ଗଞ୍ଜାମ ଜିଲ୍ଲା ଜୁନିଅର ଦଳ ନିମନ୍ତେ ଚୟନ ଶିବିର ଅନୁଷ୍ଠିତ ହେବ। ଇଚ୍ଛୁକ ଖେଳାଳି ନିଜ କୀଟ, ଆଧାର କାର୍ଡ ଓ ବୟସ ପ୍ରମାଣ ପତ୍ର ସହ ଗଞ୍ଜାମ ଜିଲ୍ଲା କ୍ରୀଡା ସଂଘର ଉପ ସଭାପତି କେଦାର ଚୌଧୁରୀଙ୍କୁ ଯୋଗାଯୋଗ କରିବା ପାଇଁ ସଂଘର ସାଧାରଣ ସମ୍ପାଦକ ଜେ. କାମେଶ୍ୱର ରାଓ ସୂଚନା ଦେଇଛନ୍ତି।

## ଗେଷ୍ଟହାଉସ୍‌ରୁ ତାମିଲନାଡୁର ୨ ଗଞ୍ଜେଇ ଚାଲାଣକାରୀ ଗିରଫ

ବ୍ରହ୍ମପୁର,୨୧।୧୧(ସମିସ): ସ୍ଥାନୀୟ ଅଶୋକନଗର ସ୍ଥିତ ଏକ ଘରୋଇ ଗେଷ୍ଟହାଉସରୁ ପୁଲିସ ଗଞ୍ଜେଇ ଜବତ କରିବା ସହ ତାମିଲନାଡୁର ୨ଜଣ ଗଞ୍ଜେଇ ଚାଲାଣକାରୀଙ୍କୁ ଗିରଫ କରିଛି। ସେମାନେ ହେଲେ ତାମିଲନାଡୁ ତ୍ରିଭରାମ ଥାନା ମିନାକ୍ଷୀପୁରମ୍‌ର ସୂର୍ଯ୍ୟ ପ୍ରକାଶ ଏମ (୨୫) ଓ ସୋମନାରୁ କମ୍ବାଟ୍ରୋର ଥାନା ଭଲାର ନଗରର ମୁଥୁ କୁମାର ଏସ୍ (୨୩)।

ଏହି ଦୁଇଜଣ ବ୍ରହ୍ମପୁରରେ ପହଞ୍ଚି ଗଜପତି ଓ କନ୍ଧମାଳ ଜିଲ୍ଲାର କିଛି ଗଞ୍ଜେଇ ବ୍ୟବସାୟୀଙ୍କ ସହ ଯୋଗାଯୋଗ କରିଥିଲେ। ପରେ ସେମାନଙ୍କ ନିକଟରେ ଗଞ୍ଜେଇ ପହଁଞ୍ଚିଥିଲା। ସୂଚନା ପାଇ ବୈଦ୍ୟନାଥପୁର ଥାନା ଅଧିକାରୀ ସୁଚିତ୍ରା ପରିଡ଼ାଙ୍କ ନିର୍ଦ୍ଦେଶକ୍ରମେ ପୁଲିସ ଟିମ ଚଢ଼ଉ କରି ଏକ ରୁମରୁ ପ୍ରାୟ ସାଢେ ୨କିଲୋ ଓଜନର ଗଞ୍ଜେଇ ଜବତ କରିବା ସହ ସୂର୍ଯ୍ୟପ୍ରକାଶ ଓ ମୁଥୁ କୁମାରକୁ ଗିରଫ କରି କୋର୍ଟଚାଲାଣ କରିଛି। ଏସଆଇ ମାନସ ରଞ୍ଜନ ସାହୁ ମାମଲାର ତଦନ୍ତ କରୁଥିବା ବେଳେ ଗିରଫ ଯୁବକମାନଙ୍କୁ କିଏ ଏବଂ କେଉଁଠାରୁ ଗଞ୍ଜେଇ ଯୋଗାଇଥିଲା ତାହା ସ୍ପଷ୍ଟ ହୋଇନାହିଁ। ତେବେ ପୂର୍ବରୁ ମଧ୍ୟ ଗିରଫ ଯୁବକ ଦ୍ୱୟ ଅନେକ ଥର ବ୍ରହ୍ମପୁରରୁ ରାଜ୍ୟ ବାହାରକୁ ଗଞ୍ଜେଇ ଚାଲାଣ କରିଥିବା ତଦନ୍ତ ବେଳେ ଜଣାପଡିଛି।


SBI

ଷ୍ଟେଟ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ
କେନ୍ଦ୍ରୀୟ ନିଯୁକ୍ତି ଏବଂ ପଦୋନ୍ନତି ବିଭାଗ,
କର୍ପୋରେଟ୍ କେନ୍ଦ୍ର, ମୁମ୍ବାଇ
ଫୋନ୍: 022-22820427

ଆବେଦନ କରିବା ପାଇଁ QR ସ୍କାନ୍ କରନ୍ତୁ

**ବିଶେଷଜ୍ଞ କ୍ୟାଡର୍ ଅଧିକାରୀମାନଙ୍କର ନିଯୁକ୍ତି ନିୟମିତ/ଚୁକ୍ତିଭିତ୍ତିକ ଆଧାରରେ**

ନିମ୍ନଲିଖିତ ପୋଷ୍ଟଗୁଡିକ ପାଇଁ ନିୟମିତ/ଚୁକ୍ତିଭିତ୍ତିକ ଆଧାରରେ ଭାରତୀୟ ନାଗରିକମାନଙ୍କ ଠାରୁ ଆବେଦନ ଗୁଡିକ ଗ୍ରହଣ କରାଯାଉଛି:

**ବିଜ୍ଞାପନ ସଂ. CRPD/SCO/2025-26/16 (ନିୟମିତ ପଦବୀ)**

| ପୋଷ୍ଟର ନାମ | ଗ୍ରେଡ୍ | ଖାଲି ପଦବୀ | 01.11.2025 ରେ ବୟସ (ବର୍ଷ) | |
|---|---|---|---|---|
| | | | ସର୍ବନିମ୍ନ | ସର୍ବାଧିକ |
| ପରିଚାଳକ (ରିସ୍କ ବିଶେଷଜ୍ଞ - ମଡେଲ ରିସ୍କ ପରିଚାଳନା) | ଏମ୍‌ଏମ୍‌ଜିଏସ୍-III | 5 | 28 | 40 |
| ଉପପ୍ରାଧ୍ୟକ୍ଷ (ରିସ୍କ ବିଶେଷଜ୍ଞ - ମଡେଲ ରିସ୍କ ପରିଚାଳନା) | ଏମ୍‌ଏମ୍‌ଜିଏସ୍-II | 5 | 25 | 35 |

**ବିଜ୍ଞାପନ ସଂ. CRPD/SCO/2025-26/13 (ଚୁକ୍ତିଭିତ୍ତିକ ପଦବୀ)**

| ପୋଷ୍ଟର ନାମ | ଖାଲି ପଦବୀ | 01.11.2025 ରେ ବୟସ (ବର୍ଷ) | |
|---|---|---|---|
| | | ସର୍ବନିମ୍ନ | ସର୍ବାଧିକ |
| ସମ୍ପର୍କ ପରିଚାଳକ (ମ୍ୟୁଚୁଆଲ୍ ଫଣ୍ଡ) | 1 | 35 | 45 |
| ସମ୍ପର୍କ ପରିଚାଳକ (ବୀମା କ୍ଷେତ୍ର) | 1 | 35 | 45 |
| ସମ୍ପର୍କ ପରିଚାଳକ (ଷ୍ଟକ୍ ବ୍ରୋକରିଂ ଏବଂ ଏଫଆଇଆଇ/ଏଫପିଆଇ) | 3 | 35 | 45 |

ଯୋଗ୍ୟତା ମାନଦଣ୍ଡ (ବୟସ, ଯୋଗ୍ୟତା, ଅଭିଜ୍ଞତା, ଜବ୍ ପ୍ରୋଫାଇଲ ଇତ୍ୟାଦି), ଖାଲି ବିବରଣୀ, ଆବଶ୍ୟକ ଫିସ୍ ଏବଂ ଅନ୍ୟାନ୍ୟ ବିବରଣୀ ପାଇଁ ବ୍ୟାଙ୍କର ୱେବସାଇଟ୍ **https://sbi.bank.in/web/careers/current-openings** ଅନଲାଇନ୍ ଆପ୍ଲିକେସନ୍ ଫି ଜମା ଏବଂ ଅନଲାଇନ୍ ଦେୟ ଲିଙ୍କ୍ ସହିତ ଲଗ ଇନ୍ କରନ୍ତୁ । ଆବେଦନ ଏବଂ ଫି ପଠାଇବା ପୂର୍ବରୁ ଯୋଗ୍ୟତା ଏବଂ ଅନ୍ୟାନ୍ୟ ବିବରଣୀ ବିଷୟରେ ସୁନିଶ୍ଚିତ ହେବା ପାଇଁ ବିସ୍ତୃତ ବିଜ୍ଞାପନକୁ ଅନୁସରଣ କରନ୍ତୁ । ଯେକୌଣସି ପ୍ରଶ୍ନ ପାଇଁ ଦୟାକରି ଏହି ଲିଙ୍କ୍ ମାଧ୍ୟମରେ ଆମକୁ ଲେଖନ୍ତୁ: **"CONTACT US" —> "Post Your Query"** ଯାହା ବ୍ୟାଙ୍କର ୱେବସାଇଟ **(https://bank.sbi/web/careers/post-your-query)** ରେ ଉପଲବ୍ଧ ।

- **ଅନଲାଇନ୍ ଆବେଦନ ଏବଂ ଫିସ୍ ଦେୟ ପାଇଁ ତାରିଖ: 11.11.2025 ରୁ 01.12.2025 ପର୍ଯ୍ୟନ୍ତ ।**

**ସ୍ଥାନ:** ମୁମ୍ବାଇ
**ତାରିଖ:** 11.11.2025

**ମହା ପ୍ରବନ୍ଧକ (ଆର୍‌ପି ଆଣ୍ଡ ପିଏମ୍)**


## ବିଇଏମ୍‌ସିର ଦୃଷ୍ଟି ଆଢୁଆଳରେ ଶତାୟୁ ସାଧନା ପାଠାଗାର

ବ୍ରହ୍ମପୁର,୨୧।୧୧(ସମିସ)



ସହରରେ ଥିବା ବିଭିନ୍ନ ପୌର ପାଠାଗାର ବା ପଠନାଗାରକୁ ବିଇଏମସି ପରିଚାଳନା କରୁଛି। ଆବଶ୍ୟକତା ଦୃଷ୍ଟିରୁ ଅନେକର ପୁନରୁଦ୍ଧାର ଓ ଉନ୍ନତିକରଣ କରି ଇ-ଲାଇବ୍ରେରୀରେ ମଧ୍ୟ ରୁପାନ୍ତରଣ କରାଯାଇଛି। ଫଳରେ ପାଠାଗାରକୁ ଯାଇ ପଢିବା ପ୍ରତି ସହରରେ ବିଭିନ୍ନ ବର୍ଗର ବ୍ୟକ୍ତିବିଶେଷଙ୍କ ମଧ୍ୟରେ ଆଗ୍ରହ ବେଶ ବୃଦ୍ଧି ପାଇପାରିଛି। ତେବେ ଏଭଳି ପରିସ୍ଥିତିରେ ବ୍ରହ୍ମପୁର ମହାନଗର ନିଗମର ନଜର ଆଢୁଆଳରେ ରହିଯାଇଛି ସହରର ବହୁ ପୁରାତନ ତଥା ଶତାୟୁ 'ସାଧନା' ପାଠାଗାର। ହିଲପାଟଣା ସ୍ଥିତ ନେହେରୁ ପାର୍କ ସମ୍ମୁଖରେ ଥିବା ଏହି ପାଠାଗାର ପୂର୍ବରୁ ପାର୍କ ମଧ୍ୟରେ ଥିଲା। ପ୍ରଥମେ ଏହା ଏକ ଘରୋଇ ବା ବ୍ୟକ୍ତିଗତ ବ୍ୟବସ୍ଥାରେ ପ୍ରତିଷ୍ଠା ହୋଇଥିବା ବେଳେ ପରବର୍ତ୍ତି ସମୟରେ ଏହା ବିଇଏମସି ଅଧିନକୁ ଆସି ପାର୍କ ସମ୍ମୁଖରେ ସରକାରୀ ଜମିରେ ପ୍ରତିଷ୍ଠା କରାଯାଇଥିଲା। ପାଠାଗାରର ପୁନଃରୁଦ୍ଧାର ଓ ରୁପାନ୍ତିକରଣ ପାଇଁ ପୂର୍ବତନ ବିଧାୟକ ବିକ୍ରମ ପଣ୍ଡାଙ୍କ ହାତପାଣ୍ଠିରୁ ମିଳିଥିବା ୧୦ଲକ୍ଷ ଟଙ୍କା ଆର୍ଥିକ ଅନୁଦାନରେ ନୂତନ କୋଠାର ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇଥିଲା। ତେବେ ଉକ୍ତ ଟଙ୍କା ପ୍ରକଳ୍ପ ପାଇଁ ସମୁଦ୍ରକୁ ଶଙ୍ଖେ ହୋଇଥିବାରୁ ନିର୍ମାଣ କାର୍ଯ୍ୟ ଦୀର୍ଘ ୩ବର୍ଷ ଧରି ଅଧପନ୍ତରିଆ ଭାବେ ପଡ଼ିରହିଛି। ଉକ୍ତ ଜମିରେ କେବଳ ୨୦ରୁ ଉର୍ଦ୍ଧ୍ୱ କଂକ୍ରିଟ ପିଲର ଠିଆ ହୋଇରହିଛି। ସମ୍ପୃକ୍ତ ଅଞ୍ଚଳରେ ବହୁ ଶିକ୍ଷାନୁଷ୍ଠାନ ଥିବାରୁ ଏହି ପୁରାତନ ପାଠାଗାର ଉପରେ ବହୁ ଛାତ୍ରଛାତ୍ରୀ ଓ ବରିଷ୍ଠ ନାଗରିକ ନିର୍ଭର କରୁଥିଲେ। ତେବେ ବର୍ତ୍ତମାନ ପରିସ୍ଥିତିରେ ସମସ୍ତେ ଏଥିରୁ ବଞ୍ଚିତ ହୋଇଛନ୍ତି। ପାଠାଗାରର ନିର୍ମାଣ କାର୍ଯ୍ୟ ସମ୍ପୂର୍ଣ୍ଣ କରିବାକୁ ଅଞ୍ଚଳବାସୀଙ୍କ ପକ୍ଷରୁ ଦାବି ହେଉଥିବାବେଳେ ସ୍ଥାନୀୟ ୩୦ନମ୍ବର କର୍ପୋରେଟର ମମତା କୁମାରୀ ପାତ୍ର ଏନେଇ ମେୟର ସଂଘମିତ୍ରା ଦଳେଇ ଓ କମିଶନର ପ୍ରଥମେଷ ଅରବିନ୍ଦ ରାଜେସିର୍କେଙ୍କୁ ଅନୁରୋଧ କରିଛନ୍ତି। ପାଠାଗାର ନିର୍ମାଣ କାର୍ଯ୍ୟ ସମ୍ପୂର୍ଣ୍ଣ ହୋଇ ପୁନଃ କାର୍ଯ୍ୟକ୍ଷମ ହେଲେ ସଞ୍ଚଳବାସୀ ବେଶ ଉପକୃତ ହୋଇପାରିବେ ବୋଲି ସାଧାରଣରେ ମତ ପ୍ରକାଶ ପାଇଛି।

ସକାଳ
THE SAKALA

# ସମ୍ପାଦକୀୟ



ତୁମେ ପ୍ରଥମେ ତୁମ ନିଜକୁ ସମ୍ମାନ ଦିଅ, ତା' ପରେ ଅନ୍ୟମାନେ ତୁମକୁ ସମ୍ମାନ ଦେବାକୁ ବାଧ୍ୟ ହେବେ।
- ଅବଦୁଲ୍‌ରଜାକ୍ ଗୁର୍‌ନା

## ବିହାରରେ ନୂଆ ପ୍ରୟୋଗ

ବହୁଦଳୀୟ ବା ମେଣ୍ଟ ସରକାରରେ ନେତୃତ୍ୱ ନେଇ ମତଭେଦ ବା ବିବାଦ ନୂଆକଥା ନୁହେଁ। ତେବେ ବୃହତ୍ତମ ଜାତୀୟଦଳ ରାଜନୈତିକ ଆବଶ୍ୟକତା ପାଇଁ ଆଞ୍ଚଳିକ ଦଳର ନେତୃତ୍ୱକୁ ସ୍ୱୀକୃତି ପ୍ରଦାନ କରିବା ବିହାର ନିର୍ବାଚନ ପ୍ରେକ୍ଷାପଟରେ ଏକ ଗୁରୁତ୍ୱପୂର୍ଣ୍ଣ ଦିଗ। ଗୁରୁବାର ଗାନ୍ଧୀ ମଇଦାନରେ ଆୟୋଜିତ ଭବ୍ୟ ସମାରୋହରେ ନୀତୀଶ କୁମାର ଦଶମ ଥର ପାଇଁ ମୁଖ୍ୟମନ୍ତ୍ରୀ ରୂପେ ଶପଥ ଗ୍ରହଣ କରିଛନ୍ତି। ଏହା ଆମ ଦେଶରେ ସର୍ବକାଳୀନ ରେକର୍ଡ। ତାଙ୍କ ସହ ଦୁଇଜଣ ଉପମୁଖ୍ୟମନ୍ତ୍ରୀଙ୍କ ସମେତ ୨୬ ଜଣ ମନ୍ତ୍ରୀ ମଧ୍ୟ ଶପଥ ନେଇଛନ୍ତି। ନିର୍ବାଚନରେ ଏତେ ବିପୁଳ ବିଜୟ ସତ୍ତ୍ୱେ ଏନଡିଏ ଜଣେ ଅଣସଦସ୍ୟଙ୍କୁ ମୁଖ୍ୟମନ୍ତ୍ରୀ ଭାବେ ଶପଥ ଗ୍ରହଣ କରାଇବାରୁ କେନ୍ଦ୍ର ଓ ରାଜ୍ୟରେ ଗଠିତ ବହୁଦଳୀୟ ସରକାରଙ୍କ ବାଧ୍ୟବାଧକତା କେତେ ତାହା ସ୍ପଷ୍ଟ। ବିଧାନସଭାକୁ ମାତ୍ର ୪ ଜଣ ସଦସ୍ୟ ପଠାଇଥିବା ରାଷ୍ଟ୍ରୀୟ ଲୋକମୋର୍ଚ୍ଚା ନେତା ଉପେନ୍ଦ୍ର ଖୁସୱାହାଙ୍କ ପୁତ୍ରକୁ ବିଧାନ ପରିଷଦ ଆସନର ସ୍ୱୀକୃତି ଦେଇ କ୍ୟାବିନେଟରେ ଗ୍ରହଣ କରାଯାଇଛି। ନୀତୀଶ କୁମାର ୨୦୦୪ ରୁ ବିଧାନସଭା ନିର୍ବାଚନ ଲଢ଼ି ନାହାନ୍ତି। ସେ ବିଧାନ ପରିଷଦ ସଦସ୍ୟ ଭାବେ କ୍ରମାଗତ ୨୦ ବର୍ଷ ଧରି ରାଜ୍ୟର ମୁଖ୍ୟମନ୍ତ୍ରୀ ଅଛନ୍ତି।

ଏନଡିଏ ନିର୍ବାଚନ ରଣାଙ୍ଗନରେ ବିଜେପି ପ୍ରଭାବ ଓ ପତିଆରା ଦୃଷ୍ଟିରୁ ସବୁଠାରୁ ଶକ୍ତିଶାଳୀ ଦଳ ହୋଇଥିଲେ ମଧ୍ୟ ନୀତୀଶଙ୍କ ସମର୍ଥନ ବିନା ବିହାରରେ ଦଳ କ୍ଷମତା ଦଖଲ କରିବା ସମ୍ଭବ ନୁହେଁ। ମେଣ୍ଟର ଦୁଇ ପ୍ରମୁଖ ଅଂଶୀଦାର ପରସ୍ପରର ଦୁର୍ବଳତା ଜାଣିଥିଲେ ସତ, କିନ୍ତୁ ବିଜେପି ସରକାର ଗଠନ ସକାଶେ ସୁଚିନ୍ତିତ ରଣକୌଶଳ ନିର୍ଦ୍ଧାରଣ କରିଥିଲା। ଏପରିକି ନିର୍ବାଚନ ପ୍ରଚାରରେ ରାଜ୍ୟ ନେତୃତ୍ୱରୁ ନୀତୀଶଙ୍କୁ ହଟାଇବା ପ୍ରୟାସ ଏକ ପ୍ରସଙ୍ଗ ହୋଇଗଲା। ତାଙ୍କ ନେତୃତ୍ୱରେ ମେଣ୍ଟ ନିର୍ବାଚନ ଲଢ଼ିବ ଅଥଚ ସେ ମୁଖ୍ୟମନ୍ତ୍ରୀ ହେବେ ନାହିଁ। ଯେମିତି ମହାରାଷ୍ଟ୍ରରେ ଶିବସେନା ନେତା ଏକନାଥ ସିନ୍ଦେଙ୍କ ନେତୃତ୍ୱରେ ମେଣ୍ଟ ନିର୍ବାଚନ ଲଢ଼ି ଜିତିଥିଲେ ମଧ୍ୟ ସିନ୍ଦେଙ୍କ ବଦଳରେ ଦେବେନ୍ଦ୍ର ଫଡନଭିସ୍ ହେଲେ ମୁଖ୍ୟମନ୍ତ୍ରୀ। ବିହାରରେ ସେହି ସୂତ୍ର ପ୍ରୟୋଗ ଉଦ୍ୟମକୁ କିନ୍ତୁ ନୀତୀଶ ପ୍ରତିହତ କରିଛନ୍ତି। ୮୯ ଆସନ ପାଇ ବିଜେପି ବୃହତ୍ତମ ଦଳର ମର୍ଯ୍ୟାଦା ହାସଲ କରିଛି ସତ, କିନ୍ତୁ ଜେଡିୟୁ ସେଭଳି ପଛରେ ପଡ଼ିଯାଇନାହିଁ। ଦୁଇଦଳ ମଧ୍ୟରେ ମାତ୍ର ୪ଟି ଆସନର ବ୍ୟବଧାନ। ନୀତୀଶ ରାଜନୀତିରେ ସବୁ ଅଙ୍କ କଷି ସାରିଛନ୍ତି। ତେଣୁ ବିଜେପିର ପରବର୍ତ୍ତୀ ପଦକ୍ଷେପ ପୂର୍ବରୁ ସେ ମୁକାବିଲା ସକାଶେ ଆଗୁଆ ଖସଡ଼ା ପ୍ରସ୍ତୁତ କରିଥା'ନ୍ତି।

ବିଜେପି ବୃହତ୍ତମ ଦଳ ହୋଇଥିଲେ ମଧ୍ୟ ମୁଖ୍ୟମନ୍ତ୍ରୀ ପଦ ଦାବିରୁ କାହିଁକି ଓହରିଲା ଭଳି ପ୍ରଶ୍ନ ବିଭିନ୍ନ ମହଲକୁ ବିବ୍ରତ କରିଛି। ଏଠାରେ ଏତିକି କୁହାଯାଇ ପାରେ କି କେନ୍ଦ୍ରରେ କ୍ଷମତାସୀନ ବହୁଦଳୀୟ ସରକାରରେ ଜେଡିୟୁ ଅନ୍ୟତମ ଅଂଶୀଦାର। ଦଳର ୧୨ ସଦସ୍ୟ ସମର୍ଥନ ପ୍ରତ୍ୟାହାର କରିନେଲେ ଯେ ସରକାର ସଂଖ୍ୟାଗରିଷ୍ଠତା ହରାଇବ ଏକଥା ନୁହେଁ। କିନ୍ତୁ କେନ୍ଦ୍ର ସରକାର ହଠାତ୍ କୌଣସି ରାଜନୈତିକ ଅସ୍ଥିରତା ସୃଷ୍ଟି ହେବା ଚାହାନ୍ତି ନାହିଁ। ଏସବୁ ସତ୍ତ୍ୱେ ନୀତୀଶ ଯେ ପୂର୍ଣ୍ଣ ୫ ବର୍ଷ ମୁଖ୍ୟମନ୍ତ୍ରୀ ପଦରେ ତିଷ୍ଠି ରହିବେ ସେ ନେଇ ଏବେ ମଧ୍ୟ ସନ୍ଦେହ ରହିଛି। ଦାଓ ପେଞ୍ଚ ରାଜନୀତିର ଚକ କେତେବେଳେ କେଉଁ ଦିଗକୁ ଗଡ଼ିବ ତାହା କହିହେବ ନାହିଁ। ●

## ପାକିସ୍ତାନରେ ବିଲୟର ଆରମ୍ଭ

ପାକିସ୍ତାନର ୨୭ ତମ ସମ୍ବିଧାନ ସଂଶୋଧନ ମାଧ୍ୟମରେ ୨୪୩ ଧାରାର ହୋଇଥିବା କ୍ଷମତା ଆବଣ୍ଟନକୁ ଓଲଟ ପାଲଟ କରିଦିଆଯାଇଛି। ଯାହା ଫଳରେ ଫିଲ୍ଡ ମାର୍ଶାଲ ଅସିମ ମୁନୀରଙ୍କୁ ଅଘୋଷିତ ଶାସନ ମୁଖ୍ୟ ଭାବେ ସ୍ୱୀକୃତି ପ୍ରଦାନ କରାଯାଇଛି। ସେ କେବଳ ନ୍ୟାୟପାଳିକାର ନାଳି ଆଖିରୁ ବର୍ତ୍ତିଯିବେ ନାହିଁ, କ୍ଷମତାରୁ ଯିବା ପରେ ଆଇନଗତ ସୁରକ୍ଷା ପାଇବାକୁ ହକଦାର ହେବେ। ଏହାକୁ ଆମେ ବିନା ରକ୍ତପାତରେ ସାମରିକ ବାହିନୀକୁ କ୍ଷମତା ହସ୍ତାନ୍ତର ବୋଲି କହିପାରିବା। ଦକ୍ଷିଣ-ପୂର୍ବ ଏସିଆରେ ଗଣତାନ୍ତ୍ରିକ ପରିସରରେ ଏକଛତ୍ରବାଦକୁ ପ୍ରୋତ୍ସାହିତ କରୁଥିବା ନେତୃତ୍ୱ ପାଇଁ ଏହା ଏକ ଗ୍ରହଣୀୟ ଆଦର୍ଶ ରୂପେ ଆଗାମୀ ଦିନରେ ଉଦାହରଣ ସୃଷ୍ଟି କରିବ।

ଗଣତାନ୍ତ୍ରିକ ବିଧିବ୍ୟବସ୍ଥା ମଧ୍ୟରେ ବହୁମତ ପାଇ ସରକାର ଗଢ଼ିଥିବା ଇମ୍ରାନ୍ ଖାଁଙ୍କୁ କ୍ଷମତାଚ୍ୟୁତ କରିବା ଏବଂ ତାଙ୍କୁ ଗିରଫ କରି ଜେଲ୍‌ରେ ରଖିବା ପଛରେ ପାକ୍ ସେନାବାହିନୀର ଭୂମିକା ଥିଲା ଗୁରୁତ୍ୱପୂର୍ଣ୍ଣ। ପ୍ରବଳ ବିରୋଧ ଓ ଜନଆନ୍ଦୋଳନକୁ କଠୋର ହସ୍ତରେ ଦମନ କରି ସେନାବାହିନୀ ସାଧାରଣରେ ପ୍ରଭାବ ଓ ପତିଆରା ହରାଇଥିଲା। ଏମିତିରେ ଆଭ୍ୟନ୍ତରୀଣ ବିଶୃଙ୍ଖଳାକୁ ନିୟନ୍ତ୍ରଣ କରିବାରେ ଅସାମର୍ଥ୍ୟ ଏଥିସହ ଯୋଡ଼ି ହୋଇଯାଇଥିଲା। ଏସବୁ ସତ୍ତ୍ୱେ ଦେଶରେ ସାହାବାଜ ଶରିଫଙ୍କ ବହୁଦଳୀୟ ସରକାର ଗଠନ ପଛରେ ମୁନୀରଙ୍କ ସହଯୋଗ ଓ ସମର୍ଥନ ରହିଛି। ଶାସନ କ୍ଷମତା ସହ ସେନାବାହିନୀର ସଂପର୍କ ପୁଣି ନିବିଡ଼ ହୋଇଛି। ପାକିସ୍ତାନ ବିରୋଧରେ ଭାରତର 'ଅପରେସନ ସିନ୍ଦୂର'ର ଭୟଙ୍କର ସ୍ଥିତିରୁ ଦେଶକୁ ସୁରକ୍ଷା ଦେବାରେ ମୁନୀରଙ୍କ ସମର୍ଥ ନେତୃତ୍ୱ ସାଧାରଣରେ କେବଳ ପ୍ରଶଂସିତ ହୋଇ ନାହିଁ ଶାସନର ସବୁସ୍ତରରେ ତାଙ୍କର ପ୍ରାଧାନ୍ୟ ବୃଦ୍ଧି କରିଛି। ଏହା କ୍ରମେ ଶରିଫ ସରକାରକୁ ୨୭ ତମ ସମ୍ବିଧାନ ସଂଶୋଧନ ପାଇଁ ଅନୁପ୍ରାଣିତ କରିଛି। ଏହାଫଳରେ ସୁପ୍ରିମକୋର୍ଟର କ୍ଷମତା ଓ ସ୍ୱାଧୀନତା ହନନ ହୋଇଛି। ଏଣିକି ଏହି ସର୍ବୋଚ୍ଚ ଅଦାଲତ କେବଳ ଫୌଜଦାରୀ ଓ ଦେୱାନୀ ମାମଲାର ରିଟ ପିଟିସନ ଶୁଣାଣି କରିବେ। ସାମ୍ବିଧାନିକ ବ୍ୟବସ୍ଥାର ଉଲ୍ଲଂଘନ ଭଳି ଗୁରୁତ୍ୱପୂର୍ଣ୍ଣ ମାମଲା ବିଚାର ପାଇଁ ଫେଡେରାଲ କନ୍‌ଷ୍ଟିଚ୍ୟୁସନାଲ୍ କୋର୍ଟ ପ୍ରତିଷ୍ଠା କରାଯିବ। ପ୍ରତିବାଦରେ ଦେଶରେ ଲୋକପ୍ରିୟ ପ୍ରମୁଖ ବିଚାରପତି ଇସ୍ତଫା ଦେଇଥିଲେ ମଧ୍ୟ ତାହାର କୌଣସି ପ୍ରଭାବ ଅନୁଭୂତ ହୋଇନାହିଁ।

କ୍ଷମତା ଅତିକ୍ରମଣ ପ୍ରବୃତ୍ତି ବ୍ୟବସ୍ଥାର ସବୁସ୍ତରରେ ଅନୁଭୂତ ହୋଇଆସିଛି। ସାମ୍ବିଧାନିକ କଟକଣା ଓ ବ୍ୟବସ୍ଥିତ ନିୟମର କଠୋର ଶୃଙ୍ଖଳ ଏହାକୁ ରୋକିପାରିନି। କ୍ଷମତାର ଅଳିନ୍ଦକୁ ଆହ୍ୱାନ ଦେବାକୁ ହେଲେ ନ୍ୟାୟପାଳିକାର ଆଶ୍ରୟ ନେବାକୁ ହେବ। କିନ୍ତୁ ଯେତେବେଳେ ନ୍ୟାୟପାଳିକାର କ୍ଷମତା ଓ ସ୍ୱାଧୀନତା ସଂକୁଚିତ ହୋଇଯିବ, ବ୍ୟବସ୍ଥା ସୁଧୁରିବା ପରିବର୍ତ୍ତେ ବିଗିଡ଼ିବା ଆରମ୍ଭ କରିବ। ଏକଥା ସତ ଯେ ପାକିସ୍ତାନ ଇତିହାସରେ ନିର୍ବାଚିତ ସରକାରଙ୍କୁ ୫ ବର୍ଷର ମିଆଦ ପୂରଣ କରିବାକୁ ଦିଆଯାଇନାହିଁ। ସେନାବାହିନୀର ପ୍ରଭାବ ଓ ପ୍ରାଧାନ୍ୟରେ ଆବଶ୍ୟକ ସ୍ଥଳେ ନେତୃତ୍ୱ ପରିବର୍ତ୍ତନ କିମ୍ବା ନିଜେ ସେନାନାୟକ ଏକ ବିଦ୍ରୋହ ମାଧ୍ୟମରେ କ୍ଷମତା ହାତକୁ ନେଇଛନ୍ତି। ତେବେ ଏହି ଘଟଣା ପ୍ରବାହ ମଧ୍ୟରେ ନ୍ୟାୟପାଳିକାର ଭୂମିକାକୁ ଏପର୍ଯ୍ୟନ୍ତ ଅକ୍ଷୁର୍ଣ୍ଣ ରଖାଯାଇଥିଲା। ବର୍ତ୍ତମାନ ସମ୍ବିଧାନ ସଂଶୋଧନ ମାଧ୍ୟମରେ ଯେଉଁ ନୂଆ ଅଧ୍ୟାୟ ଯୋଡ଼ାଯାଇଛି ତାହା ପାକିସ୍ତାନର ଗଣତାନ୍ତ୍ରିକ ବ୍ୟବସ୍ଥା ବିଲୟର ଅୟମାରମ୍ଭ କୁହାଯାଇପାରେ। ●

# ଏଆଇ ଶିଳ୍ପର ଆର୍ଥିକ ସ୍ଥିତି

**ସନ୍ତୋଷ କୁମାର ମିଶ୍ର**

ଚଳିତ ଶତାବ୍ଦୀର ତୃତୀୟ ଦଶନ୍ଧି ପ୍ରାରମ୍ଭରୁ ଆରମ୍ଭ ହୋଇଛି ପଞ୍ଚମ ଶିଳ୍ପ ବିପ୍ଳବ। ସାଧାରଣ ଭାବରେ ଏହି ନୂତନ ଶିଳ୍ପ ଯୁଗକୁ 'କୃତ୍ରିମ ବୁଦ୍ଧିମତ୍ତା' ବା 'ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ(ଏଆଇ)'ର ଯୁଗ କୁହାଯାଉଛି। ମାନବ ସଭ୍ୟତା ଉପରେ ଏହାର ସକାରାତ୍ମକ ପ୍ରଭାବ ଦୃଷ୍ଟିଗୋଚର ହେବା ପୂର୍ବରୁ ଏଥିରୁ ଉତ୍ପନ୍ନ ସମସ୍ୟା ବିରୋଧରେ ସମଗ୍ର ବିଶ୍ୱରେ ଜନଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଛି। ଏଆଇର ବ୍ୟାପକ ବ୍ୟବହାର ଫଳରେ ଉଭୟ ବୌଦ୍ଧିକ କର୍ମଜୀବୀ(ୱାଇଟ କଲାର ୱାକର୍ସ) ଓ ଶାରୀରିକ ଶ୍ରମଜୀବୀ(ବ୍ଲୁ କଲାର ୱାକର୍ସ) ଜୀବିକା ହରାଇବାରେ ଲାଗିଛନ୍ତି। ଛାତ୍ରଛାତ୍ରୀମାନଙ୍କ ସୃଜନଶୀଳତା ଓ ଚିନ୍ତନ ଶକ୍ତି ହ୍ରାସ ପାଉଥିବା ଅଭିଯୋଗ ହେଉଛି। ଏଆଇ ପାଇଁ ବଡ଼ ବଡ଼ ଡାଟା ସେଣ୍ଟରର ସ୍ଥାପନ ହେତୁ ବିଜୁଳି ଖର୍ଚ୍ଚ ବୃଦ୍ଧି ସହିତ ଶୀତଳୀକରଣ ପାଇଁ ଜଳ ଅପଚୟ ଓ ପ୍ରଦୂଷଣ ମଧ୍ୟ ବୃଦ୍ଧି ପାଇଛି।

ବର୍ତ୍ତମାନ ଏଆଇ ବିଶ୍ୱ ଅର୍ଥନୀତିକୁ ବିଯୁକ୍ତାତ୍ମକ ଭାବରେ ପ୍ରଭାବିତ କରୁଛି। ଗତ ୪ ତାରିଖରେ ବିଶ୍ୱର ସର୍ବବୃହତ ଆମେରିକୀୟ ପ୍ରତିଭୂତି ବଜାର 'ନାସଡାକ୍'ରେ ବୃହତ୍ ସୂଚନା ପ୍ରଯୁକ୍ତି ବିଜ୍ଞାନ ସଂସ୍ଥା ବା କମ୍ପାନୀମାନଙ୍କ ଅଂଶଧନ ମୂଲ୍ୟ ହଠାତ୍ ହ୍ରାସ ପାଇବାରୁ ଗୋଟିଏ ଦିନରେ ନିବେଶକମାନେ ୭୩୦ ବିଲିୟନ୍ ଡଲାର କ୍ଷତି ସହିଛନ୍ତି। ଏହିସବୁ କମ୍ପାନୀଗୁଡ଼ିକ ଏଆଇ ଶିଳ୍ପର ମେରୁଦଣ୍ଡ। ଏମାନେ ଏଆଇ କ୍ଷେତ୍ରରେ ବ୍ୟାପକ ପୁଞ୍ଜି ନିବେଶ କରୁଛନ୍ତି। ତେଣୁ ଗତ କିଛିମାସ ଧରି ଏଆଇ ଶିଳ୍ପର ଆର୍ଥିକ ଦିଗ ବିଷୟରେ ଗବେଷଣା ଓ ଆଲୋଚନା ଆରମ୍ଭ ହୋଇଛି।

ବର୍ତ୍ତମାନ ବିଶ୍ୱ ଅର୍ଥନୀତିରେ ଏଆଇର ଏକ ସ୍ୱତନ୍ତ୍ର ଓ ପ୍ରମୁଖ ସ୍ଥାନ ରହିଛି। କିନ୍ତୁ ଏଆଇ ଶିଳ୍ପର ପ୍ରକୃତ ଆର୍ଥିକ ସ୍ଥିତି ବା ଏହାର ଆକାର କେତେ ସେ ବିଷୟରେ କିଛି ନିର୍ଦ୍ଦିଷ୍ଟ ତଥ୍ୟ ସାର୍ବଜନୀନ ହୋଇ ନାହିଁ। ବର୍ତ୍ତମାନ ଯେଉଁ ଚାରି/ପାଞ୍ଚୋଟି ବୃହତ୍ ଏଆଇ କମ୍ପାନୀ ନିଜର ଏଆଇ ଟୁଲ୍ ମାଧ୍ୟମରେ ସେବା ଯୋଗାଇ ଦେଇ ଆସୁଛନ୍ତି, ସେମାନେ କେତେ ଅର୍ଥ ବିନିଯୋଗ କରିଛନ୍ତି ତାହାର ଔପଚାରିକ ତଥ୍ୟ ପ୍ରଦାନ କରି ନାହାନ୍ତି। ସେମାନଙ୍କୁ ସାହାଯ୍ୟ କରୁଥିବା ହାର୍ଡୱେର କମ୍ପାନୀଗୁଡ଼ିକର ପ୍ରତିଭୂତି ବଜାରରେ ଅଂଶଧନର ସ୍ଥିର ମୂଲ୍ୟ ନାହିଁ। ଏଆଇ ଶିଳ୍ପର ବ୍ୟାପକ ଅଭିବୃଦ୍ଧି ସତ୍ତ୍ୱେ ଚିପ୍ କମ୍ପାନୀଗୁଡ଼ିକର ଅଂଶଧନ ଅବମୂଲ୍ୟାୟନ ହେଉଛି କାହିଁକି ତାହା ସ୍ପଷ୍ଟ ହୋଇ ନାହିଁ।

ଏଆଇ ଚିପ୍ ପ୍ରସ୍ତୁତ କରୁଥିବା ଗୋଟିଏ କମ୍ପାନୀର ଆକାର ଭାରତ ଓ ଜାପାନର ମୋଟ ଘରୋଇ ଉତ୍ପାଦଠାରୁ ମଧ୍ୟ ଅଧିକ। କିନ୍ତୁ ପ୍ରତିଭୂତି ବଜାରରେ ତାହାର ଅଂଶଧନ ହାରାହାରି ଦଶଶତାଂଶ ହ୍ରାସ ପାଇଛି। ଗତ ଜାନୁୟାରୀ ମାସରେ ଯେତେବେଳେ ଏକ ଚାଇନିଜ୍ କମ୍ପାନୀ ନିଜର ଏଆଇ ଟୁଲ୍‌ର ସେବା ପ୍ରଦାନ ଆରମ୍ଭ କରିଥିଲା ସେତେବେଳେ ଏହି କମ୍ପାନୀ ସେୟାର ବଜାରରେ ଧରାଶାୟୀ ହୋଇଗଲା। କିନ୍ତୁ ମାତ୍ର କିଛି ମାସ ମଧ୍ୟରେ ପୁନର୍ବାର ଏହି କମ୍ପାନୀର ମୋଟ ଆକାର ତିନି ଟ୍ରିଲିୟନ ଡଲାରକୁ ସ୍ପର୍ଶ କଲା। ଗତ ଅଢ଼େଇ ମାସ ମଧ୍ୟରେ ଏହି କମ୍ପାନୀର ଆକାର ଦୁଇ ଟ୍ରିଲିୟନ୍ ଡଲାର ବୃଦ୍ଧି ପାଇଛି। ଏଆଇ ଶିଳ୍ପ ପରି ଏକ ଉଦୀୟମାନ କ୍ଷେତ୍ରରେ ଏହା କିପରି ସମ୍ଭବ ହେଲା ତାହା ଅର୍ଥଶାସ୍ତ୍ରୀମାନଙ୍କ ପାଇଁ ଅବୋଧ ରହିଛି। ଏଆଇ ଶିଳ୍ପର ଆରମ୍ଭ ସମୟରୁ ବିଭିନ୍ନ ପ୍ରକାରର ଏଆଇ ଟୁଲକୁ ବଜାର ପ୍ରବେଶ କରାଇବା ସମୟରେ କମ୍ପାନୀମାନେ ଏହାକୁ ଏକ ଯୁଗାନ୍ତକାରୀ ଉଦ୍ଭାବନ ରୂପେ ଅଭିହିତ କରିଥିଲେ ଏବଂ ଏହାର ସାହାଯ୍ୟ ନେଇ ନିଜର ଦକ୍ଷତାକୁ ବୃଦ୍ଧି କରିପାରିବେ ବୋଲି ପ୍ରଚାର କରିଥିଲେ। କିନ୍ତୁ କମ୍ପାନୀମାନେ ଏଥିରୁ କିପରି ଲାଭବାନ ହେବେ ତାହା ଜାଣିବା ସମ୍ଭବ ହୋଇ ପାରି ନ ଥିଲା। ଅର୍ଥାତ ଏଆଇ ଶିଳ୍ପର ନିର୍ଦ୍ଦିଷ୍ଟ ବ୍ୟବସାୟ ପ୍ରଣାଳୀ ବା ବିଜିନେସ୍ ମଡେଲ ନାହିଁ। ଏଆଇ ଟୁଲ୍‌କୁ ବିକଶିତ କରିବା ଏବଂ ସେଥିରେ ସମୟୋପଯୋଗୀ ପରିବର୍ତ୍ତନ ଆଣି ତାହାକୁ ଅଧିକ ଦକ୍ଷ କରିବା ସହିତ ଏହାଉପରେ ନିୟମିତ ଗବେଷଣା କରିବା, ଡାଟା ସେଣ୍ଟର ସ୍ଥାପନ ଓ ରକ୍ଷଣାବେକ୍ଷଣ, କର୍ମଚାରୀମାନଙ୍କ ବେତନ, ବିଜ୍ଞାପନ ଇତ୍ୟାଦି ପାଇଁ କମ୍ପାନୀମାନେ କିପରି ଅର୍ଥ ଉପାର୍ଜନ କରିବେ ବା କରୁଛନ୍ତି ତାହା ଏବେ ମଧ୍ୟ ରହସ୍ୟମୟ।

ମାସାଚୁସେଟ୍ ଇନଷ୍ଟିଚ୍ୟୁଟ ଅଫ ଟେକ୍ନୋଲୋଜି ବିଶ୍ୱବିଦ୍ୟାଳୟ ୧୫୦ଟି ଏଆଇ ଶିଳ୍ପ ସହିତ ସମ୍ପୃକ୍ତ କମ୍ପାନୀମାନଙ୍କ ଉପରେ ଏକ ସର୍ବେକ୍ଷଣ କରିଥିଲେ। ସର୍ବେକ୍ଷଣରୁ ଜଣାପଡ଼ିଥିଲା ଯେ ପ୍ରାୟ ୯୫ ଶତାଂଶ କମ୍ପାନୀ ଏଆଇ ଶିଳ୍ପରେ ବ୍ୟାପକ ପୁଞ୍ଜି ବିନିଯୋଗ କରିବା ପରେ କୌଣସି ଉପାୟରେ ଆର୍ଥିକ ଲାଭ ପ୍ରାପ୍ତ କରିବା ପାଇଁ ସକ୍ଷମ ହୋଇପାରୁ ନାହାନ୍ତି। ଅନ୍ୟପକ୍ଷରେ ସମଗ୍ର ବିଶ୍ୱରେ ବଡ଼ ବଡ଼ ଏଆଇ କମ୍ପାନୀମାନଙ୍କ ପୁଞ୍ଜି ବିନିଯୋଗ ୨୦୨୫ ମଧ୍ୟ ଭାଗ ବେଳକୁ ୩୦୦ ବିଲିୟନ୍ ଡଲାରରୁ ଅଧିକ ରହିଛି। ଛୋଟ ଛୋଟ କମ୍ପାନୀମାନଙ୍କରେ ମଧ୍ୟ ପୁଞ୍ଜି ବିନିଯୋଗ ବୃଦ୍ଧି ପାଇବାରେ ଲାଗିଛି। ବିଶ୍ୱରେ ଷ୍ଟାର୍ଟଅପ୍ କମ୍ପାନୀମାନଙ୍କରେ ଯେତେ ବିନିଯୋଗ ହୁଏ, ତାହାର ପ୍ରାୟ ୭୧ ଶତାଂଶ କେବଳ ଏଆଇ ଶିଳ୍ପରେ ସମ୍ପୃକ୍ତ ଷ୍ଟାର୍ଟଅପ୍ କମ୍ପାନୀମାନଙ୍କରେ ହୋଇଛି। ତେଣୁ ଏଥିରୁ ସ୍ପଷ୍ଟ ହୋଇଛି ଯେ ନିବେଶକ ଏଆଇ ଶିଳ୍ପରେ ପ୍ରଚୁର ପୁଞ୍ଜି ବିନିଯୋଗ କରୁଛନ୍ତି।

ଆର୍ଥିକ ପରାମର୍ଶଦାତା ମେକେଞ୍ଜିର ଏକ ଆକଳନ ଅନୁସାରେ ବିଶ୍ୱର ପ୍ରମୁଖ ପାଞ୍ଚୋଟି ଆଇଟି କମ୍ପାନୀ ଏଆଇ କ୍ଷେତ୍ରରେ ମିଳିତ ଭାବରେ ବିଗତ ଦୁଇବର୍ଷ ମଧ୍ୟରେ ପ୍ରାୟ ୫୬୦ ବିଲିୟନ ଡଲାର ବିନିଯୋଗ କରିଥିଲେ। କିନ୍ତୁ ମାତ୍ର ୩୫ ବିଲିୟନ୍ ଡଲାର ଆୟ କରିବା ପାଇଁ ସକ୍ଷମ ହୋଇଥିଲେ। ଆର୍ଥିକ ଉପଦେଷ୍ଟା ବ୍ରେନ୍ ଆଣ୍ଡ କମ୍ପାନୀର ଏକ ଆକଳନ ଅନୁସାରେ ୨୦୩୦ ବେଳକୁ ବିଶ୍ୱର ଏଆଇ ଚାହିଦାକୁ ପୂରଣ କରିବା ପାଇଁ ପ୍ରମୁଖ ଆଇଟି କମ୍ପାନୀମାନଙ୍କ ବାର୍ଷିକ ଆୟ ପ୍ରାୟ ୨ ଟ୍ରିଲିୟନ ଡଲାରରୁ ଅଧିକ ରହିବା ଆବଶ୍ୟକ। କିନ୍ତୁ ୨୦୩୦ ବେଳକୁ କମ୍ପାନୀମାନେ ମାତ୍ର ୨୦୦ ବିଲିୟନ ଡଲାର ଆୟ କରିବା ପାଇଁ ସମର୍ଥ ହେବେ। ପ୍ରାୟ ୮୦୦ ବିଲିୟନ ଡଲାରରୁ ଅଧିକ କ୍ଷତି ମଧ୍ୟରେ କମ୍ପାନୀମାନେ ତିଷ୍ଠି ରହିବା ପାଇଁ କେତେଦୂର ସକ୍ଷମ ହେବେ ତାହା ଏକ ବଡ଼ ଜଟିଳ ପ୍ରଶ୍ନ। ଏହାସତ୍ତ୍ୱେ ଗୋଟିଏ ପ୍ରମୁଖ ଏଆଇ କମ୍ପାନୀ କହିଛି ଯେ ଗୋଟିଏ ସାଧାରଣ ପ୍ରଶ୍ନର ଉତ୍ତର ଦେବା ବେଳେ କମ୍ପାନୀର ଦଶ ଡଲାରର ଖର୍ଚ୍ଚ ହୁଏ; କିନ୍ତୁ ଭାରତ ପରି ବିଶାଳ ବଜାରରେ ସମସ୍ତ ପ୍ରମୁଖ ଏଆଇ କମ୍ପାନୀମାନେ ସେବାକୁ ସମ୍ପୂର୍ଣ୍ଣ ଭାବରେ ନିଃଶୁଳ୍କ କରିଛନ୍ତି।

ଏପରି ପରିସ୍ଥିତିରେ ପ୍ରତିଭୂତି ବଜାରରେ ଏଆଇ ଶିଳ୍ପ କମ୍ପାନୀମାନଙ୍କ ଅଂଶଧନକୁ ସଠିକ୍ ଭାବରେ ଚିନ୍ତା କରି କ୍ରୟ କରିବା ପାଇଁ ମୋର୍ଗନ୍ ଷ୍ଟାନଲି ଓ ଗୋଲ୍ଡମ୍ୟାନ ସ୍ୟାକ୍ସ ନିବେଶକମାନଙ୍କୁ ପରାମର୍ଶ ଦେଇଛନ୍ତି। ସେମାନଙ୍କ ତର୍କ ରହିଛି ଯେ ଏଆଇ ଶିଳ୍ପରେ ସଂପୃକ୍ତ କମ୍ପାନୀମାନଙ୍କ ଅଂଶଧନକୁ ମାତ୍ରାଧିକ ମୂଲ୍ୟାୟନ କରାଯାଇଛି। ବଜାରରେ ଏଆଇ ବିଷୟରେ ଅମୂଳକ ଓ ଅଯଥା ପରିକଳ୍ପିତ ଧାରଣା ସେମାନଙ୍କୁ ସାହାଯ୍ୟ କରୁଛି। ସେଥିପାଇଁ ପ୍ରତିଭୂତି ବଜାରରେ ଯେପରି ବଡ଼ ଧରଣର ସ୍ଖଳନ ନ ଆସେ ଏବଂ ନିବେଶକଙ୍କ ବଡ଼ ଧରଣର କ୍ଷତି ନ ହୁଏ ସେଥିପାଇଁ ଉପଯୁକ୍ତ ପଦକ୍ଷେପ ଗ୍ରହଣ କରାଯିବ ବୋଲି ସୂଚନା ମିଳିଛି। ଏଆଇ ଶିଳ୍ପ ପାଇଁ ଚିପ୍ ପ୍ରସ୍ତୁତ କରୁଥିବା ଆମେରିକୀୟ କମ୍ପାନୀମାନଙ୍କ ଅଂଶଧନରେ ଅବମୂଲ୍ୟାୟନ ପଛରେ ଭୂ-ରାଜନୈତିକ ଅସ୍ଥିରତାକୁ ମଧ୍ୟ ଦାୟୀ କରାଯାଉଛି। ଆମେରିକାର ଉଚ୍ଚ ବାଣିଜ୍ୟ ଶୁଳ୍କ ନୀତି ଫଳରେ ଚୀନ ଚିପ୍ ପ୍ରସ୍ତୁତ କରିବା ପାଇଁ ଆବଶ୍ୟକ ହେଉଥିବା ଦୁର୍ଲଭ ଖଣିଜ ପଦାର୍ଥର ରପ୍ତାନି ଉପରେ କଟକଣା ଲାଗୁ କରିଥିବାରୁ ଚିପ୍ କମ୍ପାନୀମାନଙ୍କ ଅଂଶଧନ ମୂଲ୍ୟ ହ୍ରାସ ପାଉଛି ବୋଲି ଅନୁମାନ କରାଯାଉଛି।

ଏଆଇ ପରି ମାତ୍ର ତିନିବର୍ଷର ଶିଶୁ ଶିଳ୍ପରୁ ଭବିଷ୍ୟତରେ ପ୍ରଚୁର ଲାଭର ଆଶା ରଖି ଏଥିରେ ପର୍ଯ୍ୟାପ୍ତ ପୁଞ୍ଜି ବିନିଯୋଗ କରିବା ଅର୍ଥନୀତି ପ୍ରତି ବିପଦ ସୃଷ୍ଟି କରିଛି। କାରଣ ସୂଚନା ପ୍ରଯୁକ୍ତି ବିଜ୍ଞାନ ଶିଳ୍ପ ପ୍ରାୟ ଦୁଇ ଦଶନ୍ଧି ପୂର୍ବେ ଏକ ବଡ଼ ଧରଣର ଆର୍ଥିକ ସ୍ଖଳନ ଦେଖିଛି। ୨୦୦୦ ମସିହାର ଡଟ୍ କମ୍ ବବଲ୍‌ର ଭୟ ଏଆଇ ଶିଳ୍ପ ମଧ୍ୟରେ ଦେଖା ଦେଇଛି। ୧୯୯୦ ମସିହାରେ ଇଣ୍ଟରନେଟ୍ ଯୁଗ ଆରମ୍ଭ ହେବା ବେଳେ ବହୁତ କମ ସମୟ ମଧ୍ୟରେ ଏଥିରୁ ପ୍ରଚୁର ଆଶା ରଖି ବିପୁଳ ପୁଞ୍ଜି ବିନିଯୋଗ ସହ ଶହ ଶହ ଷ୍ଟାର୍ଟଅପ୍ କମ୍ପାନୀ ସେବା ଆରମ୍ଭ କଲେ। କିନ୍ତୁ ଇଣ୍ଟରନେଟ୍ ଶିଳ୍ପରୁ ସେପରି ଲାଭ ନ ମିଳିବାରୁ କମ୍ପାନୀମାନେ ଦେବାଳିଆ ହେବାକୁ ଲାଗିଲେ ଏବଂ ପୁଞ୍ଜି ପ୍ରତ୍ୟାହାର ଆରମ୍ଭ ହେଲା। ଏହାର ଏକମାତ୍ର କାରଣ ଥିଲା ଇଣ୍ଟରନେଟ୍ ଶିଳ୍ପରେ ବ୍ୟବସାୟ କିପରି ଚାଲିବ ସେ ବିଷୟରେ ନିବେଶକମାନେ ସମ୍ପୂର୍ଣ୍ଣ ଭାବରେ ଅଜ୍ଞ ଥିଲେ। ସେତେବେଳେ 'ନାସଡାକ୍'ରେ ପ୍ରାୟ ୫ ଟ୍ରିଲିୟନ ଡଲାର ରାତାରାତି ଉଭାନ ହୋଇଯାଇଥିଲା।

ଭାରତରେ ମଧ୍ୟ ଏଆଇ ଶିଳ୍ପରେ ପୁଞ୍ଜି ବିନିଯୋଗ ବୃଦ୍ଧି ପାଇବାରେ ଲାଗିଛି। ଚଳିତ ଆର୍ଥିକ ବର୍ଷରେ ଏଆଇ ଶିଳ୍ପରେ ପ୍ରାୟ ୫୨୪ ନିୟୁତ ଡଲାର ନିବେଶ ହୋଇଛି। ବିନା କୌଣସି ତଥ୍ୟ ଆଧାରରେ ଦୂର ଭବିଷ୍ୟତକୁ ଆକଳନ କରି ପ୍ରଚୁର ପୁଞ୍ଜି ବିନିଯୋଗ କରିବା ବିପଦପୂର୍ଣ୍ଣ ହୋଇପାରେ। ●

ବେଲେଶ୍ୱର(କଟକ),
ମୋ: ୯୪୩୭୧୨୮୪୬୪

# ଆଧୁନିକ ପୁଞ୍ଜିବାଦର ଉଦୀୟମାନ ମାନବୀୟ ପ୍ରକୃତି

**ମାନସ କୁମାର କର**

ଭାରତୀୟ ସଂସ୍କୃତିରେ ଦାନ ପରମ୍ପରାର ବିଶେଷ ଗୁରୁତ୍ୱ ରହିଛି। ଏହାକୁ ଧର୍ମ ଓ ସାମାଜିକ ଦାୟିତ୍ୱ ସହିତ ଜଡ଼ିତ କରାଯାଇଛି। ହୁଏତ ଏହି କାରଣରୁ ଭାରତରେ ଧାର୍ମିକ ସମାରୋହରେ ଦାନ ଦେବାର ପରମ୍ପରାକୁ ଅଧିକ ଗୁରୁତ୍ୱ ଦିଆଯାଏ। ଏହି ପରମ୍ପରାର ଉଦ୍ଦେଶ୍ୟ କେବଳ ଅଭାବୀମାନଙ୍କୁ ସାହାଯ୍ୟ କରିବା ନୁହେଁ, ବରଂ ସମାଜରେ ସନ୍ତୁଳନ ଓ ମାନବିକତା ବଜାୟ ରଖିବା। ଦେଶରେ ଅସମାନତା ଓ ଦାରିଦ୍ର୍ୟର ପରିସ୍ଥିତି ଦେଖିବା ପରେ ସମ୍ଭବତଃ ମହାତ୍ମା ଗାନ୍ଧୀ 'ଟ୍ରଷ୍ଟିସିପ୍' ଉପରେ ଗୁରୁତ୍ୱାରୋପ କରିଥିଲେ, ଯାହା ଅନୁସାରେ ଧନୀ ଲୋକମାନେ ସେମାନଙ୍କ ସମ୍ପତ୍ତିର ମାଲିକ ନୁହନ୍ତି, କେବଳ ଟ୍ରଷ୍ଟି କିମ୍ବା ରକ୍ଷକ ଅଟନ୍ତି ଏବଂ ସେମାନେ ସେମାନଙ୍କର ସମ୍ପତ୍ତିକୁ କେବଳ ସେମାନଙ୍କର ମୌଳିକ ଆବଶ୍ୟକତା ପାଇଁ ବ୍ୟବହାର କରିବା ସହିତ ଅବଶିଷ୍ଟ ସମ୍ପତ୍ତିକୁ ସମାଜର କଲ୍ୟାଣ ପାଇଁ ଉତ୍ସର୍ଗ କରିବା ଉଚିତ। ଏହି ନୀତି ହୃଦୟ ପରିବର୍ତ୍ତନ ଓ ସ୍ୱେଚ୍ଛାକୃତ ତ୍ୟାଗ ଉପରେ ଆଧାରିତ।

ଆମେରିକୀୟ ଶିଳ୍ପପତି ୱାରେନ ବଫେଟ୍ ତାଙ୍କ ମୃତ୍ୟୁ ପରେ ତାଙ୍କ ପିଲାମାନଙ୍କ ଦ୍ୱାରା ପରିଚାଳିତ ଏକ ଦାନଯୋଗ୍ୟ ଟ୍ରଷ୍ଟକୁ ୧୫୦ ବିଲିୟନ ଡଲାର ସମ୍ପତ୍ତି ଦାନ କରିବାକୁ ଘୋଷଣା କରିଥିଲେ। ଏହି ଟ୍ରଷ୍ଟ ମାଧ୍ୟମରେ ତାଙ୍କ ପିଲାମାନେ ଏହି ସମ୍ପତ୍ତିକୁ ଦାତବ୍ୟ ଉଦ୍ଦେଶ୍ୟରେ ବ୍ୟବହାର କରିବେ ଏବଂ ସେମାନଙ୍କ ପିଲାମାନେ ନିଜସ୍ୱ ବୁଝାମଣା ଓ ସହମତି ଆଧାରରେ ନିଷ୍ପତ୍ତି ନେବେ। ଏହା ନିଃସନ୍ଦେହରେ ଏକ ଭଲ ପରମ୍ପରା। କିନ୍ତୁ ଏହାକୁ ଗାନ୍ଧୀଙ୍କ 'ଟ୍ରଷ୍ଟିସିପ୍' ନୀତିର ଆଧାର ଭାବରେ ଦେଖାଯାଇପାରିବ କି? ନା ଏହାକୁ ପୁଞ୍ଜିବାଦର ଏକ ମାନବିକ ଚେହେରା ଭାବରେ ଦେଖାଯିବା ଉଚିତ?

ପ୍ରଶ୍ନ ହେଉଛି: କ'ଣ କଲ୍ୟାଣକାରୀ ପୁଞ୍ଜିବାଦ ସମ୍ଭବ? ନା ଜୀବନବ୍ୟାପୀ ଶୋଷଣ ଓ ଅତ୍ୟାଚାର ପରେ ପୁଞ୍ଜିବାଦୀମାନେ ସେମାନଙ୍କର ମାନସିକତାରେ ପରିବର୍ତ୍ତନ ଆଣିବା ସ୍ୱାଭାବିକ? ସମାଜଶାସ୍ତ୍ରୀୟ ଦୃଷ୍ଟିକୋଣରୁ ବର୍ତ୍ତମାନର ଯୁଗ ହେଉଛି ଟେକ୍ନୋ-ପୁଞ୍ଜିବାଦର, ଯେଉଁଠାରେ ଟେକ୍ନୋଲୋଜି ନବସୃଜନ ଏବଂ ପୁଞ୍ଜି ହେଉଛି ଧନ, ଅଭିବୃଦ୍ଧି ଓ ଶକ୍ତିର ପ୍ରାଥମିକ ଚାଳକ। ଏହା ଧନୀ ଓ ଗରିବଙ୍କ ମଧ୍ୟରେ ବଢୁଥିବା ପାର୍ଥକ୍ୟକୁ ସୂଚାଉଛି, ଯାହାଫଳରେ ଧନୀମାନେ ଅଧିକ ଧନୀ ହେଉଛନ୍ତି। ନବ-ପୁଞ୍ଜିବାଦର ଏହି ଯୁଗରେ ଶୋଷଣ ଓ ଅତ୍ୟାଚାର ବଦଳରେ ପୁଞ୍ଜିବାଦର ଏକ କଲ୍ୟାଣକାରୀ ରୂପ ଉଭା ହେଉଛି, ଯାହା ଦୁଇଟି ଉପାୟରେ କାମ କରେ। ପ୍ରଥମତଃ, କର୍ପୋରେଟ୍ ସାମାଜିକ ଦାୟିତ୍ୱ (ସିଏସଆର) ରୂପରେ ଏବଂ ଦ୍ୱିତୀୟତଃ, ଦାନ ରୂପରେ। ପୁଞ୍ଜିବାଦ ଭିତରେ ଥିବା ସଙ୍କଟ କ'ଣ ଏହି ଲୋକମାନଙ୍କୁ କଲ୍ୟାଣମୂଳକ କାର୍ଯ୍ୟକଳାପରେ ନିୟୋଜିତ କରିବାକୁ ବାଧ୍ୟ କରୁଛି? ନା ବଜାର ଏବେ କଲ୍ୟାଣମୂଳକ କାର୍ଯ୍ୟକଳାପରେ ରାଷ୍ଟ୍ରକୁ ସ୍ଥାନ ଦେଉଛି?

ପୁଣି ପ୍ରଶ୍ନ ଉଠେ, କେବଳ ୯୦ ବର୍ଷ କିମ୍ବା ତା'ଠାରୁ ଅଧିକ ବର୍ଷ ବୟସରେ କଲ୍ୟାଣମୂଳକ କାର୍ଯ୍ୟକଳାପରେ ନିୟୋଜିତ ହେବାର ଚିନ୍ତାଧାରା କାହିଁକି ମନକୁ ଆସେ? ଭାରତରେ ରତନ ଟାଟା ଓ ଅଜିମ ପ୍ରେମଜୀଙ୍କ ପରି କେତେକ ବଦାନ୍ୟ ଉଦାହରଣୀୟ ଓ ଅନୁକରଣୀୟ ବ୍ୟକ୍ତିତ୍ୱ ପୁଞ୍ଜିବାଦର କୁତ୍ସିତ ଚେହେରାକୁ କଲ୍ୟାଣକାରୀ ଓ ମାନବିକ ଚେହେରାରେ ବଦଳାଇ ଦେଇଛନ୍ତି, ଯେଉଁମାନେ ଶିକ୍ଷା, ସ୍ୱାସ୍ଥ୍ୟ, ଗ୍ରାମୀଣ ବିକାଶ ଓ ପରିବେଶ ସୁରକ୍ଷା ଭଳି କ୍ଷେତ୍ରରେ ସମାଜରେ ଗୁରୁତ୍ୱପୂର୍ଣ୍ଣ ଅବଦାନ ଦେଇଛନ୍ତି। ଅନ୍ୟପକ୍ଷରେ, ପୁଞ୍ଜିବାଦର ଏକ ଅମାନବୀୟ ଓ ଶୋଷଣକାରୀ ଦିଗ ମଧ୍ୟ ଅଛି, ଯାହାର ବୈଶିଷ୍ଟ୍ୟ ହେଉଛି ୯୦ ଘଣ୍ଟାର କାର୍ଯ୍ୟ ଅଥବା ଦୀର୍ଘ କାର୍ଯ୍ୟସମୟ, ଅସୁରକ୍ଷିତ କର୍ମକ୍ଷେତ୍ର ପରିବେଶ, ଚାକିରି ଅସୁରକ୍ଷିତତା, ଛଟେଇର ଭୟ ଓ କମ ମଜୁରୀ।

ପ୍ରୋଟେଷ୍ଟାଣ୍ଟ ନୀତିଶାସ୍ତ୍ର ଓ ପୁଞ୍ଜିବାଦର ଢାଞ୍ଚାରେ ସମାଜବିଜ୍ଞାନୀ ମ୍ୟାକ୍ସ ୱେବର 'ପ୍ରୋଟେଷ୍ଟାଣ୍ଟ ଏଥିକ୍ସ ଆଣ୍ଡ ଦି ସ୍ପିରିଟ୍ ଅଫ୍ କ୍ୟାପିଟାଲିଜିମ୍' ଏବଂ କାର୍ଲ ମାର୍କ୍ସ 'ଦାସ କାପିଟାଲ୍' ରେ ସମାନ ଆଲୋଚନା କରିଥିଲେ, ଯେଉଁଠାରେ ୱେବର ପୁଞ୍ଜିବାଦର କଲ୍ୟାଣକାରୀ ଦିଗକୁ ଉପସ୍ଥାପନ କରିଥିଲେ ଏବଂ ମାର୍କ୍ସ ଶୋଷଣମୂଳକ ଦିଗକୁ ଦେଖାଇଥିଲେ। ଏହା ମଧ୍ୟ ସତ୍ୟ ଯେ ସେହି ସମୟରେ ପ୍ରଯୁକ୍ତିବିଦ୍ୟା ଆଜି ପରି ପ୍ରଭାବଶାଳୀ ନଥିଲା ଏବଂ ଯେତେବେଳେ ପୁଞ୍ଜିବାଦୀମାନେ ଏହି ପ୍ରଯୁକ୍ତିବିଦ୍ୟା-ପୁଞ୍ଜିବାଦରୁ ଯଥେଷ୍ଟ ଲାଭ ଅମଳ କରୁଛନ୍ତି, ସେମାନେ ଭୟ କରୁଛନ୍ତି ଯେ ଜନସଂଖ୍ୟାର ଏକ ଅଂଶ ସେମାନଙ୍କ ବିରୁଦ୍ଧରେ ପ୍ରତିବାଦର ଆଶଙ୍କାକୁ ବୃଦ୍ଧି କରିପାରେ। ତେଣୁ ସେମାନେ କଲ୍ୟାଣକାରୀ କାର୍ଯ୍ୟକ୍ରମ ହାତକୁ ନେଉଛନ୍ତି।

ପ୍ରକୃତରେ, ବଜାରର କେବଳ ଗୋଟିଏ ନିୟମ ଅଛି - 'ଏହାର କୌଣସି ନିୟମ ନାହିଁ; ଏହାର ଏକମାତ୍ର ଉଦ୍ଦେଶ୍ୟ ହେଉଛି ଲାଭ କରିବା।' ହୁଏତ ଏହି କାରଣରୁ ଆଜି ଆମ ସମାଜ ଏତେ ବିପଦ ଓ ଆହ୍ୱାନରେ ଘେରି ରହିଛି। ପୁଞ୍ଜିବାଦୀ ଅର୍ଥନୀତିର ଭବିଷ୍ୟତର ଏହି ଆହ୍ୱାନଗୁଡ଼ିକୁ ପୂର୍ବାନୁମାନ କରି ଗାନ୍ଧିଜୀ 'ଟ୍ରଷ୍ଟିସିପ୍' ନୀତିର ଅବତାରଣା କରିଥିଲେ, ଯାହା ଆଜିର ଦିନରେ ଅତ୍ୟନ୍ତ ସ୍ୱାଗତଯୋଗ୍ୟ। ସେ ବିଶ୍ୱାସ କରୁଥିଲେ ଯେ ଯଦି ଧନୀ ବ୍ୟକ୍ତିମାନେ ସେମାନଙ୍କର ଅତିରିକ୍ତ ସମ୍ପତ୍ତିକୁ ସମାଜର ହିତ ପାଇଁ ଦାନ ଅବା ବ୍ୟବହାର କରନ୍ତି, ତେବେ ଏହା ସମାଜରେ ସମାନତା ଆଣିପାରିବ ଏବଂ ଧନୀ-ଗରିବଙ୍କ ମଧ୍ୟରେ ସମନ୍ୱୟ ସ୍ଥାପନ ହୋଇପାରିବ, ଯାହା ଏକ ନ୍ୟାୟପୂର୍ଣ୍ଣ ସମାଜ ପ୍ରତିଷ୍ଠାର ସ୍ୱପ୍ନକୁ ବାସ୍ତବତାରେ ପରିଣତ କରିପାରିବ। ●

କୋଠାଙ୍ଗ(କୋଣାର୍କ), ମୋ: ୭୩୮୧୩୮୨୨୧୦

# ପଦ୍ମସମ୍ଭବଙ୍କ ମହାପରିନିର୍ବାଣ ସ୍ଥଳ

**ପ୍ରବୀର କୁମାର ପଟ୍ଟନାୟକ**

ତିବ୍ବତରେ ତୀର୍ଥଯାତ୍ରା ଅତ୍ୟନ୍ତ ଲୋକପ୍ରିୟ ପ୍ରଥା। ସେଠାରେ ଅସଂଖ୍ୟ ପୁଣ୍ୟପୀଠ ବା ତୀର୍ଥସ୍ଥଳ ରହିଛି। ଏସବୁ ସ୍ଥଳ ସେମାନଙ୍କର ଧର୍ମ ସମ୍ବନ୍ଧିତ ଏବଂ ତାହା ହେଉଛି ଖ୍ୟାତନାମା ଓ ଅଲୌକିକ ଶକ୍ତିସଂପନ୍ନ ଲାମାମାନଙ୍କ ସ୍ଥଳ, ବୁଦ୍ଧ ତଥା ଅନ୍ୟ ବିଶିଷ୍ଟ ବୌଦ୍ଧାଚାର୍ଯ୍ୟମାନଙ୍କର ଦେହାବଶେଷ ଅଥବା ସ୍ମୃତିସ୍ଥଳ, ପବିତ୍ର ପଦଚିହ୍ନ ସ୍ଥଳ, ପବିତ୍ର ବୃକ୍ଷ ସ୍ଥଳ ଇତ୍ୟାଦି। ଏସବୁ ସ୍ଥଳକୁ ତୀର୍ଥଯାତ୍ରୀମାନେ ବିଭିନ୍ନ ଅର୍ପଣ-ବସ୍ତୁ ସହ ଯାତ୍ରା କରିଥା'ନ୍ତି ଏବଂ ସେହି ବସ୍ତୁଗୁଡ଼ିକୁ ସେଠାରେ ଅର୍ପଣ କରିଥା'ନ୍ତି। ଏହି ବସ୍ତୁ ମଧ୍ୟରେ ସ୍ୱର୍ଣ୍ଣ ଓ ଅନ୍ୟ ମୂଲ୍ୟବାନ ବସ୍ତୁ ମଧ୍ୟ ରହିଥାଏ। ଅନେକ ଯାତ୍ରୀ ଦେଶ ବାହାରର ତୀର୍ଥସ୍ଥାନକୁ ମଧ୍ୟ ଯାତ୍ରା କରିଥା'ନ୍ତି। ଯଥା ଚୀନ, ଭୁଟାନ, ସିକ୍କିମ, ନେପାଳ, କାଶ୍ମୀର-ଗାନ୍ଧାର, ତୁର୍କୀସ୍ତାନ ଓ ଭାରତ ଭଳି ଦେଶକୁ, ଯେଉଁ ସ୍ଥାନସବୁ ମୁଖ୍ୟତଃ ଗୁରୁ ପଦ୍ମସମ୍ଭବ ଓ ଭଗବାନ ବୁଦ୍ଧଙ୍କ ସଂପର୍କିତ ପବିତ୍ର ସ୍ଥାନ।

ମୁସଲମାନମାନଙ୍କର ଯେପରି ମକ୍କା ଓ ମଦିନା, ସେହିଭଳି ତିବ୍ବତୀୟ ଲାମାମାନଙ୍କ ମତରେ ସମସ୍ତ ବୌଦ୍ଧ ଧର୍ମ ଅନୁଗାମୀଙ୍କ ଭଳି ତିବ୍ବତୀୟମାନଙ୍କର ଅତ୍ୟନ୍ତ ପବିତ୍ର ତୀର୍ଥସ୍ଥଳ ହେଲା ବୁଦ୍ଧଗୟାଠାରେ ଥିବା ପବିତ୍ର ବୋଧିବୃକ୍ଷ, ଯେଉଁଠାରେ ଶାକ୍ୟମୁନି ବୁଦ୍ଧତ୍ୱ ଲାଭ କରିଥିଲେ ଏବଂ ସେଠାକାର ମନ୍ଦିର, ଯାହାକୁ ତିବ୍ବତୀୟମାନେ ଗନ୍ଧୋଲା କହିଥା'ନ୍ତି। ଏହାପରେ ଅନ୍ୟ ମୁଖ୍ୟ ପବିତ୍ର ସ୍ଥଳ ହେଲା ବୁଦ୍ଧଙ୍କ ମହାପରିନିର୍ବାଣ ସ୍ଥଳ କୁଶୀନଗର ଏବଂ ଅନ୍ୟ ପବିତ୍ର ସ୍ଥଳଗୁଡ଼ିକ ହେଲା ବୁଦ୍ଧଙ୍କ ଦେହବଶେଷ ରହିଥିବା ଆଠଗୋଟିଯାକ ମହାଚୈତ୍ୟ।



ଦ୍ୱିତୀୟ-ବୁଦ୍ଧ କଥା

ଭାରତରେ ଥିବା ତୀର୍ଥ ସ୍ଥାନସବୁକୁ ତିବ୍ବତୀୟମାନେ ନିୟମିତ ଭାବେ କିମ୍ବା ବେଶୀ ସଂଖ୍ୟାରେ ଆସନ୍ତି ନାହିଁ। ମୁଖ୍ୟ କାରଣ ହେଉଛି ଏସବୁ ବହୁଦୂରରେ ଅବସ୍ଥିତ ଏବଂ ଖର୍ଚ୍ଚବହୁଳ ଯାତ୍ରା। ଆସାମରେ ତିବ୍ବତୀୟମାନଙ୍କର ସାମ୍-ଚୋ-ଡୁନ ନାମକ ଏକ ପବିତ୍ର ବୌଦ୍ଧ ତୀର୍ଥକ୍ଷେତ୍ର ରହିଛି। ଏହା ହେଉଛି ବୁଦ୍ଧଗୟା (ବୋଧଗୟା) ପରେ ଅତ୍ୟନ୍ତ ପବିତ୍ର ପୁଣ୍ୟକ୍ଷେତ୍ର। ସାଧାରଣତଃ ଆସାମରେ କୌଣସି ପ୍ରମୁଖ ବୌଦ୍ଧ ସ୍ଥଳ ନାହିଁ। ପଞ୍ଚମ ଓ ସପ୍ତମ ଶତାବ୍ଦୀରେ ଭାରତ ଭ୍ରମଣ କରିଥିବା ଚୀନ ତୀର୍ଥଯାତ୍ରୀ ଉଭୟ ଫାହିଆନ୍ ଓ ହୁଏନସାଂ ମଧ୍ୟ ଆସାମର କୌଣସି ବୌଦ୍ଧ ସ୍ଥଳ ବିଷୟରେ ଦର୍ଶାଇ ନାହାନ୍ତି। କିନ୍ତୁ ବୁଦ୍ଧଙ୍କ ମହାପରିନିର୍ବାଣ ସ୍ଥଳକୁ ଲାମାମାନେ ଆସାମ ବୋଲି ବିଶ୍ୱାସ କରିଥା'ନ୍ତି।

ଯାଷ୍ଟକେଙ୍କର ତିବ୍ବତୀୟ ଅଭିଧାନରେ 'ସା-ମଚୋଗ୍-ଗ୍ରୋନ୍' ନାମକ ଏକ ସ୍ଥାନର ନାମ ରହିଛି, ଯାହା ପଶ୍ଚିମ ଆସାମରେ ଅବସ୍ଥିତ। ଏଠାରେ ବୁଦ୍ଧ ପ୍ରାଣତ୍ୟାଗ କରିଥିବା ବିଷୟ ଦର୍ଶାଯାଇଛି। ଏ ବିଷୟଟି 'ଗ୍ୟାଲରାବ୍ସ୍' ନାମକ ତିବ୍ବତୀୟ ଭାଷାରେ ଲିଖିତ ତିବ୍ବତର ଇତିହାସ ଗ୍ରନ୍ଥରେ ଦର୍ଶାଯାଇଥିବା ଆଧାରରେ ଅଭିଧାନଟିରେ ସୂଚିତ ହୋଇଛି। ସେହିଭଳି ବିଶିଷ୍ଟ ଗବେଷକ କସ୍‌ମୋଡି କୋରୋସ୍ ମଧ୍ୟ ଏକ ପ୍ରାମାଣିକ ଗ୍ରନ୍ଥରେ ଶାକ୍ୟ ମୁନିଙ୍କ ମହାପ୍ରୟାଣ ଆସାମର କୁଶନଗର ଅଥବା କାମରୂପରେ ଘଟିଥିବା ବିଷୟ ତିବ୍ବତୀୟ ଗ୍ରନ୍ଥମାନଙ୍କରେ ଉଲ୍ଲେଖ ରହିଥିବା କଥା ଦର୍ଶାଇଛନ୍ତି। ଏହିଠାରେ ହିଁ ରହିଛି ରହସ୍ୟ ନିର୍ଣ୍ଣୟର ସୂତ୍ର।

ବୁଦ୍ଧଙ୍କ ମହାପରିନିର୍ବାଣ କୁଶୀନଗରଠାରେ ଦୁଇଟି ଶାଳ ବୃକ୍ଷ ମଧ୍ୟରେ ହୋଇଥିବା ସମସ୍ତେ ଜାଣନ୍ତି। ଏହି ସ୍ଥାନଟି ଗୋରଖପୁରଠାରୁ ପୂର୍ବକୁ ପଞ୍ଚତିରିଶ ମାଇଲ ତଥା ବନାରସଠାରୁ ଉତ୍ତର-ପୂର୍ବକୁ ଏକଶହ କୋଡ଼ିଏ ମାଇଲ ଦୂରରେ ଅବସ୍ଥିତ। କୁଶୀନଗର ଯେ ଭଗବାନ ବୁଦ୍ଧଙ୍କର ମହାପରିନିର୍ବାଣ ସ୍ଥଳ ଏହା ବିଶିଷ୍ଟ ଗବେଷକ କନିଙ୍ଗହାମ ଚିହ୍ନଟ କରିସାରିଛନ୍ତି ଏବଂ ଆନ୍ତର୍ଜାତିକ ସ୍ତରରେ ମଧ୍ୟ ସ୍ଥିରୀକୃତ ସ୍ଥଳ ଭାବେ ସୁପରିଚିତି ଲାଭ କରିସାରିଛି। ଉଭୟ ପ୍ରାଚୀନ ଚୀନ ପରିବ୍ରାଜକ ଫାହିଆନ୍ ଓ ହୁଏନସାଂ ମଧ୍ୟ ପୂର୍ଣ୍ଣ ବିବରଣୀ ସହ ଏହି ସ୍ଥଳ ବିଷୟ ଦର୍ଶାଇଛନ୍ତି। ଏ ସମ୍ପର୍କରେ କୌଣସି ଠାରେ କୌଣସି ପ୍ରକାର ଦ୍ୱନ୍ଦ୍ୱ ମଧ୍ୟ ନାହିଁ। (କ୍ରମଶଃ...) ●

ଭୁବନେଶ୍ୱର, ମୋ: ୭୨୦୫୦୨୨୭୯୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

**ଅବକାରୀ ପୁଲିସର ଖାମଖିଆଲି !**

# ରାଇରଙ୍ଗପୁର ଜେଲ୍‌ରେ ବାଳ ଅପରାଧୀ

ରାଇରଙ୍ଗପୁର, ୨୧।୧୧(ସମିସ): ଅବକାରୀ ପୁଲିସର ଭୁଲ୍ ପାଇଁ ଜଣେ ବାଳ ଅପରାଧୀ ସୁଧାର ଗୃହ ପରିବର୍ତ୍ତେ ଜେଲ୍‌ରେ କଏଦୀ ଜୀବନ ବିତାଉଛନ୍ତି। ରାଇରଙ୍ଗପୁର ଉପଖଣ୍ଡ କାରାଗାରରେ ଏପରି ଏକ ଘଟଣା ଏବେ ସାମ୍ନାକୁ ଆସିଛି। ନକଲି ମଦ କାରବାର ଅଭିଯୋଗରେ ଧରାପଡ଼ିଥିବା ଝାଡ଼ଖଣ୍ଡର ଜଣେ ବାଳ ଅପରାଧୀ ରାଇରଙ୍ଗପୁର ଜେଲ୍‌ରେ ବନ୍ଦୀ ଜୀବନ ବିତାଉଛନ୍ତି।

ସୂଚନାନୁଯାୟୀ, ମାସେ ତଳେ ଅବକାରୀ ବିଭାଗ ତିରିଂ ଥାନା ଅଞ୍ଚଳରୁ ଏକ ନକଲି ମଦ କାରଖାନା ଠାବ କରିଥିଲା। ପଣ୍ଡୁପାଣି ପଞ୍ଚାୟତର ଜଟା ଗ୍ରାମରେ ଦୀର୍ଘଦିନ ହେଲା ଏହି ନକଲି କାରଖାନା ଚାଲୁଥିଲା। ଏହି ଘଟଣାରେ ସେତେବେଳେ ପୁଲିସ ୩ ନାବାଳକଙ୍କ ସମେତ




ମୋଟ ୬ ଜଣଙ୍କୁ ଧରିଥିଲା। କିନ୍ତୁ, ସେମାନଙ୍କ ମଧ୍ୟରୁ ଝାଡ଼ଖଣ୍ଡ ଅଞ୍ଚଳର ଜଣେ ନାବାଳକକୁ ଜୁଭେନାଇଲ ଜଷ୍ଟିସ୍ ବୋର୍ଡ ପରିବର୍ତ୍ତେ ରାଇରଙ୍ଗପୁର କୋର୍ଟରେ ହାଜର କରିଥିଲା ଅବକାରୀ ବିଭାଗ। ସେଠାରେ ଜାମିନ୍ ନାମଞ୍ଜୁର ହେବାରୁ ତାକୁ ଜେଲ୍‌କୁ ପଠାଇ ଦିଆଯାଇଛି। ଗତ ଅକ୍ଟୋବର ୧୦ରୁ ସେ ରାଇରଙ୍ଗପୁର ଉପଖଣ୍ଡ କାରାଗାରରେ ରହିଛି। ବାଳ ଅପରାଧୀଙ୍କୁ ଜୁଭେନାଇଲ ଜଷ୍ଟିସ୍ ବୋର୍ଡରେ ହାଜର କରି ସୁଧାର ଗୃହକୁ ପଠାଇବାର ନିୟମ ରହିଛି। କିନ୍ତୁ ଉକ୍ତ ନାବାଳକଙ୍କ ବୟସ ଯାଞ୍ଚ କରାନଯାଇ ତାଙ୍କୁ ଜେଲ୍ ହାଜତକୁ କିପରି ପଠାଇ ଦିଆଗଲା, ତାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ଏନେଇ ରାଇରଙ୍ଗପୁର ଉପଖଣ୍ଡ କାରାଗାର ଜେଲର୍ ଅଞ୍ଜନ କୁମାର ପଣ୍ଡା କହିଛନ୍ତି, ସେ ଜେଲକୁ ଆସିବା ପରେ ତା'ର ବୟାନ ସହ ଆଧାରକାର୍ଡ ଓ ଅନ୍ୟାନ୍ୟ କାଗଜପତ୍ର ଯାଞ୍ଚ ପରେ ସେ ନାବାଳକ ବୋଲି ଜଣାପଡ଼ିଛି। ନାବାଳକଙ୍କ ପିତାଙ୍କ ସହ ଯୋଗାଯୋଗ କରି ରାଇରଙ୍ଗପୁର କୋର୍ଟଙ୍କୁ ତ୍ରୁଟି ବାବଦରେ ସୂଚନା ଦିଆଯାଇଥିଲା। ତେବେ କୋର୍ଟ ଏହାର ବିଚାର କରି ତୁରନ୍ତ ଜୁଭେନାଇଲ ଜଷ୍ଟିସ ବୋର୍ଡରେ ହାଜର କରି ସୁଧାର ଗୃହକୁ ପଠାଇବାକୁ ନିର୍ଦ୍ଦେଶ ଦେଇଛନ୍ତି ବୋଲି କହିଛନ୍ତି।

# ଭିଜିଲାନ୍ସ ଜାଲରେ ପାକ୍ସ ସମ୍ପାଦକ

ଦେବଗଡ଼, ୨୧।୧୧(ସମିସ): ୪୦ ଲକ୍ଷ ୭୧ ହଜାର ଟଙ୍କା ଆତ୍ମସାତ କରିବା ଅଭିଯୋଗରେ ବାରକୋଟ ବ୍ଲକ୍ କାଦୋପଡାସ୍ଥିତ ପ୍ରାଥମିକ କୃଷି ସମବାୟ



ସମିତି (ପାକ୍ସ) ସମ୍ପାଦକ ସୁରେଶ ଚନ୍ଦ୍ର ସାହୁଙ୍କୁ ଭିଜିଲାନ୍ସ ଗିରଫ କରିଛି। ସୂଚନାନୁଯାୟୀ, ଶ୍ରୀ ସାହୁ ଋଣ ନେଇଥିବା ଚାଷୀମାନଙ୍କଠାରୁ କିସ୍ତି ଟଙ୍କା ନଗଦ ଆକାରରେ ଆଦାୟ କରୁଥିଲେ। ମାତ୍ର ଚାଷୀମାନେ ବିଭିନ୍ନ ସମୟରେ ପରିଶୋଧ କରିଥିବା ନଗଦ ୪୦ ଲକ୍ଷ ୭୧ ହଜାର ଟଙ୍କା ବାବଦରେ ବିଭାଗୀୟ ରେଜିଷ୍ଟର୍ (ଡେ'ବୁକ) ରେ ଉଲ୍ଲେଖ ନକରି ଏହାକୁ ଆତ୍ମସାତ କରିଥିଲେ। ଫଳରେ ଅନୁଷ୍ଠାନର ଆର୍ଥିକ କ୍ଷତି ଘଟିବା ସହ ଗରିବ ଚାଷୀମାନଙ୍କ ଉପରେ ମଧ୍ୟ ଏହାର କୁ-ପ୍ରଭାବ ପଡ଼ିଥିଲା। ଏନେଇ ଭିଜିଲାନ୍ସରେ ଅଭିଯୋଗ ହେବା ପରେ ବିଭାଗ ପକ୍ଷରୁ ରେଡର୍କ ପତ୍ର ଯାଞ୍ଚ ସହ ଏହାର ତଦନ୍ତ କରାଯାଇଥିଲା।


**ପୂର୍ବ ତଟ ରେଳପଥ**

ଟେଣ୍ଡର ବିଜ୍ଞପ୍ତି ସଂ.EPC-CECONIIBBS 2025039, ତା.08.09.2025 ରିଖ ର

**ଶୁଦ୍ଧିପତ୍ର ସଂ.06**

ଉପରୋକ୍ତ ଟେଣ୍ଡର ବିଜ୍ଞପ୍ତି ସନ୍ଦର୍ଭରେ ନିମ୍ନଲିଖିତ ରୂପାନ୍ତରର କରାଯାଇଛି, ଯାହା ପ୍ରତି ଦୟାକରି ଧ୍ୟାନ ଦିଅନ୍ତୁ।

କ୍ରମ ସଂ.1 : ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ : ଶୁଦ୍ଧିପତ୍ର ସଂ.5ରେ ପ୍ରକାଶିତ ଅନୁଯାୟୀ-ତା.21.11.2025ରିଖ 1200 ଘଟିକା, ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ : ତା.**28.11.2025** ରିଖ **1200** ଘଟିକା।

କ୍ରମ ସଂ.2 : RFP ନଥିପତ୍ରର ଧାରା ସଂ.2.11.2ରେ ସୂଚିଭୁକ୍ତ ସମସ୍ତ ନଥିପତ୍ରଗୁଡ଼ିକର ଭୌତିକ ଦାଖଲ : ଶୁଦ୍ଧିପତ୍ର ସଂ.5ରେ ପ୍ରକାଶିତ ଅନୁଯାୟୀ-ତା.28.11.2025ରିଖ 1800 ଘଟିକା, ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ : ତା.**05.12.2025**ରିଖ **1800** ଘଟିକା।

କ୍ରମ ସଂ.3 : RFP ନଥିପତ୍ରର ଧାରା ସଂ.2.11.4(I) ରେ ଉଲ୍ଲେଖିତ ସ୍ଥାନ ଅନୁଯାୟୀ ବୈଷୟିକ ବିଡ୍ ଖୋଲାଯିବ: ଶୁଦ୍ଧିପତ୍ର ସଂ.5ରେ ପ୍ରକାଶିତ ଅନୁଯାୟୀ: ତା.02.12.2025ରିଖ 1200ଘଟିକା, ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ : ତା.**09.12.2025**ରିଖ **1200** ଘଟିକା।

ସଂପୂର୍ଣ୍ଣ ବିବରଣୀ ନିମନ୍ତେ ୱେବ୍‌ସାଇଟ୍ **www.ireps.gov.in** ପରିଦର୍ଶନ କରିବାକୁ ଇଚ୍ଛୁକ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଛି।

ମୁଖ୍ୟ ପ୍ରଶାସନିକ ଅଧିକାରୀ(ନିର୍ମାଣ)/ ଭୁବନେଶ୍ୱର

PR-161/CI/25-26


## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ରେକର୍ଡ ସ୍ତରକୁ...

ପରଠାରୁ ଟଙ୍କା ଚାପରେ ରହିଛି। ଚଳିତବର୍ଷ ଟଙ୍କା ଏସିଆ ମହାଦେଶର ସବୁଠାରୁ ଦୁର୍ବଳ ମୁଦ୍ରା ମଧ୍ୟରୁ ଅନ୍ୟତମ। ବିଦେଶୀ ନିବେଶକମାନେ ଏ ପର୍ଯ୍ୟନ୍ତ ଭାରତୀୟ ଇକ୍ୱିଟିରୁ ୧୬.୫ ବିଲିୟନ ଡଲାରର ପାଣ୍ଠି ପ୍ରତ୍ୟାହାର କରିନେଇଛନ୍ତି। ଆମେରିକୀୟ ଡଲାର ତୁଳନାରେ ଟଙ୍କାର ବିନିମୟ ମୂଲ୍ୟରେ ହ୍ରାସ ଯୋଗୁ ଭାରତୀୟ ଷ୍ଟକ ବଜାର ମଧ୍ୟ ମନ୍ଥର ରହିଛି। ଟଙ୍କାର ଦୁର୍ବଳତା ମଧ୍ୟ ବଜାରରେ ଏହି ହ୍ରାସ ଆଣିଛି। ସପ୍ତାହର ଶେଷ କାରବାର ଦିବସ ଶୁକ୍ରବାର ସେନସେକ୍ସ ଏବଂ ନିଫ୍ଟି ସୂଚକାଙ୍କ ଉଭୟ ହ୍ରାସ ପାଇଛି।

### ମେକ୍ସିକୋର ଫାତିମା...

ଏହି ପ୍ରତିଯୋଗିତାରେ ସାମିଲ ହୋଇ ବିଜୟୀ ହୋଇଛନ୍ତି। ଫଳରେ ତାଙ୍କ ପାଇଁ ଏହି ବ୍ରହ୍ମାଣ୍ଡ ସୁନ୍ଦରୀ ମୁକୁଟ ବେଶ୍ ଗୁରୁତ୍ୱ ବହନ କରୁଛି। ଭାରତର ମଣିକା ବିଶ୍ୱଶର୍ମା ଏହି ୭୪ ତମ ବ୍ରହ୍ମାଣ୍ଡ ସୁନ୍ଦରୀ ପ୍ରତିଯୋଗିତାରେ ଶ୍ରେଷ୍ଠ-୩୦ରେ ସ୍ଥାନ ହାସଲ କରିବାକୁ ସକ୍ଷମ ହୋଇଛନ୍ତି। କିନ୍ତୁ ସେ ଶ୍ରେଷ୍ଠ-୧୨ରେ ପହଞ୍ଚିବାରେ ସକ୍ଷମ ହୋଇ ନଥିଲେ। ପୂର୍ବରୁ ସେ ଅଗଷ୍ଟ ୧୮ ରେ ୨୦୨୫ ମିସ ୟୁନିଭର୍ସ ଇଣ୍ଡିଆ ଟାଇଟଲ ହାସଲ କରିଥିଲେ। ସେ ଦିଲ୍ଲୀ ବିଶ୍ୱବିଦ୍ୟାଳୟରେ ବିବିଏ କରୁଛନ୍ତି। ବ୍ରହ୍ମାଣ୍ଡ ସୁନ୍ଦରୀ ଆଖ୍ୟା ଅର୍ଜନ କରିବା ସହ ସେ ୨୫୦,୦୦୦ ଡଲାର ଅର୍ଥାତ ଭାରତୀୟ ମୁଦ୍ରାରେ ୨ କୋଟି ୨୦ ଲକ୍ଷ ଟଙ୍କା ଆର୍ଥିକ ପୁରସ୍କାର ହାସଲ କରିଛନ୍ତି। କେବଳ ସେତିକି ନୁହେଁ; ସେ ମାସକୁ ୫୦ ହଜାର ଡଲାର ବା ୪୪ ଲକ୍ଷ ଟଙ୍କା ପାଉଣା ମଧ୍ୟ ପାଇବେ। ଏହି ଅର୍ଥ ସେ ଭ୍ରମଣ ଅନ୍ୟାନ ଖର୍ଚ୍ଚ ବହନ କରିବେ। ତାଙ୍କୁ ଆମେରିକା ନ୍ୟୁୟର୍କ ସିଟିରେ ଏକ ଘର ମଧ୍ୟ ମିଳିବ। ଏହି ମୁକୁଟର ମୂଲ୍ୟ ୫ ମିଲିଅନ ଡଲାର ବା ୪୪ କୋଟି ଟଙ୍କା। ମେକ୍ସିକୋର ଚତୁର୍ଥ ମହିଳା ଭାବେ ସେ ଏହି ଟାଇଟଲ ହାସଲ କରିଛନ୍ତି। ତାଙ୍କ ପୂର୍ବରୁ ଲୁପିତା ଜୋନ୍ସ (୧୯୯୧), ଜିମେନା ନାଭାରେଟ୍ (୨୦୧୦) ଓ ଆଣ୍ଡ୍ରିଆ ମେଜା (୨୦୨୦) ଏହି ସଫଳତା ପାଇଥିଲେ।

### ଏୟାର ଶୋ'ରେ...

କୌଣସି ଗ୍ଲାଇଡିଂ ଦେଖିବାକୁ ମିଳି ନ ଥିଲା। ଅର୍ଥାତ ରିକଭରୀ ଫେଲ୍ ମାରିଥିଲା ଓ ବିମାନର ଫ୍ରି- ଫଲ ହୋଇଥିଲା ବୋଲି ବିଶେଷଜ୍ଞମାନେ କହିଛନ୍ତି। ଦ୍ୱିତୀୟଥର ପାଇଁ ବାୟୁସେନାର ଏହି ତେଜସ୍ ବିମାନ ଦୁର୍ଘଟଣାର ସମ୍ମୁଖୀନ ହୋଇଛି। ଏହାପୂର୍ବରୁ ୨୦୨୪ରେ ରାଜସ୍ଥାନର ପୋଖରାନରେ ସମରାଭ୍ୟାସ ବେଳେ ଇଞ୍ଜିନ୍ ଫେଲ୍ ହେବା କାରଣରୁ ତେଜସ୍ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲା। ଉଲ୍ଲେଖଥାଉ କି, ଦୁବାଇ ଏୟାର ଶୋ'ରେ ବିଶ୍ୱର ବିଭିନ୍ନ ଦେଶର ବିମାନର ଉଡ଼ାଣ ପ୍ରଦର୍ଶନ କରାଯାଇଥାଏ। ଏଥିରେ ବିଶ୍ୱର ସର୍ବବୃହତ ଏରୋସ୍ପେସ୍ କମ୍ପାନୀ, ଏୟାର ଲାଇନ୍ସ, ଏୟାରଫୋର୍ସ ଓ ଟେକ୍ନୋଲୋଜି କମ୍ପାନୀ ନିଜର ନୂଆ ବିମାନ, ହେଲିକପ୍ଟର, ଅସ୍ତ୍ରଶସ୍ତ୍ର ପ୍ରଣାଳୀ ପ୍ରଦର୍ଶନ କରିଥାନ୍ତି। ୧୯୮୯ ମସିହାରୁ ଏହି ଶୋ' ହୋଇ ଆସୁଛି। ଶୁକ୍ରବାର ଚଳିତବର୍ଷ ଏୟାର ଶୋ'ର ୫ମ ତଥା ଅନ୍ତିମ ଦିବସ ଥିଲା।

### ଇ-ଲଟେରୀରେ...

କରିବେ। ଏହା ବ୍ୟତୀତ ଲିଜଧାରୀମାନେ ବର୍ଷା ଦିନ ପୂର୍ବରୁ ଅଧିକ ଉତ୍ପାଦନ କରି ତାହାକୁ ଗଚ୍ଛିତ ରଖିପାରିବେ। ତେବେ ଜଣେ ବ୍ୟକ୍ତିଙ୍କୁ ଗୋଟିଏ ଜିଲ୍ଲାରେ ୩ଟି ଓ ସାରା ରାଜ୍ୟରେ ସର୍ବାଧିକ ୫ଟି ଲଘୁ ଖଣିଜ ଖଣି ମିଳିପାରିବ। ଅନ୍ୟପକ୍ଷରେ ଖଣିଜ ପଦାର୍ଥର ବେଆଇନ ଖନନ ଓ ଚୋରା ଚାଲାଣ ରୋକିବା ପାଇଁ "ଓଡ଼ିଶା ଖଣିଜ ପଦାର୍ଥ (ବେଆଇନ ଖଣି ଖନନ ନିବାରଣ ଏବଂ ବାଣିଜ୍ୟ, ପରିବହନ ଓ ସଂରକ୍ଷଣ ନିୟନ୍ତ୍ରଣ) ନିୟମାବଳୀ, ୨୦୨୫' ଉପରେ ମୋହର ମାରିଛି କ୍ୟାବିନେଟ୍। ଏହାଦ୍ୱାରା ୨୦୦୭ ନିୟମାବଳୀ ଉଚ୍ଛେଦ ହୋଇଛି। ପୁନଶ୍ଚ ପୁଲିସ ଓ ଅନ୍ୟାନ୍ୟ ୟୁନିଫର୍ମ ସେବା ପାଇଁ ନିଯୁକ୍ତି ପରୀକ୍ଷାକୁ ସ୍ୱଚ୍ଛ ରଖିବା ପାଇଁ "ଓଡ଼ିଶା ୟୁନିଫର୍ମଡ୍ ସର୍ଭିସ ଷ୍ଟାଫ ସିଲେକ୍ସନ କମିଶନ' ବା ଓଡ଼ିଶା ୟୁନିଫର୍ମ ସେବା କର୍ମଚାରୀ ଚୟନ ଆୟୋଗ (ଓୟୁଏସଏସସି) ଗଠନ ନିଷ୍ପତ୍ତି ହୋଇଛି। ଏସସିଏସଟି ପିଲାମାନଙ୍କ ଛାତ୍ରବୃତ୍ତି ବୃଦ୍ଧି ସଂକ୍ରାନ୍ତ ଏକ ପ୍ରସ୍ତାବକୁ କ୍ୟାବିନେଟ୍ ଅନୁମୋଦନ ଦେଇଛି। ମୁଖ୍ୟମନ୍ତ୍ରୀ ମେଧାବୀ ଛାତ୍ର ପ୍ରୋତ୍ସାହନ ଯୋଜନା ଅଧୀନରେ ଏସଟି ଓ ଏସସି ବର୍ଗର ଛାତ୍ରଛାତ୍ରୀମାନଙ୍କ ପାଇଁ ପ୍ରାକ୍-ମାଟ୍ରିକ ଏବଂ ମାଟ୍ରିକ ପରବର୍ତ୍ତୀ ଛାତ୍ରବୃତ୍ତି ବାର୍ଷିକ ୧୦,୫୦୦ ଟଙ୍କାରୁ ୧୬ହଜାର ଟଙ୍କାକୁ ଏବଂ ଛାତ୍ରୀମାନଙ୍କ ପାଇଁ ୧୧ହଜାରରୁ ୧୭ହଜାର ଟଙ୍କାକୁ ବୃଦ୍ଧି କରାଯାଇଛି। ସେହିପରି "ଅନ୍ୱେଷା' ଛାତ୍ରାବାସରେ ରହୁଥିବା ଛାତ୍ରଛାତ୍ରୀମାନଙ୍କ ପାଇଁ ମଧ୍ୟ ଏହି ବୃତ୍ତି ବାର୍ଷିକ ୧୧ହଜାର ଟଙ୍କାରୁ ୧୭ହଜାର ଟଙ୍କାକୁ ବୃଦ୍ଧି କରାଯାଇଛି। ଏହି ନୂଆ ବର୍ଦ୍ଧିତ ବୃତ୍ତି ୨୦୨୫ ଡିସେମ୍ବର ପହିଲାରୁ ଲାଗୁ କରିବାକୁ କ୍ୟାବିନେଟ୍ ମଞ୍ଜୁରୀ ଦେଇଛନ୍ତି। ରାଜ୍ୟ କ୍ୟାବିନେଟ୍ "ଓଡ଼ିଶା ଗ୍ଲୋବାଲ କ୍ୟାପାବିଲିଟି ସେଣ୍ଟର (ଜିସିସି) ନୀତି ୨୦୨୫' କୁ ଅନୁମୋଦନ କରିଛନ୍ତି। ବଡ଼ ବଡ଼ ବହୁରାଷ୍ଟ୍ରୀୟ କମ୍ପାନୀମାନଙ୍କୁ ଓଡ଼ିଶାରେ ସେମାନଙ୍କର କାର୍ଯ୍ୟାଳୟ ଖୋଲିବାକୁ ଆକୃଷ୍ଟ କରିବା ଏହି ନୀତିର ମୁଖ୍ୟ ଲକ୍ଷ୍ୟ ବୋଲି ସରକାର କହିଛନ୍ତି। ଏହି ନୀତି ଜରିଆରେ କମ୍ପାନୀମାନଙ୍କୁ ବିଭିନ୍ନ ପ୍ରକାର ଆର୍ଥିକ ପ୍ରୋତ୍ସାହନ ଯଥା ଜମି, ବିଦ୍ୟୁତ ଶୁଳ୍କ ରିହାତି ଏବଂ ନିଯୁକ୍ତି ସହାୟତା ଯୋଗାଇ ଦେବା ବ୍ୟବସ୍ଥା ରହିଛି।

ଅନ୍ୟପକ୍ଷରେ ଜଳ (ପ୍ରଦୂଷଣ ନିବାରଣ ଏବଂ ନିୟନ୍ତ୍ରଣ) ସଂଶୋଧନ ଆଇନ ସଂକ୍ରାନ୍ତ ଏକ ପ୍ରସ୍ତାବକୁ ଅନୁମୋଦନ ମିଳିଛି। ଏହାଦ୍ୱାରା ଶିଳ୍ପଗୁଡ଼ିକ ଉପରେ ନିୟାମକ ବୋଝ ହ୍ରାସ କରାଯାଇପାରିବ। ସେହିପରି ଯୋଜନା ଓ ସଂଯୋଜନ ବିଭାଗ ଅଧୀନରେ ଥିବା ଓଡ଼ିଶା ଅଧସ୍ତନ ପରିସଂଖ୍ୟାନ ସର୍ଭେୟର କ୍ୟାଡରର ପୁନର୍ଗଠନ କରାଯାଇଛି। ଏହାଦ୍ୱାରା କର୍ମଚାରୀମାନଙ୍କ ଦରମା ବୃଦ୍ଧି ହେବା ସହ ପଦୋନ୍ନତି ସୁଯୋଗ ସୃଷ୍ଟି ହୋଇଛି। ସେହିପରି ୧୯୯୩ ରୁ ୧୯୯୬ ମଧ୍ୟରେ ପୁଲିସ କର୍ମଚାରୀଙ୍କୁ ଦିଆଯାଇଥିବା ଅଗ୍ରହଣୀୟ ସ୍ୱତନ୍ତ୍ର ଡାଏଟ୍ ଭତ୍ତା ବାବଦକୁ ହୋଇଥିବା କ୍ଷତିକୁ ହିସାବରୁ ବାଦ ଦେବାକୁ ସରକାର ନିଷ୍ପତ୍ତି ନେଇଛନ୍ତି। ପୁନଶ୍ଚ ଓଡ଼ିଶା ଅର୍ଥ ସେବା ନିୟମାବଳୀରେ ସଂଶୋଧନ କରାଯାଇ ଅଧିକାରୀମାନଙ୍କ ତାଲିମ ଅବଧି ନିର୍ଦ୍ଧାରଣ କରିବା କ୍ଷମତା ସରକାରଙ୍କ ହାତକୁ ଦିଆଯାଇଛି। ଏହାସହିତ ନିମ୍ନ ଆୟ ଗୋଷ୍ଠୀ ଗୃହ ନିର୍ମାଣ ଯୋଜନା ଅଧିନରେ ପୂର୍ବତନ ଶ୍ରମ ନିଯୁକ୍ତି ଓ ଗୃହ ନିର୍ମାଣ ବିଭାଗ ଦ୍ୱାରା ବାସଗୃହ ପାଇଥିବା ହିତାଧିକାରୀଙ୍କୁ ଆବଣ୍ଟିତ ଜମିର ସମସ୍ତ ଆବଣ୍ଟନ ପରବର୍ତ୍ତୀ କାର୍ଯ୍ୟକଳାପ ଏବଂ ଏହା ସହିତ ଜଡ଼ିତ ସମସ୍ତ ଆନୁଷଙ୍ଗିକ ବିଷୟ ବିଚାର ନିମନ୍ତେ ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗକୁ କ୍ଷମତା ପ୍ରଦାନ କରାଯାଇଛି।

### ବର୍ଦ୍ଧିଧାରୀଙ୍କୁ ନିଯୁକ୍ତି ...

ସମେତ ଦୁଇଜଣ ସଦସ୍ୟ ରହିବେ ବୋଲି ମଧ୍ୟ ମୁଖ୍ୟ ସଚିବ ମନୋଜ ଆହୁଜା ସୂଚନା ଦେଇଛନ୍ତି। ଅପରପକ୍ଷରେ ଓଡ଼ିଶା ପୁଲିସ ସମେତ ଅନ୍ୟାନ୍ୟ ୟୁନିଫର୍ମ ସେବାରେ ନିଯୁକ୍ତି ପରୀକ୍ଷା ବିଭିନ୍ନ ବୋର୍ଡ ଦ୍ୱାରା ପରିଚାଳିତ ହେଉଥିବାବେଳେ ଅସ୍ୱାଭାବିକ ବିଳମ୍ବ ଏବଂ ଅନିୟମିତତା ହେଉଥିବା ମଧ୍ୟ କୁହାଯାଇଛି।

ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ଘଟଣା ଧରା ପଡ଼ିବା ପରେ ଓଡ଼ିଶା ପୁଲିସ ନିଯୁକ୍ତି ବୋର୍ଡ (ଓପିଆର୍‌ବି) ର ପରୀକ୍ଷା ପରିଚାଳନା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଥିଲା। ଏହାପରେ ଘଟଣାର ତଦନ୍ତ ଭାର ସିବିଆଇକୁ ଦେବା ସହ ବର୍ଦ୍ଧିଧାରୀଙ୍କ ପାଇଁ ସ୍ୱତନ୍ତ୍ର ଆୟୋଗ ଗଠନ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ଅକ୍ଟୋବର ୨୨ ତାରିଖରେ ଘୋଷଣା କରିଥିଲେ। ଏହାର ମାସେ ପରେ ସ୍ୱତନ୍ତ୍ର ଆୟୋଗ ଗଠନ ପ୍ରସ୍ତାବକୁ କ୍ୟାବିନେଟ୍ ମଞ୍ଜୁରୀ ଦେଇଛି। ଅର୍ଥାତ୍ ଓପିଆର୍‌ବି ଆଉ କୌଣସି ପରୀକ୍ଷା କରିବ ନାହିଁ ବୋଲି ସ୍ପଷ୍ଟ ହୋଇଥିଲେ ମଧ୍ୟ ଏହାକୁ ଭାଙ୍ଗିବା ପାଇଁ ସରକାର ବିଧିବଦ୍ଧ ଭାବେ ଘୋଷଣା କରି ନାହାନ୍ତି। ଫଳରେ ଏସ୍‌ଆଇ ପରୀକ୍ଷା କିଏ କରିବ, ସେନେଇ ଆଶାୟୀମାନେ ଦ୍ୱନ୍ଦ୍ୱରେ ରହିଛନ୍ତି। ତ୍ୱରିତ ପରୀକ୍ଷା କରିବା ପାଇଁ ଆଶାୟୀମାନେ ଆନ୍ଦୋଳନକୁ ଓହ୍ଲାଇଥିବାବେଳେ ପରୀକ୍ଷା କିଏ କରିବ ଏବଂ କେବେ ହେବ, ସରକାର ସ୍ପଷ୍ଟ କରନ୍ତୁ ବୋଲି ଦାବି କରିଛନ୍ତି।

### ଆଜି ସୃଷ୍ଟି ହେବ...

ପ୍ରବାହ ହେଉ ନାହିଁ। ଏହାସହିତ ଉତ୍ତରରେ ଗୁରୁଚାପ ବଳୟ ରହିଥିବା ବେଳେ ଉର୍ଦ୍ଧ୍ୱଗାମୀ ବାୟୁର ଘର୍ଷଣ କମ୍ ରହୁଛି। ଏଭଳି କାରଣମାନ ବାତ୍ୟାକୁ ଅଧିକ ଶକ୍ତିଶାଳୀ କରିବା ପାଇଁ ଅନୁକୂଳ ପରିବେଶ ସୃଷ୍ଟି କରୁଛି। ଅନ୍ୟପଟେ ବାତ୍ୟାଟି ଆନ୍ଧ୍ର/ଓଡ଼ିଶା ମୁହାଁଇବାର ସମ୍ଭାବନା ଏହାର ଉତ୍ତରରେ ପଶ୍ଚିମପ୍ରଶାନ୍ତ ମହାସାଗରରୁ ଉତ୍ତର-ପୂର୍ବ ଭାରତ ଦେଇ ମିଆଁମାର ପର୍ଯ୍ୟନ୍ତ ଏକ ଶକ୍ତିଶାଳୀ ଗୁରୁଚାପ ବଳୟ ରହିଛି। ଏହା ବାତ୍ୟାକୁ ପଶ୍ଚିମ ଉତ୍ତର-ପଶ୍ଚିମ ଦିଗକୁ ଠେଲିବ। ତେଣୁ ଦୁଇ ରାଜ୍ୟ ଉପରେ ଅଧିକ ପ୍ରଭାବ ଆଶଙ୍କା କରାଯାଉଛି। ନିର୍ଦ୍ଦିଷ୍ଟ ଭାବେ ଯଦିଓ ସ୍ଥଳଭାଗ ଛୁଇଁବାର ସମୟ ଓ ସ୍ଥାନ କହିବା ବର୍ତ୍ତମାନ ସମ୍ଭବ ନୁହେଁ, ମାତ୍ର ସମ୍ଭାବ୍ୟ ବାତ୍ୟା ଯେଉଁଠାରେ ସ୍ଥଳଭାଗ ଅତିକ୍ରମ କଲେ ମଧ୍ୟ ରାଜ୍ୟରେ ବର୍ଷା ଆଶଙ୍କା ନିଶ୍ଚିତ ରହିଛି। ଏଣୁ ଧାନ ଅମଳ ସହିତ ଅନ୍ୟାନ୍ୟ ଫସଲର ସୁରକ୍ଷା ପାଇଁ ଆବଶ୍ୟକୀୟ ବ୍ୟବସ୍ଥା ଗ୍ରହଣ କରିବା ଉପରେ ପ୍ରଫେସର ପଶୁପାଳକ ଗୁରୁତ୍ୱ ଦେଇଛନ୍ତି।

ପାଣିପାଗ କେନ୍ଦ୍ର ପକ୍ଷରୁ ଯଦିଓ ବର୍ଷା କେବେଠାରୁ ଆରମ୍ଭ ହେବ ତାହା କୁହାଯାଇ ନାହିଁ। ହେଲେ ବାତ୍ୟା ହେବା ଏକ ପ୍ରକାର ସୁନିଶ୍ଚିତ ହୋଇ ସାରିଥିବା ବେଳେ ଓଡ଼ିଶାରେ ସ୍ଥଳଭାଗ ଛୁଇଁବାର ଆଶଙ୍କାକୁ ମଧ୍ୟ ଏଡ଼ାଯାଇ ନ ପାରେ। ବଙ୍ଗୋପସାଗରରେ ସୃଷ୍ଟି ହେବାକୁ ଥିବା ବାତ୍ୟାଟି ଅଧିକ ଘନୀଭୂତ ହୋଇପାରେ। ଏହି ବାତ୍ୟା ସୃଷ୍ଟି ହେବା ପାଇଁ ସବୁ ପ୍ରକାର ପାଣିପାଗ ସ୍ଥିତି ଅନୁକୂଳ ରହିଥିବା ବେଳେ ଏହାକୁ ଶକ୍ତିଶାଳୀ କରାଇବା ପାଇଁ ମଧ୍ୟ ପରିସ୍ଥିତି ସୁହାଉଛି। ତେଣୁ ସମ୍ଭାବ୍ୟ ବାତ୍ୟା ଦ୍ୱାରା ଓଡ଼ିଶା ଓ ଆନ୍ଧ୍ରରେ ଅଧିକ ପ୍ରଭାବ ଆଶଙ୍କା କରାଯାଉଛି।

### ଲୁଣ ଭାବି...

ସୂଚନାନୁଯାୟୀ, ଆଜି ଅପରାହ୍ଣରେ ୩ଜଣ ଯାକ ସାଙ୍ଗ ହୋଇ ଖେଳୁଥିଲେ। ଛୋଟଛୋଟ ଷଢ଼େଇରେ ମାଟି ରଖି ମିଛିମିଛିକା ଭାତ, ଡାଲି ଓ ବିଭିନ୍ନ ତରକାରୀ ପ୍ରସ୍ତୁତ କରିଥିଲେ। ଖେଳକୁ ମଜାଦାର କରିବା ପାଇଁ ସେମାନେ ଘରୁ ପିଆଜ ଓ ଲୁଣ ଆଣିଥିଲେ। କିନ୍ତୁ ଭୁଲବଶତଃ ସେମାନେ ଘରେ ଥୁଆ ହୋଇଥିବା ଥିମେଟ୍‌କୁ ଲୁଣ ଭାବି ନେଇ ଆସିଥିଲେ ଏବଂ ତାକୁ ପିଆଜରେ ଗୋଳେଇ ଖାଇଥିଲେ। ଏହି ସମୟରେ ପରିବାରଲୋକ ଧାନ ଅମଳ ପାଇଁ ବିଲକୁ ଯାଇଥିବାରୁ କେହି ଜାଣିପାରିନଥିଲେ। ଘରକୁ ଫେରିବା ପରେ ଶିଶୁମାନଙ୍କ ସ୍ୱାସ୍ଥ୍ୟାବସ୍ଥା ବିଗିଡ଼ିବା ଦେଖି ସମସ୍ତଙ୍କୁ ନୀଳଗିରି ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ।

### ଶ୍ରମିକଙ୍କୁ ସାମାଜିକ...

ମଜୁରି ପ୍ରଦାନ କରିବା ବାଧ୍ୟତାମୂଳକ କରାଯାଇଛି। ନିଯୁକ୍ତିଦାତା ୪୦ ବର୍ଷରୁ ଅଧିକ ବୟସର ସମସ୍ତ କର୍ମଚାରୀଙ୍କୁ ବାର୍ଷିକ ମାଗଣା ସ୍ୱାସ୍ଥ୍ୟ ପରୀକ୍ଷା ସୁବିଧା ଯୋଗାଇଦେବେ। ଏହାଛଡା କର୍ମଚାରୀଙ୍କ କାର୍ଯ୍ୟ ଚାପ ହ୍ରାସ କରିବା ଏବଂ କର୍ମଚାରୀଙ୍କ ସାମଗ୍ରିକ ମନୋବଳ ବୃଦ୍ଧି କରାଯିବା ଉପରେ ଗୁରୁତ୍ୱ ଦିଆଯାଇଛି। ମହିଳା କର୍କମଚାରୀଙ୍କୁ ସୋମନଙ୍କର ସମ୍ମତି ଏବଂ ଆବଶ୍ୟକ ସୁରକ୍ଷା ବ୍ୟବସ୍ଥା ଉପରେ ନିର୍ଭର କରି ରାତିରେ ଏବଂ ସମସ୍ତ ପ୍ରତିଷ୍ଠାନରେ ସମସ୍ତ ପ୍ରକାରର କାମ କରିବାକୁ ଅନୁମତି ଦିଆଯାଇଛି।

ପ୍ରଥମଥର ଲେବର୍ କୋଡ୍‌ରେ ଔପଚାରିକ ଭାବେ ଗିଗ୍‌ୱାର୍କ, ପ୍ଲାଟଫର୍ମୱାର୍କର ଓ ଏଗ୍ରିଗେଟରକୁ ବ୍ୟାଖ୍ୟା କରାଯାଇଛି। ଏଣୁ ଡିଜିଟାଲ ପ୍ଲାଟଫର୍ମରେ କାମ କରୁଥିବା ଲକ୍ଷଲକ୍ଷ ଲୋକଙ୍କୁ ଆଇନଗତ କ୍ଲାରିଟି ମିଳିଛି। ଏଗ୍ରିଗେଟର କମ୍ପାନୀଙ୍କୁ ଏବେ ସେମାନଙ୍କ ବାର୍ଷିକ କାରବାରର ୧-୨% ଏକ ଉତ୍ସର୍ଗୀକୃତ କଲ୍ୟାଣ ପାଣ୍ଠିରେ ଯୋଗଦାନ କରିବାକୁ ପଡିବ, ଯାହାର ସୀମା ଶ୍ରମିକଙ୍କୁ କରାଯାଉଥିବା ମୋଟ ପୈଠର ୫% ପର୍ଯ୍ୟନ୍ତ ରହିବ। ଏହି ପାଣ୍ଠି ଶ୍ରମିକଙ୍କ ସାମାଜିକ ସୁରକ୍ଷା ବାବଦ ସୁବିଧାକୁ ସମର୍ଥନ କରିବ।


**ପୂର୍ବ ତଟ ରେଳପଥ**

ଟେଣ୍ଡର ବିଜ୍ଞପ୍ତି ସଂ.ST-LT-OUT-SOURCING-KUR-516, ତା.14.11.2025ରିଖ

କାର୍ଯ୍ୟର ନାମ: 02(ଦୁଇ) ବର୍ଷ ଅବଧି ନିମନ୍ତେ ଖୋର୍ଦ୍ଧା ରୋଡ଼ ମଣ୍ଡଳରେ ସଂକେତ ଏବଂ ଦୂରସଂଚାର ରକ୍ଷଣାବେକ୍ଷଣ କାର୍ଯ୍ୟକଳାପଗୁଡ଼ିକର ସୁଦୃଢ଼ୀକରଣ ନିମନ୍ତେ ଜନଶକ୍ତିର ବହିଃସ୍ରୋତ।

ଟେଣ୍ଡର ମୂଲ୍ୟ(ଟଙ୍କାରେ): 19,49,99,474.07, EMD(ଟଙ୍କାରେ) : 11,25,000/-, ଟେଣ୍ଡର ନଥିପତ୍ରର ମୂଲ୍ୟ (ଟଙ୍କାରେ) : 11,800/-।

ବିଡ୍ ଆରମ୍ଭ ହେବା ତାରିଖ : ତା.17.11.2025 ରିଖ, ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ : ତା.01.12.2025ରିଖ 1100 ଘଟିକାରେ।

ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ଡାକ/କୋରିୟର/ଫାକ୍ସ ଜରିଆରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ମାନୁଆଲ ପ୍ରସ୍ତାବ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ। ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ।

ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ **www.ireps.gov.in** ରେ ଉପଲବ୍ଧ ଅଟେ।

ଦ୍ରଷ୍ଟବ୍ୟ : ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି।

ମଣ୍ଡଳ ରେଳ ପ୍ରବନ୍ଧକ(ସଂକେତ ଏବଂ ଦୂରସଂଚାର)/ ଖୋର୍ଦ୍ଧା ରୋଡ଼

PR-811/Q/25-26



ଭା.କ.ନି. CCI

**ଭାରତୀୟ କପା ନିଗମ ଲିମିଟେଡ୍**

**ଶାଖା କାର୍ଯ୍ୟାଳୟ: ରାୟଗଡା**

ଭବନାରାୟଣ ନୀଲୟମ, ଜ୍ୟୋତି ମହଲ ହୋଟେଲ ନିକଟରେ, କନଭେଣ୍ଟ ରୋଡ୍, ରାୟଗଡା -୭୬୫୦୦୧

ମୋବାଇଲ ଆପ୍ — कपास किसान

ସଂଖ୍ୟା: ଭାକନି / ରାୟଗଡ଼ା / ୨୦୨୫-୨୬ — ତାରିଖ: ୨୧.୧୧.୨୦୨୫

**କପା ଚାଷୀଙ୍କୁ ଆହ୍ୱାନ**

ଚଳିତ କପା ବିପଣନ ଋତୁ ୨୦୨୫-୨୬ ରେ, ଭାରତୀୟ କପା ନିଗମ (CCI) କପାଚାଷୀଙ୍କ ପାଇଁ **"କପାସ କିଷାନ"** ମୋବାଇଲ୍ ଆପ୍ ଲଞ୍ଚ କରିଛି, ଯାହା ମାଧ୍ୟମରେ ଚାଷୀମାନେ ସ୍ୱୟଂ-ପଞ୍ଜିକରଣ କରି ପାରିବେ ଏବଂ ସର୍ବନିମ୍ନ ସହାୟକ ମୂଲ୍ୟ (MSP)ରେ CCI କ୍ରୟ କେନ୍ଦ୍ରରେ ସେମାନଙ୍କର କପା ବିକ୍ରୟ କରିପାରିବେ। ସମ୍ପୃକ୍ତ ରାଜ୍ୟ ଦ୍ୱାରା ସ୍ୱୟଂ-ପଞ୍ଜିକରଣ ଅନୁମୋଦନ ହେବା ପରେ ପଞ୍ଜିକରଣ ସମ୍ପୂର୍ଣ୍ଣ ବୋଲି ବିବେଚନା କରାଯିବ, ଯାହା ପରେ ଚାଷୀମାନେ ମୋବାଇଲ୍ ଆପରେ ଉପଲବ୍ଧ ନିକଟତମ କ୍ରୟ କେନ୍ଦ୍ର / ଅଧିସୂଚିତ କାରଖାନାରେ ସେମାନଙ୍କର କପା ବିକ୍ରୟ କରିବା ପାଇଁ ଏକ ସ୍ଲଟ୍ ବୁକ୍ କରିପାରିବେ।

**ରାଜ୍ୟଗୁଡ଼ିକର ଅନୁରୋଧ ଏବଂ କୃଷକମାନଙ୍କ ସୁବିଧାକୁ ଦୃଷ୍ଟିରେ ରଖି, ପଞ୍ଜୀକରଣର ଶେଷ ତାରିଖ ୩୧ ଅକ୍ଟୋବର ୨୦୨୫ ରୁ ୩୧ ଡିସେମ୍ବର ୨୦୨୫ କୁ ବୃଦ୍ଧି କରାଯାଇଛି।**

ତେଣୁ, ସମସ୍ତ କପା ଚାଷୀଙ୍କୁ ଅନୁରୋଧ କରାଯାଉଛି ଯେ ସେମାନେ ନିର୍ଦ୍ଧାରିତ ସମୟ ମଧ୍ୟରେ କପାସ କିଶାନ ମୋବାଇଲ୍ ଆପ୍ ଡାଉନଲୋଡ୍ କରନ୍ତୁ ଏବଂ ସେମାନଙ୍କର ପଞ୍ଜୀକରଣ ସମାପ୍ତ କରନ୍ତୁ ଯାହା ଦ୍ୱାରା ସେମାନେ MSP ଯୋଜନାର ଲାଭ ପାଇପାରିବେ।

ଗୁଣବତ୍ତା ମାନଦଣ୍ଡ ଅନୁଯାୟୀ ଯଦି କପାରେ ଆର୍ଦ୍ରତା ୮% ଅତିକ୍ରମ ନକରେ, ତେବେ ଚାଷୀମାନଙ୍କୁ ସମ୍ପୂର୍ଣ୍ଣ ସର୍ବନିମ୍ନ ସହାୟକ ମୂଲ୍ୟ (MSP) ପ୍ରଦାନ କରାଯିବ। କିନ୍ତୁ, ଯଦି ଆର୍ଦ୍ରତା ୮% ଅତିକ୍ରମ କରି ୧୨% ପର୍ଯ୍ୟନ୍ତ ପହଞ୍ଚିଯାଏ, ତେବେ ୮% ରୁ ଅଧିକ ଆର୍ଦ୍ରତା ଅନୁପାତରେ ହ୍ରାସ କରି MSP ପ୍ରଦାନ କରାଯିବ।

ତେଣୁ, ନିଗମ ସମସ୍ତ କପା ଚାଷୀଙ୍କୁ ଅତ୍ୟଧିକ ଆର୍ଦ୍ରତା ଯୋଗୁଁ କୌଣସି କଟନିତୀକୁ ଏଡାଇବା ପାଇଁ କେବଳ ଶୁଖିବା ପରେ ସେମାନଙ୍କର କପା କେନ୍ଦ୍ରକୁ ଆଣିବାକୁ ଅନୁରୋଧ କରୁଛି। ତଥାପି, କୌଣସି ପରିସ୍ଥିତିରେ କପାରେ ଆର୍ଦ୍ରତା ୧୨% ଅତିକ୍ରମ କରିବା ଉଚିତ୍ ନୁହେଁ।

ଯଦି କୌଣସି ପ୍ରକାରର ସହାୟତା ଆବଶ୍ୟକ ହୁଏ, ତେବେ ଚାଷୀମାନେ ନିଗମର ରାୟଗଡ଼ା ଶାଖା କାର୍ଯ୍ୟାଳୟ ସହିତ ହ୍ୱାଟସଆପ୍ ହେଲ୍ପଲାଇନ୍ ନମ୍ବର ୬୩୭୦୦୧୧୯୨୦ରେ ଯୋଗାଯୋଗ କରିପାରିବେ।

ସ୍ୱା/-ଶାଖା ପ୍ରମୁଖ



यूनियन बैंक ऑफ इंडिया Union Bank of India — भारत सरकार का उपक्रम A Government of India Undertaking

**କୋର୍ଟପେଟା ଶାଖା**

ଗାୟତ୍ରୀ ସେଣ୍ଟ୍ରାଲ ପ୍ଲାଜା, ଟାଟା ବେଞ୍ଜ ସ୍କୋୟାର ନିକଟ ବ୍ରହ୍ମପୁର, ଗଞ୍ଜାମ, ଓଡ଼ିଶା, ପିନ୍-୭୬୦୦୦୫

**ଡିମାଣ୍ଡ ନୋଟିସ୍**

ଆମ୍ଭର କୋର୍ଟପେଟା ଶାଖାରୁ ଋଣ ନେଇଥିବା ନିମ୍ନଲିଖିତ ଋଣଗ୍ରହୀତାଙ୍କୁ ସିକ୍ୟୁରିଟି ଇଣ୍ଟରେଷ୍ଟ ଏନ୍‌ଫୋର୍ସମେଣ୍ଟର କାର୍ଯ୍ୟାନୁଷ୍ଠାନ ନୋଟିସ୍: ଏନ୍‌ପିଏ ଶ୍ରେଣୀଭୁକ୍ତ

ଆମ୍ଭେ ନିମ୍ନଲିଖିତ ଋଣଗ୍ରହୀତାଙ୍କୁ ଜଣାଇ ଦେଉଛୁ କି ସେମାନେ ବକେୟା ଦେୟ/ କିସ୍ତି/ ସୁଧ ପରିଶୋଧ କରିନଥିବାରୁ ସେମାନଙ୍କର ନିମ୍ନଲିଖିତ ଆକାଉଣ୍ଟଗୁଡିକ ଏନ୍‌ପିଏ ଶ୍ରେଣୀଭୁକ୍ତ ହୋଇଛି। କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଦ୍ୱାରା ସରଫେଶୀ ଆକ୍ଟ, ୨୦୦୨ର ଧାରା ୧୩(୨) ଅନୁଯାୟୀ **ୟୁନିଅନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ, କୋର୍ଟପେଟା ଶାଖାର** ଋଣଗ୍ରହୀତା/କୋ-ଓବ୍ଲିଗାଣ୍ଟ/ବନ୍ଧକଦାତାମାନଙ୍କୁ ବ୍ୟାଙ୍କ ଦେୟ ପଇଠ କରିବା ନିମନ୍ତେ ଡିମାଣ୍ଡ ନୋଟିସ୍ ଜାରି କରାଯାଇଥିଲା କିନ୍ତୁ ରେଜିଷ୍ଟ୍ରେଡ୍ ଡାକ ସହିତ ଏ.ଡି ଯୋଗେ ପଠାଯାଇଥିବା ଉକ୍ତ ନୋଟିସ୍ ନିମ୍ନଦର୍ଶିତ ପକ୍ଷମାନେ ସେମାନଙ୍କର ଠିକଣାରେ ଉପଲବ୍ଧ ନଥିବାରୁ ପ୍ରଦାନ କରାଯାଇପାରିନଥିଲା। ସେମାନଙ୍କର ଆକାଉଣ୍ଟର ବକେୟା ପରିମାଣ ନିମ୍ନ ଦର୍ଶିତ ସ୍ତମ୍ଭରେ ଦର୍ଶାଯାଇଛି। ସବିଶେଷ ବିବରଣୀ ନିମ୍ନରେ ପ୍ରଦତ୍ତ:

| ଋଣଗ୍ରହୀତା/କୋ-ଓବ୍ଲିଗାଣ୍ଟ/ବନ୍ଧକଦାତାମାନଙ୍କ ନାମ ଏବଂ ଠିକଣା | ପ୍ରକାର / ଏନ୍‌ପିଏ ତାରିଖ | ଡିମାଣ୍ଡ ନୋଟିସ୍ ତାରିଖ / ବକେୟା ଦେୟ | ବନ୍ଧକପ୍ରାପ୍ତ ସମ୍ପତ୍ତିର ବିବରଣୀ |
|---|---|---|---|
| **ଋଣଗ୍ରହୀତା ଏବଂ ବନ୍ଧକଦାତା: ଶ୍ରୀମତୀ ନିବେଦିତା ଆଚାର୍ଯ୍ୟ,** ସ୍ୱାମୀ: ବାସୁଦେବ ଆଚାର୍ଯ୍ୟ / **କୋ-ଓବ୍ଲିଗାଣ୍ଟ: ଶ୍ରୀ ବାସୁଦେବ ଆଚାର୍ଯ୍ୟ,** ଉଭୟଙ୍କ ଠିକଣା- ଫ୍ଲାଟ୍ ନଂ.: ୪୦୧, ରୟାଲ ପାମ୍, ସର୍କୁଲାର ରୋଡ୍, ଗୋପାଳପୁର ଅନ୍ ସି, ଜିଲ୍ଲା: ଗଞ୍ଜାମ, ଓଡ଼ିଶା, ପିନ୍-୭୬୧୦୦୨ | ଏଚ୍‌ଏଲ୍‌ପିଜିଏନ୍- ୦୦୮୫୩୦୧୦୦୦୪୪୧୦୮ / ୨୧.୦୮.୨୦୨୫ | ୦୧.୦୯.୨୦୨୫ / ୦୧.୦୯.୨୦୨୫ ସୁଦ୍ଧା ଟ.୬,୫୩,୮୬୧.୭୮ ଯୁକ୍ତ ଚୁକ୍ତି ହାରରେ ତତ୍‌ପରବର୍ତ୍ତୀ ସୁଧ ଏବଂ ସେବାବଦ ଦେୟ | "ମହାବୀର ମାନସନ୍" ନାମକ ବହୁମହଲା ବିଶିଷ୍ଟ ବାସୋପଯୋଗୀ ଆପାର୍ଟମେଣ୍ଟର ବ୍ଲକ୍-୨ର ତଳ ମହଲାରେ ଥିବା ଫ୍ଲାଟ୍ ନଂ.: ୧୧୬, ପରିମିତ ୩୪୫ ବର୍ଗଫୁଟ |

ଯାହାର ୱାର୍ଡ ନଂ. ୦୧, ଛତ୍ରପୁର ଟାଉନ୍ ସବ-ରେଜିଷ୍ଟ୍ରେସନ୍ ଅନ୍ତର୍ଗତ, ତହସିଲ: କନିସି, ଜିଲ୍ଲା: ଗଞ୍ଜାମ, ଖାତା ନଂ.: ୨୩/୨୫୫, ୨୩/୨୫୬, ୨୩/୨୫୭, ୨୩/୨୫୮, ୨୩/୨୫୯, ପ୍ଲଟ୍ ନଂ.: ୧୬୮/୩୪୪, ୧୬୮/୩୪୬, ୧୬୮/୩୪୭, ୧୬୮/୩୪୮, ୧୬୮/୩୫୦, ଅବିଭକ୍ତ, ଆନୁପାତିକ, ଅନିର୍ଦ୍ଦିଷ୍ଟ, ନିରପେକ୍ଷ ଜମିର ଅଂଶ ଯାହାର କ୍ଷେତ୍ର: ଏକର୦.୪୧୩ ଡିସିମିଲି (୧୮୨୨୫ ବର୍ଗଫୁଟ), ଜମିର କିସମ: ଘରବାରି, ଏହାର ଚାରିପାର୍ଶ୍ୱରେ- ପୂର୍ବ: ଖୋଲା ସ୍ଥାନ, ପଶ୍ଚିମ: ଫ୍ଲାଟ୍ ନଂ. ୧୧୭, ଉତ୍ତର: ଖୋଲା ସ୍ଥାନ, ଦକ୍ଷିଣ: କରିଡ଼ର

ଆମ୍ଭର ବାରମ୍ବାର ଡିମାଣ୍ଡ ସତ୍ତ୍ୱେ ଆପଣ ଆପଣଙ୍କର ଆକାଉଣ୍ଟର ବକେୟା ଋଣ ପରିଶୋଧ କରୁନାହାନ୍ତି କି ଆପଣ ନିଜକୁ ଦେୟମୁକ୍ତ କରୁନାହାନ୍ତି। ସରଫେଶୀ ଆକ୍ଟ ୨୦୦୨ର ଧାରା ୧୩(୨) ଅନୁଯାୟୀ ଆପଣଙ୍କୁ ଉପର ଦର୍ଶିତ ସ୍ତମ୍ଭରେ ଲିଖିତ ବକେୟା ପରିମାଣ ସହିତ ଉପରବର୍ଣ୍ଣିତ ତାରିଖ ଠାରୁ ଚୁକ୍ତି ହାରରେ ସୁଧ ଆପଣଙ୍କ ଦ୍ୱାରା ସମ୍ପାଦିତ ଋଣ କାଗଜାତ୍‌ର ନିୟମ ଓ ସର୍ତ୍ତାବଳୀ ଅନୁଯାୟୀ ସମ୍ପୂର୍ଣ୍ଣ ବକେୟା ପରିମାଣ ଏହି ନୋଟିସ୍ ପାଇବାର **୬୦ ଦିନ** ମଧ୍ୟରେ ପୈଠ କରିବାକୁ ପଡ଼ିବ। ଅନ୍ୟଥା ଆମ୍ଭେ ଆପଣଙ୍କ ଦ୍ୱାରା ଦିଆଯାଇଥିବା ଉପରୋକ୍ତ ବନ୍ଧକପ୍ରାପ୍ତ ସମ୍ପତ୍ତିକୁ କଥିତ ଆକ୍ଟରେ ଦିଆଯାଇଥିବା କୌଣସି କିମ୍ବା ସମସ୍ତ ଅଧିକାରର ପ୍ରୟୋଗ କରି ନିଜ ଦଖଲକୁ ନେବାକୁ ବାଧ୍ୟ ହେବୁ। **୧)** ଆପଣଙ୍କ ଦ୍ୱାରା ସମ୍ପାଦିତ ଋଣ କାଗଜାତ୍‌ର ନିୟମ ଓ ସର୍ତ୍ତାବଳୀ ଅନୁସାରେ ଆପଣ ଯଦି ସମସ୍ତ ଦେୟ ଏବଂ ତତ୍‌ସହିତ ଉପର ଦର୍ଶିତ ତାରିଖ ଠାରୁ ଚୁକ୍ତି ହାରରେ ସୁଧ **୬୦ ଦିନ** ମଧ୍ୟରେ ପୈଠ କରିବାକୁ ବିଫଳ ହୁଅନ୍ତି ଏବଂ ଯଦି ବ୍ୟାଙ୍କ ଏହି ଧାରାରେ ଥିବା ଏହାର ଅଧିକାରକୁ କାର୍ଯ୍ୟକାରୀ କରେ ଏବଂ ଏହି ବନ୍ଧକ ସମ୍ପତ୍ତି ବିକ୍ରୟ ପ୍ରକ୍ରିୟା ଦ୍ୱାରା ଦେୟ ପରିଶୋଧ ହୋଇନପାରେ ତେବେ ବଳକା ରାଶି ଆଦାୟ ପାଇଁ ଆମ୍ଭେ ଆପଣଙ୍କ ବିରୁଦ୍ଧରେ ଆଇନ ଅଦାଲତ/ ଋଣ ଅସୁଲି ପ୍ରାଧିକରଣରେ ଆବଶ୍ୟକୀୟ ଆଇନଗତ କାର୍ଯ୍ୟାନୁଷ୍ଠାନ କରିବାକୁ ବାଧ ହେବୁ। **୨)** ଆକ୍ଟର ଧାରା ୧୩(୧୩) ଅନୁଯାୟୀ ଆପଣ ଏହି ନୋଟିସ୍ ପାଇବା ଠାରୁ ଆପଣଙ୍କର ଆବଶ୍ୟକୀୟ ବ୍ୟବସାୟିକ କାରବାର ବ୍ୟତୀତ ବ୍ୟାଙ୍କର ବିନା ଅନୁମତିରେ ଉପର ବର୍ଣ୍ଣିତ ବନ୍ଧକ ସମ୍ପତ୍ତିକୁ ବିକ୍ରୟ କିମ୍ବା ସମ୍ପତ୍ତି ସହିତ କୌଣସି ପ୍ରକାର କାରବାର କରିପାରିବେ ନାହିଁ। ସୂଚନାଯୋଗ୍ୟଯେ ଏହି ଧାରାରେ କୌଣସି ବ୍ୟତିକ୍ରମ କଲେ ଏହାର ପରିଣାମ ନିମନ୍ତେ ଦାୟୀ ରହିବେ। **ଏତଦ୍‌ଦ୍ୱାରା ଆପଣମାନଙ୍କ ଦୃଷ୍ଟି ଆକର୍ଷଣ କରାଯାଉଅଛି କି କଥିତ ଆକ୍ଟର ଧାରା ୧୩ ର ଉପଧାରା (୮) ଅନୁଯାୟୀ ସୁରକ୍ଷିତ ବନ୍ଧକ ସମ୍ପତ୍ତିକୁ ସମୟ ଥିବା ପୂର୍ବରୁ ବନ୍ଧକମୁକ୍ତ କରିପାରିବେ।**

**ସ୍ଥାନ: ବ୍ରହ୍ମପୁର, ତାରିଖ: ୨୧.୧୧.୨୦୨୫** — ସ୍ୱା/- କ୍ଷମତାପ୍ରାପ୍ତ ଅଧିକାରୀ, ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ



**AFFIDAVIT**

I, Pramod Ku Jena, aged about 49 years, S/o- Adhikari Jena, resident of At- Dolamandap Sai, Patia, PS- Infocity, Bhubaneswar, PIN-751001, Dist- Khordha, Odisha declared by this affidavit No. 99, dtd-19/11/2025 that now onwards I shall be known as **PRAMOD KUMAR JENA** for all future purposes instead of Pramod Ku Jena.

**NOTICE (above 18 years of age)**

By virtue of an affidavit sworn before Executive Magistrate, Garadpur, dated 17th November 2025. I, Shrabani Mohanty, Village- Solpat, PO–Bedari, PS- Patkura, Dist.- Kendrapara, Pin-754253, declare that I have changed my name from Shrabani Ray to Shrabani Mohanty. Henceforth, I shall be known as **Shrabani Mohanty** for all purposes.

Sd/- Shrabani Mohanty

**AFFIDAVIT**

By virtue of an affidavit sworn before Notary Public, Balliguda. dated 31.01.2025, I, Jhilli Paraseth, At-Dhudusi, P.O.- Bilamal, P.S.-Belghar, Block-Tumudibandha, Dist.-Kandhamal, PIN-762107, Odisha declare that I have changed the name of my minor daughter's from N.Anmol Aisha to Aisha Nayak. Henceforth, she shall be known as **Aisha Nayak** for all purposes.

Jhilli Paraseth

**AFFIDAVIT**

By virtue of an affidavit sworn before the Executive Magistrate, Nabarangpur, dated 21.11.2025 I, GOBARDHAN BHATRA, S/o- Late Dhana Bhatra, Village- Janiguda, Po.- Kongra, Ps.- Tentulikhunti, Dist.- Nabarangpur, Odisha, Pin- 764059, declare that I have changed the name of my Daughter from **DAIMATI BHTRA** to **DAMAYANTI BHATRA**. Henceforth, she shall be known as **DAMAYANTI BHATRA** for all purposes.

Sd/- Gobardhan Bhatra

**AFFIDAVIT**

By virtue of an affidavit sworn before the Executive Magistrate, Nabarangpur, dated 20.11.2025 I, TUNA MUDULI, S/o- Late Purusati Muduli, Vill.- Jambaguda, Po.- Jatabal, Ps.- Dabugam, Dist- Nabarangpur, Odisha, Pin - 764071, declare that I have changed my name from **KUNA MUDULI** to **TUNA MUDULI**. Henceforth, I shall be known as **TUNA MUDULI** for all purposes.

Sd/- TUNA MUDULI

**AFFIDAVIT**

I, Srikanta Kumar Jena, aged about 39 years, S/o- Sridhar Jena, resident of At- Plot No- 4/2623, Lane-1,Road-2, Jagannath Vihar, Baramunda, PS- Khandagiri, Bhubaneswar, Dist- Khordha, Odisha, PIN- 751003, declared by this affidavit No- 2351, dtd-19/11/2025 that now onwards I shall be known as **SRIKANT KUMAR JENA** for all future purposes.

**AFFIDAVIT**

By virtue of an affidavit no 2737, sworn before the Executive Magistrate Sukinda on dtd 17/10/25. I Kusunu Munda, S/O Sanaram Munda Resident of At-Rankia, Po-Kuhika, Ps-sukinda, Dist - Jajpur, Pin-755018, Odisha . I have changed my minor daughter's name from SUSHRISANGITA MUNDA (Old Name) to SUBHASHREE MUNDA (New Name) Henceforth she shall be known as **SUBHASHREE MUNDA** all future purposes.

Kusunu Munda

**AFFIDAVIT**

By virtue of an affidavit before the Executive Magistrate, Chatarpur, Ganjam, I, K. Santosh Rao, At-Rajapur, Purushottampur, Ganjam declare that my father's name Kadari Laxman Dora, S/o Kadari Ganapati Dora, and K. Laxman Rao, S/o K. Ganapati Rao, are one and the same person, and also Kadari Gunamma Dora and K. Ganamma Rao, W/o- K. Laxman Rao@Kadari Laxman Doraare one and the same person.

Sd/- K. Santosh Rao

**AFFIDAVIT**

By virtue of an affidavit dtd. 01.07.2025 in the court of Notary Public, Bhubaneswar, I, Mara Gageranga, At- Balimutki, Po- Budubali, Ps- Chandrapur, Dist.- Rayagada-765020 have changed my minor daughter's name from Miki Gageranga to Nikita Gageranga. Henceforth she will be known as **Nikita Gageranga** for all purposes.

Sd/- Mara Gageranga

**AFFIDAVIT**

By virtue of an affidavit before the Executive Magistrate, M. Rampur, Kalahandi, I, Minaketan Jena, Village - Burat, P.S.- M. Rampur, Dist. – Kalahandi- 766102 have changed my minor son's name from Nitesh Kumar Jena to **Nitesh Jena**. That both the names are one and the same person.

Sd/- Minaketan Jena

**AFFIDAVIT**

By virtue of an affidavit sworn before the Notary, Dhenkanal, dated 01.11.2025, I, Anishika Prustry, Address At/P.O: Radhadeipur, P.s-Gondia, Dist-Dhenkanal, declare that I have changed my name from Anisika Prusty to Anishika Prusty. my date of birth changed from dt 04.06.2002 to dt 04.03.2002 in the service document of my father as per civil records. Henceforth, I shall be known as **Anishika Prusty** for all purposes.

**AFFIDAVIT**

By virtue of an affidavit before the Notary Public, Titilagarh, on dated- 20/11/2025, I, **Basanti Adjuad** (applicant name), W/o- Babulal Adjuad, permanent resident of AT- Titidunguri Titilagarh, PO/PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my minor daughter's name from **Jyotimay Adjuad** (old name) to **Jyotirmayee Adjuad** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion she shall be known as **Jyotirmayee Adjuad** (new name) for all future purposes.

Basanti Adjuad

**AFFIDAVIT**

By virtue of an affidavit before the Notary Public, Titilagarh, on dated- 04/08/2025, I, **Gunamati Adjuad** (new name), formerly called as Gunmati Yadav (old name), W/o- Bhubana Adjuad, permanent resident of AT- Lenjha, PO- Lenjha, PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my name from **Gunmati Yadav** (old name) to **Gunamati Adjuad** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Gunamati Adjuad** (new name) for all future purposes.

Gunamati Adjuad

**AFFIDAVIT**

By virtue of an affidavit before The Notary Public, Titilagarh, on dated- 20/11/2025. I, **Mahini Tandi** (new name) formerly called as **Mohinee Tandi** (old name), D/o Mansing Tandi, permanent resident of At- Patamara, PO- Haldi, PS- Muribahal, Dist- Balangir (Odisha), PIN- 767037 now residing at the same place declare that I have changed my name from **Mohinee Tandi** (old name) to **Mahini Tandi** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Mahini Tandi** (new name).

Mahini Tandi

# ଦିନରେ ଘରେ ପଶିଥିଲେ ଚୋର; ଘେରିଗଲେ ପଡ଼ୋଶୀ





**ସୁନା, ରୁପା ଓ ଟଙ୍କା ଜବତ, ୨ ଗିରଫ**

**ପାରଳାଖେମୁଣ୍ଡି,୨୧ ।୧୧(ସମିସ):** ଗଜପତି ଜିଲ୍ଲା ପାରଳାଖେମୁଣ୍ଡି ଆଦର୍ଶ ଥାନା ପୁଲିସ ଦିନରେ ଚୋରି କରୁଥିବାବେଳେ ୨ ଦୁର୍ବୃତ୍ତଙ୍କୁ ଧରିଛି । ତାଲାବନ୍ଦ ଘର କବାଟ ଭାଙ୍ଗି ଚୋର ଘରେ ପଶିଥିବାବେଳେ ମାଲିକ ପହଞ୍ଚି ପଡ଼ୋଶୀଙ୍କୁ ଡାକି ଚାରିଆଡୁ ଘେରିଯାଇ ଥାନାକୁ ଖବର ଦେଇଥିଲେ । ପୁଲିସ ପହଞ୍ଚି ଦୁଇ ଚୋରଙ୍କୁ କାବୁ କରିଛି । ସେମାନେ ହେଲେ ପାରଳାଖେମୁଣ୍ଡି ସହରର ସଞ୍ଜୟଗାନ୍ଧୀ କଲୋନୀର ମଙ୍ଗଳମ୍ ଚେଣ୍ଟି (୨୭) ଏବଂ ଦୋଲବନ୍ଧ ସାହିର ଏନ୍. ନାଗାରାଜୁ (୩୧) ।

ପାରଳାଖେମୁଣ୍ଡି ଆଦର୍ଶ ଥାନା ଅଧିକାରୀ ପ୍ରଶାନ୍ତ କୁମାର ଭୂପତିଙ୍କ ସୂଚନା ପ୍ରକାରେ, ରାଣୀପେଣ୍ଠ ଗ୍ରାମ ସିଂହନଗର ଅଞ୍ଚଳର କର୍ଣ୍ଣମ ସିଂହାଦ୍ରି (୪୩) ନାମକ ଜଣେ ଅଟୋ ଚାଳକ ନିଜ ଘରେ କେହି ନଥିବାରୁ ତାଲା ପକାଇ କାମରେ ବାହାରିଥିଲେ । ତାଙ୍କ ସ୍ତ୍ରୀ ଏକ ଘରୋଇ ବିଦ୍ୟାଳୟରେ କାମ କରୁଥିବାରୁ ଡ୍ୟୁଟି ଯାଇଥିଲେ ଓ ତାଙ୍କ ଛୁଆମାନେ ମଧ୍ୟ ସ୍କୁଲକୁ ଯାଇଥିଲେ । ଏହାର ସୁଯୋଗ ନେଇ ୨ଜଣ ଦୁର୍ବୃତ୍ତ ମଧ୍ୟାହ୍ନ ସମୟରେ ଘର ମୁଖ୍ୟ ଫାଟକ ତାଲା ଭାଙ୍ଗି ଘରେ ପ୍ରଶି ଆଲମିରା ଭାଙ୍ଗି ଚୋରି କରିଥିଲେ । ପ୍ରାୟ ଅଧାଘଣ୍ଟା ପରେ ସିଂହାଦ୍ରି ଘରକୁ ଫେରି ଆସିଥିଲେ । ତାଲା ଭଙ୍ଗାଯାଇଥିବା ଦେଖି କାଳବିଳମ୍ବ ନକରି ସେ ଚୋରି ସନ୍ଦେହ କରି ପାଖ ପଡ଼ୋଶୀଙ୍କୁ ଡାକ ପକାଇଥିଲେ । ସେହି ସମୟରେ ଦୁର୍ବୃତ୍ତ ଦ୍ୱୟ ଘରଭିତରେ ଥିଲେ । ସିଂହାଦ୍ରିଙ୍କ ପାଟି ଶୁଣି ଦୁଇ ଅଭିଯୁକ୍ତ ଖସିଯିବାକୁ ଚେଷ୍ଟା କରୁଥିବାବେଳେ ପାଟିଶୁଣି ପଡ଼ୋଶୀ ଜମାହୋଇ ଥାନାକୁ ସୂଚନା ଦେଇଥିଲେ । ଖବର ପାଇ ପାରଳାଖେମୁଣ୍ଡି ଆଦର୍ଶ ଥାନା ପୁଲିସ ପହଞ୍ଚି ଗ୍ରାମବାସୀଙ୍କ ସାମ୍ନାରେ ଘର କବାଟ ଖୋଲି ନାଗାରାଜୁ ଓ ଚେଣ୍ଟିଙ୍କୁ କାବୁ କରିଥିଲା । ଘଟଣାସ୍ଥଳରେ ସେମାନଙ୍କ ଠାରୁ ୩ ତୋଳା ସୁନା ଆଭୂଷଣ, ୧୦ ତୋଳା ଚାନ୍ଦି ଆଭୂଷଣ, ନଗଦ ରାଶି ୨୦ ହଜାର ଟଙ୍କା ଚୋରି ସାମଗ୍ରୀ ଜବତ କରାଯାଇଥିଲା । ଏନେଇ ପାରଳାଖେମୁଣ୍ଡି ଆଦର୍ଶ ଥାନାରେ ଏକ ମାମଲା ରୁଜୁ କରାଯାଇ ତଦନ୍ତ ଚାଲୁ ରହିଥିବା ବେଳେ ଅଭିଯୁକ୍ତ ଦ୍ୱୟଙ୍କୁ ଆଜି କୋର୍ଟ ଚାଲାଣ କରାଯାଇଛି । ଅଭିଯୁକ୍ତମାନଙ୍କ ଠାରୁ ଜବତ ନଗଦ ରାଶି ସମେତ ସୁନା ଓ ରୂପା ସାମଗ୍ରୀର ମୂଲ୍ୟ ପ୍ରାୟ ୪ଲକ୍ଷ ୭୦ ହଜାର ଟଙ୍କା ହେବ ବୋଲି ଥାନା ସୂତ୍ରରୁ ଜଣାପଡିଛି । ତେବେ ଅଭିଯୁକ୍ତ ମଙ୍ଗଳମ୍ ଚେଣ୍ଟି ୮ ଗୋଟି ଚୋରି ମାମଲାରେ ସମ୍ପୃକ୍ତ ଥିବା ସୂଚନା ମିଳିଛି ।

## ଦୁର୍ଘଟଣାରେ ଯୁବକ ମୃତ

**ମୋହନା,୨୧ ।୧୧(ସମିସ):** ଗଜପତି ଜିଲ୍ଲା ଅଡ଼ବା ଥାନା ଆଠବଖରା ଗ୍ରାମ ନିକଟରେ ସ୍କୁଟି ଦୁର୍ଘଟଣାଗ୍ରସ୍ତ ହୋଇ ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି । ମୃତକ ହେଲେ ବିରିକୋଟ ଗ୍ରାମର ଅମୁ ନାୟକ । କୌଣସି କାର୍ଯ୍ୟରେ ଅମୁ ଜଣେ ସାଙ୍ଗ ସହ ସ୍କୁଟିରେ ଦାମାଦୁଆ ଯିବା ସମୟରେ ଆଠବଖରା ଗ୍ରାମ ନିକଟରେ ଭାରସାମ୍ୟ ହରାଇ ସ୍କୁଟିଟି ଦୁର୍ଘଟଣାଗ୍ରସ୍ତ ହୋଇଥିଲା । ଗୁରୁତର ଅବସ୍ଥାରେ ଅମୁଙ୍କୁ ସ୍ଥାନୀୟ ଲୋକେ ଉଦ୍ଧାର କରି ଅଡ଼ବା ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ । ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ । ପୁଲିସ ମୃତଦେହ ଜବତ କରିବା ସହ ଘଟଣାର ତଦନ୍ତ ଆରମ୍ଭ କରିଛି ।

## ନୂତନ ଅଧ୍ୟକ୍ଷଙ୍କ ଦାୟିତ୍ୱ ଗ୍ରହଣ



**ଜି ଉଦୟଗିରି, ୨୧ ।୧୧ (ସମିସ):** କଳିଙ୍ଗା ସରକାରୀ ଶିକ୍ଷକ ପ୍ରଶିକ୍ଷଣ ମହାବିଦ୍ୟାଳୟର ନୂତନ ଅଧ୍ୟକ୍ଷଭାବେ ଦାୟିତ୍ୱ ଗ୍ରହଣ କରିଛନ୍ତି ଡ.ଦୀପକ କୁମାର ମହାନ୍ତି । ଡ଼.ଶ୍ରୀମହାନ୍ତି ଆଇଆଇଟି ଖଡ଼ଗପୁରରେ ପିଏଚଡି କରିବା ସହିତ ଗବେଷଣା କରିବାର ଅଭିଜ୍ଞତା ରହିଛି । ଅଧ୍ୟକ୍ଷ ଦାୟିତ୍ୱ ନେବା ପରେ ମହାବିଦ୍ୟାଳୟ ଅଧ୍ୟାପକ ଅଧ୍ୟାପିକା କର୍ମଚାରୀଙ୍କ ସହିତ ଛାତ୍ରଛାତ୍ରୀମାନେ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇଛନ୍ତି । ଶିକ୍ଷାନୁଷ୍ଠାନରେ ଶିକ୍ଷାର ଉନ୍ନତି ସହିତ ଭିତିଭୂମିର ଅଗ୍ରଗତି କରେଇବା ମୋର ପ୍ରାଥମିକତା ରହିବ ବୋଲି ସେ କହିଛନ୍ତି ।

# ଜିଲ୍ଲାସ୍ତରୀୟ ବିଶ୍ୱ ମତ୍ସ୍ୟ ଦିବସ



**ପାରଳାଖେମୁଣ୍ଡି, ୨୧ ।୧୧(ସମିସ):** ପାରଳାଖେମୁଣ୍ଡି ସ୍ଥିତ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିକାଶ ବିଭାଗ ତରଫରୁ ବିଶ୍ୱ ମତ୍ସ୍ୟ ଦିବସ ପାଳିତ ହୋଇଯାଇଛି । ଜିଲ୍ଲା ମତ୍ସ୍ୟ ଅଧିକାରୀ ନିରୋଦ ଚନ୍ଦ୍ର ନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଅତିରିକ୍ତ ଜିଲ୍ଲାପାଳ ଫାଲଗୁନୀ ମାଝୀ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବରେ ଜିଲ୍ଲା ପରିଷଦର ଅତିରିକ୍ତ ନିର୍ବାହୀ ଅଧିକାରୀ ପୃଥ୍ୱୀରାଜ ମଣ୍ଡଳ, ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ଏମ.ପ୍ରକାଶ ରାଓ, ଓଡ଼ିଶା ଜୀବିକା ମିଶନ ଓ ମିଶନ ଶକ୍ତିର ଜିଲ୍ଲା ପ୍ରକଳ୍ପ ପରିଚାଳକ ତିମନ ବାରା, ଜିଲ୍ଲା ଡାଇଗ୍ନୋଷ୍ଟିକ୍ ଲାବୋରେଟୋରୀ ପ୍ରାଣୀ ଚିକିତ୍ସା ବିଭାଗର ପ୍ରଭାରୀ ଅଧିକାରୀ ଡାକ୍ତର ଆଲୋକ ପ୍ରଭା ସାମନ୍ତରାୟ ଓ ସେଞ୍ଚୁରିୟନ୍ ବିଶ୍ୱବିଦ୍ୟାଳୟର ସହକାରୀ ପ୍ରଫେସର ଅରବିନ୍ଦ ଉପାଧ୍ୟାୟ ପ୍ରମୁଖ ମଞ୍ଚାସିନ ଥିଲେ ।

ମୁଖ୍ୟଅତିଥି କହିଥିଲେ ଯେ, ଜିଲ୍ଲାରେ ଛୋଟବଡ଼ ଜଳାଶୟ ଥିବାରୁ ମାଛ ଚାଷ କରିବାକୁ ବହୁତ ଉପଯୋଗୀ ରହିଛି । ଏନେଇ ବହୁ ସରକାରୀସ ସୁବିଧା ବି ରହିଛି । ଏଣୁ ଗଜପତି ଜିଲ୍ଲାର ସମସ୍ତ ଚାଷୀ ଅଧିକରୁ ଅଧିକ ମାଛ ଚାଷ କରି ଆଗେଇ ଆସିବାକୁ ଆହ୍ୱାନ ଦେଇଥିଲେ । ଏହି ଅବସରରେ ଜିଲ୍ଲାର ୪ଜଣ ସଫଳ ମାଛ ଚାଷୀ ଯଥା ଗୁମ୍ମା ବ୍ଲକର ଲାଲ୍ ମୋହନ ଲିମ୍ମା, କାଶୀନଗର ବ୍ଲକର ନାରୁସୁ ପାତ୍ର, ଗୋଷାଣି ବ୍ଲକର ଜ୍ୟୋତି ଚୌଧୁରୀ, ଓ ରାୟଗଡ ବ୍ଲକର ଭୈରବୀ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା । ଅନ୍ୟପକ୍ଷରେ ପାରଳାଖେମୁଣ୍ଡିର ଜଣେ ମତ୍ସ୍ୟଚାଷୀ ଗତ ୩୦ ବର୍ଷ ହେଲା କୌଣସି ପୋଖରୀ କିମ୍ବା ଜଳାଶୟକୁ ମତ୍ସ୍ୟଚାଷ ନିମନ୍ତେ ଲିଜ୍‌କୁ ଦିଆଯାଉନାହିଁ ବୋଲି ଦୃଷ୍ଟି ଆକର୍ଷଣ କରିଥିଲେ । ଏଥିଯୋଗୁ ପାରଳାଖେମୁଣ୍ଡି ସହରାଞ୍ଚଳର ବହୁ ମତ୍ସ୍ୟଜୀବୀ ଜୀବିକା ହରାଇ ଦାଦନ ଖଟିବାକୁ ଯାଉଥିବା କହିଥିଲେ । କାର୍ଯ୍ୟକ୍ରମରେ ଆର.ଉଦୟଗିରି ବ୍ଲକର ସହକାରୀ ମତ୍ସ୍ୟ ଅଧିକାରୀ ସୋନାଲି ମହାପାତ୍ର, କାଶୀନଗର ବ୍ଲକର ସନ୍ତୋଷ କୁମାର ପଣ୍ଡା, ଗୋଷାଣି ବ୍ଲକର ନୀଳାଞ୍ଚଳ ବେହେରା, ମୋହନା ବ୍ଲକର କୃଷ୍ଣଚନ୍ଦ୍ର ଶବର, ବରିଷ୍ଠ ମତ୍ସ୍ୟ ବୈଷୟିକ ସହାୟକ ଶୁଭଶ୍ରୀ ପାଲଙ୍କ ସମେତ ବହୁ ମତ୍ସ୍ୟ ଚାଷୀ, ଉଦ୍ୟୋଗୀ ଏବଂ ମହିଳା ସ୍ୱୟଂସହାୟକ ଗୋଷ୍ଠୀର କାର୍ଯ୍ୟକର୍ତ୍ତା ଯୋଗ ଦେଇଥିଲେ । କାର୍ଯ୍ୟକ୍ରମକୁ କିଶୋର ଚନ୍ଦ୍ର ପତି ପରିଚାଳନା କରିଥିବା ବେଳେ କାର୍ଯ୍ୟାଳୟର ସମସ୍ତ କର୍ମଚାରୀ ସହଯୋଗ କରିଥିଲେ ।

# ତିନି ଅସହାୟ ଶିଶୁଙ୍କୁ ଉଦ୍ଧାର କଲା ପ୍ରଶାସନ



**ନିଜେ ରୋଷଇ କରି ଖାଉଥିଲେ**

**ପାରଳାଖେମୁଣ୍ଡି, ୨୧ ।୧୧ (ସମିସ):** ମୋହନା ବ୍ଲକ କରଚବାଡି ପଞ୍ଚାୟତ ଅନ୍ତର୍ଗତ ପଲ୍ଲୀଗଜପତି ଗ୍ରାମରେ ଅତି ଦୟନୀୟ ଅବସ୍ଥାରେ ରହୁଥିବା ୩ ଶିଶୁଙ୍କୁ ଜିଲ୍ଲା ପ୍ରଶାସନ ଦ୍ୱାରା ଉଦ୍ଧାର କରାଯାଇଛି । ଚାଇଲ୍ଡ ହେଲ୍‌ପ ଲାଇନ୍ ନଂ.-୧୦୯୮ରେ ଖବର ପାଇ ଚାଇଲ୍ଡ ହେଲ୍ପଲାଇନର ସଂଯୋଜିକା ତୁରନ୍ତ ଜିଲ୍ଲା ଶିଶୁ ସୁରକ୍ଷାଧିକାରୀଙ୍କୁ ଅବଗତ କରାଇଥିଲେ । ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀଙ୍କ ନିର୍ଦ୍ଦେଶ କ୍ରମେ ଏକତା ସ୍ୱେଚ୍ଛାସେବୀ ଅନୁଷ୍ଠାନର କର୍ମୀ ଅନିତା ନାୟକ, ମୋହନା ଡେ ଷ୍ଟାର ହୋମ୍ କର୍ମୀ ଓ ମୋହନା ପୁଲିସକୁ ନେଇ ଏକ ଟିମ୍ ଗଠନ ହୋଇଥିଲା । ଉକ୍ତ ଟିମ୍ ପଲ୍ଲୀଗଜପତି ଗ୍ରାମକୁ ଯାଇ ୩ଟି ଶିଶୁଙ୍କୁ ଠାବ କରିଥିଲେ । ସେମାନଙ୍କ ମା' ପିତା ଜଣେ ମଦ୍ୟପ ହୋଇଥିବା ବେଳେ ପ୍ରଚୁର ମଦ୍ୟପାନ କରି ବାହାରେ ଏଣେତେଣେ ବୁଲନ୍ତି । ଶିଶୁଙ୍କର ମା' ଦୀର୍ଘ ୫ ବର୍ଷ ହେବ ସେମାନଙ୍କୁ ଛାଡି ଦିଲ୍ଲୀ ପଳାଇଥିବା ଜଣାପଡ଼ିଥିଲା । ତେବେ ପଲ୍ଲୀଗଜପତିରେ ଉକ୍ତ ଶିଶୁ ମାନଙ୍କ ମାଉସୀ ଥିଲେ ମଧ୍ୟ ସେ ଦେଖାଶୁଣା କରୁନଥିଲେ । ଏପରି ସ୍ଥିତିରେ ଶିଶୁମାନେ ନିଜେ ରୋଷେଇ କରି ଖାଉଥିଲେ । ହାତରେ ପେଜ ପଡ଼ି ଫୋଟକା ମଧ୍ୟ ହୋଇଥିବା ଦେଖାଯାଇଥିଲା । ଉକ୍ତ ଟିମ୍ ୩ଟି ଶିଶୁଙ୍କ ବିଷୟରେ ଗ୍ରାମବାସୀଙ୍କ ସହ ଆଲୋଚନା କରିବା ପରେ ଉଦ୍ଧାର କରି ଆଣି ଶିଶୁ କଲ୍ୟାଣ ସମିତି ଗଜପତିଙ୍କ ନିକଟରେ ଉପସ୍ଥିତ କରାଇଥିଲେ । ଜିଲ୍ଲା ପ୍ରଶାସନ ପକ୍ଷରୁ ୩ ଜଣଙ୍କର ମାଗଣାରେ ଖାଇବା, ରହିବା ଓ ପାଠପଢ଼ିବା ପାଇଁ ବ୍ୟବସ୍ଥା କରାଯାଉଥିବା ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀ ତ୍ରିପାଠୀ ପ୍ରେସ୍ ବିବୃତି ମାଧ୍ୟମରେ ଜଣାଇଛନ୍ତି ।

## ବିଦ୍ୟାଳୟ ସ୍ତରୀୟ ବାଲ୍ ବିଜ୍ଞାନ ପ୍ରଦର୍ଶନୀ

**ପାରଳାଖେମୁଣ୍ଡି,୨୧ ।୧୧(ସମିସ):** ଗୋଷାଣି ଗୋଷ୍ଠୀ ଶିକ୍ଷା ମଣ୍ଡଳ ଅନ୍ତର୍ଗତ ବିଭିନ୍ନ ବିଦ୍ୟାଳୟରେ ବାଲ୍ ବୈଜ୍ଞାନିକ ପ୍ରଦର୍ଶନୀ ଆୟୋଜିତ ହୋଇଛି । ପାରଳାଖେମୁଣ୍ଡି ସ୍ଥିତ ମହାରାଜଙ୍କ ବାଳକ ଉଚ୍ଚ ବିଦ୍ୟାଳୟରେ ଆୟୋଜିତ ପ୍ରଦର୍ଶନୀକୁ ପ୍ରଧାନ ଶିକ୍ଷୟିତ୍ରୀ ମୋନାଲିସା ଦାସଙ୍କ ପୌରହିତ୍ୟରେ ଜିଲ୍ଲା ବିଜ୍ଞାନ ନିରୀକ୍ଷକ ଆମ୍ମୋଲୁ



ରବି କୁମାର, ପ୍ରାକ୍ତନ ଜିଲ୍ଲା ବିଜ୍ଞାନ ନିରୀକ୍ଷକ ସାରିକ କୁମାର ପଟ୍ଟନାୟକ ମିଳିତ ଭାବେ ଉଦଘାଟନ କରିଥିଲେ । ୬୫ଟି ପ୍ରକଳ୍ପ ପ୍ରଦର୍ଶନ କରାଯାଇଥିଲା । ଅତିଥିବୃନ୍ଦ ପ୍ରକଳ୍ପର ମୂଲ୍ୟାୟନ କରିଥିଲେ ଓ ଆସନ୍ତା ୨୫ ଓ ୨୬ ତାରିଖରେ ଅନୁଷ୍ଠିତ ହେବାକୁ ଥିବା ବ୍ଲକସ୍ତରୀୟ ବିଜ୍ଞାନ ପ୍ରଦର୍ଶନୀ ପାଇଁ ଶ୍ରେଷ୍ଠ ବିବେଚିତ ୧୬ ଜଣ ଛାତ୍ରଙ୍କୁ ଚୟନ କରିଥଲେ । ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ଉପସ୍ଥିତ ରହି ସହଯୋଗ କରିଥିଲେ ଏବଂ ବିଦ୍ୟାଳୟର ବରିଷ୍ଠ ଶିକ୍ଷକ ଡି .ଶ୍ରୀରାମ ମୂର୍ତ୍ତୀ, ଶିକ୍ଷୟିତ୍ରୀ ସୁଲତା ଶୁଭଦର୍ଶୀନୀ, ସସ୍ମିତା ମିଶ୍ରଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପରିଚାଳନା ହୋଇଥିବା ବେଳେ ଶିକ୍ଷକ ଜଗନ୍ନାଥ ପଟନାୟକ କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ ।

ସେହିପରି ଉପଲଡା ଗ୍ରାମ ଠାରେ ଥିବା ଟାଗୋର୍ ମେମୋରିଆଲ୍ ହାଇସ୍କୁଲ ଠାରେ ଆୟୋଜିତ ବିଜ୍ଞାନ ପ୍ରଦର୍ଶନୀ କାର୍ଯ୍ୟକ୍ରମକୁ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ୱାଇ.ଧର୍ମାରାଓ ଉଦ୍‌ଘାଟନ କରିଥିବା ବେଳେ ପ୍ରଦର୍ଶନୀରେ ୬୦ଟି ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା । ଶ୍ରେଷ୍ଠ ମନୋନୀତ ପ୍ରକଳ୍ପଗୁଡିକ ବ୍ଲକସ୍ତରୀୟ ବିଜ୍ଞାନ ପ୍ରଦର୍ଶନୀରେ ଅଂଶ ଗ୍ରହଣ କରିବେ । ସମସ୍ତ କାର୍ଯ୍ୟକ୍ରମକୁ ବିଜ୍ଞାନ ଶିକ୍ଷୟିତ୍ରୀ ଟି.ଅରୁଣା କୁମାରୀ, ଶିବକଲ୍ୟାଣୀ ଆଚାର୍ଯ୍ୟ, ରାନୁ ପୋଣ୍ଡା, ଶୈଳଜା ସାହୁକାର, ଏ. ଶୋଭାରାଣୀ ଏବଂ ସନ୍ତୋଷିନୀ ପ୍ରଧାନ ପରିଚାଳନା କରିଥିବା ବେଳେ ଅନ୍ୟ ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀମାନେ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ ।

## ବାଇକ୍ ଧକ୍କାରେ ବୃଦ୍ଧ ମୃତ

**ବେଲଗୁଣ୍ଠା, ୨୧ ।୧୧ (ସମିସ):** ବେଲଗୁଣ୍ଠା-ବାଲିପଦରରୋଡ ବିଜୟ ଲକ୍ଷ୍ମୀ ଶରଣପୁର ଛକ ନିକଟରେ ଏକ ବାଇକ୍ ଜଣେ ବୃଦ୍ଧଙ୍କୁ ଧକ୍କା ଦେବାରୁ ତାଙ୍କ ମୃତ୍ୟୁ ଘଟିଛି । ମୃତକ ହେଲେ ବେଲଗୁଣ୍ଠା ଥାନା ଅନ୍ତର୍ଗତ ବିଜୟ ଲକ୍ଷ୍ମୀ ଶରଣପୁର ଛକ ନିକଟରେ ଜିଲିବା ଗ୍ରାମର ନରସିଂହ ନାଇକ । ପୁଲିସ ଶବ ଜବତ କରିବା ସହ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଛି । ଶୁକ୍ରବାର ସନ୍ଧ୍ୟାରେ ଭଞ୍ଜନଗର ଥାନା ଅନ୍ତର୍ଗତ ଗୁଜୁରାଳୀ ଗ୍ରାମର କୃଷ୍ଣ ଡାକୁଆ ଓ ବୁଗୁଡା ଥାନା ଅନ୍ତର୍ଗତ ତାଳସାକର ଗ୍ରାମର ସରୋଜ ଡାକୁଆ ବାଇକ୍‌ରେ ଗୁଜୁରାଳିରୁ ତାଳସାକର ଯାଉଥିବା ବେଳେ ଜିଲିବା ଗ୍ରାମର ନରସିଂହ ନାଇକଙ୍କୁ ବାଇକ୍‌ଟି ଧକ୍କା ଦେଇଥିଲା । ଗୁରୁତର ନରସିଂହଙ୍କୁ ବେଲଗୁଣ୍ଠା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ନିଆଯାଇଥିବାବେଳେ ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ । ଅପରପକ୍ଷେ କୃଷ୍ଣ ଓ ସରୋଜ ଚିକିତ୍ସାଧୀନ ଅଛନ୍ତି । ମୃତକ ଗରିବ ଶ୍ରେଣୀର ହୋଇଥିବାରୁ ତାଙ୍କୁ ସରକାରୀ ସହାୟତା ଯୋଗାଇ ଦେବାକୁ ଗ୍ରାମବାସୀ ଦାବି କରିଛନ୍ତି । ପ୍ରକାଶଥାଉ କି, ଦୁର୍ଘଟଣା ଖବର ଶୁଣି ଖବର ସଂଗ୍ରହ ପାଇଁ ଯାଇଥିବା ଏବଂ ସେଠାରେ ଭିଡିଓ ଉତ୍ତୋଳନ କରିବାବେଳେ କାର୍ଯ୍ୟରତ ଡାକ୍ତର ଗଣମାଧ୍ୟମ ପ୍ରତିନିଧିଙ୍କୁ ଦୁର୍ବ୍ୟବହାର ପ୍ରଦର୍ଶନ କରିବାରୁ ଉତ୍ତେଜନା ପ୍ରକାଶ ପାଇଥିଲା ।

## ରୋଗୀ କଲ୍ୟାଣ ସମିତି ବୈଠକ




**ଦାରିଙ୍ଗବାଡ଼ି,୨୧ ।୧୧(ସମିସ):** ଦାରିଙ୍ଗବାଡ଼ି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ସଭାଗୃହରେ ଆଜି ସ୍ୱାସ୍ଥ୍ୟ ବିଭାଗ ରୋଗୀ କଲ୍ୟାଣ ସମିତିର କାର୍ଯ୍ୟକାରିଣୀ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି । ଜି.ଉଦୟଗିରି ବିଧାୟକ ତଥା ବୈଠକର ଅଧ୍ୟକ୍ଷ ପ୍ରଫୁଲ୍ଲ ଚନ୍ଦ୍ର ପ୍ରଧାନଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ଦାରିଙ୍ଗବାଡ଼ି ବ୍ଲକ ଅଧ୍ୟକ୍ଷ ତଥା ରୋଗୀ କଲ୍ୟାଣ ସମିତି ଉପାଧ୍ୟକ୍ଷ ସୁଶାନ୍ତ କୁମାର ପ୍ରଧାନ, ଗୋଷ୍ଠୀ ଉନ୍ନୟନ ଅଧିକାରୀ ପ୍ରୀତିରଞ୍ଜନ ରଥ, ସିଡିପିଓ ସନ୍ଧ୍ୟାରାଣୀ ପଣ୍ଡା, ସରପଞ୍ଚ ଚନ୍ଦ୍ରିକା ମଲ୍ଲିକ, ଅନ୍ୟ ଡାକ୍ତରମାନେ ଉପସ୍ଥିତ ଥିଲେ । ପ୍ରଥମେ ଗୋଷ୍ଠୀ ସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ଯାକେଶ ସାମନ୍ତରାୟ ସମସ୍ତ ଅତିଥିଙ୍କୁ ସ୍ୱାଗତ ଜଣାଇଥିଲେ । ପୂର୍ବ ବୈଠକର ବିବରଣୀକୁ ମେଡ଼ିକାଲ ବିପିଏମ୍ ଶାନ୍ତନୁ କୁମାର ସାହୁ ପଠନ କରିଥିବା ବେଳେ ବୈଠକର ଉଦ୍ଦେଶ୍ୟ ଉପରେ ଡାକ୍ତର ଯାକେଶ ସୂଚନା ଦେଇଥିଲେ । ପୂର୍ବ ବୈଠକରେ ହୋଇଥିବା ନିଷ୍ପତ୍ତି ଏବଂ ତାହାର କେତେ କାର୍ଯ୍ୟ ସମ୍ପୂର୍ଣ୍ଣ ହୋଇଛି ଓ କେତେ ବାକି ଅଛି ସେ ଦିଗରେ ଏବଂ ଅନୁଦାନ ସମ୍ପର୍କରେ ଆଲୋଚନା କରାଯାଇଥିଲା । ବୈଠକରେ ରୋଗୀସେବା ପାଇଁ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟ, ଔଷଧ ବିତରଣ ଏବଂ ସଭାଗୃହ, ରୋଗୀମାନଙ୍କ ସୁବିଧା ଅସୁବିଧା, ସଠିକ ସେବା ଯୋଗାଣ, ପରିବେଶକୁ ସ୍ୱଚ୍ଛ ଓ ସୁସ୍ଥ ରଖିବା ଆଲୋଚନା କରାଯାଇଥିଲା ।

# ଧରାକୋଟ ବ୍ଲକ୍‌ସ୍ତରୀୟ ବିଜ୍ଞାନ ମେଳା



**ଧରାକୋଟ,୨୧ ।୧୧(ସମିସ):** ଧରାକୋଟ ବ୍ଲକର ବରଡ଼ାବିଲି ଉନ୍ନୀତ ଉଚ୍ଚ ବିଦ୍ୟାଳୟ ପରିସରରେ ବ୍ଲକସ୍ତରୀୟ ବିଜ୍ଞାନ ମେଳା ଓ ବାଲ ବୈଜ୍ଞାନିକ ପ୍ରଦର୍ଶନୀ ଅନୁଷ୍ଠିତ ହୋଇଯାଇଛି । ବିଇଓ ଅଭିମନ୍ୟୁ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦଘାଟନୀ ଉତ୍ସବରେ ମୁଖ୍ୟ ଅତିଥି ଭାବରେ ଜିଲ୍ଲା ପରିଷଦ ଅଧ୍ୟକ୍ଷା ଅଞ୍ଜଳି ସ୍ୱାଇଁ, ସମ୍ମାନିତ ଅତିଥି ଭାବରେ ତହସିଲଦାର ଲମ୍ବୋଦର ମାରାଣ୍ଡି, ବିଡିଓ ସଂଗ୍ରାମ କେଶରୀ ଜେନା, ଏଡିଇଓ ଡ. ପ୍ରଭାତୀ ମହାପାତ୍ର, ସାଂସଦ ପ୍ରତିନିଧି ମୁନା ପ୍ରଧାନ, ଏବିଇଓ ବିଭୂତି ଭୁଷଣ ପାତ୍ର ପ୍ରମୁଖ ଉପସ୍ଥିତ ରହି କୁନି ବୈଜ୍ଞାନିକଙ୍କୁ ଉତ୍ସାହିତ କରିଥିଲେ । ଏବିଇଓ ସୌରୀ ଶଙ୍କର ବେହେରା ସଂଯୋଜନା କରିଥିବା ବେଳେ ଗୌରୀ ଶଙ୍କର ଶତପଥୀ ଓ ସୁରେଶ କୁମାର ପାତ୍ର ଉପସ୍ଥାପକ ଭାବେ ଦାୟିତ୍ୱ ତୁଲାଇଥିଲେ ।

ଉଦଯାପନୀ ଉତ୍ସବରେ ବିଇଓ ଅଭିମନ୍ୟୁ ସାହୁ ସଭାପତିତ୍ୱ କରିଥିଲାବେଳେ ମୁଖ୍ୟଅତିଥି ଭାବରେ ସାନଖେମୁଣ୍ଡି ବିଧାୟକ ରମେଶ ଚନ୍ଦ୍ର ଜେନା, ସମ୍ମାନୀତ ଅତିଥି ଭାବରେ ବ୍ଲକ ଉପାଧ୍ୟକ୍ଷ ମନୋଜ କୁମାର ସାହୁ, ସରପଞ୍ଚ ଅହଲ୍ୟା ସ୍ୱାଇଁ, ଶିକ୍ଷାବିତ କାଳୁଚରଣ ଗୌଡ଼, ବରିଷ୍ଠ ସାମ୍ବାଦିକ ହୃଦାନନ୍ଦ ଜେନା, ଏସଏମସି ସଭାପତି ବୁଲୁ ସାହୁ, ଏବିଇଓ ସୌରୀ ଶଙ୍କର ବେହେରା, ମାଣିକପୁର ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ବାବୁଲା କୁମାର ପ୍ରଧାନ ପ୍ରମୁଖ ଉପସ୍ଥିତ ରହିଥିଲେ । ବ୍ଲକର ୧୧୯ ବିଦ୍ୟାଳୟର ଛାତ୍ର ଛାତ୍ରୀ ମାନଙ୍କ ଦ୍ୱାରା ୨୦୭ ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା । ବିଚାରକ ଭାବରେ ଗୋକୁଳକୃଷ୍ଣ ପଣ୍ଡା, ରଘୁନାଥ ଘଡେଇ, କୈଳାସ ଚନ୍ଦ୍ର ମହାରଣା ଓ ରଶ୍ମୀ ରେଖା ପଣ୍ଡା ଦାୟିତ୍ୱ ତୁଲାଇଥିବା ବେଳେ ଜିଲ୍ଲାସ୍ତରକୁ ୧୦ଟି ଓ ବ୍ଲକ ସ୍ତର ପାଇଁ ୧୩ ପ୍ରକଳ୍ପ ମନୋନୀତ ହୋଇଥିଲା । ଅରୁଣ କୁମାର ସାହୁ ଓ ଯୋଗୀ ଭାଇ ସଙ୍ଗୀତ ପରିଚାଳନା କରିଥିବା ବେଳେ ଏବିଇଓ ସୌରୀ ଶଙ୍କର ବେହେରା ପରିଚାଳନା କରିଥିଲେ । ସିଆରସିସି ଗୌରୀ ଶଙ୍କର ଶତପଥୀ ଧନ୍ୟବାଦ ଅର୍ପଣ କରିଥିଲେ ।

**ଗୋଷ୍ଠୀ ସ୍ୱାସ୍ଥ୍ୟ ଅଧିକାରୀଙ୍କ ବିରୋଧରେ ଅଭିଯୋଗ**

# ତଦନ୍ତ କଲା ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ଟିମ୍

**ବାଲିଗୁଡ଼ା,୨୧ ।୧୧(ସମିସ):** ବହୁଦିନ ପୂର୍ବେ ସୁବର୍ଣ୍ଣଗିରି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀଙ୍କ ନାମରେ ଏକ ଲିଖିତ ଅଭିଯୋଗ ହୋଇଥିଲା ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀଙ୍କ ପାଖରେ । ତାହାର ତଦନ୍ତ ପାଇଁ ଶୁକ୍ରବାର ଏକ ଜିଲ୍ଲାସ୍ତରୀୟ ସ୍ୱାସ୍ଥ୍ୟ ଟିମ୍ ଯଥା ଏଡିଏମ ଅକ୍ଷୟ କୁମାର ସାହୁ, ପ୍ରତିଷ୍ଠାନ ଅଧିକାରୀ ରାଜକିଶୋର ସିଂ ଆସି ତଦନ୍ତ କରିଛନ୍ତି ।

ସୂଚନା ଥାଉ କି, ଗତ ୨୨ ସେପ୍ଟେମ୍ବର ୨୫ ଦିନ ସୁବର୍ଣ୍ଣଗିରି ସରପଞ୍ଚ ସମୋନାଥ ପ୍ରଧାନ ଜିଲ୍ଲା ମୁଖ୍ୟାଳୟରେ ପହଞ୍ଚି ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀଙ୍କୁ ଅଭିଯୋଗ ପତ୍ର ଦେଇଥିଲେ । ଅଭିଯୋଗ ପତ୍ରରେ ତଳ କର୍ମଚାରୀ ଓ ରୋଗୀମାନଙ୍କ ଠାରୁ ଟଙ୍କା ମାଗିବା, ମଦ୍ୟପାନ କରି ଘରେ ଶୋଇବା, ରାଗ ରଖି କର୍ମଚାରୀଙ୍କୁ ହଇରାଣ କରିବା, ସ୍ୱାସ୍ଥ୍ୟକେନ୍ଦ୍ରରେ ମାସକୁ ୪ରୁ ୫ ଦିନ ମାତ୍ର ରହୁଛନ୍ତି ବୋଲି ଅନେକ ଅଭିଯୋଗ ରହିଥିଲା । ଏହି ସବୁ ଅଭିଯୋଗକୁ ସ୍ଥାନୀୟ ଲୋକ ଏବଂ ଆଶା କର୍ମୀ, ଏଏନଏମ ଓ ଅନ୍ୟ ସହଯୋଗୀ ସବୁ ଖଣ୍ଡନ କରିଛନ୍ତି । ତଦନ୍ତକାରୀ ଦଳ ଆଜି ଜଣ ଜଣଙ୍କୁ ଡାକି ପଚାରି ବୁଝିଥିଲେ । କିନ୍ତୁ ସୁବର୍ଣ୍ଣଗିରି ସରପଞ୍ଚଙ୍କୁ ଛାଡିଦେଲେ ଅନ୍ୟ ସ୍ୱାକ୍ଷର କରିଥିବା ଅଭିଯୋଗକାରୀ କେହି ମଧ୍ୟ ଆସିନଥିଲେ । ଏନେଇ ଗୁଗୁରୁମାହା ସରପଞ୍ଚ ମଶେଷ କାର୍ଜିମାଝିଙ୍କୁ ଫୋନ ଯୋଗେ ଯୋଗାଯୋଗକରିବାରୁ, ସେ କହିଛନ୍ତି ଆମେ ସବୁ ସରପଞ୍ଚ ଓ ସମିତିସଭ୍ୟମାନେ ସୁବର୍ଣ୍ଣଗିରିଠାରେ ନୂତନ ବ୍ଲକ ଗଠନ କରିବା ନେଇ ସମସ୍ତେ ଦସ୍ତଖତ କରିଅଛୁ କିନ୍ତୁ ଡାକ୍ତରଙ୍କ ବିରୁଦ୍ଧରେ ନୁହେଁ ଏହାକୁ ମିଥ୍ୟା ବୋଲି କହିଛନ୍ତି । ଆମ ଅଜ୍ଞାତରେ ଡାକ୍ତରଙ୍କ ବିରୋଧରେ ଲେଖି ଦେଇଥିବା ପ୍ରକାଶ କରିଛନ୍ତି । ଗୁଗୁରୁମାହା ସରପଞ୍ଚ ଡାକ୍ତର ନାମରେ ଥିବା ସମସ୍ତ ଅଭିଯୋଗକୁ ଶିକ୍ଷା ଓ ସ୍ୱାସ୍ଥ୍ୟ ବିଭାଗ ସାଂସଦ ପ୍ରତିନିଧି ସନୁ ପ୍ରଧାନ ଓ କୋଟଗଡ଼ ଗ୍ରାମବାସୀ ଭିତ୍ତିହୀନ ବୋଲି କହିଛନ୍ତି । ଆଶା, ଏଏନଏମ, ଷ୍ଟାପନର୍ସ, ନର୍ସିଙ୍ଗ ଅଫିସର, ଡାକ୍ତର ଓ ସମସ୍ତ ହସ୍ପିଟାଲ କର୍ମଚାରୀ ସମସ୍ତେ ଡାକ୍ତର ଭଗବାନ ସୁରେନ ଇନଚାର୍ଜ ହିସାବରେ ଭଲ ଥିବା କହୁଥିବା ବେଳେ ତଦନ୍ତକାରୀ ଟିମଙ୍କ ଠାରୁ କୌଣସି ପ୍ରତିକ୍ରିୟା ମିଳି ପାରିନଥିଲା ।

### ● ବାଇକ୍ ସହ ଗଞ୍ଜେଇ ଜବତ

**ଦିଗପହଣ୍ଡି,୨୧।୧୧(ସମିସ):** ଦିଗପହଣ୍ଡି-ବ୍ରହ୍ମପୁର ମୁଖ୍ୟରାସ୍ତାର କୃଷି ବିଭାଗ କାର୍ଯ୍ୟାଳୟ ନିକଟରେ ଗଞ୍ଜେଇ ଚୋରା ଚାଲାଣବେଳେ ଜଣେ ଯୁବକଙ୍କୁ ଶୁକ୍ରବାର ଚିକିଟି ଅବକାରୀ ଇନ୍ସପେକ୍ଟର ସଞ୍ଜୟ କୁମାର ପଣ୍ଡା ଗିରଫ କରିଛନ୍ତି । ଅଭିଯୁକ୍ତ ଜଣକ ହେଲେ ଗଜପତି ଜିଲା ମୋହନା ଥାନା ପାନାଗୁଡା ଗ୍ରାମର ରାଜୁ ବୀର । ସେ ବାଇକ୍ ଯୋଗେ ମୋହନାରୁ ବ୍ରହ୍ମପୁର ଅଭିମୁଖେ ଗଞ୍ଜେଇ ଧରି ଆସୁଥିବା ବେଳେ ସୂଚନା ଚିକିଟି ରେଞ୍ଜ ଅବକାରୀ ଇନ୍ସପେକ୍ଟରଙ୍କ ଉପସ୍ଥିତିରେ ଅବକାରୀ ଏଏସଆଇ ଏନ୍. ତ୍ରିପତି, କନେଷ୍ଟବଳ ପ୍ରଫୁଲ୍ଲ କୁମାର ବେହେରା, ବଳରାମ ପାତ୍ର, ରାଜେଶ ଜେନା, ସେକ୍ ରାଜେଶ ଉଦ୍ଦିନ ପ୍ରମୁଖ ଅଟକାଇ ଯାଞ୍ଚକରି ୨୪ କେଜି ଗଞ୍ଜେଇ ମିଳିବା ପରେ ଗିରଫ କରି କୋର୍ଟ ଚାଲାଣ କରିଥିଲେ ।

### ● ପୋଖରୀରେ ବୁଡ଼ି ଯୁବକ ମୃତ

**ବେଲଗୁଣ୍ଠା,୨୧ ।୧୧(ସମିସ):** ବେଲଗୁଣ୍ଠା ବ୍ଲକ୍ ଅନ୍ତର୍ଗତ କୁମୁଣ୍ଡି ଗ୍ରାମରେ ପୋଖରୀରେ ବୁଡ଼ି ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି । ଗାଙ୍ଗପୁର ପଞ୍ଚାୟତର ପିଟେଇଖୋଲା ଗ୍ରାମର ଅର୍ଜ୍ଜୁନ ପାତ୍ର ନିଜ ପରିବାର ସହିତ ଆସି କିଛି ଦିନ ହେବ କୁମୁଣ୍ଡିରେ ରହୁଥିଲେ । ଶୁକ୍ରବାର ସକାଳେ ତାଙ୍କ ବଡ଼ ପୁଅ ଆନନ୍ଦ ପାତ୍ର (୨୨) ନିକଟସ୍ଥ ପୋଖରୀକୁ ଶୌଚ ପାଇଁ ଯାଇ ବୁଡ଼ି ଯାଇଥିଲେ । ପରିବାର ଲୋକେ ଉଦ୍ଧାର କରି ଭଞ୍ଜନଗର ଉପଖଣ୍ଡ ଚିକିତ୍ସାଳୟକୁ ନେଇଥିବାବେଳେ ଡାକ୍ତର ମୃତ ଘୋଷଣା କରିଥିଲେ । ଆନନ୍ଦ ଗ୍ରାମରେ ଚାଷବାସ କରି ପରିବାର ପ୍ରତିପୋଷଣ କରୁଥିବା ବେଳେ ରୋଜଗାରିଆ ପୁଅକୁ ହରାଇ ପରିବାର ବେସାହାରା ହୋଇପଡ଼ିଛି । ତାଙ୍କ ପରିବାକୁ ସରକାରୀ ସହାୟତା ଯୋଗାଇ ଦେବାକୁ ଗ୍ରାମବାସୀ ଦାବି କରିଛନ୍ତି ।

# ନୂଆ ପର୍ଯ୍ୟଟନସ୍ଥଳ ବାଇମାଳି ଓ ନାଡ଼ାପାଟାଙ୍ଗ ପାହାଡ଼



**ବାଲିଗୁଡା,୨୧ ।୧୧(ସମିସ):** କନ୍ଧମାଳ ଜିଲ୍ଲା ବାଲିଗୁଡା ଉପଖଣ୍ଡର ଚତୁର୍ଦିଗ ପ୍ରାକୃତିକ ସବୁଜିମାରେ ଭରପୁର । ଏଠାକାର ପ୍ରାକୃତିକ ସୌନ୍ଦର୍ଯ୍ୟକୁ ଉପଭୋଗ କରିବାକୁ ବର୍ଷ ତମାମ, ବିଶେଷ କରି ଶୀତଦିନେ ପର୍ଯ୍ୟଟକଙ୍କ ଭିଡ଼ ଦେଖିବାକୁ ମିଳୁଛି । ଚଳିତବର୍ଷ ନୂତନ ପର୍ଯ୍ୟଟନସ୍ଥଳୀ ଭାବେ ଲୋକ ଲୋଚନକୁ ଆସି ଆକୃଷ୍ଟ କରୁଛି "ବାଇମାଳି' ପାହାଡ ଓ ନାଡପାଟାଙ୍ଗର ଲଣ୍ଡା ପାହାଡ଼ । ସୁଉଚ୍ଚ ପାହାଡ଼ ବାଇମାଳି ଓ ନାଡ଼ାପାଟାଙ୍ଗ ପର୍ଯ୍ୟଟନସ୍ଥଳୀର ସମସ୍ତ ସମ୍ଭାବନା ସତ୍ତ୍ୱେ ତାହା ଲୋକଲୋଚନକୁ ଆସିପାରିନଥିଲା । ନିକଟରେ ଏହି ସ୍ଥାନର ପ୍ରାକୃତିକ ବିଭବ ସାମାଜିକ ଗଣମାଧ୍ୟମରେ ପ୍ରସାର ହେବା ପରେ ସେଠାକୁ ଏବେ ପର୍ଯ୍ୟଟକଙ୍କ ସୁଅ ଛୁଟୁଛି । ଓଡିଶାର କାଶ୍ମୀର ଦାରିଙ୍ଗବାଡିର ହିଲ୍ ଭିୟୁ ପାର୍କ, କଫି ପ୍ଲାଣ୍ଟ ହେଉ ଅବା ବେଲଘରର କାଠନିର୍ମିତ କାଠବଙ୍ଗଳା, କୋଟଗଡ଼ର ଲୁଦୁ ଜଳପ୍ରପାତ, ତୁମୁଡିବନ୍ଧର ଜଲେଶପଟ୍ଟା ଆଶ୍ରମ, ବାଲିଗୁଡାର ସାପନାଳ ଆଦି ପର୍ଯ୍ୟଟନସ୍ଥଳୀ ପର୍ଯ୍ୟଟକଙ୍କୁ ବର୍ଷ ତମାମ ଆକୃଷ୍ଟ କରୁଛି । ତେବେ ବାଲିଗୁଡା ଉପଖଣ୍ଡ ଅଞ୍ଚଳର କିଛି ପର୍ଯ୍ୟଟନ ସ୍ଥଳୀ ଏବେ ରହିଛି ଯେଉଁଗୁଡିକ ଦୃଷ୍ଟି ଆଢୁଆଳରେ ରହିଯାଇଛି । ବାଲିଗୁଡାଠାରୁ ମାତ୍ର ୧୩ କିମି ଦୂର ବାଟାଗୁଡା ପଞ୍ଚାୟତର ଜକିକିଆ ଓ ବାରଖମାର ନାଡ଼ାପାଟାଙ୍ଗ ନିକଟରେ ରହିଛି ଏପରି ଆକୃଷ୍ଟ ପର୍ଯ୍ୟଟନ ସ୍ଥଳ । କୋରାପୁଟର ଦେଓମାଳୀ ଭଳି ସୁଉଚ୍ଚ ଏହି ପାହାଡ଼ିଆ ପର୍ଯ୍ୟଟନସ୍ଥଳୀ ଲୋକଲୋଚନକୁ ଆସିବା ପରେ ଏହାର ମଜା ନେବାକୁ ଚଳିତବର୍ଷ ଲୋକଙ୍କ ସୁଅ ଛୁଟିଛି । ଗୋଟିଏ ପାହାଡ଼ରୁ ଆଉ ଏକ ପାହାଡ଼ ପର୍ଯ୍ୟନ୍ତ ଘନ କୁହୁଡି ମଧ୍ୟରେ ରହୁଛି ଏହି ସ୍ଥଳ । ଏହାର ତଳଦେଶରେ ରହିଛି ଗାଁ । ପୂର୍ବରୁ ଏହି ପର୍ଯ୍ୟଟସ୍ଥଳୀ ପ୍ରତି କାହାର ଧ୍ୟାନ ନଥିଲା । କିଛିଦିନ ହେବ ଏହି ସ୍ଥାନର ଚାହିଦା ବଢିବାର ଲାଗିଛି । ଏହି ଦୁଇଟି ସ୍ଥାନକୁ ଯିବା ଆସିବା ନିମନ୍ତେ ରାସ୍ତା ନାହିଁ । ତେଣୁ ସ୍ଥାନୀୟ ପ୍ରଶାସନ ଯଦି ଏହି ଦୁଇଟି ପର୍ଯ୍ୟଟନସ୍ଥଳୀକୁ ଯାତାୟାତ ସୁବିଧା କରନ୍ତି, ତେବେ ଅନେକ ପର୍ଯ୍ୟଟକ ଆସି ପ୍ରକୃତିକୁ ଉପଭୋଗ କରିବା ସହ ଏକ ନୂତନ ସମ୍ଭାବନା ସୃଷ୍ଟି ହୋଇପାରନ୍ତା ।

## ଉପଖଣ୍ଡସ୍ତରୀୟ ବେଞ୍ଚମାର୍କ ମୂଲ୍ୟାଙ୍କନ କମିଟି ବୈଠକ



**ଛତ୍ରପୁର,୨୧।୧୧(ସମିସ):** ଛତ୍ରପୁର ସ୍ଥିତ ଉପଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଛତ୍ରପୁର ଉପଜିଲ୍ଲାପାଳ ଶିବାଶିଷ ବରାଳଙ୍କ ଅଧକ୍ଷତାରେ ଛତ୍ରପୁର ଉପଖଣ୍ଡସ୍ତରୀୟ ବେଞ୍ଚମାର୍କ ମୂଲ୍ୟାଙ୍କନ କମିଟି ୨୦୨୪-୨୬ର ବୈଠକ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଉପଖଣ୍ଡସ୍ତରରେ ଜମିଜମା କିଣାବିକା ନିମନ୍ତେ ପ୍ରତ୍ୟେକ ରୟତି ପ୍ଲଟ ଗୁଡିକର ବେଞ୍ଚମାର୍କ ମୂଲ୍ୟର ପୁନଃ ଯାଞ୍ଚ କରି ନିର୍ଦ୍ଧାରଣ ସକାଶେ ଆଲୋଚନା ହୋଇଥିଲା। ୨୦୨୨-୨୪ ମୂଲ୍ୟାଙ୍କନ ର ୧୦ରୁ ୨୦ ପ୍ରତିଶତ ବୃଦ୍ଧି କରିବା ନିମନ୍ତେ ବୈଠକରେ ନିଷ୍ପତ୍ତି ହୋଇଥିଲା। ସୂଚନା ଯୋଗ୍ୟ ହାଇକୋର୍ଟ ଛତ୍ରପୁର ଉପଖଣ୍ଡସ୍ତରୀୟ ବେଞ୍ଚମାର୍କ ମୂଲ୍ୟାଙ୍କନ ୨୦୨୨-୨୪ କମିଟିଙ୍କୁ ଖାରଜ କରିବା ସହିତ ନୂତନ କିମିଟି ଗଠନ କରି ମୂଲ୍ୟାଙ୍କନ କରିବାକୁ ଆଦେଶ ଦେଇଥିଲେ। ଏହି ପ୍ରକାରେ ଶୁକ୍ରବାର କମିଟିର ବୈଠକ ହୋଇଥିଲା। ବୈଠକରେ ଡେପୁଟି କଲେକ୍ଟର ରବୀନ୍ଦ୍ର କୁମାର ମିଶ୍ର, ଡେପୁଟି କଲେକ୍ଟର ତଥା ଛତ୍ରପୁର ଜିଲ୍ଲା ନିବନ୍ଧକ ଅଭିଷେକ ସାହୁ, କମିଟି ସଭ୍ୟ ମନୋଜ କୁମାର ପାଢ଼ୀଙ୍କ ସମେତ ଉପଖଣ୍ଡସ୍ତରର ସମସ୍ତ ତହସିଲଦାର ଏବଂ ଉପନିବନ୍ଧକ କାର୍ଯ୍ୟାଳୟର ଅଧିକାରୀ ମାନେ ଉପସ୍ଥିତ ଥିଲେ।

## ଭାରତୀୟ କମ୍ୟୁନିଷ୍ଟ ପାର୍ଟିର କର୍ମୀ ସମାବେଶ




**ଛତ୍ରପୁର,୨୧।୧୧(ସମିସ):** ଦେଶ ଏବେ ଆହ୍ୱାନମୂଳକ ପରିସ୍ଥିତି ଦେଇ ଗତିକରୁଛି। ଧର୍ମ ନାଁରେ ବିଭାଜନ କରାଯାଉଛି। ଜାତୀୟ ସମ୍ପତ୍ତିକୁ ଘରୋଇ କମ୍ପାନି ହାତରେ ଟେକି ଦିଆଯାଉଛି। ଆନ୍ଦୋଳନକାରୀଙ୍କୁ ଦମନ କରାଯାଉଛି। ଧର୍ମ ନିରପେକ୍ଷ ରାଷ୍ଟ୍ରର ସଂଜ୍ଞା ବଦଳାଇ ସାରିଲେଣି ବୋଲି ଛତ୍ରପୁର ବ୍ଲକ ଅନ୍ତର୍ଗତ ସୀତାନଗର ଗ୍ରାମରେ ଆୟୋଜିତ ଚମାଖଣ୍ଡି ଆଞ୍ଚଳିକ ପରିଷଦର ସାଧାରଣ କର୍ମୀ ସମାବେଶରେ ଭାରତୀୟ କମ୍ୟୁନିଷ୍ଟ ପାର୍ଟି ରାଜ୍ୟ ସମ୍ପାଦକ ଡ଼ଃ ପ୍ରଶାନ୍ତ କୁମାର ମିଶ୍ର ଯୋଗଦେଇ ଆହ୍ୱାନ ଦେଇଥିଲେ। ଡିସେମ୍ବର ୨୩ରେ ଛତ୍ରପୁରଠାରେ ହେବାକୁ ଥିବା ପାର୍ଟିର ଶତବାର୍ଷିକ ଉତ୍ସବ କିପରି ଯାକଜକମରେ କରାଯିବ ଆଲୋଚନା କରାଯାଇଥିଲା। ଗଣ ପାଣ୍ଠି ସଂଗ୍ରହ, ସଭ୍ୟ ପଦ ନବୀକରଣ, ପାର୍ଟି କଂଗ୍ରେସ ସମ୍ପର୍କରେ ମଧ୍ୟ ଆଲୋଚନା ହୋଇଥିଲା। ଯୁବସଂଘର ଜୋନ୍ ସଭାପତି ତଥା ଦଳିତ ନେତା ଡ଼ଃ ଦୁର୍ଯ୍ୟୋଧନ ପ୍ରଧାନଙ୍କ ଅଧକ୍ଷତାରେ ଆୟୋଜିତ ସମାବେଶରେ ରାଜ୍ୟ ସମ୍ପାଦକ ମଣ୍ଡଳୀ ସଦସ୍ୟ ଏନ. ନାରାୟଣ ରେଡ୍ଡୀ ଓ ପ୍ରକାଶ ପାତ୍ର, ଜିଲ୍ଲା ସମ୍ପାଦକ ଶ୍ରୀହର୍ଷ ରଥ, ଜିଲ୍ଲା ସହସମ୍ପାଦକ ନୀଳକଣ୍ଠ ଦାଶ, ଜିଲ୍ଲା ନେତା ସିଏଚ୍ ଜନାର୍ଦ୍ଦନ ରେଡ୍ଡୀ, ଚମାଖଣ୍ଡି ଆଞ୍ଚଳିକ ପରିଷଦ ସମ୍ପାଦକ ଏନ. ଗିରିଜା ପ୍ରସାଦ ରେଡ୍ଡୀ, ସହସମ୍ପାଦକ ଗୁରୁନାଥ ପ୍ରଧାନ, ରାଜ୍ୟ ପରିଷଦ ସଭ୍ୟା ଏନ. ଭାନୁମତୀ ରେଡ୍ଡୀ, ପୂର୍ବତନ ସରପଞ୍ଚ ସୀମାଞ୍ଚଳ ସାହୁ ଓ ଏମ. ବିଜୟ ଲକ୍ଷ୍ମୀ ରେଡ୍ଡୀ, ଚମାଖଣ୍ଡି ଗାଁ ଶାଖା ସମ୍ପାଦକ କେ. ଗଣେଶ ରେଡ୍ଡୀ, ପୂର୍ବତନ ସମିତି ସଭ୍ୟ ମଥୁରା ଚରଣ ସୁବୁଦ୍ଧି ଓ ଏନ. ମୁନା ପାତ୍ରଙ୍କ ପ୍ରମୁଖ ଉପସ୍ଥିତ ଥିଲେ।

## ଶୂନ୍ୟ ମୃତାହତ ପକ୍ଷ ସଚେତନତା



**ଛତ୍ରପୁର,୨୧।୧୧(ସମିସ):** ଗଞ୍ଜାମ ଆଞ୍ଚଳିକ ପରିବହନ ବିଭାଗ ପକ୍ଷରୁ ଛତ୍ରପୁର ସ୍ଥିତ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରୁ ଶୂନ୍ୟ ମୃତାହତ ପକ୍ଷ ପାଳନ ନିମନ୍ତେ ଏକ ସଚେତନତା ରଥର ଉଦ୍‌ଘାଟିତ ହୋଇଛି। ଜିଲ୍ଲାପାଳ ଭି. କୀର୍ତ୍ତି ଭାସନ ଏବଂ ଗଞ୍ଜାମ ଏସପି ଶୁଭେନ୍ଦୁ କୁମାର ପାତ୍ର ପତାକା ଦେଖାଇ ଏହାକୁ ଉଦଘାଟନ କରିଥିଲେ। କାର୍ଯ୍ୟକ୍ରମରେ ଆରଟିଓ ଇ.ଦେବାଶିଷ ସ୍ୱାଇଁ, ଏମଭିଆଇ ରାଜ କୁମାର ବେହେରାଙ୍କ ସମେତ ବିଭାଗର ଅନ୍ୟାନ୍ୟ ଅଧିକାରୀ ଏବଂ କର୍ମଚାରୀ ଉପସ୍ଥିତ ଥିଲେ। ଏହି ରଥ ୩୦ ନଭେମ୍ବର ପର୍ଯ୍ୟନ୍ତ ବୁଲିବ। ଏହି ପରିପ୍ରେକ୍ଷୀରେ ଗଞ୍ଜାମ ଆଞ୍ଚଳିକ ପରିବହନ ବିଭାଗ ପକ୍ଷରୁ ସଡକ ଦୁର୍ଘଟଣା ହ୍ରାସ ,ଟ୍ରାଫିକ ସଚେତନତା ଓ ସଡକ ସୁରକ୍ଷା ନିୟମ ପାଳନ କରିବା ସହ ଯାଞ୍ଚକୁ ମଧ୍ୟ କଡ଼ାକଡ଼ି କରାଯାଇଛି। ବିଭିନ୍ନ ଛକ ମାନଙ୍କରେ ଗାଡ଼ି ଯାଞ୍ଚକୁ କଡ଼ାକଡ଼ି କରାଯାଇଛି। ୪ଦିନ ମଧ୍ୟରେ ଗଞ୍ଜାମ ଓ ଭଞ୍ଜନଗର ଆଞ୍ଚଳିକ ପରିବହନ ବିଭାଗ ପକ୍ଷରୁ ୬୨୩ଜଣ ଅମାନିଆ ଚାଳକଙ୍କ ବିରୋଧରେ ଚାଲାଣ କଟାଯାଇଛି। ଗଞ୍ଜାମ ଆଞ୍ଚଳିକ ପରିବହନ ବିଭାଗ ପକ୍ଷରୁ ୪୯୦ଟି ଓ ଭଞ୍ଜନଗର ଆଞ୍ଚଳିକ ପରିବହନ ବିଭାଗ ପକ୍ଷରୁ ୧୪୩ ଜଣ ନିୟମ ଉଲ୍ଲଙ୍ଘନ କରିଥିବା ଗାଡ଼ି ଚାଳକଙ୍କ ବିରୁଦ୍ଧରେ ଚାଲାଣ କଟାଯିବା ସହ ଜରିମନା ପକାଯାଇଛି। ଜିଲ୍ଲାରେ ଅଧିକ ସଡ଼କ ଦୁର୍ଘଟଣା ହେଉଥିବା ବ୍ଲାକ ସ୍ପଟ୍ ଅଞ୍ଚଳକୁ ଚିହ୍ନଟ କରାଯାଇ ଉକ୍ତ ସ୍ଥାନରେ କିପରି ଦୁର୍ଘଟଣା କମିବ ସେଠାରେ ବ୍ୟାପକ ସଚେତନତା ସହ ଏନ୍‌ଫୋର୍ସମେଣ୍ଟ କରାଯାଉଥିବା ପରିବହନ ବିଭାଗ ପକ୍ଷରୁ କୁହାଯାଇଛି।

# ଭତ୍ତା ଓ ରାସନ ସାମଗ୍ରୀ ପାଇଁ ଯିବାକୁ ପଡୁଛି ୩୫ କିମି

**ଛତ୍ରପୁର,୨୧।୧୧(ସମିସ):**

ଦୀର୍ଘବର୍ଷ ଧରି ଦାବି ହୋଇ ଆସୁଥିଲେ ବି ସରକାର ତାହା କାର୍ଯ୍ୟକାରୀ କରୁନାହାନ୍ତି। ପୁଣି ଆଜି ଜିଲ୍ଲା ପ୍ରଶାସନର ଦ୍ୱାରସ୍ଥ ହୋଇଛନ୍ତି ଗ୍ରାମବାସୀ। ସୋରଡା ବ୍ଲକରେ କେତେକ ଆଦିବାସୀ ଗ୍ରାମକୁ ନେଇ ଏକ ନୂଆ ପଞ୍ଚାୟତ ଗଠନ କରିବାକୁ ଦାବି ହୋଇଛି। ଗୌଡଗୋଠ ପଞ୍ଚାୟତ

### ବାହାଡ଼ାପଦରକୁ ସ୍ୱତନ୍ତ୍ର ପଞ୍ଚାୟତ ଗଠନ ଦାବି

ମୁଖ୍ୟାଳୟଠାରୁ ୩୦ରୁ ୩୫ କିମି ଦୂରରେ ଥିବା ଗ୍ରାମ ଗୁଡିକର ଲୋକେ ଶୁକ୍ରବାର ଜିଲ୍ଲାପାଳଙ୍କୁ ଭେଟି ବିଭିନ୍ନ ସମସ୍ୟା ଉପରେ ଆଲୋଚନା କରିଥିଲେ। ବହୁ ଆଦିବାସୀ ଗ୍ରାମ ଗୁଡିକ ବଣଜଙ୍ଗଲ ମଧ୍ୟରେ ରହିଛି। ରାସନକାର୍ଡ



ହିତାଧିକାରୀ ରାସନ ସମାଗ୍ରୀ, ଭତ୍ତା ଆଣିବାକୁ ହେଲେ ୩୫ କିମି ଯିବାକୁ ପଡୁଛି, ଯଦ୍ୱାରା ଅଯଥା ଖର୍ଚ୍ଚାନ୍ତ ହେବାକୁ ପଡୁଛି। ବୃଦ୍ଧ, ବୃଦ୍ଧା ମାନେ ଭତ୍ତା ଆଣିବା ପାଇଁ ଯାତାୟତ କରିବା ବହୁ କଷ୍ଟ ହେଉଥିବା କହିଥିଲେ। ତେଣୁ ବାହାଡାପଦର, ଗାଜରକୁମ୍ପା, ବେଶରବଟା, ଗୋଛାଗୁଡା, ଜଗମୋହନ, ମାଙ୍କଡଚୁଆ, ଭାଲିଆପଦା, କରଡାପଙ୍କାଳ, ବାଘମରା, ରୋଳା, କୁଟିଲିଗୁଡା, ବରପଦା, ବିରିପୋଡା, ଖଜୁରୀପଲ୍ଲୀ ଆଦି ଆଦିବାସୀ ଗ୍ରାମକୁ ନେଇ ଏକ ସ୍ୱତନ୍ତ୍ର ବାହାଡ଼ାପଦର ଗ୍ରାମ ପଞ୍ଚାୟତ ଗଠନ ପାଇଁ ଦାବି କରାଯାଇଛି। ଏନେଇ ଆଜି ପୂର୍ବତନ ସମିତିସଭ୍ୟ ବୃଦ୍ଧଦେବ ମଲିକଙ୍କ ନେତୃତ୍ୱରେ ମଦନ ନାୟକ, ସୁକାନ୍ତ ବଡରହିତ, ସିମିୟ ଶବର, ଲକ୍ଷବଛ ରୟତ, ରାଜେଶ ଗମାଙ୍ଗ, ଆଗେୟ ଗମାଙ୍ଗ ପ୍ରମୁଖ ଆସି ଜିଲ୍ଲାପାଳଙ୍କୁ ସାକ୍ଷାତକରି ଏହି ଦାବି କହିବା ସହ ଏହାର ସମାଧାନ ଉପରେ ଆଲୋଚନା କରିଥିଲେ।

## ଉପଖଣ୍ଡସ୍ତରୀୟ ରାଜସ୍ୱ ସମୀକ୍ଷା ବୈଠକ
## କଲମ ଟୁ ଆର୍‌ଆର୍ ଉପରେ ଗୁରୁତ୍ୱ

**ଛତ୍ରପୁର,୨୧।୧୧(ସମିସ):** ଛତ୍ରପୁର ସ୍ଥିତ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଉପଖଣ୍ଡସ୍ତରୀୟ ରାଜସ୍ୱ ସମୀକ୍ଷା ବୈଠକ ଉପଜିଲ୍ଲାପାଳ ଶିବାଶିଷ ବରାଳଙ୍କ ଅଧକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ବନ୍ୟା, ବାତ୍ୟା, ସାପ କାମୁଡ଼ା, ପାଣିରେ ବୁଡ଼ି ମୃତ୍ୟୁବରଣ କରିଥିବା ଓ ବିଜୁଳି ଆଘାତରେ ମୃତ୍ୟୁବରଣ କରିଥିବା ଲୋକଙ୍କ ପରିବାରକୁ ସରକାରଙ୍କ ପକ୍ଷରୁ ମିଳୁଥିବା ବିଭିନ୍ନ ଅନୁକମ୍ପା ରାଶିକୁ ତୁରନ୍ତ ପ୍ରଦାନ ସହ ବିଭିନ୍ନ ଜାତିଗତ ପ୍ରମାଣପତ୍ରକୁ ଲୋକଙ୍କୁ ସଠିକ୍ ସମୟରେ ପ୍ରଦାନ କରିବାକୁ ଉପଜିଲ୍ଲାପାଳ ଶ୍ରୀ ବରାଳ ନିର୍ଦ୍ଦେଶ ଦେଇଥିଲେ। ସହରାଞ୍ଚଳ ଓ ଗ୍ରାମାଞ୍ଚଳରେ ସରକାର ଜମି ଜବରଦଖଲ କରି କୋଠା ନିର୍ମାଣ କରିଥିବା ଲୋକଙ୍କୁ ଚିହ୍ନଟ କରି ସେମାନଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ, କଲମ ଟୁ ଆର୍‌ଆର୍ କରେକ୍ସନ (ଜମି ପଟ୍ଟା ଗୁଡିକ ଅପଡେଟ୍) ଗୁରୁତ୍ୱ ଦେବା ସହ ପ୍ରତିଶତ ବୃଦ୍ଧି କରିବା, ବର୍ତ୍ତମାନ ୨୪, ୭୦୦ କେସ ସର୍ଭେ ହୋଇଛି, ଗ୍ରାମକଣ୍ଟକ



ମାମଲା ଗୁଡିକୁ ସମାଧାନ କରି ପ୍ରଦାନ କରିବା, ବସୁନ୍ଧରା ଯୋଜନାର ହିତାଧିକାରୀଙ୍କୁ ଚିହ୍ନଟ କରିବା, ସରକାରୀ ସ୍କୁଲ କଲେଜ ଓ ଡିଗ୍ରୀ କଲେଜ ଭଳି ଶିକ୍ଷାନୁଷ୍ଠାନକୁ ଜମି ପଟ୍ଟା ପ୍ରଦାନ କରିବା ନିମନ୍ତେ ଆବଶ୍ୟକ ନଥିପତ୍ର କରିବାକୁ କହିଥିଲେ। ବୈଠକରେ ଡେପୁଟି କଲେକ୍ଟର ରବୀନ୍ଦ୍ର କୁମାର ମିଶ୍ର, ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଏସ୍‌ଆର୍‌ଏ ମଧୁସ୍ମିତା ନାୟକଙ୍କ ସମେତ ପୋଲସରା, ପୁରୁଷୋତ୍ତମପୁର, ଛତ୍ରପୁର, ହିଞ୍ଜିଳିକାଟୁ, ଗଞ୍ଜାମ, କବିସୂର୍ଯ୍ୟନଗର, ଖଲ୍ଲିକୋଟ ଓ କୋଦଳା ତହସିଲଦାର ଓ ଅତିରିକ୍ତ ତହସିଲଦାରମାନେ ଉପସ୍ଥିତ ଥିଲେ।

## ବେଲଗୁଣ୍ଠା ବ୍ଲକରେ ଓଷ୍ଟାର ଶିଶୁ ଉତ୍ସବ

**ବେଲଗୁଣ୍ଠା,୨୧।୧୧(ସମିସ):** ଓଡିଶା ମାଧ୍ୟମିକ ସ୍କୁଲ ଶିକ୍ଷକ ସଂଘ (ଓଷ୍ଟା) ବେଲଗୁଣ୍ଠା ବ୍ଲକର ଶିଶୁ ଉତ୍ସବ ଡ଼. ସଦାନନ୍ଦ ତ୍ରିପାଠୀ ଉଚ୍ଚ ବିଦ୍ୟାଳୟ, ଘୁ.ନୂଆଗାଁ ଠାରେ ସଭାପତି ରବିନାରାୟଣ ଗୌଡ଼ଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥିଭାବେ ସ୍ଥାନୀୟ ବିଧାୟକ ନୀଳମଣି ବିଷୋୟୀ ଯୋଗ ଦେଇଥିବାବେଳେ ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ପ୍ରଫେସର କୃତିବାସ ବିଶ୍ୱାଳ, ସମ୍ମାନିତ ଅତିଥିଭାବେ ନିମ୍ନ ମାଧ୍ୟମିକ ଶିକ୍ଷକ ସଂଘ ରାଜ୍ୟ ମୁଖ୍ୟ ଉପଦେଷ୍ଟା ଜଗବନ୍ଧୁ ଜେନା, ଗୋଷ୍ଠୀ ଶିକ୍ଷାଧିକାରୀ ଲୋପାମୁଦ୍ରା ରଥ, ଜିଲ୍ଲା ଓଷ୍ଟା ସଭାପତି ସନ୍ତୋଷ କୁମାର ଜେନା, ସରପଞ୍ଚ ଅଚ୍ୟୁତାନନ୍ଦ ସାହୁ, ଆବାହକ ତଥା ପ୍ରଧାନଶିକ୍ଷକ ସ୍ନେହଲତା ବିଷୋୟୀ, ସମିତିସଭ୍ୟା ଭାଗ୍ୟଲତା ସେଠୀ, ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ମମିତା ପାତ୍ର, ବ୍ଲକ ସମ୍ପାଦକ ତଥା ପ୍ରଧାନଶିକ୍ଷକ ସୂର୍ଯ୍ୟ ନାରାୟଣ ସେଠୀ ମଞ୍ଚାସୀନ ହୋଇ ଓଷ୍ଟାର ସମସ୍ତ କାର୍ଯ୍ୟକ୍ରମକୁ ପ୍ରଶଂସା କରିବା ସହ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରିଥିଲେ। ସମ୍ପାଦକ ସୂର୍ଯ୍ୟନାରାୟଣ ସେଠୀ ବିବରଣୀ ପାଠ କରିଥିଲେ। ପ୍ରଧାନ ଶିକ୍ଷୟିତ୍ରୀ ସ୍ନେହଲତା ବିଷୋୟୀ ବାର୍ଷିକ ବିବରଣୀ ପାଠ କରିଥିଲେ। ଏହି ଅବସରରେ ହେମନ୍ତ କୁମାର ତ୍ରିପାଠୀ, ଗୋବିନ୍ଦ ଚନ୍ଦ୍ର ଲେଙ୍କା, ଗାୟତ୍ରୀ ମିଶ୍ର, ବିଷ୍ଣୁ ପ୍ରସାଦ ପଣ୍ଡା, ନୀଳମଣି ସ୍ୱାଇଁଙ୍କୁ ବିଧାୟକ ଶ୍ରୀ ବିଷୋୟୀଙ୍କ ଦ୍ୱାରା ସମ୍ବର୍ଦ୍ଧନା କରାଯାଇଥିଲା। ପ୍ରଧାନ ଶିକ୍ଷୟିତ୍ରୀ ଶ୍ରୀମତୀ ବିଷୋୟୀ ଧନ୍ୟବାଦ ପ୍ରଦାନ କରିଥିଲେ।

## ହ୍ୟୁମାନ ସାଗରଙ୍କ ସ୍ମୃତିରେ କ୍ୟାଣ୍ଡେଲ୍ ଶୋଭାଯାତ୍ରା

**ପୋଲସରା,୨୧।୧୧(ସମିସ):** ପ୍ରସିଦ୍ଧ ଓଡିଆ କଣ୍ଠଶିଳ୍ପୀ ହ୍ୟୁମାନ ସାଗରଙ୍କ ଅକାଳ ବିୟୋଗରେ ପୋଲସରା ବ୍ଲକ ଚିରିକିପଡା ଶାସନ ସ୍ମାର୍ଟ ଗ୍ରୁପ ଯୁବଗୋଷ୍ଠୀ ଓ କୁନି କଳାକାର ପକ୍ଷରୁ କ୍ୟାଣ୍ଡେଲ୍ ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଏହି ଶୋଭାଯାତ୍ରା ଗ୍ରାମର ଦେଉଳ ସାହି ସ୍ଥିତ ଜଗନ୍ନାଥ ମନ୍ଦିରରୁ ବାହାରି ଗ୍ରାମର ସମସ୍ତ ସାହି ପରିକ୍ରମା କରି ରୋଡ଼ ସାହି ମଣ୍ଡପ ଠାରେ ଶୋଭାଯାତ୍ରା ପହଞ୍ଚି ଦୁଇ ମିନିଟ ନୀରବ ପ୍ରାର୍ଥନା କରିଥିଲେ। ଶୋଭାଯାତ୍ରାରେ ଗ୍ରାମର ସ୍ମାର୍ଟ ଗ୍ରୁପର କୁନି କୁନି ପିଲାଙ୍କ ସହିତ ବହୁ ଯୁବଗୋଷ୍ଠୀ ସାମିଲ ହୋଇଥିଲେ।

## ଶ୍ରୀସତ୍ୟସାଇ ବାବାଙ୍କ ଜନ୍ମ ଉତ୍ସବ

**ରମ୍ଭା,୨୧।୧୧(ସମିସ):** ରମ୍ଭା ରେଳ ଷ୍ଟେସନ ପାଶ୍ୱର୍ ଶ୍ରୀସତ୍ୟସାଇ ବାବାଙ୍କ ମନ୍ଦିର ପରିସରରେ ସତ୍ୟସାଇ ସେବା ସମିତି ଆନୁକୂଲ୍ୟରେ ଦୁଇ ଦିନିଆ ଶହେ ତମ ଜନ୍ମ ଉତ୍ସବ ଅନୁଷ୍ଠିତ ହେବ। କାର୍ଯ୍ୟକ୍ରମ ଭିତରେ ବହୁ ମାନ୍ୟଗଣ୍ୟ ବକ୍ତା, ଆଧ୍ୟାତ୍ମିକବାଦୀ, ନାରାୟଣ ସେବା, ବସ୍ତ୍ର ଦାନ, ସାଂସ୍କୃତିକ କାର୍ଯ୍ୟକ୍ରମ ସହିତ ଅନେକ କାର୍ଯ୍ୟକ୍ରମ ହେବା ପାଇଁ ସ୍ଥିର ହୋଇଛି।

## ଭାରତୀୟ ସାଂସ୍କୃତିକ ସହଯୋଗ ସମିତିର ସମ୍ପାଦକ ହେଲେ ହରପ୍ରସାଦ

**ଦିଗପହଣ୍ଡି, ୨୧।୧୧(ସମିସ):** ଦିଗପହଣ୍ଡି ସ୍ଥିତ ଖେମୁଣ୍ଡି ଓକିଲ ସଂଘର ପୂର୍ବତନ ସଭାପତି ହରପ୍ରସାଦ ରଥ ଭାରତୀୟ ସାଂସ୍କୃତିକ ସହଯୋଗ ଓ ମୈତ୍ରୀ ସମିତି (ଇସକଫ୍)ର ରାଜ୍ୟ ସାଧାରଣ ସମ୍ପାଦକ ଭାବେ ନିର୍ବାଚିତ ହୋଇଛନ୍ତି। ସୁନ୍ଦରଗଡ଼ ଜିଲ୍ଲା ରାଉରକେଲାରେ ଅନୁଷ୍ଠିତ ଇସକଫ୍ ରାଜ୍ୟ ସମ୍ମିଳନୀରେ୧୦୧ ଜଣିଆ ରାଜ୍ୟ ପରିଷଦ ଗଠନ କରାଯାଇଥିଲା। ସେଥି ମଧ୍ୟରୁ ସମିତିର ଗଞ୍ଜାମ ଜିଲ୍ଲା ସଭାପତି ରହିଥିବା ହର ପ୍ରସାଦଙ୍କ ସମେତ ଅନ୍ୟ ପ୍ରମୁଖ ଜିଲ୍ଲା ଗୁଡ଼ିକ ମଧ୍ୟରୁ ବିଜୟ କୁମାର ମହାନ୍ତି, ସଦାନନ୍ଦ ସାହୁ, ଅମରେନ୍ଦୁ ମହାନ୍ତି, ସଞ୍ଜୟ କୁମାର ପରିଡା ଏବଂ ଜାନକୀ ବଲ୍ଲଭ



ମହାନ୍ତିଙ୍କୁ ନେଇ ସାଧାରଣ ସମ୍ପାଦକ ମଣ୍ଡଳୀ ଘୋଷଣା କରାଯାଇଛି। ଆନ୍ତର୍ଜାତିକ ଶାନ୍ତି ତଥା ଜାତୀୟ ସ୍ତରରେ ସାମ୍ପ୍ରଦାୟିକ ସଦଭାବନା ରକ୍ଷା ଏବଂ ମୈତ୍ରୀ ବନ୍ଧନକୁ ସୁଦୃଢ କରିବା ପାଇଁ ଲକ୍ଷ୍ୟ ରଖିଥିବା ଇସକଫ୍‌ର ଓଡ଼ିଶା ରାଜ୍ୟ ସାଧାରଣ ସମ୍ପାଦକ ନିର୍ବାଚିତ ହେବା ପରେ ହରପ୍ରସାଦ ରଥଙ୍କୁ ବିଭିନ୍ନ ମହଲରୁ ଶୁଭେଚ୍ଛା ମିଳିଛି।

## ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର




**ସାନଖେମୁଣ୍ଡି,୨୧।୧୧(ସମିସ):** ସାନଖେମୁଣ୍ଡି ବ୍ଲକ ପରିସରରେ "ଭୀମ ଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର' ଅନୁଷ୍ଠିତ ହୋଇଯାଇଛି। ସାନଖେମୁଣ୍ଡି ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ରମାକାନ୍ତ ମାଝି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ସାନଖେମୁଣ୍ଡି ବିଧାୟକ ରମେଶ ଚନ୍ଦ୍ର ଜେନା ମୁଖ୍ୟ ଅତିଥି ଭାବେ ଯୋଗଦେଇ ଶିବିରକୁ ଉଦ୍‌ଘାଟନ କରିଥିଲେ। ଏଥିରେ ସାନଖେମୁଣ୍ଡି ବିଡିଓ ଜିତେନ୍ଦ୍ର କୁମାର ମିଶ୍ର, ବ୍ଲକ ଅଧକ୍ଷ ସୀମାଞ୍ଚଳ ପାତ୍ର, ଉପାଧକ୍ଷ ରିଙ୍କି ନାୟକ ଏବଂ ଅନ୍ୟାନ୍ୟ ବରିଷ୍ଠ ଅଧିକାରୀ ଓ ଡାକ୍ତରମାନେ ସମ୍ମାନିତ ଅତିଥି ଭାବେ ଉପସ୍ଥିତ ଥିଲେ। ଶିବିରରେ ମୋଟ୍ ୩୧୦ ଜଣ ଭିନ୍ନକ୍ଷମ ପଞ୍ଜିକରଣ କରିଥିଲେ। ୩ ଜଣ ଭିନ୍ନକ୍ଷମଙ୍କୁ ଟ୍ରାଇ ସାଇକେଲ ଓ ୨ ଜଣଙ୍କୁ ହ୍ୱିଲ ଚେୟାର ପ୍ରଦାନ କରାଯାଇଥିଲା।

## ବ୍ଲକ ଆତ୍ମା କମିଟି ଅଧକ୍ଷ ଚୟନରେ ଅବହେଳା
## ଜିଲ୍ଲାପାଳଙ୍କୁ ଅଭିଯୋଗ କଲେ କମିଟି ସଦସ୍ୟ

**ଛତ୍ରପୁର,୨୧।୧୧(ସମିସ):** ଗଞ୍ଜାମ ଜିଲ୍ଲା ପୁରୁଷୋତ୍ତମପୁର କୃଷକ ପରାମର୍ଶଦାତା ଦଳ ତଥା ଆତ୍ମା କମିଟିର ଅଧକ୍ଷ ଚୟନ ପକ୍ରିୟା ସମ୍ପନ୍ନ ନେଇ ପୁରୁଷୋତ୍ତମପୁର କୃଷକ ପରାମର୍ଶଦାତା କମିଟି ଆବାହକ ବାରମ୍ବାର ଅବହେଳା କରିଚାଲିଛନ୍ତି। ବ୍ଲକର କେତେକ ନ୍ୟସ୍ତସ୍ୱାର୍ଥ ବ୍ୟକ୍ତିଙ୍କ ଚାପରେ କୃଷକ ପରାମର୍ଶଦାତା କମିଟି ଆବାହକ ପରିଚାଳିତ ହେଉଥିବା ପରିଲକ୍ଷିତ ହେଉଥିବା ଜଣାପଡୁଛି। ଫଳରେ ୨ମାସ ହେଲା ଗଞ୍ଜାମ ଜିଲ୍ଲାପାଳଙ୍କ ଅନୁମୋଦିତ ପତ୍ରକୁ କାର୍ଯ୍ୟକାରୀ କରିବା ନିମନ୍ତେ ପୁରୁଷୋତ୍ତମପୁର କୃଷକ ପରାମର୍ଶଦାତା କମିଟି ଆବାହକ ପଦକ୍ଷେପ ନେଉନାହାନ୍ତି। ପୁରୁଷୋତ୍ତମପୁର ବ୍ଲକ କୃଷକ ପରାମର୍ଶଦାତା ଦଳର ବୈଠକ ଅନୁଷ୍ଠିତ ପାଇଁ ସଦସ୍ୟଙ୍କୁ ପତ୍ର ପ୍ରେରଣ କରୁଛନ୍ତି ପୁଣି ବୈଠକ ହେବାର ପୂର୍ବଦିନ ହିଁ କୌଣସି କାରଣ ଦର୍ଶାଇ ବୈଠକ ବାତିଲ କରାଯାଉଛି। ଫଳରେ ବ୍ଲକ କୃଷକ ପରାମର୍ଶଦାତା କମିଟିର ଅଧକ୍ଷ ଚୟନ ପ୍ରକ୍ରିୟାରେ ବାଧା ସୃଷ୍ଟି ହେଉଛି ଏବଂ ବ୍ଲକର ଚାଷୀମାନଙ୍କ ବିକାଶ ଦିଗରେ କୌଣସି ଆଲୋଚନା କିମ୍ବା ପଦକ୍ଷେପ ନିଆଯାଇପାରୁନି।

ନିକଟରେ ଗତ ୧୯ ତାରିଖରେ କୃଷକ ପରାମର୍ଶଦାତା ଦଳର ସମୀକ୍ଷା ବୈଠକ ଓ ଅଧକ୍ଷ ଚୟନ କାର୍ଯ୍ୟକ୍ରମ ହେବ ବୋଲି ଆବାହକ ନୋଟିସ୍ ଜାରି କରିଥିଲେ। ପୂର୍ବଦିନ ଅର୍ଥାତ୍ ୧୮ ତାରିଖରେ କିଛି ନ୍ୟସ୍ତସ୍ୱାର୍ଥ ଅସାମାଜିକ ବ୍ୟକ୍ତି ଓ ରାଜନୈତିକ ନେତା ତାଙ୍କୁ ଧମକାଇ କାର୍ଯ୍ୟାଳୟରେ ତାଲା ପକାଇବାକୁ ଧମକ ଦେବାରୁ ସେ ଅସୁସ୍ଥତା କାରଣ ଦର୍ଶାଇ ପତ୍ର ନଂ.୫୮ ରେ ଆସନ୍ତା ୧୯ ତାରିଖରେ ହେବାକୁ ଥିବା ବୈଠକ ସ୍ଥଗିତ ରଖିବାକୁ ଆବାହକଙ୍କୁ ଜଣାଇଥିଲେ। ବାରମ୍ବାର ଏଭଳି ଘଟଣାକୁ ପୁରୁଷୋତ୍ତମପୁର କୃଷକ ପରାମର୍ଶଦାତା କମିଟର ସଦସ୍ୟ ଦୃଢ଼ନିନ୍ଦା କରିବା ସହ ଆପଣଙ୍କ ସ୍ୱାକ୍ଷରରେ ଅନୁମୋଦିତ ନଭେମ୍ବର ୧୩ ତାରିଖ ପତ୍ର ସଂଖ୍ୟା ୧୩୫୨ ପ୍ରକାରେ ଯଥାଶୀଘ୍ର ପୁରୁଷୋତ୍ତମପୁର କୃଷି ବୈଷୟିକ ଦଳଙ୍କ ସଭ୍ୟ/ସଭ୍ୟାଙ୍କ ବୈଠକକୁ ଡାକି ଅଧକ୍ଷ ଚୟନ ପ୍ରକ୍ରିୟା ସମ୍ପନ୍ନ ପାଇଁ ଶୁକ୍ରବାର ଗଞ୍ଜାମ ଜିଲ୍ଲାପାଳ ଭି.କୀର୍ତ୍ତିଭାସନ୍‌ଙ୍କୁ ସାକ୍ଷତ କରି ସମସ୍ତ ସଦସ୍ୟ ନିବେଦନ କରିଛନ୍ତି। ଏହାସହିତ ଆଜି ବରିଷ୍ଠ ନେତା ଅରୁଣ କୁମାର ପଣ୍ଡାଙ୍କ ନେତୃତ୍ୱରେ ସମସ୍ତ ସଭ୍ୟ/ସଭ୍ୟା ପୁରୁଷୋତ୍ତମପୁର ବ୍ଲକ ଆତ୍ମାର ସମୀକ୍ଷା ବୈଠକ ଏବଂ ଅଧକ୍ଷ ଚୟନ ପକ୍ରିୟାରେ ବାଧା ସୃଷ୍ଟି କରୁଥିବା ବିଶୃଙ୍ଖଳାକାରୀଙ୍କୁ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଜିଲ୍ଲାପାଳଙ୍କୁ ଏକ ଦାବି ପତ୍ର ପ୍ରଦାନ କରିଥିଲେ।

# ଅସ୍ଥାୟୀ ବ୍ୟବସାୟୀଙ୍କ କବ୍‌ଜାରେ ରାଜପଥ

**କବିସୂର୍ଯ୍ୟନଗର,୨୧।୧୧(ସମିସ):**

କୋଭିଡ୍ କଟକଣାକୁ ୫ ବର୍ଷ ବିତିଲାଣି, ତଥାପି ପ୍ରଶାସନ ବେଫିକର୍। ମୁଖ୍ୟ ରାସ୍ତାରେ ଦିନକୁ ଶତାଧିକ ବସ୍, ଗାଡ଼ି, ପୁଲିସ ଜିପ୍ ଓ ନେତା ଯାତାୟାତ କରୁଛନ୍ତି। କିନ୍ତୁ କାହାର ନିଘା ନାହିଁ। ସମସ୍ତେ ଜାଣି ନ ଜାଣିବା ଭଳି ଅଭିନୟ କରି ଯିଏ ଯାହା ଗନ୍ତବ୍ୟ ସ୍ଥଳକୁ

### ପ୍ରଶାସନ ନିରବ, ବେହାଲ ଟ୍ରାଫିକ

ଚାଲି ଯାଉଛନ୍ତି। କରୋନା କାଳରେ ପ୍ରଶାସନ ରାଜ୍ୟ ରାଜପଥ କଡ଼ରେ ପରିବା ବେପାରୀଙ୍କୁ ବିକ୍ରି ଲାଗି ଅନୁମତି ଦେଇ ପରିବା ବଜାରକୁ ବନ୍ଦ କରିଥିଲେ। ଦୀର୍ଘ ୫ ବର୍ଷ ବିତି ଯାଇଥିଲେ ମଧ୍ୟ ପ୍ରଶାସନ ଏଥିପ୍ରତି ଦୃଷ୍ଟି ନଦେଇ ବରଂ କମିଶନ, ମାଗଣା



ପରିବା ଆଦି ସଂଗ୍ରହ କରି ଆଖିବୁଜି ଦେଇଥିବା ଅଭିଯୋଗ ହୋଇଛି। କବିସୂର୍ଯ୍ୟନଗର ଦେଇ ମୁଖ୍ୟ ରାଜ୍ୟ ରାଜପଥ -୩୦ ଦେଇ ଯାଇଛି। ଏହାର ରାସ୍ତା କଡ଼ ପୁରୁଣା ଏସ୍‌ବିଆଇ ସମ୍ମୁଖରେ, ଲୋକନାଥ ମନ୍ଦିର ଠାରୁ ଇଲେକ୍ଟ୍ରିକ ଅଫିସ ଯାଏ ପରିବା, ଚାଟ୍, ହୋଟେଲ, ଫ୍ରୁଟ୍ସ, ଡ୍ରେସ ଦୋକାନ ଆଦି ଅନାୟାସରେ ବେନିୟମ ଭାବେ ବିକ୍ରି ଚାଲିଛି। ଫଳରେ ରାସ୍ତା ଅବରୋଧ ହେବା ସହ ଅନେକ ଛୋଟବଡ଼ ଦୁର୍ଘଟଣା ଘଟୁଛି। ପୁଲିସ ନିଜେ ରାସ୍ତାରେ ଜିପ ରଖି ପରିବା କିଣିବାରେ ନଜିର ରହିଛି। କବିସୂର୍ଯ୍ୟନଗର ଏନ୍‌ଏସିକୁ ବର୍ତ୍ତମାନ ମ୍ୟୁନିସିପାଲିଟି ଘୋଷଣା ସରିଲାଣି କିନ୍ତୁ ରାସ୍ତା ସମସ୍ୟା ଏବେ ଯାଏ ସୁଧୁରିନାହିଁ। ଏନ୍‌ଏସିର ୧୧ନଂ. ୱାର୍ଡ ନିଜେ ଭାରପ୍ରାପ୍ତ ଅଧକ୍ଷ ବିକ୍ରାନ୍ତ କୁମାର ସାହୁଙ୍କ ୱାର୍ଡ ହୋଇଥିଲେ ହେଁ ଏନ୍‌ଏସି ରୋଡ଼ ଓ ପାର୍କ ରୋଡ଼ର ଦୁଇ ପାଶ୍ୱର୍ ରାସ୍ତାକୁ ବେପାରି ମାଡ଼ି ବସିଛନ୍ତି। ଏନେଇ ଏନ୍‌ଏସି ଅଧକ୍ଷଙ୍କ ମତାମତ ପାଇଁ ଯୋଗାଯୋଗ କରାଯାଇଥିଲେ ମଧ୍ୟ ସେ ଫୋନ୍ ଉଠାଇନଥିଲେ। ତେବେ ନିର୍ବାହୀ ଅଧିକାରୀ କୃଷଚନ୍ଦ୍ର ରଥ କହିଛନ୍ତି ଉଠା ବେପାରିକୁ ନୋଟିସ ଦିଆଯାଇଛି ଖୁବ୍‌ଶୀଘ୍ର ପଦକ୍ଷେପ ନିଆଯିବ।

## ସରସ୍ୱତୀ ଶିଶୁ ମନ୍ଦିରର ବାର୍ଷିକ କ୍ରୀଡ଼ା



**ଛତ୍ରପୁର,୨୧।୧୧(ସମିସ):** ଛତ୍ରପୁର ସ୍ଥିତ କ୍ରୀଡ଼ାଙ୍ଗନରେ ସରସ୍ୱତୀ ଶିଶୁ ମନ୍ଦିରର ୩୦ତମ ବାର୍ଷିକ କ୍ରୀଡ଼ା ଉଦ୍‌ଘାଟିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ସହକାରୀ ଜିଲ୍ଲାପାଳ ଅପୂର୍ବ ରଞ୍ଜନ ଆଏଚ୍ ଯୋଗଦେଇଥିଲେ। ପ୍ରଧାନାଚାର୍ଯ୍ୟ ରବୀନ୍ଦ୍ର ନାଥ ଦାଶ ଅତିଥି ପରିଚୟ ପ୍ରଦାନ ସହିତ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଉକ୍ତ କ୍ରୀଡା ପାଇଁ ପ୍ରଥମେ ମାଁ ରାବଣାମ୍ମାଙ୍କୁ ପୂଜାର୍ଚ୍ଚନା ସହ ଜ୍ୟୋତିଯାତ୍ରା ବରିଷ୍ଠ ଆଚାର୍ଯ୍ୟ କୈଳାସ ଚନ୍ଦ୍ର ଶତପଥି ବେଦପାଠ ଓ ମାଙ୍ଗଳିକ କାର୍ଯ୍ୟ ସଂପନ୍ନ କରିଥିଲେ। ବିଦ୍ୟାଳୟର ଉପସଭାନେତ୍ରୀ ଗୀତା ପାଢ଼ି ଅଧକ୍ଷତା କରିଥିଲେ। ସଂପାଦକ ସନ୍ତୋଷ କୁମାର ସାହୁ ଶିଶୁମାନଙ୍କୁ ଅଭିନନ୍ଦନ ଜଣାଇଥିଲେ। ବିଦ୍ୟାଳୟ ପରିଚାଳନା କମିଟି କୋଷାଧକ୍ଷ ସୀମାଞ୍ଚଳ ପାତ୍ର ଓ ସହସମ୍ପାଦକ ପ୍ରକାଶ ଚନ୍ଦ୍ର ସାହୁ, ସୁନୀତା ସେଠୀ ଯୋଗ ଦେଇ ଥିଲେ। ଶାରିରୀକ ଆଚାର୍ଯ୍ୟ ଚତୁର୍ଭୁଜ ତ୍ରିପାଠୀଙ୍କ ତତ୍ତ୍ୱାବଧାନରେ ଏହି କ୍ରୀଡା ଶନିବାର ଶେଷ ହେବ। ବରିଷ୍ଠ ଆଚାର୍ଯ୍ୟ ଟି. ସୁରେଶ କୁମାର ଆଚାରୀ ଧନ୍ୟବାଦ ଅର୍ପଣ କରିଥିଲେ।

■ ଅଲ୍ ଓଡ଼ିଶା ବିଲିୟାର୍ଡ୍ସ ଓ ସ୍ନୁକର

# ସେମିରେ ସୁବ୍ରତ-ସିଦ୍ଧାର୍ଥ ମୁକାବିଲା



ରୁମିତ ଗୁପ୍ତା

ଭୁବନେଶ୍ୱର,୨୧।୧୧(ସମିସ): ରାଜ୍ୟର ଦୁଇ ବରିଷ୍ଠ ଖେଳାଳି ସୁବ୍ରତ ଦାସ ଓ ସିଦ୍ଧାର୍ଥ ସେନ୍ଙ୍କ ମଧ୍ୟରେ ରାଜ୍ୟ ସ୍ନୁକର ବିଭାଗର ସେମିଫାଇନାଲ ମୁକାବିଲା ହେବ। ସେହିପରି ଅନ୍ୟ ଏକ ସେମିରେ ଆଶୁତୋଷ ପାଢ଼ୀ ବିପର୍ଯ୍ୟୟ ସୃଷ୍ଟିକାରୀ ରୁମିତ ଗୁପ୍ତାଙ୍କ ସହ ଖେଳିବେ। ଆଜିର ମୁକାବିଲାରେ ରୁମିତ ଗୁପ୍ତା ଶ୍ରେଷ୍ଠ ଖେଳ ପ୍ରଦର୍ଶନ କରି କ୍ୱାର୍ଟରଫାଇନାଲରେ ସୁଦୀପ ଦାସଙ୍କୁ ୪-୧ ଫ୍ରେମ୍‌ରେ ପରାସ୍ତ କରିଥିଲେ। ଅନ୍ୟ କ୍ୱାର୍ଟର ଫାଇନାଲରେ ସୁବ୍ରତ ୪-୨ରେ ଅବିନାଶ ମହାପାତ୍ରଙ୍କୁ, ସିଦ୍ଧାର୍ଥ ୪-୨ରେ ଜ୍ଞାନ ଦାସଙ୍କୁ ପରାସ୍ତ କରିଛନ୍ତି। ଶେଷ କ୍ୱାର୍ଟରରେ ଆଶୁତୋଷ ୪-୨ ଫ୍ରେମ୍‌ରେ ଅନୁଜ ପଣ୍ଡାଙ୍କୁ ପରାସ୍ତ କରି ଚତୁର୍ଥ ଖେଳାଳିଭାବେ ସେମିକୁ ଯାଇଛନ୍ତି। ଆସନ୍ତାକାଲି ବା ଶନିବାର ୨ଟି ଯାକ ସେମିଫାଇନାଲ ଖେଳାଯିବ। ସେହିପରି ରାଜ୍ୟ ଜୁନିଅର ବିଲିଆର୍ଡ୍ସ ଓ ସ୍ନୁକର ଟାଇଟଲ ଜିତିଥିବା ବିଶେଷ ସିଙ୍ଘାଲ ସବ୍ ଜୁନିଅର ବିଲିଆର୍ଡ୍ସ ଟାଇଟଲ ଜିତିଛନ୍ତି। ଚଳିତ ଟୁର୍ଣ୍ଣାମେଣ୍ଟରେ ୧୫ ବର୍ଷୀୟ ବିଶେଷଙ୍କ ଏହା ତୃତୀୟ ଟାଇଟଲ।

## ୧୧୬ ବର୍ଷ ପରେ ଆସେସ୍‌ରେ ପ୍ରଥମ

# ପ୍ରଥମ ଦିନରେ ୧୯ଟି ୱିକେଟର ପତନ

ପର୍ଥ,୨୧।୧୧(ଏଜେନ୍ସି)

ଏଠାରେ ଅଷ୍ଟ୍ରେଲିଆ ଓ ଇଂଲଣ୍ଡ ମଧ୍ୟରେ ଆଜି ଆରମ୍ଭ ହୋଇଥିବା ପ୍ରଥମ ଆସେସ୍ ଟେଷ୍ଟର ପ୍ରଥମ ଦିନରେ ୧୯ଟି ୱିକେଟର ପତନ ଘଟିଛି। ଏଠାରେ ପ୍ରଥମେ ବ୍ୟାଟିଂ କରିଥିବା ଇଂଲଣ୍ଡର ୧୭୨ ରନ୍ ଜବାବରେ ଖେଳ ଶେଷ ବେଳକୁ ଅଷ୍ଟ୍ରେଲିଆ ୯ ୱିକେଟରେ ୧୨୩ ରନ୍ କରିଛି। ଏହା ଫଳରେ ୧୧୬ ପରେ ଆସେସ ସିରିଜ୍‌ର ପ୍ରଥମ ଦିନରେ ଦ୍ୱିତୀୟ ସର୍ବାଧିକ ୱିକେଟର ପତନ ଘଟିଛି। ଏଠାରେ ୧୯୦୯ରେ ଖେଳାଯାଇଥିବା ଟେଷ୍ଟର ପ୍ରଥମ ଦିନରେ ୨୦ଟି ୱିକେଟର ପତନ ଘଟିଥିଲା।

ଇଂଲଣ୍ଡ ପକ୍ଷରୁ ହ୍ୟାରୀ ବ୍ରୁକ୍ ସର୍ବାଧିକ ୫୨, ଓଲି ପୋପ୍ ୪୬ ସ ୱିକେଟରକ୍ଷକ ଜାମି ସ୍ମିଥ୍ ୩୩ ରନ୍ କରିଥିଲେ। ଏମାନେ ମିଚେଲ ଷ୍ଟାର୍କଙ୍କ ବୋଲିଂର ଉଚିତ ମୁକାବିଲା କରିପାରି ନ ଥିଲେ। ଘାତକ ବୋଲିଂ କରିଥିବା ୩୫ ବର୍ଷୀୟ ଫାଷ୍ଟ ବୋଲର ମିଚେଲ ଷ୍ଟାର୍କ ୫୮ ରନ୍‌ରେ ୭ଟି ଓ ଡେବ୍ୟୁଟାଣ୍ଟ ବ୍ରେଣ୍ଡେନ୍ ଡୋଗେଟ ୨ଟି ୱିକେଟ ପାଇଥିଲେ। ଜବାବରେ ଅଧିନାୟକ ବେନ୍ ଷ୍ଟୋକ୍ସ ୨୩ ରନ୍‌ରେ ୫ଟି, ଜୋଫ୍ରା ଆର୍ଚର ଓ ବ୍ରାଇଡନ କାର୍ସ ୨ ଜଣ ଲେଖାଏଁ ଖେଳାଳିଙ୍କୁ ଆଉଟ କରିବା ଫଳରେ ପ୍ରଥମ ଦିନ ଖେଳ ଶେଷ ସୁଦ୍ଧା ଅଷ୍ଟ୍ରେଲିଆ ୯ ୱିକଟରେ ୧୨୩ ରନ୍ ସଂଗ୍ରହ କରିନେଇଛି।

# ଇତିହାସ ସୃଷ୍ଟି କଲେ କବୀର



ଭୁବନେଶ୍ୱର,୨୧।୧୧(ସମିସ): ଓଡ଼ିଶା ତଥା କିଟ୍‌ର କବୀର ହଂସ ରାଜ୍ୟର ପ୍ରଥମ ଖେଳାଳିଭାବେ ଆଇଟିଏଫ୍ ପୁରୁଷ ଏକକ ୱାର୍ଲ୍ଡ ଟେନିସ ଟୁର୍ଣ୍ଣାମେଣ୍ଟର ସେମିଫାଇନାଲରେ ପ୍ରବେଶ କରି ଇତିହାସ ସୃଷ୍ଟି କରିଛନ୍ତି। କଳିଙ୍ଗ ଷ୍ଟାଡିୟମ୍‌ରେ ଚାଲିଥିବା ଟୁର୍ଣ୍ଣାମେଣ୍ଟର ଆଜି ଖେଳାଯାଇଥିବା କ୍ୱାର୍ଟର ଫାଇନାଲରେ କବୀର ୨-୧ ସେଟ୍‌ରେ ରୁଷ୍‌ର ଟିମୋଫେଇ ଡେରେପାସ୍କୋଙ୍କୁ ହରାଇ ଏହି ସଫଳତା ପାଇଥିଲେ। ଆସନ୍ତାକାଲି ଖେଳାଯିବାକୁ ଥିବା ସେମିଫାଇନାଲରେ ସେ ଭାରତର ଦିଗ୍‌ବିଜୟ ପ୍ରତାପ ସିଂହଙ୍କୁ ଭେଟିବେ। ଏହି ସଫଳତା ଲାଗି କିଟ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ତାଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

# ରାଜ୍ୟ ଟିଟି ଚାମ୍ପିଅନସିପ୍ ଉଦ୍‌ଘାଟିତ



କଟକ,୨୧।୧୧(ସମିସ): ସିଡିଏ ସେକ୍ଟର-୭ ସ୍ଥିତ ବିଜୁ ପଟ୍ଟନାୟକ ଇନଡୋର ହଲ୍‌ରେ ୩୧ତମ ଆନ୍ତଃଜିଲ୍ଲା ଏବଂ ରାଜ୍ୟ ଟେବଲ ଟେନିସ ଚାମ୍ପିଅନସିପ୍ ଶୁକ୍ରବାର ଠାରୁ ଆରମ୍ଭ ହୋଇଛି। ଉଦ୍‌ଘାଟନୀ ଦିବସରେ ଯୁବ ବାଳକ ବର୍ଗରେ ଦଳଗତ ପ୍ରତିଯୋଗିତା ହୋଇଥିଲା। କଟକ-ଏ, ଭୁବନେଶ୍ୱର ଟିଟି ସଂଘ-ଏ, କଟକ-ବି, ଖୋର୍ଦ୍ଧା ଟିଟି ସଂଘ-ଏ ସେମିଫାଇନାଲରେ ପ୍ରବେଶ କରିଛନ୍ତି। ବରିଷ୍ଠ ପୁରୁଷ ବର୍ଗର ଦଳଗତ ଇଭେଣ୍ଟ ଜାରି ରହିଛି। ଶନିବାର ଠାରୁ ୧୩ଟି ଇଭେଣ୍ଟରେ ଏକକ ପ୍ରତିଯୋଗିତା ହେବ। ପ୍ରକାଶଥାଉକି, ଓଡ଼ିଶା ରାଜ୍ୟ ଟେବଲ ଟେନିସ ସଂଘ ଆନୁକୂଲ୍ୟରେ ଆୟୋଜିତ ଏହି ପ୍ରତିଯୋଗିତାରେ ମୋଟ ୩୭୦ ପ୍ରତିଯୋଗୀ ଭାଗ ନେଇଛନ୍ତି। ଆର କ୍ରୀଷ୍ଣାକୁମାର, ସୁଜିତ ରାୟ, ତପନ ଖା, ବିଜେନ ଦାସ ମହାପାତ୍ର, ଜୀବନ ବଲ୍ଲଭ ସାମଲ, କେଭିପି ରାମାରାଓ, ସୁଦୀପ ଚକ୍ରବର୍ତ୍ତୀ ମ୍ୟାଚ୍ ପରିଚାଳନା କରୁଛନ୍ତି। ଏହି ଚାମ୍ପିଅନସିପ୍ ଆସନ୍ତା ୨୫ ତାରିଖ ପର୍ଯ୍ୟନ୍ତ ଜାରି ରହିବ।

■ ଆନ୍ଧ୍ରଠାରୁ ୫୮ ରନ୍‌ରେ ପରାସ୍ତ

# ଷ୍ଟେଟ୍-ଏ' ଟ୍ରଫିରୁ ଓଡ଼ିଶା ବିଦା

ଭୁବନେଶ୍ୱର,୨୧।୧୧(ସମିସ): ଆନ୍ଧ୍ରଠାରୁ ୫୮ ରନ୍‌ରେ ହାରି ଓଡ଼ିଶା ଦଳ ଭଦୋଦରାରେ ଚାଲିଥିବା ଷ୍ଟେଟ୍-ଏ' ଦିନିକିଆ ଟ୍ରଫିର କ୍ୱାର୍ଟର ଫାଇନାଲ ପ୍ରବେଶ କରିବାରେ ସମର୍ଥ ହୋଇନାହିଁ। ଆଜିର ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ଆନ୍ଧ୍ର ୯ ୱିକେଟରେ ୩୦୨ ରନ୍ କରିଥିଲା। ଜବାବରେ ଓଡ଼ିଶା ୪୭ ଓଭରରେ ୨୪୪ ରନ୍ କରି ଅଲଆଉଟ ହୋଇଯାଇଥିଲା। ଓଡ଼ିଶା ପକ୍ଷରୁ ବୋଲିଂରେ ସମ୍ବିତ ୩ଟି, ବାଦଲ ବିଶ୍ୱାଳ ୨ଟି ୱିକେଟ ପାଇଥିଲେ। ବ୍ୟାଟିଂରେ ଓମ୍‌ଟି ମୁଣ୍ଡେ ୫୦ ଓ ଶ୍ରେୟାଂଶ ଭରଦ୍ୱାଜ ୩୬ ରନ୍ କରିଥିଲେ। ଓଡ଼ିଶା କ୍ରମାଗତ ୪ଟି ମ୍ୟାଚ୍ ଜିତିବା ପରେ ପରବର୍ତ୍ତୀ ୨ଟି ମ୍ୟାଚ୍‌ରେ ମୁମ୍ବଇ ଓ ଆନ୍ଧ୍ରଠାରୁ ହାରି ନକ୍‌ଆଉଟକୁ ଯାଇପାରି ନ ଥିଲା।

# ଆଜିଠାରୁ ରାଜ୍ୟ ରୋଲର ସ୍କେଟିଂ ଚାମ୍ପିଅନସିପ୍

ଭୁବନେଶ୍ୱର,୨୧।୧୧(ସମିସ): ରାଜ୍ୟ କ୍ରୀଡ଼ା ଓ ଯୁବସେବା ବିଭାଗ ଓ ଓଡ଼ିଶା ରୋଲର ସ୍କେଟିଂ ଆସୋସିଏସନ ଆନୁକୂଲ୍ୟରେ ୧୬ତମ ରାଜ୍ୟ ରୋଲର ସ୍କେଟିଂ ଚାମ୍ପିଅନସିପ୍ ଅନୁଷ୍ଠିତ ହେବ। ଆସନ୍ତା ୨୩ ତାରିଖଯାଏ ହେବାକୁ ଥିବା ଏହି ପ୍ରତିଯୋଗିତାରେ ୧୬ଟି ଜିଲ୍ଲାରୁ ଦଳ ଭାଗନେବେ ଓ ଏଥିରୁ ଓଡ଼ିଶା ଦଳ ଲାଗି ଖେଳାଳି ଚୟନ କରାଯିବ। କଳିଙ୍ଗ ଷ୍ଟାଡିୟମ୍ ହକି କମ୍ପ୍ଲେକ୍ସ ନିକଟରେ ଏହି ଟୁର୍ଣ୍ଣାମେଣ୍ଟ ଖେଳାଯିବାର କାର୍ଯ୍ୟକ୍ରମ ରହିଛି।

## ଶରଣକୁଳ ସର୍ବଭାରତୀୟ ଫୁଟବଲ

# ଫାଇନାଲରେ ଗଣ୍ଡରପୁର-ବରଗଡ଼




ଶରଣକୁଳ,୨୧।୧୧(ସମିସ): ବରଗଡ଼ର ୟୁନାଇଟେଡ୍ ସ୍ପୋର୍ଟ୍ସ କ୍ଲବ୍ ଓ ଗଣ୍ଡରପୁର ଫୁଟବଲ କ୍ଲବ୍ ମଧ୍ୟରେ ୬୪ତମ ଶରଣକୁଳ ସର୍ବଭାରତୀୟ ଫୁଟବଲ ପ୍ରତିଯୋଗିତାର ଫାଇନାଲ ଆସନ୍ତା ରବିବାର ଖେଳାଯିବ। ଲଡୁକେଶ ଆଥଲେଟିକ ଆସୋସିଏସନ ଆନୁକୂଲ୍ୟରେ ଚାଲିଥିବା ଏହି ଟୁର୍ଣ୍ଣାମେଣ୍ଟର ଦ୍ୱିତୀୟ ସେମିଫାଇନାଲରେ ବରଗଡ଼ ଟିମ୍ ୧-୦ ଗୋଲରେ ବିହାର ବକ୍ସରର ଏମ୍‌କେଏସ୍ ଟିମ୍‌କୁ ପରାସ୍ତ କରି ଦ୍ୱିତୀୟ ଦଳ ଭାବେ ଫାଇନାଲରେ ପ୍ରବେଶ କରିଥିଲା। ଗତକାଲି ସେମିରେ ଗଣ୍ଡରପୁର ଟିମ୍ ବିଜୟୀ ହୋଇ ପ୍ରଥମ ଦଳ ଭାବେ ଫାଇନାଲକୁ ଉନ୍ନୀତ ହୋଇଥିଲା। ବିଜୟୀ ବରଗଡ଼ ଦଳର ଭରତ ମୁଣ୍ଡାଙ୍କୁ ଜନସଂଗ୍ରାମ ପ୍ରେସ୍ ପକ୍ଷରୁ ଶ୍ରେଷ୍ଠ ଖେଳାଳି ପୁରସ୍କାର ପ୍ରଦାନ କରାଯାଇଛି। ନୟାଗଡ଼ ବିଧାୟକ ଅରୁଣ ସାହୁ, ନୟାଗଡ଼ ଜିଲ୍ଲା ବାଣିଜ୍ୟ ସେବା ସମବାୟ ସମିତ ସଭାପତି ମାମୁନ ରୌଫ୍, ସାମାଜିକ କର୍ମୀ ବିଭୁଦତ୍ତ ମହାପାତ୍ର, ତାପସ ରଞ୍ଜନ ପାଢ଼ୀ, ରଞ୍ଜନ କୁମାର ସାହୁ ଓ ଅନୁଷ୍ଠାନର ସଭାପତି ସତ୍ୟନାରାୟଣ ପ୍ରଧାନ ଅତିଥିଭାବେ ଉପସ୍ଥିତ ରହି ଏହି ପ୍ରତିଦ୍ୱନ୍ଦ୍ୱିତାମୂଳକ ଖେଳକୁ ଉପଭୋଗ କରିଥିଲେ।

# ରାଜ୍ୟ ଆର୍ଚେରୀ ଦଳର ଅରୁଣାଚଳ ପ୍ରଦେଶ ଯାତ୍ରା



କଟକ,୨୧।୧୧(ସମିସ): ଅରୁଣାଚଳ ପ୍ରଦେଶର ରାଜଧାନୀ ଇଟ୍ଟାନଗରରେ ଏନଟିପିସି ଜାତୀୟ ସବଜୁନିୟର ଆର୍ଚେରୀ ପ୍ରତିଯୋଗିତା ଶନିବାର ଠାରୁ ଆରମ୍ଭ ହେବ। ଏଥି ନିମନ୍ତେ ରାଜ୍ୟ ଦଳ ଇଟ୍ଟାନଗର ଅଭିମୁଖେ ଯାତ୍ରା କରିଛି। ୨୬ଜଣିଆ ରାଜ୍ୟ ଦଳରେ ୨୧ଜଣ ଖେଳାଳି ଏବଂ ୫ଜଣ ଅଫିସିଆଲ ରହିଛନ୍ତି। ଓଡ଼ିଶା ପକ୍ଷରୁ ଇଣ୍ଡିଆନ୍ ରାଉଣ୍ଡର ବାଳକ ବିଭାଗରେ ରୋହିତ କୁମାର ମାରାଣ୍ଡୀ ଓ ଦୁର୍ଗାଦତ୍ତ ମେହେର, ଚନ୍ଦ୍ରମୋହନ ଟୁଡୁ, ଗୋବିନ୍ଦ ମାଝୀ, ବାଳିକା ବିଭାଗରେ ରିଷମା ମଲ୍ଲିକ, ସଞ୍ଜଲି ଓରାମ, କଞ୍ଚିକା ମଞ୍ଜୁଲା ଓ ଭାଗ୍ୟଶ୍ରୀ ହେମ୍ବ୍ରମ ଅଛନ୍ତି। ସେହିପରି ରିକର୍ଭ ରାଉଣ୍ଡର ବାଳକ ବିଭାଗରେ ରସାନନ୍ଦ ବିରୁଆ, ଭାଗୋବତ ବଳିଆରସିଂହ, ଦିଲ୍ଲିପ କାନ୍ଦୁଲାନା, ଓ ସତାରି ହୋ ଏବଂ ବାଳିକା ବିଭାଗରେ ସୁନୀତା ନାଏକ, ସାବିତ୍ରୀ ପାତ୍ର, ଟେନିଶା ମେହେର୍ ଓ ଉଜୟନୀ କେଶରୀ ଭାଗ ନେଉଛନ୍ତି। ଏହା ବ୍ୟତୀତ କମ୍ପାଉଣ୍ଡ ରାଉଣ୍ଡ ବାଳକ ବିଭାଗରେ ଦଇନେଶ୍ୱର ବେହେରା ଓ ସଞ୍ଜୟ ଗୁଣ୍ଡା ଏବଂ ବାଳିକା ବିଭାଗରେ ସ୍ୱପ୍ନରାଣୀ ବେହେରା, ସୀତା ହେମ୍ବ୍ରମ୍ ଓ ରଚନା ମାଝି ଓଡ଼ିଶାର ପ୍ରତିନିଧିତ୍ୱ କରିବେ। ପ୍ରଶିକ୍ଷକ ଭାବରେ ଆର୍ୟନ ସ, ଟିକିଲି ମହାକୁଳ, ଶାହେଲା ଶାହିନ୍, ସୂର୍ଯ୍ୟ ପାଲେୟା ଓ ଶମ୍ଭୁନାଥ ପରିଡା ଟିମ୍ ସହିତ ଯାତ୍ରା କରିଛନ୍ତି।

## ୱାର୍ଲ୍ଡ ଆବିଲିଟି ସ୍ପୋର୍ଟ୍ସ

# ଗୋବିନ୍ଦଙ୍କୁ ୨ଟି, ରଣଜିତଙ୍କୁ ଗୋଟିଏ ସ୍ୱର୍ଣ୍ଣ




ଭୁବନେଶ୍ୱର,୨୧।୧୧(ସମିସ): ଥାଇଲାଣ୍ଡରେ ଚାଲିଥିବା ୱାର୍ଲ୍ଡ ଆବିଲିଟି ସ୍ପୋର୍ଟ୍ସରେ ଓଡ଼ିଆ ଆଥ୍ଲେଟମାନେ ଏକାଧିକ ପଦକ ଜିତି ଓଡ଼ିଶା ତଥା ଭାରତକୁ ଗର୍ବିତ କରିଛନ୍ତି। ସେମାନଙ୍କ ମଧ୍ୟରେ ଗୋବିନ୍ଦ ଦୁବେ ୨ଟି ସ୍ୱର୍ଣ୍ଣ, ରଣଜିତ ଚନ୍ଦ ଗୋଟିଏ, ପ୍ରଫୁଲ୍ଲ କୁମାର ଖଣ୍ଡାୟତରାୟ, ସୁଚିତ୍ରା ପରିଡ଼ା ଓ ରଞ୍ଜନା ନାହାକ ଗୋଟିଏ ଲେଖାଏଁ ରୌପ୍ୟ ପଦକ ପାଇଛନ୍ତି। ଗୋବିନ୍ଦ ପୁରୁଷ ୨୦୦ ମିଟର ଦୌଡ଼ ଓ ପୁରୁଷ ଲଙ୍ଗ୍ ଜମ୍ପ୍‌ରେ, ରଣଜିତ ଏଫ୍୪୬ ପୁରୁଷ ଜାଭେଲିନ୍‌ରେ ସ୍ୱର୍ଣ୍ଣପଦକ ବିଜୟୀ ହୋଇଛନ୍ତି। ଏଥିରେ ପ୍ରଫୁଲ୍ଲଙ୍କୁ ରୌପ୍ୟ ମିଳିଛି। ମହିଳା ସଟ୍‌ପୁଟ୍ ଲଫ୍୫୫/୫୬ କାଟାଗୋରୀରେ ସୁଚିତ୍ରା ଓ ଏଫ୍୫୪ରେ ରଞ୍ଜନାଙ୍କୁ ରୌପ୍ୟ ପଦକ ମିଳିଛି।

## ଯୁବକଙ୍କୁ ସଂଘବଦ୍ଧ ଆକ୍ରମଣ

# ଜିମ୍‌ରୁ ବାହାରିବା ବେଳେ ହାଣିଦେଲେ

ତାଳଚେର, ୨୧।୧୧ (ସମିସ): ତାଳଚେର ପୌରପରିଷଦ ଅନ୍ତର୍ଗତ ହାଣ୍ଡିଧୁଆ ଛକ ନିକଟରେ ଶୁକ୍ରବାର ଜଣେ ଯୁବକଙ୍କୁ ସଂଘବଦ୍ଧ ଆକ୍ରମଣ ହୋଇଛି। ଗୁରୁତର ଅବସ୍ଥାରେ ସ୍ଥାନୀୟ ଲୋକେ ତାଙ୍କୁ ମେଡିକାଲରେ ଭର୍ତ୍ତି କରାଇଛନ୍ତି। ଆହତ ଯୁବକଜଣଙ୍କ ହେଲେ, ଘଣ୍ଟପଡ଼ା ଗ୍ରାମ ସ୍କୁଲ ସାହିର ଦେବାଶିଷ ସାହୁ ଓରଫ୍ ଚିଣ୍ଟୁ (୨୮)। ତାଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଛି। ଦେବାଶିଷ ସବୁଦିନ ଭଳି ଆଜି ହାଣ୍ଡଧୁଆସ୍ଥିତ ଜିମ୍ ସେଣ୍ଟର୍‌କୁ ଯାଇଥିଲେ। ସେଠାରେ ବ୍ୟାୟାମ କରି ବାହାରିବା ବେଳେ ପୂର୍ବରୁ ଛକି ରହିଥିବା ୬ ଦୁର୍ବୃତ୍ତ ତାଙ୍କୁ ବିଭିନ୍ନ ମାରଣାସ୍ତ୍ରରେ ଆକ୍ରମଣ କରିଥିଲେ। ସ୍ଥାନୀୟ ଲୋକେ ଦୌଡ଼ି ଆସିବାରୁ ଦୁର୍ବୃତ୍ତମାନେ ସେଠାରୁ ଫେରାର୍ ହୋଇଯାଇଥିଲେ। ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ତାଙ୍କ ଆକ୍ରମଣ କରାଯାଇଥିବା ଜଣାପଡ଼ିଛି। ତେବେ ଦେବାଶିଷଙ୍କ ସ୍ୱାସ୍ଥ୍ୟାବସ୍ଥା ଏବେ ସ୍ଥିର ରହିଛି। ଏସମ୍ପର୍କରେ ପ୍ରତିକ୍ରିୟା ପାଇଁ ହାଣ୍ଡିଧୁଆଁ କୋଲିୟରୀ ଥାନାକୁ ଯୋଗାଯୋଗ କରିଥିଲେ ମଧ୍ୟ ତାହା ସମ୍ଭବ ହୋଇ ନ ଥିଲା।

# ବିଧାୟକ ସାଗର ଦାସଙ୍କୁ ହତ୍ୟା ଧମକ

ଭବାନୀପାଟଣା, ୨୧।୧୧(ସମିସ): କଳାହାଣ୍ଡି ଜିଲ୍ଲା ଭବାନୀପାଟଣା ସଦର ବିଧାୟକ ସାଗର ଚରଣ ଦାସଙ୍କୁ ହତ୍ୟା ଧମକ। ବିଧାୟକ ଶ୍ରୀ ଦାସ ଏ ସଂପର୍କରେ ନିଜ 'ଏକ୍ସ' ଆକାଉଣ୍ଟରେ ସୂଚନା ଦେବା ସହ ଜିଡି ୱାଇ. ବି ଖୁରାନିଆଙ୍କୁ ଚିଠି ଲେଖି ଅବଗତ କରାଇଛନ୍ତି।

**ଡିଜିଙ୍କୁ ଚିଠି ଲେଖିଲେ**

ଅଭିଯୋଗ ଅନୁଯାୟୀ, ଭବାନୀପାଟଣା ସଦର ବ୍ଲକ୍ ଦେପୁର କଂଗ୍ରେସ ଜୋନ୍ ସଭାପତି ଉଦେପୁର ଗ୍ରାମର ଦେବାନନ୍ଦ ଯୋଶୀଙ୍କୁ ଗୁରୁବାର ରାତି ପ୍ରାୟ ସାଢ଼େ ୯ଟାରେ ୪ଜଣ ଦୁର୍ବୃତ୍ତ ଧମକାଇଥିଲେ। ବନ୍ଧୁକ ଦେଖାଇ ସେମାନେ ଦେବାନନ୍ଦଙ୍କୁ ଭୟଭୀତ କରିବା ସହ ସାଗରଙ୍କ ସଂପର୍କରେ କିଛି ବ୍ୟକ୍ତିଗତ ତଥ୍ୟ ମାଗିଥିଲେ। ଆସନ୍ତା ୨ଦିନ ମଧ୍ୟରେ ତଥ୍ୟ ନଦେଲେ ତାଙ୍କୁ ଜୀବନରୁ ମାରିଦେବାକୁ ଧମକ ଦେଇଥିଲେ। ଏପରିକି, ସେମାନେ ସାଗରଙ୍କୁ ମଧ୍ୟ ହତ୍ୟା କରିବେ ବୋଲି କହିଥିଲେ। ଏହି ଘଟଣା ପଦାକୁ ଆସିବା ପରେ ବିଧାୟକ ଶ୍ରୀ ଦାସ ଡିଜିଙ୍କୁ ଚିଠି ଲେଖି ଘଟଣା ସଂପର୍କରେ ବିସ୍ତୃତ ଭାବେ ଅବଗତ କରାଇଛନ୍ତି। ଘଟଣାରେ ସଂପୃକ୍ତ ସମସ୍ତ ଅଭିଯୁକ୍ତଙ୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ପାଇଁ ସେ ଦାବି କରିଛନ୍ତି।

ଏ ସଂପର୍କରେ 'ଏକ୍ସ'ରେ ପୋଷ୍ଟ କରି ସାଗର ଉଲ୍ଲେଖ କରିଛନ୍ତି ଯେ ରାଜ୍ୟରେ ଆଇନଶୃଙ୍ଖଳା ପରିସ୍ଥିତି ସମ୍ପୂର୍ଣ୍ଣ ବିଗିଡ଼ିଯାଇଛି। ବିଧାୟକଙ୍କ ଜୀବନ ଯେଉଁଠି ସୁରକ୍ଷିତ ନୁହେଁ, ସେଠାରେ ସାଧାରଣ ଜନତା କେମିତି ନିଜ ଜୀବନର ସୁରକ୍ଷା ଚିନ୍ତା କରିବେ? ସାଗରଙ୍କ ବାପା ତଥା ପିସିସି ସଭାପତି ଭକ୍ତ ଦାସ ମଧ୍ୟ ଏହି ଘଟଣାକୁ ନିନ୍ଦା କରିଛନ୍ତି। ଅପରପକ୍ଷେ, ଘଟଣାକୁ କଳାହାଣ୍ଡି ପୁଲିସ ଗୁରୁତ୍ୱର ସହ ନେଇ ତଦନ୍ତ ଆରମ୍ଭ କରିଛି।

# ରାଜ୍ୟରେ ବାଲି ମାଫିଆଙ୍କ ଶାସନ ଚାଲିଛି: କଂଗ୍ରେସ

ଭୁବନେଶ୍ୱର,୨୧।୧୧(ସମିସ): ରାଜ୍ୟରେ ଆଇନ ଶୃଙ୍ଖଳା ପରିସ୍ଥିତି ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ। ରାଜ୍ୟରେ ବିଜେପି ସରକାର ଆସିବା ପରେ ସମଗ୍ର ଓଡିଶାରେ ବର୍ତ୍ତମାନ ଦୁର୍ବୃତ୍ତଙ୍କ ଶାସନ ଚାଲିଛି। ଏହି କ୍ରମରେ ରାଜ୍ୟର ଏକ ଅତ୍ୟନ୍ତ ଗୁରୁତର ଘଟଣା କ୍ରମରେ ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ପୁତ୍ର ତଥା ଭବାନୀପାଟଣା ଯୁବ ବିଧାୟକ ସାଗର ଚରଣ ଦାସଙ୍କୁ ଜୀବନରେ ମାରିଦେବାର ଧମକ ମିଳିଛି। ଯାହାକୁ ନେଇ ଆଜି ରାଜ୍ୟ ସରକାରଙ୍କ ଉପରେ କଂଗ୍ରେସ ଦଳ ବର୍ଷିଛି।

ଦଳ ପକ୍ଷରୁ ଏକ ସାମ୍ବାଦିକ ସମ୍ମିଳନୀରେ ଦଳର ବରିଷ୍ଠ ମୁଖପାତ୍ର ରଜନୀ ମହାନ୍ତି କହିଛନ୍ତି, ଗତକାଲି ସକାଳେ କଂଗ୍ରେସ ଦଳର ଜଣେ ଜୋନ୍ ସଭାପତି ତଥା ବିଧାୟକ ଶ୍ରୀ ଦାସଙ୍କ ସମର୍ଥକ ଦେବାନନ୍ଦ ଯୋଷୀଙ୍କୁ ୪/୫ ଜଣ ମୁଖା ପିନ୍ଧା ଦୁର୍ବୃତ୍ତ ତାଙ୍କୁ ଘରୁ ଉଠାଇ ଆଣି ବିଧାୟକ ଶ୍ରୀ ଦାସ କୁଆଡ଼େ ଅଛନ୍ତି ବୋଲି ପଚାରିଥିଲେ ଏବଂ ନ କହିଲେ ଜୀବନରେ ତାଙ୍କୁ ଏବଂ ବିଧାୟକଙ୍କୁ ହତ୍ୟା କରାଯିବ ବୋଲି ଧମକ ଦେଇଥିଲେ। ରାଜ୍ୟର ବିଧାୟକଙ୍କୁ ହତ୍ୟା ଧମକ ମିଳିବା ଦର୍ଶାଉଛି ଯେ ରାଜ୍ୟରେ ମୋହନ ସରକାରଙ୍କ ନୁହଁ ଦୁର୍ବୃତ୍ତଙ୍କ ଶାସନ ଚାଲିଛି। ପୁଲିସ ଦୁର୍ବୃତ୍ତଙ୍କୁ ଧରି ପୁଣି ଛାଡି ଦେବା ଓଡ଼ିଶାରେ ଜଙ୍ଗଲରାଜର ଯୁଗ ଆରମ୍ଭକୁ ସୂଚାଉଛି। ବିଗତ ଦିନରେ କଂଗ୍ରେସ ନାରୀ



ଦୁଷ୍କର୍ମକୁ ନେଇ ଆନ୍ଦୋଳନ କରିବାରୁ ଆତଙ୍କବାଦୀ ଆଖ୍ୟା ଦେଇଥିଲେ। ଏବେ ବିଧାୟକଙ୍କ ସମର୍ଥକ ଏବଂ କଂଗ୍ରେସ ଦଳର ଜଣେ କର୍ମକର୍ତ୍ତାଙ୍କୁ ଘରୁ ଟେକିନେଇ ଧମକ ଦେବା ଦୁର୍ବୃତ୍ତଙ୍କୁ କଣ କୁହାଯିବ ବୋଲି କଂଗ୍ରେସ ପ୍ରଶ୍ନ କରିଛି।

ଏହା କଂଗ୍ରେସ କହିଛି ଯେ ବର୍ତ୍ତମାନ ସୁରକ୍ଷା କଣ କେବଳ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ଦୁଇ ଉପମୁଖ୍ୟମନ୍ତ୍ରୀ ଏବଂ ମନ୍ତ୍ରିମଣ୍ଡଳ ପାଇଁ କି ବୋଲି କଂଗ୍ରେସ ପ୍ରଶ୍ନ କରିଛି। କଂଗ୍ରେସ ଆହୁରି କହିଛି ଯେ ବିଧାୟକ ଶ୍ରୀ ଦାସ ଡିଜିପିଙ୍କୁ ଚିଠି ଲିଖି ଏ ସମ୍ପର୍କରେ ଅବଗତ କରାଇଛନ୍ତି। ଯଦି ପୁଲିସ ଅପରାଧୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ ନାହିଁ ତେବେ କଂଗ୍ରେସ ପକ୍ଷରୁ ଡିଜିପି ଅଫିସ ଘେରାଓ କରି ତାଙ୍କୁ ଅଫିସ ଛଡ଼ାଯିବ ନାହିଁ ବୋଲି ଦଳ ଚେତାବନୀ ଦେଇଛି।

**କାର୍ଯ୍ୟାନୁଷ୍ଠାନ ନ ହେଲେ ଡିଜି ଅଫିସ୍ ଘେରଉ**

ଅନ୍ୟତମ ମୁଖପାତ୍ର ବିଭୁତି ମହାପାତ୍ର କହିଛନ୍ତି, କଂଗ୍ରେସ ସଭାପତି ଭକ୍ତ ଚରଣ ଦାସ ବାଲି ଚୋରୀ ଉପରେ ଏକ ଗମ୍ଭୀର ଅଭିଯୋଗ ଆଣିବାର ଦୁଇଦିନ ପରେ ଧମକ ଘଟଣା ଘଟିଛି। ଏହି ଘଟଣା ଯୋଗୁଁ କଂଗ୍ରେସ ବିଚଳିତ। ପିସିସି ସଭାପତିଙ୍କ ଯୋଗୁଁ କଂଗ୍ରେସର ଓ ବିଧାୟକ ସାଗର ଦାସଙ୍କ ଲୋକପ୍ରିୟତା ବୃଦ୍ଧିକୁ ସହ୍ୟ କରି ନ ପାରି, ଭୟରେ ଏଭଳି ହୀନକାଣ୍ଡ ଘଟାଇଛନ୍ତି। ତେବେ ଏହି ହତ୍ୟା ଧମକ ପଛରେ କେଉଁ ବଡ଼ ବଡ଼ିଆ ବ୍ୟକ୍ତି ବିଶେଷ ଅଛନ୍ତି ତାଙ୍କ ବିରୋଧରେ ସରକାର ତଥା ପୁଲିସ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁ ବୋଲି କହିବା ସହ ବିଧାୟକ ଶ୍ରୀ ଦାସଙ୍କୁ ଉଚ୍ଚତମ ସୁରକ୍ଷା ପ୍ରଦାନ କରାଯାଉ ବୋଲି ମୁଖପାତ୍ର ଶ୍ରୀ ମହାପାତ୍ର ଦାବି ଜଣାଇଛନ୍ତି।

# ଆଧୁନିକ ଓଡ଼ିଶାର ଗୌରବମୟ କୀର୍ତ୍ତିରେ ରହିଛି ମହତାବଙ୍କ ସ୍ପର୍ଶ



ଭୁବନେଶ୍ୱର,୨୧।୧୧(ସମିସ): ଡକ୍ଟର ହରେକୃଷ୍ଣ ମହତାବ ଓଡ଼ିଶାବାସୀଙ୍କ ପାଇଁ କେବଳ ଏକ ନାମ ନୁହେଁ; ବିକାଶ ପାଇଁ ଏକ ଚିନ୍ତାଧାରା ଓ ପ୍ରେରଣା। ଆଧୁନିକ ଓଡ଼ିଶାର ଗୌରବମୟ କୀର୍ତ୍ତିରେ ମହତାବଙ୍କ ସ୍ପର୍ଶ ରହିଛି ବୋଲି ଶୁକ୍ରବାର ରବୀନ୍ଦ୍ର ମଣ୍ଡପରେ ଡଃ ମହତାବଙ୍କ ୧୨୬ତମ ରାଜ୍ୟ ସ୍ତରୀୟ ଜୟନ୍ତୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି।

**ଉତ୍କଳ କେଶରୀ ଡ. ହରେକୃଷ୍ଣ ମହତାବଙ୍କୁ ରାଜ୍ୟସ୍ତରୀୟ ଜୟନ୍ତୀରେ ଶ୍ରଦ୍ଧାଞ୍ଜଳି**

ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଏକ ଫଟୋଚିତ୍ର ପ୍ରଦର୍ଶନୀ ଆୟୋଜିତ ହୋଇଥିଲା। ଏହି ଅବସରରେ ଡଃ ମହତାବଙ୍କ ଜୀବନୀ ସଂପର୍କିତ ୪ଟି ପୁସ୍ତକକୁ ମୁଖ୍ୟମନ୍ତ୍ରୀ ଉନ୍ମୋଚନ କରିଥିଲେ। କାର୍ଯ୍ୟକ୍ରମରେ ସମ୍ମାନିତ ଅତିଥି ଭାବେ ସଂସ୍କୃତିମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଯୋଗ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିଧାୟକ ବାବୁ ସିଂହ, ବିଶିଷ୍ଟ ସାହିତ୍ୟିକ ଦାଶ ବେନହୁର ପ୍ରମୁଖ ଡଃ ମହତାବଙ୍କ ସ୍ମୃତିଚାରଣ କରିଥିଲେ। ସଂସ୍କୃତି ବିଭାଗ ସଚିବ ଡ. ବିଜୟକେତନ ଉପାଧ୍ୟାୟ ସ୍ୱାଗତ ଭାଷଣ ଦେଇଥିବାବେଳେ ଓଡ଼ିଶା ସାହିତ୍ୟ ଏକାଡେମୀ ସଚିବ ଡ. ଚନ୍ଦ୍ରଶେଖର ହୋତା ଧନ୍ୟବାଦ ଅର୍ପଣ କରିଥିଲେ।

# ଏକାଠି ହେଲେ ଅଲ୍ ଓଡ଼ିଶା ଲୟର୍ସ ଆସୋସିଏସନ୍‌ର ଦୁଇ ଗୋଷ୍ଠୀ

ସମ୍ବଲପୁର, ୨୧।୧୧ (ସମିସ): ୨୦୧୬ ମସିହା ପରେ ଅଲ୍ ଓଡ଼ିଶା ଲୟର୍ସ ଆସୋସିଏସନ୍(ଆଓଲା) ଦୁଇଭାଗ ହୋଇଯାଇଥିଲା। ସମ୍ବଲପୁର ଜିଲ୍ଲା ଓକିଲ ସଂଘର ଉଦ୍ୟମକ୍ରମେ ଆଜି ପୁଣି ଉଭୟ ଗୋଷ୍ଠୀ ଏକ ହୋଇଛନ୍ତି। 'ଆଓଲା'ର ଉଭୟ ଗୋଷ୍ଠୀ ଏକାଠି ହୋଇ ପୁଣି ଆଇନଜୀବୀମାନଙ୍କ ସ୍ୱାର୍ଥ ନିମନ୍ତେ କାର୍ଯ୍ୟ କରିବେ ବୋଲି ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି। ଏହାସହ ଆସନ୍ତା ଡିସେମ୍ବର ୨୯ ଓ ୩୦ ତାରିଖ ସମ୍ବଲପୁରରେ ଏକାଠି ଭାବେ ଅଲ୍ ଓଡ଼ିଶା ଲୟର୍ସ କନଫରେନ୍ସ କରିବାକୁ କହିଛନ୍ତି। କନଫରେନ୍ସରେ ଦୁଇଟି ପ୍ରମୁଖ ପ୍ରସଙ୍ଗ ଭାବରେ ଆଇନଜୀବୀଙ୍କ ପାଇଁ ଏକ ଆଡଭୋକେଟ୍ ଏକାଡେମୀ ପ୍ରତିଷ୍ଠା ଏବଂ ୨୦୨୩ରେ ୫୮ ଜଣ ଆଇନଜୀବୀଙ୍କ ନାମରେ ହୋଇଥିବା ମକଦ୍ଦମା ରାଜ୍ୟ ସରକାରଙ୍କ ଦ୍ୱାରା ପ୍ରତ୍ୟାହାର ରହିଛି।

**ସମ୍ବଲପୁରରେ ହେବ ଲୟର୍ସ କନଫରେନ୍ସ**

ସାମ୍ବାଦିକ ସମ୍ମିଳନୀରେ ସମ୍ବଲପୁର ଓକିଲ ସଂଘ ସଭାପତି ପ୍ରଦୀପ ବହିଦାର ଅଧ୍ୟକ୍ଷତା କରିଥିବା ବେଳେ ବରିଷ୍ଠ ଆଇନଜୀବୀ ଶିଶିର ରଞ୍ଜନ ପାଢ଼ୀ, ହାଇକୋର୍ଟର ବରିଷ୍ଠ ଓକିଲ ତଥା ଓଡ଼ିଶା ବାର୍ କାଉନସିଲ ସଭ୍ୟ ବିଭୁ ପ୍ରସାଦ ତ୍ରିପାଠୀ, ଆଓଲାର ସାଧାରଣ ସମ୍ପାଦକ ପ୍ରସନ୍ନ କୁମାର ନନ୍ଦଙ୍କ ସହିତ ସମ୍ବଲପୁର ଓକିଲ ସଂଘର ସାଧାରଣ ସମ୍ପାଦକ ପ୍ରଦ୍ୟୋତ କୁମାର ଶର୍ମା, ପୂର୍ବତନ ସଭାପତି ସତ୍ୟନାରାୟଣ ପଣ୍ଡା ଓ ଡଃ ପ୍ରମୋଦ ରଥ ପ୍ରମୁଖ ମଞ୍ଚାସୀନ ଥିଲେ।

C-1539

ବିଜ୍ଞାପିତ ଅଞ୍ଚଳ ପରିଷଦ କାର୍ଯ୍ୟାଳୟ, ବାଙ୍କୀ
OFFICE OF THE NOTIFIED AREA COUNCIL, BANKI
Ph.: 06723-240228, Website: www.banknac.in, Email: nacbanki@yahoo.com

Letter No. 3158 Date 20.11.2025

ସର୍ବସାଧାରଣ ନିଲାମ ନୋଟିସ୍

ଏତଦ୍ୱାରା ପରିଷଦର ବିଭିନ୍ନ ମୌଜା/ୱାର୍ଡ ଅଧିନରେ ଥିବା ସମସ୍ତ ପୋଖରୀ/ବୁଢ଼ା/ଗାଡିଆ ଆଦି ଜଳାଶୟ, ୨ ଗୋଟି ପାର୍କ (୧. ଚର୍ଚ୍ଚିକା ମନ୍ଦିର ସନ୍ନିକଟ, ୨. ବାଙ୍କୀ ବଜାର ଅଂଚଳ), ବାଙ୍କୀ ଏନ୍.ଏ.ସି. ମୁଖ୍ୟ ଶ୍ମଶାନରେ କାଠ ଓ ପୂଜା ସାମଗ୍ରୀ ବିକ୍ରୟ ଏବଂ ୪ ଗୋଟି ଆଧୁନିକ ଶୌଚାଳୟମାନଙ୍କର ପରିଚାଳନା ନିମନ୍ତେ ଆସନ୍ତା ତା ୨୧.୧୧.୨୦୨୫ ରିଖ ପୂର୍ବାହ୍ନ ୧୧ଘଟିକା ଠାରୁ ପରିଷଦର କାର୍ଯ୍ୟାଳୟଠାରେ ଆସନ୍ତା ୩ ବର୍ଷ ପାଇଁ ଯଥା ୨୦୨୫-୨୬, ୨୦୨୬-୨୭ ଓ ୨୦୨୭-୨୮ ରିଖ ପର୍ଯ୍ୟନ୍ତ ନିଲାମ ପ୍ରକ୍ରିୟା କରିବା ପାଇଁ ପରିଷଦ ତରଫରୁ ସ୍ଥିର କରାଗଲା ଓ ଏଥି ନିମନ୍ତେ ଆବେଦନର ଶେଷ ତାରିଖ ତା ୦୫.୧୨.୨୦୨୫ ଅପରାହ୍ନ ୫ଟା ସୁଦ୍ଧା ନିମ୍ନଲିଖିତ ସର୍ତ୍ତାବଳୀ ମୁତାବକ କରାଯିବ। ଅଂଶ ଗ୍ରହଣକାରୀ ବନ୍ଦ ଲଫାପାରେ ନିଲାମ ମୂଲ୍ୟ ଫର୍ମରେ ଲେଖି ଆବେଦନ କରିପାରିବେ।

୧. ଯେଉଁ ନିଲାମ ଡାକିବାକୁ ଇଚ୍ଛା କରନ୍ତି, ସେମାନେ ନିଲାମ ଡାକିବା ପୂର୍ବରୁ ଧାର୍ଯ୍ୟ ଅପସେଟ୍ (ଅଟକଳ) ମୂଲ୍ୟର ଏକ ଚତୁର୍ଥାଂଶ ଅମାନତ ଆକାରରେ ବା (ସିକ୍ୟୁରିଟି) ଜମା କରି ନିଲାମରେ ଭାଗ ନେଇପାରିବେ ଓ ଯେଉଁମାନେ ଅମାନତ ରାଶି ଜମାକଲେ ସେମାନଙ୍କୁ ନିଲାମ ଫର୍ମ ପ୍ରଦାନ କରାଯିବ। (ନିଲାମ ଫର୍ମ ମୂଲ୍ୟ ୫୦ ଟଙ୍କା (ପଚାଶ ଟଙ୍କା) ମାତ୍ର ଫେରସ୍ତ ଯୋଗ୍ୟ ନୁହେଁ)
୨. ଯେଉଁମାନେ ପୂର୍ବ ବର୍ଷମାନଙ୍କରେ ନିଲାମ ବାବଦରେ କୌଣସି ଟଙ୍କା ବାକି ରଖିଥିବେ ସେମାନଙ୍କୁ ନିଲାମ ଡାକିବାକୁ ସୁଯୋଗ ଦିଆଯିବ ନାହିଁ।
୩. ଅଧିକ ନିଲାମ ଡାକିଥିବା ପ୍ରଥମ ୨ଜଣଙ୍କର ଅମାନତ ଟଙ୍କା ରଖାଯାଇ ଅନ୍ୟ ସମସ୍ତଙ୍କର ଟଙ୍କା ଫେରସ୍ତ ଦିଆଯିବ। ଯଦି ୧ମ ହୋଇଥିବା ନିଲାମ ଅଂଶକାରୀ ଧାର୍ଯ୍ୟ ନିଲାମ ମୂଲ୍ୟ ଦେବାକୁ ମନା କରନ୍ତି କିମ୍ବା ଅନ୍ୟ କୌଣସି କାରଣରୁ ନିଲାମରୁ ଓହରି ଯାଆନ୍ତି ତେବେ ୨ୟ ନିଲାମଧାରୀ ଧାର୍ଯ୍ୟ ନିଲାମ ମୂଲ୍ୟ ପୈଠ କରି ନିଲାମ ଗ୍ରହଣ କରିବେ ଓ ୧ମ ନିଲାମଧାରୀଙ୍କୁ ନିଲାମ ପ୍ରକ୍ରିୟାରୁ ବାଦ ଦିଆଯିବ।
୪. ଯେଉଁ ବ୍ୟକ୍ତିଙ୍କର ନାମରେ ନିଲାମ ଚୂଡାନ୍ତ ହେବ ସେ ବ୍ୟକ୍ତି ନିଲାମରେ ଡାକିଥିବା ସମସ୍ତ ଟଙ୍କା ପରିଷଦର କାର୍ଯ୍ୟାଳୟରେ ନିଲାମ ଦିନ ଦାଖଲ କରି ରସିଦ ହାସଲ କରିବା ସହିତ ୩ ଦିନ ମଧ୍ୟରେ ନିର୍ବାହୀ ଅଧିକାରୀଙ୍କ ସହିତ ଏକ ଚୁକ୍ତିପତ୍ର ସଂପାଦନ କରିବେ ଓ ଚୁକ୍ତିପତ୍ର ସଂପାଦନ ତାରିଖ ଠାରୁ ନିଲାମରେ ଚୂଡାନ୍ତ ହୋଇଥିବା ଉପରୋକ୍ତ ନିଲାମ ପ୍ରକାର ଆସନ୍ତା ୩ ବର୍ଷ ପାଇଁ ଭୋଗ ଦଖଲ କରିବେ, ଧାର୍ଯ୍ୟ ସମୟ ସମାପ୍ତ ହେବା ପରେ ଉକ୍ତ ନିଲାମ ଜିନିଷରେ ତାଙ୍କର କୌଣସି ଅଧିକାର ରହିବ ନାହିଁ।
୫. ନିର୍ବାହୀ ଅଧିକାରୀ ଇଚ୍ଛାକଲେ ନିଲାମକୁ ବନ୍ଦ କରିପାରିବେ, ସ୍ଥଗିତ ରଖି ପାରିବେ କିମ୍ବା ଅନ୍ୟକୌଣସି ଦିନକୁ ସ୍ଥାନାନ୍ତରିତ କରିବାର ଅଧିକାର ରହିଅଛି।
୬. ସର୍ବୋଚ୍ଚ ନିଲାମ ଡାକକୁ ଗ୍ରହଣ କରିବାକୁ ବାଧ୍ୟ ନୁହଁନ୍ତି, ନିଲାମରେ କୌଣସି ଭୁଲ ଥିବାର ଅନୁଭବ କଲେ ଉକ୍ତ ନିଲାମକୁ ନିର୍ବାହୀ ଅଧିକାରୀ ବାତିଲ କରିପାରିବେ।
୭. ନିଲାମ ସମ୍ବନ୍ଧୀୟ ସମସ୍ତ ତଥ୍ୟ ପରିଷଦ କାର୍ଯ୍ୟାଳୟର ଅଫିସ ସମୟ ମଧ୍ୟରେ (ଦିବା ୧୦ ଘଟିକା ଠାରୁ ଅପରାହ୍ନ ୫ ଘଟିକା) ମଧ୍ୟରେ ବୁଝି ପାରିବେ।
୮. ଉପରୋକ୍ତ ଯେକୌଣସି ସର୍ତ୍ତ ଉଲଘଂନ କଲେ ସଂପୃକ୍ତ ବ୍ୟକ୍ତିଙ୍କର ଅମାନତ ଟଙ୍କା ବାଜ୍ୟାପ୍ତି କରାଯିବ।

ନିର୍ବାହୀ ଅଧିକାରୀ
ବିଜ୍ଞାପିତ ଅଂଚଳ ପରିଷଦ, ବାଙ୍କୀ

OIPR-

## ଆଜିର ରାଶିଫଳ

**ମେଷ:** ସାମାଜିକ କାର୍ଯ୍ୟ ପାଇଁ ସମୟ ବାହାର କରିବେ। ନୂଆ ଯାନ କିଣିବା ଯୋଗ ଅଛି। ଅଫିସ୍‌ରେ ସହକର୍ମୀଙ୍କୁ ସାହାଯ୍ୟ କରିବେ। ଜୀବନସାଥୀଙ୍କ ସହ ସୁଖଦ ସମୟ ଅତିବାହିତ କରିବେ।

**ବୃଷ:** ଦୂର ସ୍ଥାନକୁ ଯାତ୍ରା ଯୋଗ ଅଛି। ଧାର୍ମିକ କାର୍ଯ୍ୟରେ ସାମିଲ ହେବେ। ବ୍ୟବସାୟକୁ ନେଇ ଚିନ୍ତାରେ ରହିବେ। ଭାବିଚିନ୍ତି ନିଷ୍ପତ୍ତି ନିଅନ୍ତୁ। ପ୍ରିୟଜନଙ୍କ କଥାକୁ ବିଶ୍ୱାସ କରିବେ ନାହିଁ।

**ମିଥୁନ:** ବ୍ୟବହାରରେ ସଂଯମତା ରକ୍ଷା କରିବେ। ନାଚ, ଗୀତରେ ପ୍ରଶଂସା ମିଳିବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ।

**କର୍କଟ:** ପାରିବାରିକ ଜୀବନରେ ସୁଖ, ସମୃଦ୍ଧି ବୃଦ୍ଧି ପାଇବ। ବ୍ୟସାୟରେ ଉନ୍ନତି ପାଇଁ ଆଧୁନିକ ଜ୍ଞାନ-କୌଶଳ ଉପଯୋଗ କରିବେ। ବାପାମାଆଙ୍କ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ।

**ସିଂହ:** ଯାତ୍ରା ସମୟରେ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବେ। କୋର୍ଟ କଚେରୀ ମାମଲାରୁ ଦୂରେଇ ରହିବେ। ସନ୍ତାନଙ୍କ ଭବିଷ୍ୟତକୁ ନେଇ ଚିନ୍ତାରେ ରହିବେ। ଛାତ୍ରଛାତ୍ରୀ ପଢ଼ାରେ ମନଯୋଗ ଦେବେ।

**କନ୍ୟା:** ଆୟଠୁ ଅଧିକ ବ୍ୟୟ କରିବେ। ବରିଷ୍ଠ ଅଧିକାରୀଙ୍କ ପରାମର୍ଶରେ କାମରେ ଆଗକୁ ବଢ଼ିବେ। ନୂଆ କାମ ଆରମ୍ଭ କରିବେ। ଛାତ୍ରଛାତ୍ରୀ କ୍ରୀଡ଼ା ପ୍ରତିଯୋଗିତାରେ ସାମିଲ ହେବେ।

**ତୁଳା:** ଗୁରୁତ୍ୱପୂର୍ଣ୍ଣ ଖବର ପ୍ରାପ୍ତ ହେବ। ପ୍ରତିଯୋଗିତା ମନୋଭାବ ନେଇ ବିଦ୍ୟାର୍ଥୀ ଆଗକୁ ବଢ଼ିବେ। ପାରିବାରିକ ସମସ୍ୟା ସମାଧାନ ହେବ। ଆୟର ନୂତନ ମାର୍ଗ ଉନ୍ମୋଚନ ହେବ।

**ବିଛା:** ବୈବାହିକ ଜୀବନ ସୁଖମୟ ହେବ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ। ଭାଇଭଉଣୀଙ୍କଠାରୁ ଉପହାର ପାଇବେ। ଅଫିସ୍ କାମରେ ଦୂର ସ୍ଥାନକୁ ଯାତ୍ରା କରିବେ।

**ଧନୁ:** ଅଜଣା ଲୋକଙ୍କଠାରୁ ଦୂରେଇ ରହିବେ। ଧୈର୍ଯ୍ୟର ସହ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ତୁଲାଇବେ। ଭାବପ୍ରବଣ ହୋଇ ନିଷ୍ପତ୍ତି ନେବାରୁ ନିବୃତ୍ତ ରହିବେ। ଆଇନଜୀବୀଙ୍କୁ ସଫଳତା ମିଳିବ।

**ମକର:** ଘରେ ସୁଖ ସମୃଦ୍ଧି ବୃଦ୍ଧି ପାଇବ। ଚାକିରିଆଙ୍କୁ ନୂତନ ନିଯୁକ୍ତି ମିଳିବ। ସନ୍ତାନ ସୁଖ ପ୍ରାପ୍ତ ହେବ। ପ୍ରେମ ସମ୍ବନ୍ଧରେ ଭୁଲ ବୁଝାମଣା ସୃଷ୍ଟି ହେବ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ।

**କୁମ୍ଭ:** ଧାରକରଜରୁ ଦୂରେଇ ରହିବେ। ବ୍ୟବସାୟ ବୃଦ୍ଧିକୁ ନେଇ ସାବଧାନତା ଅବଲମ୍ବନ କରିବେ। ବିରୋଧୀଙ୍କୁ ସାମ୍ନା କରିବେ। ଚିନ୍ତାଗ୍ରସ୍ତ ରହିବେ। ଜୀବନସାଥୀଙ୍କୁ ମନ କଥା କହିବେ।

**ମୀନ:** ବିଦ୍ୟାର୍ଥୀ ପରୀକ୍ଷାରେ ସଫଳ ହେବେ। ବନ୍ଧୁଙ୍କ ସାହାଯ୍ୟ ମିଳିବ। କଳା କ୍ଷେତ୍ରରେ ସଫଳତା ମିଳିବ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ମତାନ୍ତର ହେବ।

## ଆଜିର ଇତିହାସ

- ୧୯୬୩- ଆମେରିକାର ରାଷ୍ଟ୍ରପତି ଜନ୍ ଏଫ୍ କେନେଡିଙ୍କୁ ଟେକ୍ସାସରେ ହତ୍ୟା କରାଯାଇଥିଲା।
- ୧୯୬୮ -ମାଡ୍ରାସର ନାମ ବଦଳାଇ ତାମିଲନାଡୁ ରଖାଗଲା।
- ୧୯୯୭- ଡାଏନା ହେଡେନ୍ ବିଶ୍ୱସୁନ୍ଦରୀ ହେଲେ।
- ୧୯୯୮ -ବାଂଲାଦେଶୀ ଲେଖିକା ତସ୍‌ଲିମା ନାସ୍‌ରିନ୍ ଢାକା ଅଦାଲତରେ ଆତ୍ମସମର୍ପଣ କଲେ।
- ୨୦୦୨- ବିଶ୍ୱ ସୁନ୍ଦରୀ ପ୍ରତିଯୋଗିତା ଆୟୋଜନ ପ୍ରତିବାଦରେ ନାଇଜେରିଆରେ ହୋଇଥିବା ଦଙ୍ଗାରେ ଶତାଧିକ ଲୋକଙ୍କର ମୃତ୍ୟୁ ହୋଇଥିଲା।

## ଆଜି ଆସିଥିଲେ...

# ଶହୀଦ ଲକ୍ଷ୍ମଣ ନାୟକ




ଭାରତବର୍ଷର ସ୍ୱାଧୀନତା ଆନ୍ଦୋଳନରେ ଯେଉଁମାନେ ବ୍ରିଟିଶ ଶାସନ ବିରୁଦ୍ଧରେ ସ୍ୱର ଉତ୍ତୋଳନ କରି ଫାଶୀଖୁଣ୍ଟରେ ଝୁଲିଥିଲେ ତନ୍ମଧ୍ୟରେ ଶହୀଦ ଲକ୍ଷ୍ମଣ ନାୟକ ଥିଲେ ଅନ୍ୟତମ। ସେ ଅନ୍ୟାୟ, ଅତ୍ୟାଚାର, ଶୋଷଣ ବିରୋଧରେ ସଂଘର୍ଷ ଓ ସଂଗ୍ରାମ କରି ଏକ କାଳଜୟୀ ଉଦାହରଣ ସୃଷ୍ଟି କଲେ। ଆଦିବାସୀମାନଙ୍କୁ ଏକତ୍ର କରି ଇଂରେଜ ସରକାରଙ୍କ ବିରୋଧରେ ସ୍ୱର ଉତ୍ତୋଳନ କରି ସେ ଏକ ବୈପ୍ଳବିକ ଝଡ଼ ସୃଷ୍ଟି କରିଥିଲେ। ଲକ୍ଷ୍ମଣ ନାୟକ ଅବିଭକ୍ତ କୋରାପୁଟ ଜିଲ୍ଲାର ବୈପାରୀଗୁଡ଼ା ଥାନା ଅନ୍ତର୍ଗତ ତେନ୍ତୁଳିଗୁମ୍ମା ଗ୍ରାମରେ ୧୮୯୯ ମସିହା ଆଜିର ଦିନରେ ଏକ ଆଦିବାସୀ ପରିବାରରେ ଜନ୍ମଗ୍ରହଣ କରିଥିଲେ। ୧୯୩୦ ମସିହାରେ ଲକ୍ଷ୍ମଣଙ୍କୁ ମୁସ୍ତାଦାର ଭାବରେ ନିଯୁକ୍ତ କରାଯାଇଥିଲା। ଏହାପରେ ସେ ଲକ୍ଷ୍ମଣ ଭୁମିୟାରୁ ଲକ୍ଷ୍ମଣ ନାୟକ ଭାବରେ ପରିଚିତ ହୋଇଥିଲେ। ମୁସ୍ତାଦାର ଭାବେ ନିଯୁକ୍ତ ହେବା ପରେ ଲକ୍ଷ୍ମଣ ନିଜ ଗ୍ରାମରେ ଅନେକ ଉନ୍ନୟନମୂଳକ କାର୍ଯ୍ୟର ଶୁଭାରମ୍ଭ କରିଥିଲେ। ୧୯୩୬ ମସିହାରେ ଲକ୍ଷ୍ମଣ ନାୟକ କଂଗ୍ରେସରେ ଯୋଗଦାନ କରିଥିଲେ। ୧୯୩୭-୩୮ ମସିହାରେ ଜୟପୁର ନିକଟସ୍ଥ ନୂଆପୁଟରେ ଖୋଲିଥିବା ତାଲିମ ଶିବିରରେ ସେ ଯୋଗଦାନ କରି ମହାତ୍ମା ଗାନ୍ଧୀଙ୍କ ଆଦର୍ଶ ଓ ଶୃଙ୍ଖଳିତ ଜୀବନଯାପନ ବିଷୟରେ ଶିକ୍ଷାଲାଭ କରିଥିଲେ। ସେ ଗାଁକୁ ଗାଁ ବୁଲି ଲୋକଙ୍କୁ ନିର୍ଭୀକ ହେବାକୁ କହିବା ସହ ସରକାରଙ୍କୁ ଟିକସ ନ ଦେବା, ଅହିଂସା ମାର୍ଗରେ ପରିଚାଳିତ ହେବା ତଥା ମଦ୍ୟପାନ ତ୍ୟାଗ କରି ଏକ ଶୃଙ୍ଖଳିତ ଜୀବନଧାରଣ କରିବା ନିମନ୍ତେ ପ୍ରଚାର କରୁଥିଲେ। ମାତ୍ର ଏକ ମୁସ୍ତାଦାର ହୋଇ ମଧ୍ୟ ଲୋକଙ୍କୁ ଟିକସ ନ ଦେବା ପାଇଁ କହିବାର ପରିଣାମ ସ୍ୱରୂପ ଲକ୍ଷ୍ମଣଙ୍କୁ ରାଜଦ୍ରୋହୀ ଘୋଷଣା କରି ତାଙ୍କଠାରୁ ସରକାରଙ୍କ ତରଫରୁ ଦିଆଯାଇଥିବା ପଦବୀ ଓ ଚାଷ ଜମି ଛଡ଼ାଇ ନିଆଯାଇଥିଲା। ପ୍ରଥମେ ସେ ସାଧାରଣ କଂଗ୍ରେସ ସଭ୍ୟ ହୋଇଥିଲେ। ପରେ ତେନ୍ତୁଳିଗୁମ୍ମା ପ୍ରାଥମିକ କଂଗ୍ରେସ କମିଟିର ସଭାପତି ଓ ପରେ କୋରାପୁଟ ଜିଲ୍ଲା କଂଗ୍ରେସ କମିଟିର ଜଣେ ସଦସ୍ୟଭାବେ ନିର୍ବାଚିତ ହୋଇଥିଲେ। ୧୯୪୨ ମସିହାରେ କଂଗ୍ରେସ "ଭାରତ ଛାଡ଼" ପ୍ରସ୍ତାବ ଆଗତ କରିଥିଲା। ଲକ୍ଷ୍ମଣ ଗାଁ ଗାଁ ବୁଲି ଲୋକମାନଙ୍କୁ ସତ୍ୟାଗ୍ରହ ଓ ସ୍ୱାଧୀନତା ନିମନ୍ତେ ଅହିଂସା ଦ୍ୱାରା ଲଢ଼େଇର ବାର୍ତ୍ତା ପ୍ରଚାର କରିଥିଲେ। ପରବର୍ତ୍ତୀ କାଳରେ ଏକ ଜନ ଆନ୍ଦୋଳନରେ ୧୯୪୨ ମସିହା ଅଗଷ୍ଟ ୨୧ ତାରିଖ ଶୁକ୍ରବାର ଦିନ ଲକ୍ଷ୍ମଣ ନାୟକଙ୍କ ନେତୃତ୍ୱରେ ସଂଗ୍ରାମୀମାନେ ମାଥିଲି ଥାନା ଘେରାଉ କରିଥିଲେ। ଏହି ଆନ୍ଦୋଳନର ଦମନ ନିମନ୍ତେ ପୁଲିସ ଆନ୍ଦୋଳନକାରୀମାନଙ୍କ ଉପରେ ଲାଠିମାଡ଼ କରିବା ସହ ଲକ୍ଷ୍ମଣ ନାୟକଙ୍କୁ ସମସ୍ତଙ୍କ ଦ୍ୱାରା ଦେଖିଲା ପରି ସ୍ଥାନକୁ ନେଇ ନିସ୍ତୁକ ମାଡ଼ ମାରିଥିଲେ। ମାତ୍ର ଏତାଦୃଶ୍ୟ ଅତ୍ୟାଚାର ପରେ ମଧ୍ୟ କର୍ମୀମାନେ ଆଗକୁ ବଢ଼ିଚାଲିବାରୁ ପୁଲିସ ସେମାନଙ୍କ ଉପରେ ଗୁଳିଚାଳନା ଆରମ୍ଭ କରିଦେଇଥିଲା। ଯାହାର ଫଳସ୍ୱରୂପ ଅନେକ କର୍ମୀ ମୃତାହତ ହୋଇଥିଲେ। ଏ ଗୁଳିକାଣ୍ଡରେ ଫରେଷ୍ଟଗାର୍ଡ ଜି. ରାମୟାର ମୃତ୍ୟୁ ହେଇଥିଲା। ଆନ୍ଦୋଳନକୁ ଦମନ କରିବା ପରେ ପୁଲିସ ଲକ୍ଷ୍ମଣ ନାୟକଙ୍କ ଅଚେତ ଶରୀରକୁ ମୃତ ମନେକରି ନିକଟସ୍ଥ ନାଳରେ ଫୋପାଡ଼ି ଦେଇଥିଲା। ଚେତା ଫେରିପାଇବା ପରେ ତେନ୍ତୁଳିଗୁମ୍ମାକୁ ଫେରି ଆସି ସଂଘର୍ଷ ଜାରି ରଖିଥିଲେ। ୧୯୪୨ ମସିହା ସେପ୍ଟେମ୍ବର ମାସ ୨ ତାରିଖରେ ତେନ୍ତୁଳିଗୁମ୍ମାରୁ ଲକ୍ଷ୍ମଣଙ୍କୁ ଗିରଫ କରାଯାଇଥିଲା। ଏହାପରେ ଜି. ରାମୟାର ହତ୍ୟା ଅଭିଯୋଗରେ ଲକ୍ଷ୍ମଣଙ୍କୁ ମୃତ୍ୟୁ ଦଣ୍ଡାଦେଶ ହୋଇଥିଲା ଓ ୧୯୪୩ ମସିହା ମାର୍ଚ୍ଚ ୨୯ ତାରିଖରେ ତାଙ୍କୁ ଫାଶୀ ଦିଆଯାଇଥିଲା।

# ମସଲାସ୍ତରକୁ ଜାଣିବ 'କୃତ୍ରିମ ଜିଭ'



ଚୀନର ବୈଜ୍ଞାନିକମାନେ ଏକ କୃତ୍ରିମ ଜିଭ ବିକଶିତ କରିଛନ୍ତି। ଏହା ଖାଦ୍ୟରେ ଥିବା ରାଗ ତଥା ମସଲାର ସ୍ତରକୁ କିଛି ସେକେଣ୍ଡରେ ଚିହ୍ନଟ କରିପାରିବ। ତେବେ ରାଗ ଓ ମସଲା ପ୍ରତି ଯେଉଁମାନେ ଅଧିକ ସମ୍ବେଦନଶୀଳ, ସେମାନଙ୍କ ଲାଗି ଏହା ଉପକାରୀ ସାବ୍ୟସ୍ତ ହୋଇପାରେ। ଏହାସହ ସ୍ୱାଦ ବାରିବାରେ ଦୁର୍ବଳ ଲୋକେ ବି କୃତ୍ରିମ ଜିଭ ଦ୍ୱାରା ଉପକୃତ ହେବା କୁହାଯାଉଛି। ସେହିପରି ଏହି ଟେକ୍ନିକ୍ ଭବିଷ୍ୟତରେ ରୋବଟ୍, ଫୁଡ୍ ଟେଷ୍ଟିଂ ଡିଭାଇସ୍ ଏବଂ ସ୍ୱାଦ ସମ୍ବନ୍ଧିତ ପୀଡ଼ିତ ରୋଗୀଙ୍କ ପାଇଁ ସଫଳ ସାବ୍ୟସ୍ତ ହେବ। ତେବେ କୃତ୍ରିମ ଜିଭର ଡିଜାଇନ୍ କ୍ଷୀରରେ ମିଳୁଥିବା କେସିନ୍ ପ୍ରୋଟିନ୍‌ରୁ ପ୍ରେରିତ। କେସିନ୍ ହେଉଛି ସେହି ପ୍ରୋଟିନ୍, ଯାହା କ୍ୟାପସାଇସିନ୍ ଅର୍ଥାତ୍ ଲଙ୍କାରେ ରାଗ ପଣ ଆଣୁଥିବା ତତ୍ତ୍ୱକୁ ନିଷ୍କ୍ରିୟ କରିଥାଏ। ସେହିପରି ରାଗ ଅଧିକ ଲାଗିଲେ, କ୍ଷୀର ପିଇଲେ ଆଶ୍ୱସ୍ତି ମିଳେ। ଏହି ବିଜ୍ଞାନ ହିଁ ଏବେ କୃତ୍ରିମ ଜିଭର ଆଧାର ହୋଇଛି। ବୈଜ୍ଞାନିକମାନେ ଏକ୍ରିଲିକ୍ ଏସିଡ୍, କୋଲିନ କ୍ଲୋରାଇଡ୍ ଏବଂ ସ୍କିମ୍‌ଡ ମିଲ୍କ ପାଉଡରକୁ ମିଶାଇ ଜେଲ ଭଳି ଏକ ପତଳା ପାରଦର୍ଶୀ ଆସ୍ତରଣ ତିଆରି କରିଥିଲେ। ଏହାକୁ ୟୁଭି ଲାଇଟ୍ ବା ଅତିବାଇଗଣୀ ରଶ୍ମିରେ ରଖିଲେ। ଏହାଦ୍ୱାରା ଏହା ନମନୀୟ ଏବଂ ହାଲୁକା ଅସ୍ୱଚ୍ଛ ପଦାର୍ଥରେ ପରିଣତ ହେଲା। ସେହିପରି ଏହି ଜେଲ୍ ବିଦ୍ୟୁତ୍ ପ୍ରବାହକୁ ପ୍ରବାହିତ କରିପାରେ। ତେବେ ଏହା ଯେତେବେଳେ କ୍ୟାପ୍‌ସାଇସିନ୍ କିମ୍ବା କୌଣସି ରାଗ ଜିନିଷ ସଂସ୍ପର୍ଶରେ ଆସେ ଏହି ଧାରାରେ ପରିବର୍ତ୍ତନ ଦେଖାଯାଏ। ଏହି ପରିବର୍ତ୍ତନ କୃତ୍ରିମ ଜିଭକୁ ଖାଦ୍ୟଟି କେତେ ରାଗ କିମ୍ବା ମସଲାଯୁକ୍ତ ବୋଲି ଜଣାଇଥାଏ। ବୈଜ୍ଞାନିକମାନେ ଏହି ପରୀକ୍ଷଣ ଆଠ ପ୍ରକାର ଲଙ୍କା ଏବଂ ଆଠ ପ୍ରକାର ମସଲା ବ୍ୟଞ୍ଜନ ଉପରେ କରିଛନ୍ତି। ଏଥିରୁ ଜଣାପଡ଼ିଲା କ୍ୟାପ୍‌ସାଇସିନ୍‌କୁ ଏହି ଆସ୍ତରଣ ଉପରେ ରଖିବା ଦ୍ୱାରା କେବଳ ୧୦ ସେକେଣ୍ଡରେ ହିଁ ବିଦ୍ୟୁତ୍ ପ୍ରବାହରେ ପରିବର୍ତ୍ତନ ଆସିଛି। ଏଥିରୁ ସ୍ପଷ୍ଟ ହେଲା ଯେ, କୃତ୍ରିମ ଜିଭ ମସଲା ସ୍ତର ଜାଣିବାକୁ ସକ୍ଷମ। ଅନ୍ୟପକ୍ଷରେ ଏହି କୃତ୍ରିମ ଜିଭ କମ୍ ରାଗ, ମସଲା ଠୁ ଆରମ୍ଭ କରି ଅଧିକ ରାଗୁଆ ଭଳି ଦୁଇଟି ସ୍ତରକୁ ବାରିପାରେ।

# ଆସିବ 'ଦବଙ୍ଗ ୪'



ବଲିଉଡ୍‌ର ଦବଙ୍ଗ ଖାନ୍ ସଲମାନ୍ ଶେଷ ଥର ପାଇଁ 'ସିକନ୍ଦର' ଫିଲ୍ମରେ ନଜର ଆସିଥିଲେ। ଏହା କିନ୍ତୁ ବକ୍ସ ଅଫିସ୍‌ରେ ଫ୍ଲପ୍ ସାବ୍ୟସ୍ତ ହୋଇଥିଲା। ସଲମାନ୍ ଏଥିପାଇଁ ତାଙ୍କ ଆଗାମୀ ଫିଲ୍ମ 'ବ୍ୟାଟଲ୍ ଅଫ୍ ଗଲୱାନ୍' ଉପରେ ଅଧିକ ଧ୍ୟାନ ଦେଉଛନ୍ତି। ଅପୂର୍ବ ଲାଖିଆଙ୍କ ଏହି ଫିଲ୍ମରେ ସଲମାନ୍ ସୈନିକ ଭାବେ ଦେଖାଯିବେ। ଫିଲ୍ମର ପ୍ରଥମ ସିଡ୍ୟୁଲର ସୁଟିଂ ଲଦାଖରେ ସରିଯାଇଛି। ଇତିମଧ୍ୟରେ 'ଦବଙ୍ଗ ୪'କୁ ନେଇ ଖବର ଆସିଛି। ୨୦୧୦ ମସିହାରେ ସଲମାନ୍‌ଙ୍କ ଫିଲ୍ମ 'ଦବଙ୍ଗ' ଆସିଥିଲା। ୨୦୧୨ ମସିହାରେ ଏହାର ଦ୍ୱିତୀୟ ପାର୍ଟ ଓ ୨୦୧୯ ରେ ତୃତୀୟ ପାର୍ଟ ଆସିଥିଲା। ଏବେ ଏହି ସିରିଜ୍‌ର ଚତୁର୍ଥ ଫିଲ୍ମ ଆସିବ। ନିକଟରେ ଗଣମାଧ୍ୟମକୁ ଦେଇଥିବା ଏକ ସାକ୍ଷାତକାରେ ଅରବାଜ୍ ଖାନ୍ କହିଛନ୍ତି ଯେ, 'ଦବଙ୍ଗ ୪' ଆସିବ। ସଲମାନ୍ ଭାଇଙ୍କ ସହ ଆଲୋଚନା କରିବା ପରେ ହିଁ ଏହା କେବେ ଆସିବ ବୋଲି ସ୍ଥିର କରାଯାଇ ପାରିବ। ଏହା କେବେ ଆସିବ ତ ମୁଁ ଜାଣି ନାହିଁ, କିନ୍ତୁ ଯେବେବି ଆସିବ ଦେଖିଲା ଭଳି ହେବ।' ତେବେ ଚୁଲ୍‌ବୁଲ୍ ପାଣ୍ଡେ ଭୂମିକାରେ ପୁଣିଥରେ ସଲମାନ୍ ପରଦାକୁ ଫେରୁଥିବା ଜାଣି ତାଙ୍କ ପ୍ରଶଂସକମାନେ ବେଶ୍ ଉତ୍ସାହିତ ଅଛନ୍ତି।

## ପ୍ରହେଳିକା



- ଏମିତି ଅଟଇ ପୂଜାଟି ସିଏ
  ଗୁରୁବାର ଦିନ ପାଳିତ ହୁଏ
  ମଗୁଶୁର ମାସ ଗୁରୁବାରରେ
  ପାଳନ ହୁଅଇ ଆଡ଼ମ୍ବରରେ
  ଝୋଟିଚିତାରେ ସୁନ୍ଦର ଦିଶେ
  ଚନ୍ଦନ କର୍ପୂର ମହକି ବାସେ
  ଓଡ଼ିଆଙ୍କ ମୁଖ୍ୟ ପୂଜାଟି ସିଏ
  ନାମଟି ତାହାର କହିବ କିଏ ?

  ଉ-ଲକ୍ଷ୍ମୀପୂଜା(ମାଣବସା)

- ଲକ୍ଷ୍ମୀପୁରାଣର ମୁଖ୍ୟ ଚରିତ୍ର ସିଏ
  ପୂଜୁଥିଲେ ଦେବୀ ଲକ୍ଷ୍ମୀଙ୍କୁ ଯିଏ
  ଯାହାଙ୍କ ପୂଜାରେ ଦେବୀ ସନ୍ତୁଷ୍ଟ ହୋଇ
  ପାଦେ ଦେଇଥିଲେ ତାଙ୍କ ଘରରେ ଯାଇ
  ଯାହାଙ୍କ ପାଇଁ ହେଲା ଦେଉଳ ମନା
  ଲକ୍ଷ୍ମୀପୁରାଣରେ ହେଲା ତାଙ୍କ ବର୍ଣ୍ଣନା
  ଯିଏ ଶୁଣିଅଛି ସେହି କାହାଣୀ
  ନାମଟି ତାଙ୍କର ଦିଅ ବଖାଣି ?

  ଉ- ଶ୍ରୀୟା ଚଣ୍ଡାଳୁଣୀ

- ଏମିତି ଅଟଇ ପବିତ୍ର ସିଏ
  ଛୁଇଁଦେଲେ ଯାଗା ପବିତ୍ର ହୁଏ
  ମାଟିର କାନ୍ଥରେ ଲିପନ୍ତି ନେଇ
  ଦାଣ୍ଡରେ ଛିଞ୍ଚନ୍ତି ପବିତ୍ର ପାଇଁ
  ସେହି ଦରବଟି ଗୋମାତା ଦିଏ
  ନାମଟି ତାହାର କହିବ କିଏ ?

  ଉ-ଗୋବର


ପ୍ରଶାନ୍ତ କୁମାର ନାଥ
ସୁନ୍ଦରପୁର, ଯାଜପୁର
ମୋ-୮୩୧୦୩୨୮୩୪୫

## ଶୀତ ସକାଳ

ଶୀତ ସକାଳଟି ଲାଗେ ଭାରି ଭଲ
ଆଳସ୍ୟକୁ ଦେଲେ ଛାଡ଼ି
ଶୀତ ଶୀତ ବୋଲି ଘୋଡ଼େଇ ଶୋଇଲେ
ଶୀତ ଧରିଥାଏ ମାଡ଼ି।
ଭୋରରୁ ଉଠିକି ଶଯ୍ୟାତ୍ୟାଗ କରି
ସକାଳୁଆ ବୁଲା କଲେ
ଶୀତ ଡରି ଯାଇ ପଳାଏ ଦୂରକୁ
ନ ଡର ଶୀତକୁ ପିଲେ।
କଅଁଳ କିରଣ ଦେହରେ ପଡ଼ିଲେ
ରୋଗ ହୋଇଯାଏ ଦୂର
ବ୍ୟାୟାମ କରିକି ସକାଳ ଶୀତରେ
ସୁସ୍ଥ ରଖିବା ଶରୀର।
ଶୀତୁଆ ସକାଳେ ଭଲ ଲାଗେ ସତେ
ନିଆଁ ପୋଇବାକୁ ଭାଇ
ସତର୍କ ହୋଇ ନିଆଁ ପୋଇବା ଯଦି
ଭୟ ହିଁ ଲାଗିବ ନାହିଁ।
ଟୋପା ଟୋପା ହୋଇ କାକର ବୁନ୍ଦାରେ
ଫୁଲର ପାଖୁଡ଼ା ହସେ
ପତର ଉପରେ ଶିଶିର ପଡ଼ିକି
ମୁକୁତା ପରିକା ଦିଶେ।



ସନ୍ତୋଷ କୁମାର ଅଦାବର
ବୀରମହାରାଜପୁର, ସୁବର୍ଣ୍ଣପୁର
ମୋ-୯୭୭୭୯୧୦୭୨୮



## ଟିକି ଚଢ଼େଇ

ଟିକି ଚଢ଼େଇ ମୁଁ ଟିକି ଚଢ଼େଇ
ଗଛରେ ଦେଇଛି ବସା ଗଢ଼େଇ
ଯାଉଅଛି ନୀଳ ଆକାଶେ ଉଡ଼ି
ଗୀତ ଗାଇ ଦୁଇ ଡେଣାକୁ ଝାଡ଼ି।
ଦୁଃଖ ଟିକେ ନାହିଁ ମୋର ମନରେ
ଖୁସିରେ ନିତି ମୁଁ ଆକାଶେ ଘୁରେ
ସ୍ୱାଧୀନ ଭାବରେ ବଞ୍ଚେ ଜୀବନ
ହେବିନାହିଁ କେବେ ମୁଁ ପରାଧୀନ।
ଖାଦ୍ୟ ଖୋଜି ଆଣେ ଟିକି ଥଣ୍ଟରେ
କେତେ ଦାଉ ସହି ବାଟ ଘାଟରେ
ପ୍ରତିଦିନ ଆମେ ଲାଗୁ କାମରେ
ସଞ୍ଚି ରଖୁ ଖାଦ୍ୟ ଖାଉ ଖୁସିରେ।
ଆମ ପରି ପିଲେ ହେବ ଚଞ୍ଚଳ
ଉଠୁଥିବ ତୁମେ ନିତି ସଅଳ
ନିଜ କାମ ତୁମେ ନିଜେ କରିବ
ଅଳସ ପଣକୁ ଆଗ ଛାଡ଼ିବ।
ମୋ ପରି ପିଲାଏ ହେବ ସ୍ୱାଧୀନ
ହେବ ନାହିଁ କେବେ କାହା ଅଧୀନ
ଭଲପାଠ ପଢ଼ି ଗଢ଼ିବ ଦେଶ
ଉଡୁଥିବ ଦେଶେ ଗୌରବ ଯଶ।



ନଳିନୀ ଦାଶ
ଭିକାରିପଡ଼ା, ନୟାଗଡ଼।

## ସୁମନ


# ଧୈର୍ଯ୍ୟର ଶକ୍ତି



ନଗେନ୍ଦ୍ର ନାଥ ପଟ୍ଟନାୟକ

ଗୋଟିଏ ଜଙ୍ଗଲରେ ଦୁଇଟି ଠେକୁଆ ରହୁଥାନ୍ତି। ଚିକୁ ଆଉ ମିକୁ। ଦୁହେଁ ଭାରି ସାଙ୍ଗ। ଦୁହେଁଯାକ ମିଳିମିଶି ଖେଳକୁଦ, ଡିଆଁଡେଇଁ କରନ୍ତି। ଦୁଇସାଙ୍ଗ ମିଳିମିଶି ଗାଜର ଖାଆନ୍ତି। ଦିନକର କଥା, ଚିକୁ କହିଲା; ମିକୁ ଚାଲ ସେ ବଡ଼ ଝରଣାଟି ଆଡ଼େ ଯାଇ ବୁଲି ଆସିବା। ମତେ ଖୁବ୍ ଭୋକ ଲାଗିଲାଣି। ସେଇ ଝରଣା ପାରି ହେଇ ସେଠିକାର ମିଠା ଗାଜର ଖାଇବା। ତା'ପରେ ମିକୁ କହିଲା: ଆରେ ! ରାସ୍ତାଟା ତ ଖୁବ୍ ଲମ୍ବା; ଟିକେ ଆସ୍ତେ ଆସ୍ତେ ଚାଲିଲେ ମଜା ଆସିବ। ଚିକୁ ସଦାବେଳେ ବେଗିବେଗି ଚାଲୁଥାଏ। ତେଣୁ ସେ କହିଲା; ମୁଁ ତ ଦଉଡ଼ିଯାଇ ଆଗେ ପହଞ୍ଚିଯିବି। ତେଣୁ ସେ ଚଟାପଟ୍ ଧାଇଁଗଲା। ବାଟରେ ଲତାବୁଦା, ଝାଟିଆ ପଛରେ ଯେ ଗାତଟିଏ ଅଛି ସେ ଆଡ଼ିକି ଚିକୁ ଠେକୁଆର ନଜର ନ ଥାଏ। ସେ ଆଗକୁ କୁଦି ପଡ଼ିଲାବେଳେ ଗାତରେ ଦାଲୁକିନା ଗଳିପଡ଼ିଲା। ଟିକିଏ ପରେ ମିକୁ ପହଞ୍ଚିଲା ସେଠି। ସେ ଜୁଲୁଜୁଲୁ ଆଖିରେ ଦେଖେତ, ମିକୁ ଠେକୁଆ ଗାତରେ ଫସିଯାଇଚି। ମିକୁ ବାଡ଼ି ଖଣ୍ଡିକରେ ଲତାଟିଏ ଯୋଡ଼ି ଗାତରେ ପୂରାଇଲା। ଆଉ, ଚିକୁ ସେଇ ବାଡ଼ିର ସାହାରା ନେଇ ଭିତରୁ ପଦାକୁ ବାହାରି ଆସିଲା। ଚିକୁ ଲାଜ ସରମରେ ଜଡ଼ସଡ଼ ହେଇ କହିଲା: ସାଙ୍ଗ, ମତେ କ୍ଷମା କରିଦେ; ମୁଁ ସଦାବେଳେ ତରତର ହେଲାରୁ ଏ ଦଶା ଭୋଗିଲି, ମୁଁ ତ ହରବର ହୋଇ କାମକରେ; କାମ ପ୍ରତି ମୋର ମୋଟେ ଧ୍ୟାନ ନ ଥାଏ। ମିକୁ ଠେକୁଆ ମୁରୁକି ମୁରୁକି ହସି କହିଲା- ଏଥିରେ କିଛି କଥା ନାହିଁ। ଧୀରେ ଚାଲିବା ବି ଦୂରଦୃଷ୍ଟିର ପରିଚୟ। କାରଣ- ଯେ ବୁଝି ବିଚାରି ଚାଲେ, ସେ ନିରାପଦରେ ପହଞ୍ଚିଯାଏ।

ନୀତିଶିକ୍ଷା- ଚଞ୍ଚଳତା ସଦାବେଳେ ଠିକଣା ରାସ୍ତାରେ ନେଇଯାଏନା। ବୁଝିବିଚାରି ଧୈର୍ଯ୍ୟର ସହ କାମ କରିନେବା ପ୍ରକୃତରେ ବୁଦ୍ଧିମତାର ପରିଚୟ।




ଓସ୍କାର ସିଟି, ଲକ୍ଷ୍ମୀସାଗର କେନାଲ ରୋଡ୍, ଭୁବନେଶ୍ୱର
ମୋ-୯୪୩୮୩୩୨୦୩୮

## ପିଲାଙ୍କ ତୂଳୀରେ





ଅଂଶୁମାନ ସାହୁ
ଅଷ୍ଟମ ଶ୍ରେଣୀ
ଓଡ଼ିଶା ଆଦର୍ଶ ବିଦ୍ୟାଳୟ
ଅଙ୍କରାନ୍ତିପୁର, ଢେଙ୍କାନାଳ





ଦମୟନ୍ତୀ ଟୁଡୁ
ଚତୁର୍ଥ ଶ୍ରେଣୀ
ସରକାରୀ ଉଚ୍ଚ ବିଦ୍ୟାଳୟ
ଅଦାପାଳ, ମୟୂରଭଞ୍ଜ





ଅଦ୍ୱିତା ବିଶ୍ୱାଳ
ଚତୁର୍ଥ ଶ୍ରେଣୀ
ଡିଏଭି ପବ୍ଲିକ୍ ସ୍କୁଲ
ପୋଖରୀପୁଟ, ଭୁବନେଶ୍ୱର





ମାନସ ରଞ୍ଜନ ଆଚାର୍ଯ୍ୟ
ପଞ୍ଚମ ଶ୍ରେଣୀ
ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର
ପୋଖରୀପୁଟ, ଭୁବନେଶ୍ୱର

### ଆଜିଠାରୁ ଭାରତ-ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଟେଷ୍ଟ

# ଗିଲ୍ ଖେଳିବେନି, ପନ୍ତ୍ ନେବେ ନେତୃତ୍ୱ

ଗୌହାଟି,୨୧।୧୧(ଏଜେନ୍ସି)

ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ଚାଲିଥିବା ଟେଷ୍ଟ ସିରିଜ୍‌ର ଦ୍ୱିତୀୟ ମ୍ୟାଚ୍ ଆସନ୍ତାକାଲି ସ୍ଥାନୀୟ ବର୍ଷାପଡ଼ା ଷ୍ଟାଡିୟମ୍‌ରେ ଖେଳାଯିବ। କୋଲକାତାରେ ଖେଳାଯାଇଥିବା ପ୍ରଥମ ଟେଷ୍ଟରେ ଆହତ ହୋଇଥିବା ଅଧିନାୟକ ଶୁବମନ ଗିଲ (ନେକ୍ ସ୍ପାଜମ୍) ଆହତ ହୋଇଥିବାରୁ ଏଠାରେ ଦ୍ୱିତୀୟ ଟେଷ୍ଟ ଖେଳିବେ ନାହିଁ। ଏହା ଫଳରେ ତାଙ୍କ ସ୍ଥାନରେ ଉପଅଧିନାୟକ ଋଷଭ ପନ୍ତ ଦଳର ନେତୃତ୍ୱ ନେବେ। କୋଲକାତାରେ ଖେଳାଯାଇଥିବା ପ୍ରଥମ ଟେଷ୍ଟରେ ଭାରତ ୩୦ ରନ୍‌ରେ ପରାଜିତ ହୋଇଥିଲା। ଏହା ଫଳରେ ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ରେ ଦକ୍ଷିଣ ଆଫ୍ରିକା ୧-୦ରେ ଆଗୁଆ ରହିଛି। ଏଠାରେ ଯଦି ଦଳ ପରାଜୟ ବରଣ କରେ ତେବେ ଗୌତମ ଗମ୍ଭୀରଙ୍କ ତତ୍ତ୍ୱାବଧାନରେ ଭାରତୀୟ ଦଳ ଘରୋଇ ମାଟିରେ ଦ୍ୱିତୀୟ ଥର ଲାଗି ସିରିଜ୍ ହ୍ୱାଇଟ୍ ୱାସ୍ ବରଣ କରିବ। ଏଣୁ ଏହି ମ୍ୟାଚ୍ ଭାରତ ଲାଗି କର ଅବା ମର ସ୍ଥିତି ସୃଷ୍ଟି କରିଛି। ଏହି ଟେଷ୍ଟ ଅଧଘଣ୍ଟା ଅର୍ଥାତ ସକାଳ ୯ଟାରୁ ଆରମ୍ଭ ହେଉଥିବାରୁ ପ୍ରଥମେ ଚା'ପାନ ବିରତି ଓ ପରେ ମଧ୍ୟାହ୍ନ ଭୋଜନ ବିରତି ହେବ।



ଗିଲ୍‌ଙ୍କ ଅନୁପସ୍ଥିତିରେ ପନ୍ତ୍ ଭାରତୀୟ ଦଳର ନେତୃତ୍ୱ ନେବେ। ଘରୋଇ ଦଳର ଚୂଡ଼ାନ୍ତ ଏକାଦଶ ଘୋଷଣା ହୋଇ ନ ଥିଲେ ମଧ୍ୟ କୋଲକାତାରେ ଅନୁଷ୍ଠିତ ପ୍ରଥମ ଟେଷ୍ଟରେ ଭଲ ଖେଳି ନ ଥିବା ଅକ୍ଷର ପଟେଲଙ୍କୁ ବାଦ୍ ଦେବାର ଯଥେଷ୍ଟ ସମ୍ଭାବନା ରହିଛି। ବିଶେଷ କରି ଦକ୍ଷିଣ ଆଫ୍ରିକା ସ୍ପିନରଙ୍କୁ ଉଚିତ ମୁକାବିଲା କରିବା ଲାଗି ଦଳ ଦୁଇ ଜଣ ବ୍ୟାଟର ଯଥା ନଂ-୩ରେ ବି ସାଇ ସୁଦର୍ଶନ ଓ ବ୍ୟାଟିଂ ଅଲରାଉଣ୍ଡର ନୀତୀଶ କୁମାର ରେଡ୍ଡୀଙ୍କୁ ଖେଳାଇବାର ସମ୍ଭାବନା ଅଧିକ। ଏମାନଙ୍କ ବ୍ୟତୀତ ପିଚ୍‌କୁ ଦେଖି ଦଳରେ କିଛି ପରିବର୍ତ୍ତନ କରାଯିବାର ସମ୍ଭାବନାକୁ ଏଡ଼ାଇ ଦେଇହେବ ନାହିଁ। ଭାରତ ଏପରି ସ୍ଥିତିରେ ଅଛି ଯେ ଆଗୁଆ ନିଷ୍ପତ୍ତି ନେବାରେ ସମର୍ଥ ହୋଇପାରୁ ନାହିଁ। ବ୍ୟାଟିଂ ହେଉ କିମ୍ବା ବୋଲିଂ ସବୁଥିରେ ଦକ୍ଷିଣ ଆଫ୍ରିକାକୁ ମୁକାବିଲା କରିବାରେ ଭାରତ ଲାଗି କଷ୍ଟକର ହୋଇଛି। ଏଣୁ ଭ୍ରମଣକାରୀ ଦଳକୁ କିପରି ମୁକାବିଲା କରିବ ତାହା ଏବେ ଦଳ ଲାଗି ଚିନ୍ତାର କାରଣ ପାଲଟିଛି।

ଅନ୍ୟ ପକ୍ଷରେ ଭ୍ରମଣକାରୀ ଦଳର ଦୁଇ ଟପ୍ ବୋଲର କାଗିସୋ ରାବାଡା ଖେଳୁ ନ ଥିଲାବେଳେ କେଶବ ମହାରାଜ ବିଫଳ ହୋଇଥିଲେ। ଏହା ସତ୍ତ୍ୱେ ଫାଷ୍ଟ ବୋଲର ମାର୍କୋ ଜାନ୍‌ସେନ୍ ଓ ସାଇମନ୍ ହାର୍ମରଙ୍କ ବିପଜ୍ଜନକ ବୋଲିଂ ବଳରେ ଦୀର୍ଘ ୩ ଦଶନ୍ଧି ମଧ୍ୟରେ ଭାରତ ମାଟିରେ ଦକ୍ଷିଣ ଆଫ୍ରିକା ପ୍ରଥମ ଟେଷ୍ଟ ବିଜୟ ହାସଲ କରିଥିଲା। କୋଲକାତା ଟେଷ୍ଟରେ ଅଲ୍‌ରାଉଣ୍ଡର ୱିଆନ୍ ମୁଲ୍ଡରଙ୍କୁ ବାଦ୍ ଦେଲେ ଅନ୍ୟ ସମସ୍ତ ଖେଳାଳିଙ୍କ ଯୋଗଦାନ କିଛି ନା କିଛି ରହିଥିଲା। କ୍ରମାଗତ ମ୍ୟାଚ୍ ଖେଳିଲାବେଳେ ଦଳଗୁଡ଼ିକ ବିଜୟୀ ହୋଇଥିବା ଏକାଦଶ ଖେଳାଳିଙ୍କୁ ପରିବର୍ତ୍ତନ କରି ନ ଥାନ୍ତି। ଦଳ ଯଦି ପ୍ରଭାବହୀନ ମୁଲ୍ଡରଙ୍କୁ ପରିବର୍ତ୍ତନ କରେ ତେବେ ତାଙ୍କ ସ୍ଥାନରେ ସ୍ପିନ୍ ଅଲରାଉଣ୍ଡର ସେନୁରନ୍ ମୁଥୁସ୍ୱାମୀ କିମ୍ବା ସ୍ପେଶାଲିଷ୍ଟ ବ୍ୟାଟର ଡିୱାଲ୍ଡ ବ୍ରେଭିସ୍‌ଙ୍କୁ ଖେଳାଇପାରେ। ଅନ୍ୟ କିଛି ପରିବର୍ତ୍ତନର ଆଶା କମ୍।

ଭାରତ ଗତ ୧୮ଟି ଟେଷ୍ଟରେ ନଂ-୩ରେ ୭ଜଣ ଖେଳାଳିଙ୍କୁ ଖେଳିବାକୁ ସୁଯୋଗ ଦେଇଛି। ଏହି ପୋଜିସନରେ ଗୌତମ ଗମ୍ଭୀର ସ୍ଥିର ନିଷ୍ପତ୍ତି ନେଇ ପାରୁ ନାହାନ୍ତି। ସେହିପରି ତାଙ୍କ କୋଚିଂ ସମୟରେ ପନ୍ତ୍‌ଙ୍କୁ ମିଶାଇ ୪ଜଣ ଖେଳାଳି ଦଳର ନେତୃତ୍ୱ ନେବାକୁ ଯାଉଛନ୍ତି। ଆଉ ଏକ ଘଟଣା ହେଲା ଏଠାରେ ପ୍ରଥମଥର ଟେଷ୍ଟ ମ୍ୟାଚ୍ ଖେଳାଯାଉଛି। ଏଣୁ ପିଚ୍ କିପରି ପ୍ରଦର୍ଶନ କରିବ ତାହା କେହି ଜାଣି ନାହାନ୍ତି। ଏଭଳି ସ୍ଥିତିରେ ଭାରତ ଘରୋଇ ମାଟିରେ ରକ୍ଷଣାତ୍ମକ ଖେଳିବାକୁ ବାଧ୍ୟ ହୋଇଛି।

**ଖେଳ ଆରମ୍ଭ: ସକାଳ ୯ଟା**
**ସିଧା ପ୍ରସାରଣ: ଷ୍ଟାରସ୍ପୋର୍ଟ୍ସ ନେଟ୍‌ୱର୍କ**
**ଲାଇଭ୍ ଷ୍ଟ୍ରିମିଂ: ଜିଓହଟ୍‌ଷ୍ଟାର**

## ଦିନିକିଆରେ ମଧ୍ୟ ବଭୁମାଙ୍କୁ ନେତୃତ୍ୱ

ଜୋହାନ୍ସବର୍ଗ,୨୧।୧୧(ଏଜେନ୍ସି): ଟେଷ୍ଟ ଅଧିନାୟକ ଟେମ୍ବା ବଭୁମାଙ୍କୁ ଭାରତ ସହ ଖେଳାଯିବାକୁ ଥିବା ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ଲାଗି ଦକ୍ଷିଣ ଆଫ୍ରିକା ଦଳର ନେତୃତ୍ୱ ଦିଆଯାଇଛି। କିନ୍ତୁ ଆହତ ହୋଇଥିବା କାଗିସୋ ରାବାଡାଙ୍କୁ ଦଳରୁ ବାଦ୍ ଦିଆଯାଇଛି। ଦିନିକିଆ ସିରିଜ୍‌ର ପ୍ରଥମ ମ୍ୟାଚ୍ ରାଞ୍ଚିରେ ନଭେମ୍ବର ୩୦, ରାୟପୁରରେ ଡିସେମ୍ବର ୩ ଓ ବିଶାଖାପାଟଣାରେ ଡିସେମ୍ବର ୬ରେ ଖେଳାଯିବ।

**ଦିନିକିଆ ଦଳ**: ଟେମ୍ବା ବଭୁମା (ଅଧିନାୟକ), ଓଟ୍‌ନେଲ ବାର୍ଟମ୍ୟାନ୍, କର୍ବିନ ବୋଶ୍, ମାଥ୍ୟୁ ବ୍ରିଜ୍‌କେ, ଡିୱାଲ୍ଡ ବ୍ରେଭିସ୍, ନାନ୍ଦ୍ରେ ବର୍ଜର, କ୍ୱିଣ୍ଟନ ଡି କକ୍, କେଶବ ମହାରାଜ, ଟୋନି ଡି ଜୋର୍ଜି, ରୁବିନ ହର୍ମାନ୍, ମାର୍କୋ ଜାନ୍‌ସେନ୍, ଆଇଡେନ୍ ମାରକ୍ରମ, ଲୁଙ୍ଗି ଏନ୍‌ଗିଡି, ରିୟାନ ରିକେଲଟନ, ପ୍ରେନ୍‌ଲାନ୍ ସୁବ୍ରାୟେନ୍।

### ମାରକ୍ରମ ଟି-୨୦ ଅଧିନାୟକ

ଦିନିକିଆ ସିରିଜ୍ ପରେ ଉଭୟ ଦେଶ ମଧ୍ୟରେ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍ ଖେଳାଯିବ। ଏହି ସିରିଜ୍‌ରେ ଆଇଡେନ୍ ମାର୍କରାମ ଦକ୍ଷିଣ ଆଫ୍ରିକା ଦଳର ନେତୃତ୍ୱ ନେବେ। ସିରିଜ୍‌ର ପ୍ରଥମ ମ୍ୟାଚ୍ ଡିସେମ୍ବର ୯ରେ କଟକ, ଦ୍ୱିତୀୟ ମ୍ୟାଚ୍ ଡିସେମ୍ବର ୧୧ରେ ମୋହାଲିର ମୁଲାନପୁର, ତୃତୀୟ ମ୍ୟାଚ୍ ଡିସେମ୍ବର ୧୪ରେ ଧର୍ମଶାଳା, ଚତୁର୍ଥ ମ୍ୟାଚ୍ ଡିସେମ୍ବର ୧୭ରେ ଲକ୍ଷ୍ନୌ ଡିସେମ୍ବର ୧୯ରେ ୫ମ ତଥା ଶେଷ ମ୍ୟାଚ୍ ଅହମ୍ମଦାବାଦ୍‌ରେ ଖେଳାଯିବ।

**ଟି-୨୦ ଦଳ**: ଆଇଡେନ୍ ମାରକ୍ରମ (ଅଧିନାୟକ), ରୀଜା ହେଣ୍ଡ୍ରିକ୍ସ, ଡିୱାଲ୍ଡ ବ୍ରେଭିସ୍, ଟ୍ରିଷ୍ଟାନ ଷ୍ଟବ୍ସ, କ୍ୱିଣ୍ଟନ ଡି କକ୍, ଟୋନି ଡି ଜୋର୍ଜି, ଡେଭିଡ୍ ମିଲର, ଡୋନୋଭାନ ଫେରେରା, କର୍ବିନ ବୋଶ୍, ମାର୍କୋ ଜାନ୍‌ସେନ୍, ଜର୍ଜ ଲିଣ୍ଡେ, କ୍ୱେନା ମାଫକା, ଲୁଙ୍ଗି ଏନ୍‌ଗିଡି, ଓଟ୍‌ନେଲ ବାର୍ଟମ୍ୟାନ୍, ଆନ୍‌ରିଚ୍ ନୋର୍ଜେ ଓ କେଶବ ମହାରାଜ।

### ବାରବାଟୀରେ ଟି-୨୦ ମୁକାବିଲା

# ଗ୍ୟାଲେରୀରେ ରହିବ ପାଥ୍-ୱେ

କଟକ,୨୧।୧୧(ସମିସ): ପ୍ରତି ଗ୍ୟାଲେରୀରେ ତିନୋଟି ଲେଖାଏ ପାଥ୍-ୱେ ନିର୍ମାଣ କରାଯାଉଛି। ଗ୍ୟାଲେରୀରେ ପ୍ରବେଶ ଓ ପ୍ରସ୍ଥାନ ନିମନ୍ତେ ସ୍ୱତନ୍ତ୍ର ରାସ୍ତା ଥିଲେ ମଧ୍ୟ ପାଥ-ୱେ ଜରିଆରେ ଦର୍ଶକ ମ୍ୟାଚ୍ ଚାଲିଥିବା ବେଳେ ଯାତାୟତ କରିପାରିବେ। ଏହି ରାସ୍ତା ଜରୁରୀକାଳୀନ ସମୟରେ ମଧ୍ୟ ଉପଯୋଗ କରାଯିବ। ବାରବାଟୀ ଷ୍ଟାଡିୟମରେ ଏଭଳି ବ୍ୟବସ୍ଥା ପ୍ରଥମଥର ହୋଇଛି ବୋଲି ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ପକ୍ଷରୁ ସୂଚନା ଦିଆଯାଇଛି। ବିଭିନ୍ନ ଗ୍ୟାଲେରୀର ନବୀକରଣ କାର୍ଯ୍ୟ ଶେଷ ହୋଇଥିବା ବେଳେ ଆଜି ଭୁବନେଶ୍ୱର ଆଇଆଇଟି ସିଭିଲ୍ ବିଭାଗର ୮ଜଣିଆ ପ୍ରତିନିଧି ଦଳ ବାରବାଟୀ ଷ୍ଟାଡିୟମ ଅନୁଧ୍ୟାନ କରି ଫେରିଛନ୍ତି। ଅନ୍ୟପକ୍ଷରେ ନବୀକରଣ କାର୍ଯ୍ୟ ପରେ ବାରବାଟୀରେ ସିଟ୍ ସଂଖ୍ୟା ପ୍ରାୟ ଅଢ଼େଇ ହଜାର କମିବ ବୋଲି ଓସିଏର କନସଲଣ୍ଟାଣ୍ଟ ବିଷ୍ଣୁପ୍ରସାଦ ମହାପାତ୍ର କହିଛନ୍ତି। ପ୍ରକାଶଥାଉକି, ଆଉ ୧୭ ଦିନ ପରେ ବାରବାଟୀରେ ଭାରତ-ଦକ୍ଷିଣଆଫ୍ରିକା ବିପକ୍ଷ ଟି-୨୦ ମୁକାବିଲା ହେବ। ଏହି ପରିପ୍ରେକ୍ଷୀରେ ଓସିଏ ପକ୍ଷରୁ ପ୍ରସ୍ତୁତି ଯୁଦ୍ଧକାଳୀନ ଭିତ୍ତିରେ ଆଗେଇ ଚାଲିଛି। ୧୯ ଇଞ୍ଚ ବିଶିଷ୍ଟ ସିମେଣ୍ଟ ସିଟ୍‌କୁ ଚଉଡା କରାଯାଇ ୨୨ ଇଞ୍ଚ କରାଯାଇଛି। ୭ଟି ଯାକ ଗ୍ୟାଲେରୀରେ ଏହି ନିର୍ମାଣ କାର୍ଯ୍ୟ ଶେଷ ହୋଇଛି। ଓସିଏ ଅନୁରୋଧକ୍ରମେ ଆଇଆଇଟି ପ୍ରତିନିଧି ଆଜି ଷ୍ଟାଡିୟମ ଅନୁଧ୍ୟାନ କରି ସ୍ଥିତାବସ୍ଥା ତଦାରଖ କରିବା ପରେ ସନ୍ତୋଷ ବ୍ୟକ୍ତ କରିଥିଲେ। ଷ୍ଟାଡିୟମର ଫିଟ୍‌ନେସ୍ ରିପୋର୍ଟ ଏହି ଟିମ୍ ପ୍ରସ୍ତୁତ କରିବ। ଡିସେମ୍ବର ୬ ତାରିଖ ସୁଦ୍ଧା ଫିଟନେସ୍ ରିପୋର୍ଟ ରାଜ୍ୟ ସରକାରଙ୍କୁ ପ୍ରଦାନ କରାଯିବ।



**ସିଟ୍ କମିଲା ଅଢ଼େଇ ହଜାର**
**ନବୀକରଣ କାର୍ଯ୍ୟ ଅନୁଧ୍ୟାନ କଲେ ଆଇଆଇଟି ଟିମ୍**

### ରାଇଜିଂ ଷ୍ଟାର୍ସ ଏସିଆ କପ୍‌ରୁ ଭାରତ, ଶ୍ରୀଲଙ୍କା ବିଦା

# ଫାଇନାଲରେ ବାଂଲାଦେଶ ବନାମ ପାକିସ୍ତାନ

ଦୋହା, ୨୧।୧୧(ଏଜେନ୍ସି): ବାଂଲାଦେଶ-ଏ ଓ ପାକିସ୍ତାନ ସାହୀନ୍ସ ମଧ୍ୟରେ ୨୦୨୫ ରାଇଜିଂ ଷ୍ଟାର୍ସ ଏସିଆ କପ୍ କ୍ରିକେଟ ଫାଇନାଲ ରବିବାର ଖେଳାଯିବ। ଆଜି ଏଠାରେ ଅନୁଷ୍ଠିତ ସେମିରେ ଶ୍ରୀଲଙ୍କା-ଏ'କୁ ୫ ରନ୍‌ରେ ପାକିସ୍ତାନ ଓ ଭାରତ-ଏ'କୁ ସୁପର ଓଭରରେ ବାଂଲାଦେଶ-ଏ' ପରାସ୍ତ କରି ଫାଇନାଲରେ ପ୍ରବେଶ କରିଛନ୍ତି। ଭାରତ ଓ ବାଂଲାଦେଶ ମଧ୍ୟରେ ଖେଳାଯାଇଥିବା ପ୍ରଥମ ସେମିଫାଇନାଲରେ ଉଭୟ ଦଳ ନିର୍ଦ୍ଧାରିତ ୨୦ ଓଭରରେ ସମାନ ସ୍କୋର ୬ ୱିକେଟରେ ୧୯୪ ରନ୍ ଲେଖାଏଁ କରିଥିଲେ। ମ୍ୟାଚ୍‌ର ଫଳାଫଳ ଲାଗି ସୁପର ଓଭରର ସହାୟତା ନିଆଯାଇଥିଲା। ଏଥିରେ ପ୍ରଥମେ ବ୍ୟାଟିଂ କରିଥିବା ଭାରତ କୌଣସି ରନ୍ ହେବା ପୂର୍ବରୁ ଜିତେଶ ଶର୍ମା ଓ ଆଶୁତୋଷ ଶର୍ମା ଆଉଟ ହେବାରୁ ଭାରତ ଅଲ୍‌ଆଉଟ ହୋଇଥିଲା। ୧ ରନ୍‌ର ଲକ୍ଷ୍ୟକୁ ବାଂଲାଦେଶ ୧ ୱିକେଟରେ ଏବଂ ୱାଇଡ୍‌ବଲ୍‌ରେ ମ୍ୟାଚ୍ ଜିତିନେଇଥିଲା। ବିସ୍ଫୋରକ ବ୍ୟାଟର ବୈଭବ ସୂର୍ଯ୍ୟବଂଶୀ ଓ ପ୍ରିୟାଂଶୁଙ୍କୁ ସୁପର ଓଭରରେ ନ ଖେଳାଇବା ଭାରତ ଲାଗି ମହଙ୍ଗା ସାବ୍ୟସ୍ତ ହୋଇଛି।

୨୩ ନଭେମ୍ବର ୨୦୨୫ ରବିବାର

ସକାଳ THE SAKALA
A Unit of Nandighosha Network Pvt. Ltd.
ନନ୍ଦିଘୋଷ

Presented by:
BHARAT MASALA
AN ISO 9001 : 2015 & HACCP CERTIFIED COMPANY
The Taste of New India

'ସକାଳ'ର ପଞ୍ଚମ ସ୍ୱନକ୍ଷତ୍ର ଉପଲକ୍ଷେ ରାଜ୍ୟସ୍ତରୀୟ
ବିତର୍କ ପ୍ରତିଯୋଗିତା ୨୦୨୫
ଭାଷା: ଓଡ଼ିଆ

5th Anniversary
ସତ୍ୟ, ସେବା ଓ ସାମର୍ଥ୍ୟର ପାଞ୍ଚ ବର୍ଷ...

In Association with:
CBSE-XI & XII
SRI VINAYAKA Concept School
BHUBANESWAR

ପ୍ରତିଯୋଗିତା ସ୍ଥାନ ଓ ଯୋଗାଯୋଗ ନଂ.

| | | |
|---|---|---|
| ଭୁବନେଶ୍ୱର | ଡ଼ିଏଭି ପବ୍ଲିକ ସ୍କୁଲ୍, ୟୁନିଟ୍-୮, ଭୁବନେଶ୍ୱର | ସୁଧାଂଶୁ ସାହୁ - ୭୩୭୧୬୯୪୧୪୨ |
| ଖୋର୍ଦ୍ଧା | ସିଗମା ପବ୍ଲିକ ସ୍କୁଲ, ଖୋର୍ଦ୍ଧା | ରଞ୍ଜିତ କେଏନ୍ ସାମନ୍ତରାୟ - ୯୪୩୭୪୫୬୫୭୭ |
| ନୟାଗଡ଼ | ସାମ୍ବାଦିକ ଭବନ, ନୟାଗଡ଼ | ଅନିଲ କୁମାର ପଣ୍ଡା - ୭୩୭୭୭୧୦୦୯୭ |
| ଅନୁଗୋଳ | ରୋଟାରୀ ପବ୍ଲିକ ସ୍କୁଲ, ଅନୁଗୋଳ | ସଂଗ୍ରାମ ଦାସ - ୯୪୩୯୦୧୬୦୧୯ |
| ପୁରୀ | କେନ୍ଦ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟ, ସଦାଶିବ ପରିସର, ପୁରୀ | ହେମନ୍ତ କୁମାର ନାୟକ - ୯୯୩୭୫୨୧୭୨୯ |
| କଟକ | ସାରଳା ଭବନ ,ବିଜୁ ପଟ୍ଟନାୟକ ଛକ, ତୁଳସିପୁର, କଟକ | ଭକ୍ତି ଭୂଷଣ ମହାନ୍ତି - ୯୩୩୮୧୦୧୦୮୩ |
| ଢେଙ୍କାନାଳ | ଢେଙ୍କାନାଳ, ସିନର୍ଜି ଇଞ୍ଜିନିୟରିଂ ବୈଷିକ ମହାବିଦ୍ୟାଳୟ | ସୟେଦ ଇମତିଆଜ୍ ହୁସେନ୍ - ୯୪୩୭୦୭୪୦୩୩ |
| ମୟୂରଭଞ୍ଜ | ସାଇଆଦର୍ଶ ଉଚ୍ଚମାଧ୍ୟମିକ ବିଦ୍ୟାଳୟ, ରଘୁନାଥପୁର ବାରିପଦା | ମନୋଜ କୁମାର ପଣ୍ଡା - ୯୪୩୮୨୪୮୪୯୧ |
| ଗଜପତି | ମହେନ୍ଦ୍ରଗିରି ପୌର ସରକାରୀ ଉଚ୍ଚ ବିଦ୍ୟାଳୟ, ପାରଳାଖେମୁଣ୍ଡି, ଗଜପତି | ରଶ୍ମି ରଞ୍ଜନ ମିଶ୍ର-୯୪୩୭୧୪୦୦୦୨ |
| ଗଞ୍ଜାମ | ସହିଦ ଲକ୍ଷ୍ମଣ ନାୟକ ସ୍ମୃତି ସରକାରୀ ଉଚ୍ଚ ବିଦ୍ୟାଳୟ, କୋର୍ଟପେଟା, ବ୍ରହ୍ମପୁର | କ୍ଷୀରସିନ୍ଧୁ ମହାନ୍ତି - ୭୭୪୯୮୧୧୭୦୩ |
| କନ୍ଧମାଳ | ଡିଆଇପିଆରଓ କନଫରେନ୍ସ ହଲ, ଫୁଲବାଣୀ, କନ୍ଧମାଳ | ସଞ୍ଜୟ ପାତ୍ର - ୭୦୦୮୬୨୫୬୧୯ |
| କେନ୍ଦ୍ରାପଡା | ସେଣ୍ଟ ଜାଭିୟର ହାଇସ୍କୁଲ, ଗୋପ, କେନ୍ଦ୍ରାପଡା | ଦେବଦତ୍ତ ଦାଶ - ୯୯୩୭୨୨୨୯୯୪ |
| ଜଗତସିଂହପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଜଗତସିଂହପୁର | ଶଶାଙ୍କ ଶେଖର ପଣ୍ଡା - ୯୮୬୧୩୩୭୯୮୨ |
| ଯାଜପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଯାଜପୁର | ସନ୍ଦିପ୍ତ ରାୟ - ୯୪୩୯୪୯୭୬୪୫ |
| ବାଲେଶ୍ୱର | ସକାଳ-ନନ୍ଦିଘୋଷ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ, ପଦୁଆଁପଦା, ପ୍ରୁଫ ରୋଡ, ବାଲେଶ୍ୱର | ଅସୀମ ମହାପାତ୍ର - ୯୪୩୯୪୫୨୧୮୮ |
| ଭଦ୍ରକ | ଭଦ୍ରକ ସରକାରୀ ଉଚ୍ଚ ବିଦ୍ୟାଳୟ (ପୁରୁଣା ସରକାରୀ ବାଳିକା ବିଦ୍ୟାଳୟ), ଭଦ୍ରକ | ଉମାକଲ୍ୟାଣ ମହାପାତ୍ର - ୯୦୯୦୯୦୪୦୭୭ |
| କେନ୍ଦୁଝର | ସରସ୍ୱତୀ ଶିଶୁ ବିଦ୍ୟାମନ୍ଦୀର ବଣିଆପାଟ, କେନ୍ଦୁଝର (ଲର୍ଡ଼ ଜଗନ୍ନାଥ ସାଇନ୍ସ କଲେଜ ସମ୍ମୁଖ, କଲେଜ ରୋଡ଼) | ଶରତ ଦାସ - ୭୩୭୧୧୨୨୦୫୫ |
| ରାୟଗଡା | ସେଞ୍ଚୁରିୟନ ପବ୍ଲିକ ସ୍କୁଲ, ରିଙ୍ଗ ରୋଡ, ଯୁଜିଏମଆଇଟି କଲେଜ ପାଖରେ, ରାୟଗଡା | ଶିବ ନାରାୟଣ ଗୌଡ - ୭୦୦୮୧୪୧୨୧୬ |
| ନବରଙ୍ଗପୁର | ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର, ନୂଆଁଗଡ, ମିର୍ଗାନ୍ ଗୁଡା, ନବରଙ୍ଗପୁର | ଗୌରାଙ୍ଗ ପାତ୍ର - ୭୯୭୮୭୩୩୬୩୬ |
| ମାଲକାନଗିରି | ମାଲକାନଗିରି ମହା ବିଦ୍ୟାଳୟ, ମାଲକାନଗିରି | ଅଶୋକ ମିଶ୍ର - ୯୦୭୮୯୩୨୨୬୬ |
| କୋରାପୁଟ | ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର, ଅରବିନ୍ଦ ନଗର ପାରାବେଢା, ଜୟପୁର | ସୁପ୍ରିତ ପୂଜାରୀ - ୯୪୩୭୨୮୨୧୦୫ |
| ବଲାଙ୍ଗିର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ,ଗାନ୍ଧୀନଗରପଡ଼ା, ବଲାଙ୍ଗିର | ଅଭିଳାଷ ହୋତା - ୭୦୦୮୦୮୪୨୪୭ |
| ଦେବଗଡ଼ | ଅପ୍ରାଇଜ ଏଜୁକେଶନାଲ ଇନ୍‌ଷ୍ଟିଚ୍ୟୁଟ, ପୁରୁଣାଗଡ଼, ଦେବଗଡ଼ | ବ୍ରିଜେଶ ସାହୁ - ୭୮୪୭୦୨୩୩୦୩ |
| କଳାହାଣ୍ଡି | ପିଏମ୍ ଶ୍ରୀ ମ୍ୟୁନିସିପାଲ ସରକାରୀ ଉଚ୍ଚ ବିଦ୍ୟାଳୟ, ଭବାନୀପାଟଣା, କଳାହାଣ୍ଡି | ସ୍ୱାଧୀନ ପାତ୍ର - ୯୪୩୭୨୨୨୯୨୨ |
| ନୂଆପଡା | ନ୍ୟାସନାଲ ହାଇସ୍କୁଲ ନୂଆପଡା | ଘନଶ୍ୟାମ ଭୋଇ - ୯୯୩୭୬୨୯୧୩୨ |
| ସମ୍ବଲପୁର | ଗୁରୁନାନକ ପବ୍ଲିକ ସ୍କୁଲ, ସମ୍ବଲପୁର | ସୁକାନ୍ତ କର - ୯୪୩୭୧୪୯୧୬୭ |
| ରାଉରକେଲା | ରାଉରକେଲା ମ୍ୟୁନିସିପାଲ ମହାବିଦ୍ୟାଳୟର ଅଡିଟୋରିୟମ୍, ଉଦିତନଗର, ରାଉରକେଲା - ୭୬୯୦୦୨ | ଦେବବ୍ରତ ପଟ୍ଟନାୟକ - ୯୪୩୭୦୮୨୭୭୭ |
| ଝାରସୁଗୁଡା | PKSS କଲେଜ, ଝାରସୁଗୁଡା | ତୁଳେଶ୍ୱରୀ ପ୍ରଧାନ - ୯୭୭୭୩୪୩୬୯୩ |
| ବୌଦ୍ଧ | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ବୌଦ୍ଧ | ବବୁଲ ପାଢ଼ୀ - ୯୪୩୭୫୨୯୪୪୦ |
| ବରଗଡ଼ | ରାଣା ପ୍ରତାପ ଉଚ୍ଚ ବିଦ୍ୟାଳୟ ବରଗଡ଼ | ସରୋଜ ଷଡଙ୍ଗୀ - ୯୯୩୭ ୦୨୧୩୩୦ |

ଜୁନିୟର: ହାଇସ୍କୁଲ ଛାତ୍ରଛାତ୍ରୀ
ସିନିୟର: କଲେଜ / ବିଶ୍ୱବିଦ୍ୟାଳୟ ଛାତ୍ରଛାତ୍ରୀ

ପ୍ରାରମ୍ଭିକ ବିତର୍କ ପ୍ରତିଯୋଗିତାର ବିଜେତାମାନଙ୍କୁ ପୁରସ୍କୃତ କରାଯିବ।
ଭାଗ ନେଉଥିବା ସମସ୍ତ ପ୍ରତିଯୋଗୀମାନଙ୍କୁ ସାର୍ଟିଫିକେଟ୍ ଅଫ୍ ପାର୍ଟିସିପେସନ୍ ପ୍ରଦାନ କରାଯିବ।

ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ପ୍ରତିଯୋଗୀଙ୍କୁ ରାଜ୍ୟସ୍ତରର ପ୍ରତିଯୋଗିତା ପାଇଁ ଭୁବନେଶ୍ୱର ଡକାଯିବ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS